

ପବିତ୍ର ଗୁରୁ ଦିବସ ଅବସରରେ ପୂର୍ବତନ ରାଷ୍ଟ୍ରପତି ଡଃ ସର୍ବପଲ୍ଲୀ ରାଧାକ୍ରିଷ୍ଣନ୍‌ଙ୍କୁ 'ସକାଳ' ପରିବାର ପକ୍ଷରୁ ଭକ୍ତିପୂତ ଶ୍ରଦ୍ଧାଞ୍ଜଳି।

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA


PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-72 ◆FRIDAY ◆5 SEPTEMBER 2025 ◆PAGE-12 ◆₹ 6.00 | JEYPORE | ◆ବର୍ଷ-୪୩ ◆ସଂଖ୍ୟା-୭୨ ◆ଶୁକ୍ରବାର ◆୫ ସେପ୍ଟେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ଆଇପିଏଲ୍ ଟିକଟ ଉପରେ ୪୦% ଜିଏସ୍‌ଟି

■ **ନୂଆଦିଲ୍ଲୀ, ୪।୯ (ଏଜେନ୍ସି):** ଭାରତରେ କ୍ରିକେଟର ସବୁଠାରୁ ବଡ଼ ଉତ୍ସବ ଭାବରେ ବିବେଚନା କରାଯାଉଥିବା ଆଇପିଏଲ୍ ଦେଖିବା ଏବେ ପ୍ରଶଂସକଙ୍କ ପାଇଁ ମହଙ୍ଗା ହୋଇଯାଇଛି। ସରକାର ଲାଗୁ କରିଥିବା ନୂତନ ଜିଏସ୍‌ଟି ହାରର ସିଧାସଳଖ ପ୍ରଭାବ ଏବେ ଆଇପିଏଲ୍ ଟିକଟ ଉପରେ ପଡ଼ିବ। ଅର୍ଥାତ୍, ଯଦି ଆପଣ ଷ୍ଟାଡିୟମରେ ବସି ଆଇପିଏଲ୍ ମ୍ୟାଚ୍ ଦେଖିବାକୁ ଚାହାଁନ୍ତି, ତେବେ ଏବେ ଆପଣଙ୍କୁ ପୂର୍ବ ଅପେକ୍ଷା ଅଧିକ ପକେଟ ଢିଲା କରିବାକୁ ପଡିବ। କାରଣ ଏହା ଉପରେ ସରକାର ଜିଏସ୍‌ଟି ହାର ୨୮%ରୁ ୪୦% ବୃଦ୍ଧି କରିଛନ୍ତି। ଜିଏସ୍‌ଟି ପରିଷଦର ୫୬ତମ ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି। ସରକାର ଷ୍ଟାଡିୟମରେ ଆଇପିଏଲ୍ ମ୍ୟାଚ୍ ଦେଖିବାକୁ ଏକ ବିଳାସପୂର୍ଣ୍ଣ ବିଷୟ ବୋଲି ବିବେଚନା କରି ତାହା ଉପରେ ୪୦% ଟିକସ ଲାଗୁ କରିଛନ୍ତି। ନୂତନ ଟିକସ ବ୍ୟବସ୍ଥାରେ ଆଇପିଏଲ୍ ମ୍ୟାଚ୍‌କୁ ତମାଖୁ ଉତ୍ପାଦ ଏବଂ କ୍ୟାସିନୋ ଭଳି ସେବା ସହିତ ସମାନ ବର୍ଗରେ ରଖାଯାଇଛି। ଏହି ମୂଲ୍ୟ ବୃଦ୍ଧି ପରେ ୧୦୦୦ ଟଙ୍କା ମୂଳ ମୂଲ୍ୟ ଥିବା ଆଇପିଏଲ୍ ମ୍ୟାଚ୍ ଟିକଟର ଚୂଡ଼ାନ୍ତ ମୂଲ୍ୟ ଏବେ ୧୨୮୦ ଟଙ୍କାରୁ ୧୪୦୦ ଟଙ୍କାକୁ ବୃଦ୍ଧି ପାଇବ। ଏହି ବୃଦ୍ଧି ସହିତ ଭାରତରେ କ୍ୟାସିନୋ ଏବଂ ରେସ୍ କ୍ଲବ ସହିତ ଆଇପିଏଲ୍ ଜିଏସ୍‌ଟି ଶୀର୍ଷ ସ୍ଲାବରେ ସାମିଲ ହୋଇଛି। ତଥାପି, ସାଧାରଣ କ୍ରିକେଟ୍ ମ୍ୟାଚ୍ ଉପରେ ୧୮% ଜିଏସ୍‌ଟି ଲାଗୁ ହେବ। ଜିଏସ୍‌ଟି ହାରରେ ଏହି ପରିବର୍ତ୍ତନ କେବଳ ଆଇପିଏଲ୍ ଭଳି ପ୍ରିମିୟମ୍ ମ୍ୟାଚ୍ କ୍ଷେତ୍ରରେ ଲାଗୁ ▶ପୃଷ୍ଠା-୭

### ଶ୍ରୀନଅରରେ ସୁନିଆଁ



## ଚାଲିଲା ୬୯ ଅଙ୍କ, ୧୪୩୩ ସାଲ

■ **ପୁରୀ, ୪।୯ (ସମିସ):** ଭାଦ୍ରବ ଶୁକ୍ଳ ଦ୍ୱାଦଶୀ ତିଥିରେ ଗଜପତି ମହାରାଜା ଦିବ୍ୟସିଂହ ଦେବଙ୍କ ଶାସନରେ ନୂଆ ଅଙ୍କ ପ୍ରଚଳନ ହୋଇଛି। ଗୁରୁବାର ସୁନିଆଁ ଅବସରରେ ୬୯ଅଙ୍କ ଏବଂ ୧୪୩୩ ସାଲ ଆରମ୍ଭ ହୋଇଛି। ସେଥିଲାଗି ଶ୍ରୀନଅରରେ ପାରମ୍ପରିକ ରୀତିରେ ରାଜ ପରମ୍ପରା ଅନୁଷ୍ଠିତ ହୋଇଥିଲା। ଶ୍ରୀନଅରର ବିଭିନ୍ନ ସ୍ଥାନରେ ଝୋଟି ପଡ଼ିଥିଲା। ସକାଳୁ ରାଜଗୁରୁମାନେ ଶୁଭଖୁଣ୍ଟି ଅନୁକୂଳ କରି ଯଥାବିଧି ଦେବାର୍ଚ୍ଚନା ନୀତି ସମ୍ପନ୍ନ କରିଥିଲେ। ଏହି ନୀତିରେ ଗଜପତି ମହାରାଜା କନକଦୁର୍ଗା, ଶ୍ୟାମାକାଳୀ, ରାଧାକୃଷ୍ଣ, ନୃସିଂହ ଆଦି ଦେବଦେବୀଙ୍କୁ ପୂଜାର୍ଚ୍ଚନା କରିଥାନ୍ତି। ସନ୍ଧ୍ୟାରେ ପଞ୍ଚଦେବତା ପୂଜା, ରାମାଭିଷେକ ପୂଜା ହୋଇଥିଲା। ପରେ ମଙ୍ଗଳାର୍ପଣ ନୀତି ହୋଇ ଅନ୍ୟାନ୍ୟ ବିଧି ସମ୍ପନ୍ନ କରାଯାଇଥିଲା। ଏକ ସୁନା ମୋହରରେ ୬୯ ଅଙ୍କ କଟାଯାଇ ଘୋଷଣା କରାଯାଇଥିଲା। ରାଜଗୁରୁଙ୍କ ଉପସ୍ଥିତିରେ ବରାହ ନୃସିଂହ, ଲକ୍ଷ୍ମୀ ନୃସିଂହ ଆଦି ଦେବଦେବୀଙ୍କ ଚିହ୍ନ ଥିବା ମୁଦ୍ରାକୁ ନହର କରଣ ପ୍ରଚଳନ କରାଇବା ▶ପୃଷ୍ଠା-୭

### ପ୍ରାକୃତିକ ବିପର୍ଯ୍ୟୟ ନେଇ ଉଦ୍‌ବେଗ ପ୍ରକାଶ କଲେ ସୁପ୍ରିମ୍‌କୋର୍ଟ

## ପ୍ରତିଶୋଧ ନେଉଛି ପ୍ରକୃତି





■ **ନୂଆଦିଲ୍ଲୀ, ୪।୯(ଏଜେନ୍ସି):** ସମଗ୍ର ଉତ୍ତର ଭାରତରେ ପ୍ରବଳ ବର୍ଷା ଓ ବନ୍ୟା ଯୋଗୁଁ ବିପର୍ଯ୍ୟୟ ଜାରି ରହିଛି। ହିମାଚଳ ପ୍ରଦେଶ ଓ ଉତ୍ତରାଖଣ୍ଡରେ ଯେଉଁଭଳି ପରିସ୍ଥିତି ସୃଷ୍ଟି ହୋଇଛି, ତାହା ଅତ୍ୟନ୍ତ ଚିନ୍ତାଜନକ। ପ୍ରବଳ ବର୍ଷା ଓ ବନ୍ୟା ଯୋଗୁଁ ପାର୍ବତ୍ୟ ଅଞ୍ଚଳରେ ଭୂସ୍ଖଳନ ହେଉଛି ଏବଂ ଶହ ଶହ ଘର ମାଟିରେ ମିଶିଯାଉଛି। ପାହାଡ଼ ଉପରେ ବେଆଇନ୍ ଭାବେ ବ୍ୟାପକ ଗଛ କଟାଯିବା ଏହି ପ୍ରାକୃତିକ ବିପର୍ଯ୍ୟୟର ସବୁଠାରୁ ବଡ଼ କାରଣ ବୋଲି ଚିନ୍ତା ପ୍ରକଟ କରିଛନ୍ତି ସୁପ୍ରିମ କୋର୍ଟ। ପ୍ରଧାନ ବିଚାରପତି ଜଷ୍ଟିସ ବି.ଆର ଗଭାଇ ଓ ଜଷ୍ଟିସ୍ କେ ବିନୋଦ ଚନ୍ଦ୍ରନଙ୍କୁ ନେଇ ଗଠିତ ଖଣ୍ଡପୀଠ କହିଛନ୍ତି ଯେ ପାହାଡ଼ ଉପରେ ବ୍ୟାପକ ସଂଖ୍ୟାରେ ଗଛ କଟାଯାଉଥିବାରୁ ପ୍ରକୃତି ଏହାର ପ୍ରତିଶୋଧ ନେଉଛି।

**ପାହାଡ଼ ଉପରୁ ବେଆଇନ ଗଛକଟା ରୋକିବା ପାଇଁ କେନ୍ଦ୍ରକୁ ନିର୍ଦ୍ଦେଶ**

ଏସଂକ୍ରାନ୍ତରେ ଅନାମିକା ରାଣାଙ୍କ ଆବେଦନର ଶୁଣାଣି କରି ସୁପ୍ରିମ କୋର୍ଟ କେନ୍ଦ୍ର ସରକାର, ହିମାଚଳ ପ୍ରଦେଶ, ଜମ୍ମୁ-କଶ୍ମୀର, ଉତ୍ତରାଖଣ୍ଡ ଓ ପଞ୍ଜାବ ସରକାରଙ୍କ ସମେତ ନ୍ୟାସନାଲ ଡିଜାଷ୍ଟର ମ୍ୟାନେଜମେଣ୍ଟ ଅଥରିଟି (ଏନ୍‌ଡିଏମ୍‌ଏ), ପର୍ଯ୍ୟାବରଣ ମନ୍ତ୍ରଣାଳୟ, ରାଷ୍ଟ୍ରୀୟ ରାଜମାର୍ଗ ପ୍ରାଧିକରଣ (ଏନ୍‌ଏଚ୍‌ଏଆଇ)କୁ ନୋଟିସ ଜାରି କରିଛନ୍ତି ଓ ଆଗାମୀ ୩ ସପ୍ତାହ ମଧ୍ୟରେ ଜବାବ ଦେବାକୁ ନିର୍ଦ୍ଦେଶ ଦେଇଛନ୍ତି। କୋର୍ଟ କହିଛନ୍ତି ଯେ ପାହାଡ଼ ଉପରେ ଗଛ କଟାଯିବା ପ୍ରକ୍ରିୟା ରୋକାଯିବା ଆବଶ୍ୟକ। ଗଛକଟା ସବୁଠାରୁ ବିପଜ୍ଜନକ। ଏବେ ପ୍ରକୃତି ଏହାର ପ୍ରତିଶୋଧ ନେଉଛି। ପ୍ରକୃତି କାମେର ଆମେ ଅଯଥା ହସ୍ତକ୍ଷେପ କରିଛୁ। ଏବେ ପ୍ରକୃତି ଆମକୁ କ୍ଷତି ପହଞ୍ଚାଉଛି। କୋର୍ଟ କହିଲେ ଯେ ବର୍ଷା ଓ ବନ୍ୟା ସଂପର୍କରେ ଗଣମାଧ୍ୟମରେ ପ୍ରକାଶିତ ଓ ପ୍ରସାରିତ ଚିତ୍ର ଆମକୁ ଚିନ୍ତାରେ ପକାଇଛି। ହିମାଚଳରେ ଆସିଥିବା ବନ୍ୟାରେ ହଜାର ହଜାର ସଂଖ୍ୟାରେ କାଠଗଣ୍ଡି ଭାସିଯାଉଥିବା ଦୃଶ୍ୟରୁ ସ୍ପଷ୍ଟ ହୋଇଯାଉଛି ଯେ ପାର୍ବତ୍ୟ ଅଞ୍ଚଳରେ ବେଆଇନ ଭାବେ ▶ପୃଷ୍ଠା-୭

### ଲଘୁଚାପ ମଧ୍ୟପ୍ରଦେଶମୁହାଁ

## ୧୦ ଜିଲ୍ଲାକୁ ମହାନଦୀ ଭୟ

■ **ଭୁବନେଶ୍ୱର, ୪।୯ (ସମିସ):** ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ଓଡ଼ିଶା ଅତିକ୍ରମ କରି ବର୍ତ୍ତମାନ ଉତ୍ତର ଛତିଶଗଡ଼ ଓ ପୂର୍ବ ମଧ୍ୟପ୍ରଦେଶ ଉପରେ କେନ୍ଦ୍ରୀଭୂତ ରହିଛି। ଏହାପ୍ରଭାବରେ ମହାନଦୀ ଉପରମୁଣ୍ଡ ଓ ଛତିଶଗଡ଼କୁ ଲାଗି ଥିବା ଓଡ଼ିଶାର ସୀମାନ୍ତବର୍ତ୍ତୀ ଜିଲ୍ଲାଗୁଡ଼ିକରେ ବର୍ଷା ଜାରି ରହିଛି। ଲଘୁଚାପ ଯୋଗୁଁ ଗତ ୩୬ ଘଣ୍ଟା ମଧ୍ୟରେ ରାଜ୍ୟରେ ବିଭିନ୍ନ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହୋଇଥିବା ବେଳେ ଗୁରୁବାର ସକାଳେ ଅନେକ ସ୍ଥାନରେ ପ୍ରବଳ ବର୍ଷା ଅନୁଭୂତ ହୋଇଛି। ପାଣିପାଗ କେନ୍ଦ୍ରର ରିପୋର୍ଟ ଅନୁଯାୟୀ ଗତ ୩୬ ଘଣ୍ଟାରେ ଦେବଗଡ଼ରେ ୧୪୫ ମିମି ବର୍ଷା ରେକର୍ଡ ହୋଇଛି। ଏହାସହିତ ଯାଜପୁରରେ ୧୩୦ ମିମି ବର୍ଷା ସହ ଝାରସୁଗୁଡ଼ାରେ ୧୧୫, ଚାନ୍ଦବାଲିରେ ୯୦, ବାରିପଦାରେ ୭୦, ବାଲେଶ୍ୱରରେ ୬୧, କେନ୍ଦୁଝରରେ ୫୦, ସମ୍ବଲପୁରରେ ୬୪, ସୁନ୍ଦରଗଡରେ ୬୨, ଭଦ୍ରକରେ ୬୭, ବରଗଡରେ ୬୭ ଓ ନୂଆପଡ଼ାରେ ୬୫ ମିମି ବର୍ଷା ରେକର୍ଡ ହୋଇଛି। ଶୁକ୍ରବାରଠାରୁ ବର୍ଷାର ପ୍ରଭାବ କମିବାକୁ ଥିଲେ ମଧ୍ୟ ପଶ୍ଚିମ ଓ ସୀମାନ୍ତବର୍ତ୍ତୀ ଜିଲ୍ଲାଗୁଡ଼ିକରେ ବର୍ଷା ନେଇ ପାଣିପାଗ କେନ୍ଦ୍ର ସୂଚନା ଦେଇଛି।



**ହୀରାକୁଦର ୧୬ ଫାଟକ ଦେଇ ବନ୍ୟାଜଳ ନିଷ୍କାସନ**

ଅନ୍ୟପଟେ ବର୍ଷା ଯୋଗୁଁ ବର୍ତ୍ତମାନ ରାଜ୍ୟର ଏକାଧିକ ନଦୀରେ ଜଳସ୍ତର ବଢ଼ିବାରେ ଲାଗିଛି। ମହାନଦୀ ସମେତ ବୈତରଣୀ, ବୁଢ଼ାବଳଙ୍ଗ ଓ ଜଳକା ଆଦି ନଦୀରେ ଜଳସ୍ତର ବୃଦ୍ଧି ପାଇଛି। ବର୍ତ୍ତମାନ ସୁଦ୍ଧା ▶ପୃଷ୍ଠା-୭

### ଜଳସମ୍ପଦ ବିଭାଗକୁ ଅଡୁଆ ପାଣିପାଗ ପୂର୍ବାନୁମାନ

## ଗୋଟାଏ ସ୍ଥାନକୁ ଚେତାବନୀ; ଅନ୍ୟ ସ୍ଥାନରେ ଢାଳୁଛି ବର୍ଷା

■ **ଭୁବନେଶ୍ୱର, ୪।୯ (ସମିସ):** ଚଳିତ ବର୍ଷ ଘନ ଘନ ଲଘୁଚାପ ଓ ଅନୁକୂଳ ମୌସୁମୀ ରାଜ୍ୟରେ ବର୍ଷାର ସ୍ଥିତିକୁ ସ୍ୱାଭାବିକ କରିଛି। ଏହା ଚାଷୀମାନଙ୍କୁ ଯେତିକି ସନ୍ତୋଷ ଦେଇଛି, ହେଲେ ସରକାରଙ୍କ ପାଇଁ ଚିନ୍ତା ବଢ଼ାଇଛି। ଫଳରେ ଚଳିତ ବର୍ଷ ଉତ୍ତର ଓଡ଼ିଶାରେ ୭ମ ଥର ବନ୍ୟା ଆଶଙ୍କା ସୃଷ୍ଟି କରିଛି। କୌତୂହଳର କଥା ହେଉଛି ଅତୀତରେ ମୌସୁମୀରେ ବର୍ଷା ଓ ବନ୍ୟା ଜଳ ପରିଚାଳନାରେ ଦକ୍ଷତା ଅର୍ଜନ କରିଥିବା ରାଜ୍ୟ ଜଳସମ୍ପଦ ବିଭାଗ ଚଳିତ ବର୍ଷ ବନ୍ୟା ପରିଚାଳନାରେ ଚଳିତ ବର୍ଷ ସଫଳ ହୋଇପାରି ନାହିଁ।

ସାଧାରଣତଃ ବନ୍ୟା ଜଳ ପରିଚାଳନା କ୍ଷେତ୍ରରେ ଆଇଏମ୍‌ଡି ଓ ରାଜ୍ୟ ଜଳସମ୍ପଦ ବିଭାଗ ମଧ୍ୟରେ ସମନ୍ୱୟର ଆବଶ୍ୟକତା ରହିଥାଏ। ଲଘୁଚାପ ଓ ଏହା ପ୍ରଭାବରେ କେଉଁ ଅଞ୍ଚଳରେ କେତେ ବର୍ଷା ହେବ ତାହା ଆଇଏମ୍‌ଡି ଆକଳନ କରିଥାଏ। ଏହାକୁ ଆଧାର କରି ରାଜ୍ୟର ଥିବା ବିଭିନ୍ନ ଡ୍ୟାମ୍‌ରୁ ଜଳ ନିଷ୍କାସନ ଓ ଗେଟ୍ ବନ୍ଦ, ଖୋଲା ହୋଇଥାଏ। ହେଲେ ଚଳିତ ବର୍ଷ ଦୁଇ

**ଚଳିତ ବର୍ଷ ଉତ୍ତର ଓଡ଼ିଶାରେ ଆସିଲାଣି ୬ ଥର ବନ୍ୟା**

**ବନ୍ୟା ଜଳ ପରିଚାଳନାରେ ବିଫଳ ଜଳସମ୍ପଦ ବିଭାଗ**

**ଚିନ୍ତା ବଢ଼ାଇଲା ମହାନଦୀ ତଳ ଓ ଉପରମୁଣ୍ଡରେ ବର୍ଷା**

ବିଭାଗ ମଧ୍ୟରେ ସମନ୍ୱୟ ଅଭାବ ଥିବା ପରିଲକ୍ଷିତ ହେଉଛି। ସେହିପରି ଗତ କିଛି ଦିନ ହେବ ସମ୍ଭାବ୍ୟ ବର୍ଷା ସଂକ୍ରାନ୍ତରେ ଆଇଏମ୍‌ଡ଼ି ଆକଳନ ସଠିକ୍ ରହୁନାହିଁ। ଆଇଏମ୍‌ଡି ଯେଉଁ ଯେଉଁ ଜିଲ୍ଲାରେ ପ୍ରବଳ ବର୍ଷା ଆକଳନ ଜାରି କରୁଛି, ବାସ୍ତବ ସ୍ଥିତି ଓଲଟା ହେଉଛି। ନିକଟରେ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ଯୋଗୁଁ ୧ ତାରିଖରେ ଦକ୍ଷିଣ ଓଡ଼ିଶାର ମାଲକାନଗିରି, କୋରାପୁଟ, ନବରଙ୍ଗପୁର, ଗଜପତି ଏବଂ ▶ପୃଷ୍ଠା-୭

### ଯୁବକଙ୍କୁ ସଂଘବଦ୍ଧ ହତ୍ୟା ଘଟଣା

## ପରିବାରର ୬ଜଣଙ୍କୁ ଆଜୀବନ

■ **କୋଷାଗୁମୁଡ଼ା, ୪।୯ (ସମିସ):** ନବରଙ୍ଗପୁର ଅତିରିକ୍ତ ଜିଲ୍ଲା ଜଜ୍ ବିଷ୍ଣୁପ୍ରସାଦ ମିଶ୍ର ଆଜି ଏକ ହତ୍ୟା ମାମଲାର ବିଚାର କରି ଗୋଟିଏ ପରିବାରର ୬ଜଣଙ୍କୁ ଆଜୀବନ ସଶ୍ରମ କାରାଦଣ୍ଡରେ ଦଣ୍ଡିତ କରିଛନ୍ତି। ସେମାନଙ୍କ ମଧ୍ୟରେ ଜଣେ ନାବାଳକ ରହିଛନ୍ତି। ତାଙ୍କୁ ବାଳସ୍ୱଧାର ଗୃହକୁ ପଠାଇ ଦିଆଯାଇଛି। ବାକି ଦୋଷୀମାନେ ହେଲେ, କୋଡ଼ିଙ୍ଗା ଥାନା ଅନ୍ତର୍ଗତ ବାରମାସୀ ଗାଁର ଅନନ୍ତ ପୂଜାରୀ, ଶିବଶଙ୍କର ପୂଜାରୀ, ଚନ୍ଦନ ପୂଜାରୀ, ଡୁମର ପୂଜାରୀ ଓ ଡାଳିମ୍ବ ପୂଜାରୀ। ପ୍ରତ୍ୟେକଙ୍କୁ ୧୦ ହଜାର ଟଙ୍କା ଲେଖାଏଁ ଜରିମାନା ପାଇଁ ନିର୍ଦ୍ଦେଶ ହୋଇଛି। ଜରିମାନା ଅନାଦେୟ ହେଲେ ଆହୁରି ୬ ମାସ ଲେଖାଏଁ ଜେଲ୍‌ଦଣ୍ଡ ଭୋଗିବାକୁ ପଡ଼ିବ। ୨୦୨୨ ଅଗଷ୍ଟ ୯ରେ ନବରଙ୍ଗପୁର ଜିଲ୍ଲା କୋଡ଼ିଙ୍ଗା ଥାନା ଅନ୍ତର୍ଗତ ବାରମାସି ଗ୍ରାମରେ ଏହି ହତ୍ୟାକାଣ୍ଡ ସଂଘଟିତ ହୋଇଥିଲା। ▶ପୃଷ୍ଠା-୭

## ନିରାଶ କରୁଛି 'ନିରାମୟ'

■ **ଭୁବନେଶ୍ୱର, ୪।୯ (ସମିସ):** ରୋଗୀଙ୍କୁ ମାଗଣା ଔଷଧ ଯୋଗାଇଦେବା ପାଇଁ ୨୦୧୫ ମସିହାରୁ ରାଜ୍ୟରେ ତତ୍‌କାଳୀନ ନବୀନ ପଟ୍ଟନାୟକ ସରକାର ଆରମ୍ଭ କରିଥିଲେ 'ନିରାମୟ' ଯୋଜନା। ଏହି ଯୋଜନାରେ ରାଜ୍ୟ ଔଷଧ ନିଗମ ଔଷଧ ଖରିଦ କରିବା ପରେ ସରକାରୀ ଡାକ୍ତରଖାନାଗୁଡ଼ିକୁ ଯୋଗାଇ ଦିଆଯାଇଥାଏ ଓ ରୋଗୀମାନେ ବିନା ମୂଲ୍ୟରେ ଔଷଧ ପାଇଥାଆନ୍ତି। ଦୀର୍ଘ ବର୍ଷ ଧରି ଏହି କାର୍ଯ୍ୟକ୍ରମ ଚାଲି ଆସିଛି ଏବଂ ଏଥିରେ ସାଧାରଣ ଗରିବ ରୋଗୀମାନେ ଉପକୃତ ହେଉଛନ୍ତି। ଛୋଟରୁ ବଡ଼ ସମସ୍ତ ରୋଗର ଔଷଧ ରୋଗୀମାନଙ୍କୁ ବର୍ଷ ବର୍ଷ ଧରି ମିଳୁଥିବାବେଳେ ମାତ୍ର ଗତ କିଛି ମାସ ହେଲା ରୋଗୀଙ୍କୁ ପର୍ଯ୍ୟାପ୍ତ ପରିମାଣର ଔଷଧ ମିଳୁନି। ବିଶେଷକରି ମଧୁମେହ ଓ ଉଚ୍ଚ ରକ୍ତଚାପ ଆଦି ରୋଗୀଙ୍କୁ ସରକାରୀ ଡ଼ାକ୍ତରଖାନାରେ ନିରାମୟରେ ମିଳୁଥିବା ଔଷଧ ଆଉ ମିଳୁନାହିଁ।

**ମିଳୁନି ଔଷଧ; ଚିନ୍ତାରେ ନିୟମିତ ସେବନକାରୀ**

୨୦୧୫-୧୬ ଆର୍ଥିକ ବର୍ଷରେ ଯୋଜନା ଆରମ୍ଭ ହେଲାବେଳେ ବର୍ଷକୁ ୧୪୧ କୋଟି ଟଙ୍କାର ଔଷଧ କିଣାଯାଉଥିଲା। ପରବର୍ତ୍ତୀ ସମୟରେ ଏହା ବୃଦ୍ଧି ପାଇ ୨୦୨୩-୨୪ ମସିହା ବେଳକୁ ୬୩୦ କୋଟି ଟଙ୍କାକୁ ଅତିକ୍ରମ କରିଥିଲା। ମାତ୍ର ରାଜ୍ୟରେ ସରକାର ପରିବର୍ତ୍ତନ ପରେ ଏହା ୪୫୦ କୋଟି ଟଙ୍କାକୁ ଖସି ଆସିଛି। ରୋଗୀମାନଙ୍କ ପାଇଁ ୭୪୧ ପ୍ରକାରର ଔଷଧ କିଣା ଯାଉଥିବା କୁହାଯାଉଥିଲେ ହେଁ ଡାକ୍ତରଖାନାରେ ଅଧିକାଂଶ ▶ପୃଷ୍ଠା-୭


### ଚିନ୍ତା ପ୍ରକଟ କଲା ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ

## ବଢୁଛି ଆତ୍ମହତ୍ୟା ପ୍ରବଣତା

### ୨୦୨୧ରେ ଜୀବନ ହାରିଛନ୍ତି ୭୨ ଲକ୍ଷ ଲୋକ

**ନୂଆଦିଲ୍ଲୀ, ୪।୯(ଏଜେନ୍ସି):** ମାନସିକ ରୂପେ ଅସୁସ୍ଥ ହେଉଥିବା ଲୋକମାନଙ୍କର ସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି। ଏହାର ମୁକାବିଲା ଲାଗି ଅନେକ ସରକାର ପଦକ୍ଷେପ ନେଉଥିଲେ ମଧ୍ୟ ଉଲ୍ଲେଖନୀୟ ସଫଳତା ମିଳିପାରି ନାହିଁ। ବିଶେଷ କରି ଯୁବକଯୁବତୀମାନେ ଏଭଳି ଅସୁସ୍ଥତାର ଶିକାର ହେଉଛନ୍ତି। ଏହା ସେମାନଙ୍କ ମଧ୍ୟରେ ଆତ୍ମହତ୍ୟା ପ୍ରବଣତା ବଢ଼ାଉଛି।

ଏସଂପର୍କରେ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ (ଡବ୍ଲ୍ୟୁଏଚ୍‌ଓ) ପକ୍ଷରୁ ଏକ ରିପୋର୍ଟ ପ୍ରକାଶ ପାଇଛି। ଏଥିରେ କୁହାଯାଇଛି ଯେ ୨୦୨୪ରେ ବିଶ୍ୱରେ ୧୦୦ କୋଟିରୁ ଅଧିକ ଲୋକ ମାନସିକ ଅବସାଦର ଶିକାର ହୋଇଛନ୍ତି। ଏହା ସବୁ ବର୍ଗ ଓ ବୟସର ଲୋକଙ୍କୁ ପ୍ରଭାବିତ କରୁଥିଲେ ମଧ୍ୟ ସେମାନଙ୍କ ମଧ୍ୟରେ ଅଧିକାଂଶ ହେଉଛନ୍ତି ଯୁବକଯୁବତୀ। ୫୮୧ ନିୟୁତ ମହିଳା ଏହାର ଶିକାର ହୋଇଥିବା ବେଳେ ୫୧୪ ନିୟୁତ ପୁରୁଷ ପ୍ରଭାବିତ ହୋଇଛନ୍ତି। ଚିନ୍ତା ଓ ଅବସାଦ ପାଇଁ ଲୋକଙ୍କ ମାନସିକ ସ୍ୱାସ୍ଥ୍ୟ ଖରାପ ହେଉଛି। ଏହାଦ୍ୱାରା ଯୁବପିଢ଼ି ଆତ୍ମହତ୍ୟା ପ୍ରବଣ ହେଉଛି। ବିଶ୍ୱରେ ପ୍ରତି ୧୦୦ଟି ମୃତ୍ୟୁରେ ଗୋଟିଏ ଆତ୍ମହତ୍ୟା କାରଣରୁ ହେଉଥିବା ରିପୋର୍ଟରେ କୁହାଯାଇଛି। ଏହି ରିପୋର୍ଟରେ ଆହୁରି କୁହାଯାଇଛି ଯେ ୨୦୨୧ରେ ଉଦ୍‌ବେଗଜନକ ପରିସ୍ଥିତି ସୃଷ୍ଟି ହୋଇଥିଲା। ଏହି ବର୍ଷ ବିଶ୍ୱରେ ମାନସିକ ଅବସାଦ ଓ ଦୁଶ୍ଚିନ୍ତାର ଶିକାର ହୋଇ



**ମାନସିକ ଅବସାଦରେ ବିଶ୍ୱର ୧୦୦ କୋଟି**

୭୨ ଲକ୍ଷ ୭ ହଜାର ଲୋକ ଆତ୍ମହତ୍ୟା କରିଥିଲେ। ଏଥିରେ କୁହାଯାଇଛି ଜଣେ ବ୍ୟକ୍ତି ଆତ୍ମହତ୍ୟା କରିଥିବା ବେଳେ ଅନ୍ୟ ୨୦ ଜଣ ଆତ୍ମହତ୍ୟା ଉଦ୍ୟମ କରିଛନ୍ତି। ଆତ୍ମହତ୍ୟା ରିପୋର୍ଟରେ କୁହାଯାଇଛି ଯେ ଜଣେ ମହିଳା ଆତ୍ମହତ୍ୟା କରିଥିବା ବେଳେ ଦୁଇ ଜଣ ପୁରୁଷ ଆତ୍ମହତ୍ୟା କରିଛନ୍ତି। ୧୫ରୁ ୨୯ ବର୍ଷ ବୟସର ଯେତେ ଯୁବକଯୁବତୀଙ୍କ ମୃତ୍ୟୁ ଘଟୁଛି ।।ସେଥିମଧ୍ୟରୁ ଏକ ତୃତୀୟାଂଶ ହେଉଛି ଆତ୍ମହତ୍ୟା କାରଣରୁ।

ମାନସିକ ଅବସାଦ ଓ ଦୁଶ୍ଚିନ୍ତା ସଂପର୍କରେ ଅନେକ କାରଣ ଦର୍ଶାଯାଇଛି। ଏଥିମଧ୍ୟରେ ରହିଛି ବିବାହ ସମସ୍ୟା, ଛାଡ଼ପତ୍ର, ଚାକିରି ଚାପ, ଆତ୍ମୀୟଙ୍କ ମୃତ୍ୟୁ, କାମ ଓ ପାଠ ଚାପ, ବେକାରୀ ସମସ୍ୟା, ଆର୍ଥିକ ଦୁସ୍ଥିତି, ବ୍ୟକ୍ତିଗତ ▶ପୃଷ୍ଠା-୭


### ହାଜତମୃତ୍ୟୁ ନେଇ ସୁପ୍ରିମକୋର୍ଟଙ୍କ ଉଦ୍‌ବେଗ

## ଥାନାରେ କାମ କରୁନି ସିସିଟିଭି

■ **ନୂଆଦିଲ୍ଲୀ, ୪।୯ (ଏଜେନ୍ସି):** ହାଜତମୃତ୍ୟୁକୁ ନେଇ ପୁଣି ଉଦ୍‌ବେଗ ଜଣାଇଛନ୍ତି ସୁପ୍ରିମକୋର୍ଟ। ବାରମ୍ବାର ନିର୍ଦ୍ଦେଶ ଓ ତାଗିଦ ସତ୍ତ୍ୱେ ଥାନାରେ କାହିଁକି ସିସିଟିଭି କ୍ୟାମେରା କାମ କରୁନି ବୋଲି ପ୍ରଶ୍ନ କରିଛନ୍ତି। ରାଜସ୍ଥାନରେ ଗତ ୭-୮ ମାସ ମଧ୍ୟରେ ୧୧ ଜଣଙ୍କର ହାଜତମୃତ୍ୟୁକୁ ନେଇ ଉଦବେଗ ପ୍ରକାଶ କରିବା ସହିତ ସର୍ବୋଚ୍ଚ ଅଦାଲତ ନିଜ ଆଡ୍ଡୁ ମାମଲା ଦାୟର କରିଛନ୍ତି। ଜଷ୍ଟିସ ବିକ୍ରମ ନାଥ ଏବଂ ଜଷ୍ଟିସ ସନ୍ଦୀପ ମେହେଟ୍ଟାଙ୍କୁ ନେଇ ଗଠିତ ବେଞ୍ଚ ମାମଲାର ଶୁଣାଣି କରିବେ।



ସୂଚନାଯୋଗ୍ୟ ଯେ ରାଜସ୍ଥାନରେ ବୃଦ୍ଧି ପାଉଥିବା ହାଜତମୃତ୍ୟୁକୁ ନେଇ ଏକ ସମ୍ବାଦପତ୍ରରେ ଖବର ପ୍ରକାଶ ପାଇଛି। ଏଥିରେ କୁହାଯାଇଛି ଯେ ରାଜ୍ୟରେ ଗତ ସାତ ଆଠ ମାସ ମଧ୍ୟରେ ୧୧ ଜଣ ହାଜତମୃତ୍ୟୁରେ ପ୍ରାଣ ହରାଇଲେଣି। ସୁପ୍ରିମକୋର୍ଟ ଏହି ଖବରକୁ ଗୁରୁତ୍ୱ ଦେଇ ମାମଲାର ଶୁଣାଣି କରିବେ ବୋଲି ଜଣାଇଛନ୍ତି। ଏଭଳି ଘଟଣାକୁ ନେଇ ଚିନ୍ତା ପ୍ରକଟ କରିବା ସହିତ ଥାନା ଭିତରେ ସିସିଟିଭି କ୍ୟାମେରା କାମ କରୁନଥିବାରୁ ପ୍ରଶ୍ନ ଉଠାଇଛନ୍ତି। ବିଭିନ୍ନ ଗଣମାଧ୍ୟମ ସୂତ୍ରରୁ ପ୍ରକାଶ ଯେ କେତେକ ଥାନାରେ ସିସିଟିଭି ନଥିବା ବେଳେ ଅନେକ ▶ପୃଷ୍ଠା-୭



### ହାଇକୋର୍ଟଙ୍କ ନିର୍ଦ୍ଦେଶ ସତ୍ତ୍ୱେ ସବୁ ଥାନାରେ ନାହିଁ ସିସିଟିଭି

■ **ଭୁବନେଶ୍ୱର, ୪।୯ (ସମିସ):** ଓଡ଼ିଶା ହାଇକୋର୍ଟଙ୍କ ନିର୍ଦ୍ଦେଶ ସତ୍ତ୍ୱେ ଗତ ମାର୍ଚ୍ଚ ଶେଷ ସୁଦ୍ଧା ରାଜ୍ୟର ସମସ୍ତ ଥାନା ଓ ଫାଣ୍ଡିରେ ସିସିଟିଭି କ୍ୟାମେରା ବ୍ୟବସ୍ଥା ହୋଇପାରି ନାହିଁ। ରାଜଧାନୀ ଭୁବନେଶ୍ୱରରେ ଥିବା ଭରତପୁର ଆଦର୍ଶ ଥାନାରେ ନିଜ ପୁରୁଷ ବନ୍ଧୁ (ସେନା ଅଧିକାରୀ)ଙ୍କ ସହ ଯାଇଥିବା ଜଣେ ମହିଳାଙ୍କୁ ଥାନା ଭିତରେ ପୁଲିସର ଅସଦ୍‌ବ୍ୟବହାରକୁ ନେଇ ଓଡ଼ିଶା ହାଇକୋର୍ଟରେ ଏକ ମାମଲା ରୁଜୁ ହୋଇଥିଲା। ମାମଲାର ଶୁଣାଣି କରି ହାଇକୋର୍ଟ ରାଜ୍ୟର ଥାନା ଓ ଫାଣ୍ଡିଗୁଡ଼ିକରେ ସିସିଟିଭି ବ୍ୟବସ୍ଥାର ସ୍ଥିତି ଜଣାଇବା ପାଇଁ ନିର୍ଦ୍ଦେଶ ଦେଇଥିଲେ। ତଦନୁଯାୟୀ ଅତିରିକ୍ତ ପୁଲିସ ମହାନିର୍ଦ୍ଦେଶକ (ଆଧୁନିକୀକରଣ) ଦୟାଲ୍ ଗଙ୍ଗୱାର୍ ହାଇକୋର୍ଟରେ ସତ୍ୟପାଠ ଦାଖଲ କରିଥିଲେ। ଶ୍ରୀ ଗଙ୍ଗୱାର୍ ଥାନାଗୁଡ଼ିକରେ ସିସିଟିଭିର ସ୍ଥିତି ସମ୍ପର୍କରେ ଦର୍ଶାଇଥିଲେ ଯେ ରାଜ୍ୟରେ ଥିବା ୫୯୩ ଥାନା ମଧ୍ୟରୁ ୪୫୬ଟି ଥାନାରେ ସିସିଟିଭି ବ୍ୟବସ୍ଥା କାର୍ଯ୍ୟକ୍ଷମ ହୋଇନାହିଁ। ଥାନାରେ ଏପରି ବ୍ୟବସ୍ଥାକୁ ହାଇକୋର୍ଟ ଉଦ୍‌ବେଗ ପ୍ରକାଶ କରିବା ସହ ଏହା ପୁଲିସ ପ୍ରଶାସନର ଏକ ଚରମ ବିଫଳତା ବୋଲି ଉଲ୍ଲେଖ କରିଥିଲେ। ଥାନାରେ ସିସିଟିଭି ବ୍ୟବସ୍ଥା ହୋଇଥିବା ଏବଂ ୨୦୨୫ ମାର୍ଚ୍ଚ ମାସ ଶେଷ ସୁଦ୍ଧା ସମସ୍ତ ଥାନା ଏବଂ ଫାଣ୍ଡିରେ ସିସିଟିଭି କ୍ୟାମେରା ଲଗାଇବା ▶ପୃଷ୍ଠା-୭

## ଅକ୍ଟୋବର ପ୍ରଥମ ସପ୍ତାହରେ ବିହାର ବିଧାନସଭା ନିର୍ବାଚନ ତାରିଖ ଘୋଷଣା

ପାଟନା, ୪।୯ (ଏଜେନ୍ସି): ନିର୍ବାଚନ କମିସନ ଆସନ୍ତାମାସରେ ବିହାର ବିଧାନସଭା ନିର୍ବାଚନ ନେଇ ଘୋଷଣା କରିପାରନ୍ତି। ଅକ୍ଟୋବର ପ୍ରଥମ କିମ୍ବା ଦ୍ୱିତୀୟ ସପ୍ତାହରେ ନିର୍ବାଚନ ନେଇ ବିଜ୍ଞପ୍ତି ଘୋଷଣା ହେବା ନିର୍ଭରଯୋଗ୍ୟ ସୂତ୍ରରୁ ଜଣାଯାଇଛି। ଦୁଇଟି କିମ୍ବା ୩ଟି ପର୍ଯ୍ୟାୟରେ ନିର୍ବାଚନ ଆୟୋଜନ ହେବାର ଯଥେଷ୍ଟ ସମ୍ଭାବନା ରହିଛି। ଦୁର୍ଗାପୂଜା, ଦଶହରା, ଦୀପାବଳି ଓ ଛଟ୍ ପୂଜା ଭଳି ପର୍ବ ପରେ ନିର୍ବାଚନ ହେବ ବୋଲି ଅନୁମାନ କରାଯାଉଛି। ଆଗାମୀ ନଭେମ୍ବର ୨୨ରେ ବିହାର ବିଧାନସଭାର କାର୍ଯ୍ୟକାଳ ଶେଷ ହେବ। ତେଣୁ ଏହାପୂର୍ବରୁ କମିସନ ନିର୍ବାଚନ ପ୍ରକ୍ରିୟା ନେଇ ସବୁ ପ୍ରକାର ଔପଚାରିକତା ଶେଷ କରିବ। ଗତ ୨୦୨୦ରେ ଅନୁଷ୍ଠିତ ନିର୍ବାଚନ ୩ଟି ପର୍ଯ୍ୟାୟରେ ଅନୁଷ୍ଠିତ ହୋଇଥିଲା। ଏହିକ୍ରମରେ ନଭେମ୍ବର ୫ ଓ ୧୫ରେ ମତଦାନ ଓ ୨୦ରେ ଭୋଟ ଗଣନା ହେବାର ଯଥେଷ୍ଟ ସମ୍ଭାବନା ରହିଛି। ଭୋଟର ତାଲିକା ନେଇ ବିବାଦ ଚାଲିଥିବା ବେଳେ ସେପ୍ଟେମ୍ବର ୩୦ରେ ଚୂଡାନ୍ତ ଭୋଟର ତାଲିକା ପ୍ରକାଶିତ ହେବ। ଗତଥର ଭଳି ନିର୍ବାଚନରେ ଏଥର ମଧ୍ୟ ଏନ୍‌ଡିଏ ଓ ଇଣ୍ଡିଆ ମେଣ୍ଟ ମଧ୍ୟରେ ସିଧାସଳଖ ମୁକାବିଲା ହେବ।

## ବ୍ରିଟେନରେ କାର୍ ଦୁର୍ଘଟଣା; ୨ ଭାରତୀୟ ଛାତ୍ର ମୃତ

ଲଣ୍ଡନ, ୪।୯ (ଏଜେନ୍ସି): ବ୍ରିଟେନରେ ଏକ କାର୍ ଦୁର୍ଘଟଣାରେ ତେଲଙ୍ଗାନାର ଦୁଇଜଣ ଛାତ୍ର ମୃତ୍ୟୁବରଣ କରିଥିବା ବେଳେ ୫ ଜଣ ଗୁରୁତର ଭାବେ ଆହତ ହୋଇଛନ୍ତି। ଦକ୍ଷିଣପୂର୍ବ ଇଂଲଣ୍ଡର ଏସେକ୍ସର ମେଜର ରାଉଣ୍ଡଆବାଉଟ୍‌ରେ ଏହି ଦୁର୍ଘଟଣା ହୋଇଥିଲା। ୨୩ ବର୍ଷୀୟ ଚୈତନ୍ୟ ତାରେ ନାମକ ବ୍ୟକ୍ତି ଘଟଣାସ୍ଥଳରେ ମୃତ୍ୟୁବରଣ କରିଥିବା ବେଳେ ୨୧ ବର୍ଷୀୟ ଋଷି ତେଜା ରାପୋଲୁ ହସ୍ପିଟାଲ୍‌ରେ ପ୍ରାଣ ହରାଇଥିଲେ। କାର ଚଳାଉଥିବା ଦୁଇଜଣ ଲୋକଙ୍କୁ ଏସେକ୍ସ ପୁଲିସ ଗିରଫ କରିଛି। ଏହି ଦୁଇଜଣ ଇଷ୍ଟ ଲଣ୍ଡନର। ବିପଜ୍ଜନକ ଗାଡି ଚଳାନା ଯୋଗୁଁ ଏହି ଦୁଇଜଣଙ୍କୁ ଗିରଫ କରାଯିବାର କିଛି ସମୟରେ ପରେ ଜାମିନ ମିଳିଥିଲା। ଦୁର୍ଘଟଣା ନେଇ ତଦନ୍ତ ଜାରି ରହିଛି ବୋଲି ପୁଲିସ କହିଛି।

## ବିଜୟୱାଡା-ବେଙ୍ଗାଲୁରୁ ବିମାନରେ ପକ୍ଷୀ ମାଡ଼

ବେଙ୍ଗାଲୁରୁ, ୪।୯ (ଏଜେନ୍ସି): ଆନ୍ଧ୍ରପ୍ରଦେଶର ବିଜୟୱାଡା ବିମାନବନ୍ଦରରୁ ଗୁରୁବାର ବେଙ୍ଗାଲୁରୁ ଯିବାକୁ ଥିବା ଏକ ଏୟାର ଇଣ୍ଡିଆ ବିମାନରେ ପକ୍ଷୀ ମାଡ଼ ହୋଇଛି। ଏୟାର ଇଣ୍ଡିଆର ଆଇଏକ୍ସ୨୦୧୧ ବିମାନ ଟେକ୍‌ଅଫ୍ କରିବା ପୂର୍ବରୁ ହିଁ ଏକ ଚିଲ ପକ୍ଷୀ ମାଡ ହୋଇଥିଲା। ଏହା ଦ୍ୱାର ବିମାନର ନୋଜ୍ ଅର୍ଥାତ ସମ୍ମୁଖ ଭାଗ କ୍ଷତିଗ୍ରସ୍ତ ହୋଇଛି। ପାଇଲଟ ବିମାନର ଇଞ୍ଜିନ୍ ଚାଲୁ କରିବା ମାତ୍ରେ ହିଁ ଏହି ଘଟଣା ଘଟିଥିଲା। ବିମାନର ଟେକ୍ ଅଫ୍ ସମୟ ୮.୧୫ରେ ଥିଲା ଓ ଏହା ୯.୪୦ରେ ବେଙ୍ଗାଲୁରୁରେ ପହଞ୍ଚିବାର କାର୍ଯ୍ୟକ୍ରମ ଥିଲା। ଏହି ବିମାନରେ ୧୬୦ରୁ ୧୬୫ ଯାତ୍ରୀ ଥିଲେ। ସମସ୍ତେ ସୁରକ୍ଷିତ ଅଛନ୍ତି। ଏହି ଯାତ୍ରୀମାନଙ୍କୁ ବେଙ୍ଗାଲୁରୁ ନେବା ପାଇଁ ଏକ ଦ୍ୱିତୀୟ ବିମାନର ବ୍ୟବସ୍ଥା କରାଯାଇଛି ବୋଲି ଏୟାର ଇଣ୍ଡିଆ ଏକ୍ସପ୍ରେସ ତରଫରୁ କୁହାଯାଇଛି। ଗତ ୩ ଦିନ ମଧ୍ୟରେ ଦ୍ୱିତୀୟଥର ପାଇଁ ପକ୍ଷୀ ମାଡ଼ ହେବାରୁ ଉଡାଣକୁ ବାତିଲ କରାଯାଇଛି। ଏହାପୂର୍ବରୁ ନାଗପୁରରୁ କୋଲକାତା ଯାଉଥିବା ଇଣ୍ଡିଗୋ ୬ଇ୮୧୨ ବିମାନରେ ମଙ୍ଗଳବାର ପକ୍ଷୀ ମାଡ ହୋଇଥିଲା। ଫଳରେ ବିମାନକୁ ନାଗପୁରରେ ଜରୁରୀ ଅବତରଣ କରାଯାଇଥିଲା।


## ବିଚ୍ ବଜାରରେ ପତ୍ନୀଙ୍କୁ ଗୁଳିକରି ହତ୍ୟାକଲା ସ୍ୱାମୀ

ଗୋରଖପୁର, ୪।୯ (ଏଜେନ୍ସି): ଉତ୍ତରପ୍ରଦେଶର ଗୋରଖପୁର ଜିଲ୍ଲାର ଶାହାପୁର ଅଞ୍ଚଳରେ ଗୁରୁବାର ଏକ ଜନଗହଳିପୂର୍ଣ୍ଣ ବଜାରରେ ଏକ ଅଭାବନୀୟ ଘଟଣା ଘଟିଛି। ବିଶ୍ୱକର୍ମା ଚୌହାନ ନାମକ ଜଣେ ସ୍ୱାମୀ ତାଙ୍କ ପତ୍ନୀ ମମତା ଚୌହାନଙ୍କୁ ଗୁଳିକରି ହତ୍ୟା କରିଛନ୍ତି। ଛାଡପତ୍ର ମାମଲା ନେଇ ଚାଲିଥିବା ପ୍ରକ୍ରିୟାକୁ ନେଇ ଦୁଇଜଣଙ୍କ ମଧ୍ୟରେ ଯୁକ୍ତିତର୍କ ହେବା ପରେ ବିଶ୍ୱକର୍ମା ଏହି କାଣ୍ଡ ଘଟାଇଥିଲେ। ଘଟଣା ପରେ ହିଁ ତାଙ୍କୁ ପୁଲିସ ଗିରଫ କରିଛି। ମମତାଙ୍କୁ ହତ୍ୟା କରିବା ନେଇ ତାଙ୍କର କୌଣସି ଅନୁଶୋଚନା ନାହିଁ ବୋଲି ସେ ପୁଲିସକୁ କହିଛନ୍ତି। ସେ ମୋର ପଇସା ଖାଇ ଯାଉଥିଲା ବିଶ୍ୱକର୍ମା କହିଛନ୍ତି। ୩୫ ବର୍ଷୀୟା ମମତା ଏକ ଘରୋଇ ଫାର୍ମରେ ଚାକିରି କରୁଥିଲେ। ସେ ନିଜର ୧୩ ବର୍ଷର ଝିଅ ସହ ଅଲଗା ରହୁଥିଲେ। କିନ୍ତୁ ଭରଣ ପୋଷଣ ପାଇଁ ସେ ସ୍ୱାମୀଙ୍କଠାରୁ ଅର୍ଥ ଓ ଚାଷଜମି ଦାବି କରୁଥିଲେ। ସନ୍ଧ୍ୟା ୭.୩୦ରେ ଏକ ଫଟୋ ଷ୍ଟୁଡିଓ ନିକଟରେ ଦୁହିଁଙ୍କ ମଧ୍ୟ ଜୋରସୋରରେ ପାଟି ଓ ଯୁକ୍ତିତର୍କ ହୋଇଥିଲା ବୋଲି ଜଣେ ପ୍ରତ୍ୟେକ୍ଷଦର୍ଶୀ କହିଛନ୍ତି। ଉତ୍କ୍ଷୀପ୍ତ ହୋଇ ବିଶ୍ୱକର୍ମା ପିସ୍ତଲ ବାହାର କରି ଦୁଇ ରାଉଣ୍ଡ ଗୁଳି ଚଳାଇଥିଲେ। ମମତାଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲେ ମଧ୍ୟ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

## ଭିବାନୀ କୋର୍ଟ ପରିସରରେ ୪ ରାଉଣ୍ଡ ଗୁଳିମାଡ଼

ଭିବାନୀ, ୪।୯ (ଏଜେନ୍ସି): ହରିୟାଣାର ଭିବାନୀ କୋର୍ଟରେ ଗୁରୁବାର ଦ୍ୱିପହରରେ ଫାୟାରିଂ ହୋଇଛି। ହଠାତ ଦୁଇଜଣ ଯୁବକ ଆସି ୩ଜଣଙ୍କ ଉପରେ ଆଖିବୁଜା ଗୁଳି ଚଳାଇଥିଲେ। ଏଥିରେ ଜଣେ ରକ୍ତ ଜୁଡୁବୁଡୁ ଅବସ୍ଥାରେ ତଳେ ପଡ଼ିଯାଇଥିବା ବେଳେ ଅନ୍ୟ ଦୁଇଜଣ କୌଣସି ପ୍ରକାର ଜୀବନ ବଞ୍ଚାଇବାକୁ ସକ୍ଷମ ହୋଇଛନ୍ତି। ଏହାପରେ ଦୁଇ ଆକ୍ରମଣକାରୀ ସେଠାରୁ ପଳାଇଯାଇଥିଲେ। ସୂଚନା ପାଇବା ମାତ୍ରେ ହିଁ ଏସ୍‌ପି ସୁମିତ କୁମାର ପୁଲିସ କର୍ମୀଙ୍କ ସହ ସେଠାରେ ପହଞ୍ଚିଥିଲେ। ତେବେ ଏହା ପୂର୍ବରୁ ସେଠାରେ ଉପସ୍ଥିତ ଲୋକ ଆହତ ବ୍ୟକ୍ତିଙ୍କୁ ଉଠାଇ ଅଟୋରେ ସିଭିଲ ହସ୍ପିଟାଲରେ ପହଞ୍ଚାଇଥିଲେ। ଦୁଇ ଅଭିଯୁକ୍ତ ୪ ରାଉଣ୍ଡ ଗୁଳି ଚଳାଇଥିଲେ ବୋଲି ପ୍ରତ୍ୟେକ୍ଷଦର୍ଶୀ କହିଛନ୍ତି। ଏହା ଦେଖି ସେଠାରେ ଉପସ୍ଥିତ ଲୋକେ ଦୌଡ଼ାଦୌଡ଼ି ଆରମ୍ଭ କରିଥିଲେ। ପୁଲିସ ଏହି ଘଟଣାର ଯାଞ୍ଚ ଆରମ୍ଭ କରିଛି ଓ ଅଭିଯୁକ୍ତଙ୍କୁ ଗିରଫ୍ କରିବା ପାଇଁ କେତୋଟି ଦଳ ଗଠନ କରିଛି।

## ଭାରତ, ଚୀନ୍‌କୁ ଧମକ ଦେବା ବନ୍ଦ କରୁ ଆମେରିକା: ପୁଟିନ୍



ବେଜିଂ, ୪।୯ (ଏଜେନ୍ସି): ଭାରତ ଓ ଚୀନ୍‌କୁ ଟାରିଫ୍ ମାଧ୍ୟମରେ ଆମେରିକା ଧମକ ଦେବା ବନ୍ଦ କରୁ ବୋଲି ରୁଷିଆ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନ କହିଛନ୍ତି। ଏହି ଦୁଇ ଦେଶ ଏବେ ଆମେରିକା ଧମକକୁ ନେଇ ଆଦୌ ଭୟଭିତ ହେଉନାହାନ୍ତି। ବୁଧବାର ଚୀନ୍‌ର ବିଜୟ ଦିବସ ପରେଡ୍‌ରେ ଯୋଗ ଦେବା ପରେ ପୁଟିନ ଗଣମାଧ୍ୟମ ସହ କଥା ହେବା ବେଳେ ଏହି କଥା କହିଛନ୍ତି। ଭାରତ ଓ ଚୀନ୍ ସହ ଟ୍ରମ୍ପ ଏଭଳି ଢ଼ଙ୍ଗରେ କଥା ହେବା ଉଚିତ ନୁହଁ ବୋଲି ସେ ସ୍ପଷ୍ଟ କରିଛନ୍ତି। ଭାରତ ଓ ଚୀନ ଏସିଆର ଦୁଇଟି ଶକ୍ତିଶାଳୀ ଦେଶ। ଆମେରିକା ଅର୍ଥନୈତିକ ଚାପ ପକାଇ ଏହି ଦୁଇ ମହାଶକ୍ତିଙ୍କୁ ଭୟଭିତ କରାଇବାକୁ ପ୍ରୟାସ କରୁଛି ଓ ଦୁଇ ଦେଶର ନେତୃତ୍ୱକୁ ଦୁର୍ବଳ କରିବାକୁ ଚେଷ୍ଟା କରୁଛି ବୋଲି ସେ କହିଛନ୍ତି। ଭାରତ ଓ ଚୀନ୍‌ର ଇତିହାସରେ ଆକ୍ରମଣର ଉଦାହରଣ ଯଥେଷ୍ଟ ରହିଛି। ତେଣୁ ଏହି ଦୁଇ ଦେଶର କୌଣସି ନେତା ଯଦି ନିଜର ଦୁର୍ବଳତା ଦେଖାନ୍ତି, ତେବେ ସେମାନଙ୍କର ରାଜନୈତିକ କ୍ୟାରିୟର ଶେଷ ହୋଇଯିବ। ତେଣୁ ଟ୍ରମ୍ପ ନିଜର ଆଭିମୁଖ୍ୟରେ ପରିବର୍ତ୍ତନ ଆଣିବାକୁ ଚେଷ୍ଟା କରନ୍ତୁ ବୋଲି ପୁଟିନ ପରାମର୍ଶ ଦେଇଛନ୍ତି। ରୁଷଠାରୁ ଭାରତ ତୈଳ କ୍ରୟ କରୁଛି। ତେଣୁ ରୁଷ ୟୁକ୍ରେନ ବିପକ୍ଷରେ ଯୁଦ୍ଧ କରିବାକୁ ବଳ ପାଉଛି ବୋଲି ଟ୍ରମ୍ପ ଅଭିଯୋଗ କରିଛନ୍ତି। ଟାରିଫ ଲାଗୁ କରି ଟ୍ରମ୍ପ ଯୁଦ୍ଧ ବନ୍ଦ କରିବାକୁ ପ୍ରୟାସ କରୁଛନ୍ତି। ଟ୍ରମ୍ପଙ୍କ ଏହି ନୀତି ତାଙ୍କ ରଢ଼ିବାଦୀ ମାନସିକତାକୁ ସୂଚାଉଛି ବୋଲି ସେ କହିଛନ୍ତି। ଔପନିବେଶିକ ଯୁଗ ଶେଷ ହୋଇଛି। ତେଣୁ ନିଜର ସାଥି ଦେଶଗୁଡିକ ସହ ଆମେରିକା ଏଭଳି କଥା ହେବା ଉଚିତ ନୁହଁ। ତେବେ ନିକଟ ଭବିଷ୍ୟତରେ ସୃଷ୍ଟି ହୋଇଥିବା ଏହି ଅଚଳାବସ୍ଥା କମ୍ ହେବ ଓ ସ୍ଥିତି ସାମାନ୍ୟ ହେବ ବୋଲି ପୁଟିନ ଆଶା ପ୍ରକାଶ କରି କହିଛନ୍ତି।

## ମଣିପୁରରେ ଜାତୀୟ ରାଜପଥ-୨ ଖୋଲିବାକୁ କୁକି ରାଜି

ଏମ୍ଫାଲ, ୪।୯ (ଏଜେନ୍ସି): ଗତ ଦୁଇବର୍ଷ ହେବ ମଣିପୁରରେ ହିଂସା ଜାରି ରହିଥିବା ବେଳେ ଏବେ ଏହି ଉତ୍ତରପୂର୍ବ ରାଜ୍ୟରେ ଶାନ୍ତି ପ୍ରତିଷ୍ଠା ପାଇଁ ରାସ୍ତା ଖୋଲିଛି। ଜାତୀୟ ରାଜପଥ-୨ ଖୋଲିବାକୁ କୁକି-ଜୋ ପରିଷଦ ରାଜି ହୋଇଛି। ଫଳରେ ପୁଣିଥରେ ମଣିପୁର ଉତ୍ତରପୂର୍ବର ଅନ୍ୟ ରାଜ୍ୟମାନଙ୍କ ସହ ଯୋଡି ହେବ। ଏ ସଂକ୍ରାନ୍ତରେ କେନ୍ଦ୍ର ସରକାର, ମଣିପୁର ସରକାର ଓ କୁକି-ଜୋ ପରିଷଦ ଏକ ନୂଆ ଚୁକ୍ତିରେ ହସ୍ତାକ୍ଷର କରିଛନ୍ତି। ଏହି ଚୁକ୍ତି ଆଗାମୀ ଗୋଟିଏ ବର୍ଷ ପାଇଁ ଲାଗୁ ହେବ ବୋଲି କୁହାଯାଇଛି। ଏଥିସହ କେନ୍ଦ୍ର ସରକାର ଓ କୁକି ନ୍ୟାସନାଲ ଅର୍ଗାନାଇଜେସନ (କେଏନ୍‌ଓ) ମଧ୍ୟରେ ୭ଟି ଚୁକ୍ତି ନେଇ ସହମତି ପ୍ରକାଶ ପାଇଛି।

ଦେଶର ଅଖଣ୍ଡତା ବଜାୟ ରଖିବାକୁ ସବୁ ପକ୍ଷ ଜାତୀୟ ରାଜପଥ-୨ ଖୋଲିବାକୁ ସହମତି ପ୍ରକାଶ କରିଛନ୍ତି। ଗତ କିଛିଦିନ ମଧ୍ୟରେ ଦିଲ୍ଲୀରେ ଏ ନେଇ ଏକାଧିକ ବୈଠକ ଅନୁଷ୍ଠିତ ହୋଇଥିଲା। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସେପ୍ଟେମ୍ବର ୧୩ରେ ମଣିପୁର ଓ ମିଜୋରାମ ଯାତ୍ରା କରିବେ ଓ ସେଠାରେ ନୂଆ ବୈରାବି-ସାଇରଙ୍ଗ ରେଳବାଇ ପ୍ରକଳ୍ପ ଉଦ୍‌ଘାଟନ କରିବେ। ତେଣୁ ମୋଦୀଙ୍କ ଯାତ୍ରା ପୂର୍ବରୁ ଜାତୀୟ ରାଜପଥ-୨ ଖୋଲାଯିବା ଏକ ବଡ଼ ପଦକ୍ଷେପ ବୋଲି ବିବେଚନା କରାଯାଉଛି। ଜାତୀୟ ରାଜପଥ-୨ ମଣିପୁର ସହ ନାଗାଲାଣ୍ଡ, ଆସାମ, ମିଜୋରାମ୍ ଅନ୍ୟ ରାଜ୍ୟଗୁଡିକ ଯୋଡିଥାଏ। ୨୦୨୩ରେ ମଣିପୁରରେ କୁକି ଓ ମେତେଇ ସମ୍ପ୍ରଦାୟ ମଧ୍ୟରେ ସୃଷ୍ଟି ହୋଇଥିବା ହିଂସା କାରଣରୁ ବନ୍ଦ ରହିଥିଲା। ଏହି ରାଜପଥ ଖୋଲିବା ଫଳରେ ମଣିପୁରରେ ସ୍ଥିତି ସାମାନ୍ୟ ହେବ ବୋଲି ଆଶା କରାଯାଉଛି। ଏଠାରେ ଶାନ୍ତି ପ୍ରତିଷ୍ଠା ପାଇଁ ଏହା ବାଟ ଖୋଲିବ। ଏହା ଦ୍ୱାରା ଅତ୍ୟାବଶକୀୟ ଜିନିଷ ମଣିପୁରରେ ପହଞ୍ଚିପାରିବ ଓ ରିଲିଫ ଶିବିରରେ ରହୁଥିବା ବିସ୍ଥାପିତ ପରିବାରଗୁଡିକର ସମସ୍ୟା କମ୍ ହେବ ବୋଲି କୁହାଯାଇଛି। ମଣିପୁରର ଲୋକସଂଖ୍ୟା ୩୮ ଲକ୍ଷ ହୋଇଥିବାବେଳେ ଏହି ରାଜ୍ୟରେ କୁକୁ, ନାଗା ଓ ମେତେଇ ସମ୍ପ୍ରଦାୟର ଲୋକ ରୁହନ୍ତି। ନାଗା ଓ କୁକି ଖ୍ରୀଷ୍ଟିଆନ ଧର୍ମକୁ ମାନୁଥିବା ବେଳେ ମେତେଇ ହିନ୍ଦୁ ଧର୍ମର।

# ଯମୁନା ପାଣିରେ ଭାସୁଛି ଦିଲ୍ଲୀ




### ଫ୍ଲାଏ ଓଭର ଧସିଲା, ରିଲିଫ୍ ଶିବିରରେ ପାଣି

### ପଞ୍ଜାବ, ହରିୟାଣାରେ ବନ୍ୟା; ୪୮ ମୃତ

ନୂଆଦିଲ୍ଲୀ, ୪।୯ (ଏଜେନ୍ସି): ଏଥର ମୌସୁମୀ ଜନିତ ବର୍ଷା ସାରା ଉତ୍ତର ପଶ୍ଚିମ ଭାରତରେ ଜନଜୀବନ ଅସ୍ତବ୍ୟସ୍ତ କରିଛି। କ୍ରମାଗତ ପ୍ରବଳ ବର୍ଷା କାରଣରୁ ନାହିଁ ନଥିବା ସ୍ଥିତି ସୃଷ୍ଟି ହୋଇଛି। ଦିଲ୍ଲୀ- ଏନ୍‌ସିଆର ସମେତ, ପଞ୍ଜାବ, ହରିୟାଣା, ହିମାଚଳ ପ୍ରଦେଶ, ଜମ୍ମୁ-କଶ୍ମୀର ଓ ଉତ୍ତରାଖଣ୍ଡରେ ଏବେ ମଧ୍ୟ ବର୍ଷା ଜାରି ରହିଛି। ଯମୁନା ନଦୀର ପାଣି ଦିଲ୍ଲୀ ସହର ଭିତରେ ପ୍ରବେଶ କରିଛି। ଦିଲ୍ଲୀର ବିଭିନ୍ନ ସଡକରେ ଯମୁନା ନଦୀର ପାଣି ଠିଆ ହୋଇଛି। ଗୁରୁବାର ସକାଳେ ମୋନାଷ୍ଟେରୀ ମାର୍କେଟ୍‌ରେ ଥିବା ସଡ଼କରେ ଯମୁନା ପାଣି ପଶିଛି। ମୟୁର ବିହାରର ଫେଜ୍-୧ ନିକଟରେ ବନ୍ୟା ପୀଡିତଙ୍କ ପାଇଁ ତିଆରି ହୋଇଥିବା ଅସ୍ଥାୟୀ ରିଲିଫ୍ ଶିବିରରେ ମଧ୍ୟ ପାଣି ପସିଯାଇଛି। ଫଳରେ ସମସ୍ୟା ଆହୁରି ଗୁରୁତର ହୋଇଛି। ଅଲିପୁରରେ ଜାତୀୟ ରାଜପଥ-୪୪ରେ ଥିବା ଫ୍ଲାଏ ଓଭର ବ୍ରିଜ୍‌ର ଏକ ଅଂଶ ଧସିଯାଇଛି।

ସେହିପରି ପଞ୍ଜାବର ସବୁ ୨୩ଟି ଜିଲ୍ଲାରେ ବନ୍ୟା ଆସିଛି। ୧, ୬୫୫ ଗାଁର ୩.୫୫ ଲକ୍ଷରୁ ଅଧିକ ଲୋକ ବନ୍ୟା ଯୋଗୁଁ ପ୍ରଭାବିତ ହୋଇଛନ୍ତି। ରାଜ୍ୟର ସବୁ ସ୍କୁଲ, କଲେଜ, ବିଶ୍ୱବିଦ୍ୟାଳୟ ଓ ଶିକ୍ଷାନୁଷ୍ଠାନଗୁଡିକୁ ସେପ୍ଟେମ୍ବର ୭ ପର୍ଯ୍ୟନ୍ତ ବନ୍ଦ କରି ଦିଆଯାଇଛି। ବନ୍ୟା ଯୋଗୁଁ ପଞ୍ଜାବରେ ଏପର୍ଯ୍ୟନ୍ତ ୧, ୭୫, ୨୮୬ ହେକ୍ଟର ଜମିର ଫସଲ ପ୍ରଭାବିତ ହୋଇଛି। ଅଗଷ୍ଟ ୧ରୁ ସେପ୍ଟେମ୍ବର ୩ ତାରିଖ ପର୍ଯ୍ୟନ୍ତ ଆସିଥିବା ଏହି ବନ୍ୟାରେ ୩୭ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ପଠାନକୋଟ୍‌ରେ ୩ ଜଣ ଲୋକ ନିଖୋଜ ଅଛନ୍ତି। ସେହିପରି ହରିୟାଣାର ଅଧିକାଂଶ ଅଞ୍ଚଳ ବନ୍ୟା ଯୋଗୁଁ ପାଣିରେ ବୁଡିଯାଇଛି। ରାଜ୍ୟରେ ଏପର୍ଯ୍ୟନ୍ତ ୧୧ ଜଣ ମୃତ୍ୟୁବରଣ କରିଛନ୍ତି। ହିସାର, ପଞ୍ଚକୁଲା, ଅମ୍ବାଲା ଓ ରୋହତକରେ ସବୁ ସ୍କୁଲକୁ ବନ୍ଦ କରିଦିଆଯାଇଛି। ଦିଲ୍ଲୀରୁ ପାଣି ଛାଡିବା ଫଳରେ ଫରିଦାବାଦ୍‌ରେ ଯମୁନା ବିପଦ ସଂକେତ ଉପରେ ବହୁଛି। ଅନ୍ୟପଟେ ହିମାଚଳ ପ୍ରଦେଶର କୁଲ୍ଲୁରେ ଗୁରୁବାର ସକାଳେ ଭୂସ୍ଖଳନ ଯୋଗୁଁ ଦୁଇଟି ଘର ଭୁଶୁଡି ପଡ଼ିଛି। ପ୍ରବଳ ବର୍ଷା କାରଣରୁ ଏହି ରାଜ୍ୟରେ ବିପର୍ଯ୍ୟୟ ଥମିବାର ନା ନେଉନାହିଁ। ଫଳରେ ଜଣେ ବ୍ୟକ୍ତି ମୃତ୍ୟୁବରଣ କରିଛନ୍ତି। ୬ ଜଣ ଲୋକ ଫସି ରହିଛନ୍ତି। କୁଲୁରେ ମଧ୍ୟ ଭୂସ୍ଖଳନ ହୋଇଛି। ଆବର୍ଜନା ତଳେ ଦବି ରହିଥିବା ଜଣେ ଏନ୍‌ଡିଆରଏଫ୍ ଯବାନଙ୍କୁ ୨୪ ଘଣ୍ଟା ପରେ ଉଦ୍ଧାର କରାଯାଇଥିଲା। ସେହିପରି ଉଜ୍ଜୟିନ୍‌ରେ ସିପ୍ରା ନଦୀର ଜଳସ୍ତର ବୃଦ୍ଧିପାଇବା ଯୋଗୁଁ ଘାଟ କୂଳରେ ଥିବା ମନ୍ଦିରଗୁଡିକରେ ଜଳମଗ୍ନ ହୋଇଛି। ସେହିପରି ରତଲାମର ରେଲୱେ ପ୍ଲାଟଫର୍ମର ବି ପାଣିରେ ବୁଡିଯାଇଛି। ଭୂସ୍ଖଳନ ଯୋଗୁଁ ଜମ୍ମୁ-କଶ୍ମୀରରେ ଜମ୍ମୁ- ଶ୍ରୀନଗର ରାଜପଥ ବନ୍ଦ ରହିଛି। ସେପଟେ ଗୁଜରାଟ୍‌ରେ ଚଳିତ ମୌସୁମୀରେ ପ୍ରଥମଥର ପାଇଁ ନର୍ମଦା ଡ୍ୟାମ୍‌ରେ ୧୫ଟି ଗେଟ୍‌କୁ ଖୋଲାଯାଇଛି। କାଶ୍ମୀରରେ ମଧ୍ୟ ବନ୍ୟା ଜାରି ରହିଛି ଓ କ୍ରମାଗତ ଦ୍ୱିତୀୟ ଦିନରେ ମଧ୍ୟ ସବୁ ସ୍କୁଲ- କଲେଜକୁ ବନ୍ଦ କରାଯାଇଛି। ଶ୍ରୀନଗରରେ ବନ୍ୟା ଆସିବା ନେଇ ସତର୍କତା ଜାରି କରାଯାଇଛି। ଫଳରେ ତଳିଆ ଅଞ୍ଚଳକୁ ଖାଲି କରିବାକୁ ନିଷ୍ପତ୍ତି ନିଆଯାଇଛି। ଛତିଶଗଡ଼ରେ ୧୨ଟି ଜିଲ୍ଲାରେ ପ୍ରବଳ ବର୍ଷା ହେବା ନେଇ ସତର୍କତା ଜାରି କରାଯାଇଛି। ସେହିପରି ରାଜସ୍ଥାନରେ ୨୬ଟି ଜିଲ୍ଲାରେ ପ୍ରବଳ ବର୍ଷା ହେବ ବୋଲି ସତର୍କତା ଜାରି କରାଯାଇଛି।

## ପୁଅକୁ ଫିଙ୍ଗି ୧୩ ମହଲାରୁ ଡେଇଁ ମା'ର ଆତ୍ମହତ୍ୟା



ସୁରତ, ୪।୯ (ଏଜେନ୍ସି): ଗୁଜରାଟର ସୁରତସ୍ଥିତ ଅଲଥାନା ଅଞ୍ଚଳର ମାର୍ତାଣ୍ଡ ହିଲ୍ସରେ ଏକ ହୃଦୟ ବିଦାରକ ଘଟଣା ସାମ୍ନାକୁ ଆସିଛି। ଜଣେ ମା' ୧୩ ମହଲା ଉପରୁ ନିଜ ୨ ବର୍ଷର ପୁଅକୁ ଫିଙ୍ଗିବାର ୧୨ ସେକେଣ୍ଡ ପରେ ନିଜେ ସେଠାରୁ ଡେଇଁ ଆତ୍ମହତ୍ୟା କରିଛି। ଏହାକୁ ନେଇ ଏହି ଅଞ୍ଚଳରେ ହଇଚଇ ସୃଷ୍ଟି ହୋଇଛି। ଉତ୍ସବମୁଖର ଥିବା ଏହି ସୋସାଇଟିରେ ଅଚାନକ ଦୁଃଖର ଛାୟା ଖେଳିଯାଇଛି। ସୋସାଇଟିରେ ସ୍ଥାପିତ ହୋଇଥିବା ଗଣେଶ ପେଣ୍ଡାଲର ୨୦ ଫୁଟ ଦୂରରେ ମା ଓ ପୁଅଙ୍କ ମୃତଦେହ ପଡ଼ିଥିଲା। ବୁଧବାର ସନ୍ଧ୍ୟାରେ ଏହି ଘଟଣା ଘଟିଥିଲା। ଏହାର ସିସିଟିଭି ଫୁଟେଜ ସାମ୍ନାକୁ ଆସିଛି। ପୁଲିସ ଯାଞ୍ଚ୍ କରୁଛି। ତେବେ ଏହି ଆତ୍ମହତ୍ୟାର କାରଣ ଏପର୍ଯ୍ୟନ୍ତ ଜଣାପଡ଼ିନାହିଁ। ମହିଳାଙ୍କ ପରିବାର ତରଫରୁ ମଧ୍ୟ ଏ ନେଇ କିଛି ସ୍ପଷ୍ଟ କରାଯାଇନାହିଁ। ତାଙ୍କ ପରିବାର ଆର୍ଥିକ ଭାବେ ସ୍ୱଚ୍ଛଳ ଥିଲା। ମହିଳାଙ୍କ ମୋବାଇଲକୁ ଯାଞ୍ଚ୍ କରିବାକୁ ପୁଲିସ୍ ଫରେନେସିକ ଲାବ୍‌କୁ ପଠାଇଛି। ମହିଳା ଜଣକ ହେଉଛନ୍ତି ପୂଜା ପଟେଲ। ବିଲେଶକୁମାର ପଟେଲ ହେଉଛନ୍ତି ତାଙ୍କ ସ୍ୱାମୀ। ବିଲେଶକୁମାର ଲୁମ୍ବ କାରଖାନ ଚଳାନ୍ତି। ହସଖୁସିରେ ମହିଳାଙ୍କ ପରିବାର ସୁଖି ଜୀବନ ବିତାଉଥିଲେ। କିନ୍ତୁ ଏହି ଘଟଣା ପରେ ବିଲେଶକୁମାର ଓ ତାଙ୍କ ପରିବାର ହତବାକ୍ ହୋଇଛନ୍ତି। ଦୁହିଁଙ୍କୁ ଆମ୍ବୁଲାନ୍ସ ଯୋଗେ ହସ୍ପିଟାଲ ନିଆଯାଇଥିଲା। କିନ୍ତୁ ଡାକ୍ତର ଦୁହିଁଙ୍କୁ ମୃତ ଘୋଷଣା କରିଥିଲେ। ୧୩ ମହଲାରୁ ଖସି ପଡ଼ିବା ନେଇ କାରଣ ଏପର୍ଯ୍ୟନ୍ତ ଜଣାପଡ଼ିନାହିଁ। ପୁଲିସ ସିସିଟିଭି ଫୁଟେଜକୁ ନେଇ ଯାଞ୍ଚ ଆରମ୍ଭ କରିଛି। ମୃତଦେହଗୁଡିକର ପୋଷ୍ଟମର୍ଟମ କରିବା ନେଇ ପ୍ରକ୍ରିୟା ଆରମ୍ଭ ହୋଇଛି। ନିଜ ପୁଅକୁ ନେଇ ପୂଜା ଆତ୍ମହତ୍ୟା କରିଥାଇ ପାରନ୍ତି ବୋଲି ଆଶଙ୍କା କରାଯାଉଛି। ତେବେ ତଦନ୍ତ ପ୍ରକ୍ରିୟା ଆଗକୁ ବଢ଼ିବା ପରେ ଘଟଣା ସମ୍ପର୍କରେ ସବୁକିଛି ସ୍ପଷ୍ଟ ହେବ ହେବ ବୋଲି ଆଶା କରାଯାଉଛି।

■ ତାମିଲନାଡୁ ରାଜନୀତିରେ ହଟଚମଟ

## ଏନ୍‌ଡିଏରୁ ଅଲଗା ହେଲେ ଦିନାକରନ

ନୂଆଦିଲ୍ଲୀ, ୪।୯ (ଏଜେନ୍ସି): ତାମିଲନାଡୁ ବିଧାନସଭା ନିର୍ବାଚନ ପୂର୍ବରୁ ଏନ୍‌ଡିଏରୁ ଆଉ ଏକ ପାର୍ଟି ଅଲଗା ହୋଇଛି। ଏଏମ୍‌ଏମ୍‌କେ ନେତା ଟିଟିଭି ଦିନାକରନ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏରୁ ଅଲଗା ହେବାକୁ ନିଷ୍ପତ୍ତି ନେଇଛନ୍ତି। ସେ ବୁଧବାର ଏ ନେଇ ଘୋଷଣା କରିଛନ୍ତି। ଦ୍ୱିତୀୟ ଦଳ ଭାବେ ଏଏମ୍‌ଏମ୍‌କେ ଏନ୍‌ଡିଏରୁ ଅଲଗା ହୋଇଛନ୍ତି। ଏହାପୂର୍ବରୁ ପୂର୍ବତନ ମୁଖ୍ୟମନ୍ତ୍ରୀ ଓ ପନିରସେଲଭାମ ତାଙ୍କ ପାର୍ଟି ସହ ଏନ୍‌ଡିଏରୁ ବାହରି ଯାଇଥିଲେ। ଆସନ୍ତାବର୍ଷ ଅର୍ଥାତ ୨୦୨୬ରେ ତାମିଲନାଡୁରେ ବିଧାନସଭା ନିର୍ବାଚନ ହେବ। ତେଣୁ ଏନ୍‌ଡିଏକୁ ଜବରଦସ୍ତ ଝଟ୍‌କା ଲାଗିଛି। ୨୦୨୪ ଲୋକସଭା ନିର୍ବାଚନରେ ଦିନାକରନ ଜାତୀୟ ସ୍ୱାର୍ଥକୁ ଦୃଷ୍ଟିରେ ରଖି ଏନ୍‌ଡିଏକୁ ବିନା କୌଣସି ସର୍ତ୍ତରେ ସମର୍ଥନ କରିଥିଲେ। ତେବେ ଜାତୀୟ ସାଧାରଣ ନିର୍ବାଚନ ଓ ରାଜ୍ୟ ନିର୍ବାଚନରେ ବହୁତ ପାର୍ଥକ୍ୟ ରହିଥିବା କଥା ଦିନାକରଣ କହିଛନ୍ତି। ଲୋକସଭା ନିର୍ବାଚନଠାରୁ ୨୦୨୬ ବିଧାନସଭା ନିର୍ବାଚନରେ ଯଥେଷ୍ଟ ପାର୍ଥକ୍ୟ ରହିଛି। ଆଗାମୀ ଡିସେମ୍ବରରେ ନୂଆ ଦଳ ସହ ଆମେ ମେଣ୍ଟ କରିବୁ ବୋଲି ସେ କହିଛନ୍ତି। ପୁଣିଥରେ ଏନ୍‌ଡିଏ ଓ ଏଆଇଏଡିଏମ୍‌କେ ଏକାଠି ହେବାକୁ ଦିନାକରନ ନାପସନ୍ଦ କରିଛନ୍ତି। ଏଥିସହ ବିଧାନସଭା ନିର୍ବାଚନ ପୂର୍ବରୁ ତାମିଲନାଡୁ ରାଜନୀତି ରୋଚକ ମୋଡରେ ଉପନୀତ ହୋଇଛି।

## ଆଗ୍ନେୟଗିରିରେ ୧୦ ମାସରେ ୩୨ଥର ଅଗ୍ନି ଉଦ୍‌ଗୀରଣ

ହନଲୁଲୁ, ୪।୯ (ଏଜେନ୍ସି): ଆମେରିକାର ଦୀପ ରାଜ୍ୟ ହାୱାଇରେ କିଲାଉଏ ଆଗ୍ନେୟଗିରିରେ ଅଗ୍ନି ଉଦ୍‌ଗିରଣ ହୋଇଛି ଓ ଏହା ଏବେ ମଧ୍ୟ ଜାରି ରହିଛି। ଗତ ଡିସେମ୍ବରରୁ ଏପର୍ଯ୍ୟନ୍ତ ଅର୍ଥାତ ପାଖାପାଖି ୧୦ ମାସ ମଧ୍ୟରେ ଏହି ଆଗ୍ନୟଗିରିରେ ୩୨ଥର ପାଇଁ ଅଗ୍ନି ଉଦ୍‌ଗିରଣ ହୋଇଛି ବୋଲି ଆମେରିକା ଭୂବୈଜ୍ଞାନିକ ସର୍ବେକ୍ଷଣ (ୟୁଏସ୍‌ଜିଏସ୍) ତରଫରୁ କୁହାଯାଇଛି। ୧୦୦ ମିଟରରୁ ଊର୍ଦ୍ଧ୍ୱ ଉଚ୍ଚକୁ ଅଗ୍ନି ଉଦ୍‌ଗିରଣ ହୋଇଥିଲା। କିଲାଉଆଉକୁ ବିଶ୍ୱର ସବୁଠାର ସକ୍ରିୟଆଗ୍ନେୟଗିରି କୁହାଯାଇଥାଏ। ହାୱାଇ ରାଜଧାନୀଠାରୁ ଏହା ୨୦୦ ମାଇଲ ଦକ୍ଷିଣରେ ଅବସ୍ଥିତ। ପ୍ରତି ସେକେଣ୍ଡରେ ହାରାହାରି ୬, ୭୫୦ କ୍ୟୁବିକ୍ ଲାଭା ଉଦ୍‌ଗିରଣ ହେଉଛି ଓ ୫୫, ୦୦୦ ଟନ୍ ସଲଫର ଡାଇଅକ୍ସାଇଡ୍ ଭଳି ବିଶାକ୍ତ ଗ୍ୟାସ ସୃଷ୍ଟି ହେଉଛି ବୋଲି ୟୁଏସ୍‌ଜିଏସ୍ କହିଛି।

## ପଶ୍ଚିମବଙ୍ଗ ବିଧାନସଭାରେ ପ୍ରବଳ ହଟ୍ଟଗୋଳ



### ୫ ବିଜେପି ବିଧାୟକ ସସ୍‌ପେଣ୍ଡ

### ବିଜେପି ଚିଫ୍ ହ୍ୱିପ୍‌ଙ୍କୁ ଘୋଷାଡ଼ି ବାହାର କଲେ ମାର୍ଶାଲ୍

କୋଲକାତା, ୪।୯ (ଏଜେନ୍ସି): ପଶ୍ଚିମବଙ୍ଗ ବିଧାନସଭାରେ ଗୁରୁବାର ଅଭାବନୀୟ ସ୍ଥିତି ସୃଷ୍ଟି ହେବା ସହ ଜୋରସୋରରେ ହଟ୍ଟଗୋଳ ଦେଖିବାକୁ ମିଳିଛି। ବଙ୍ଗଳା ପ୍ରବାସୀଙ୍କ ଉପରେ ହେଉଥିବା ଅତ୍ୟାଚାର ନେଇ ଚର୍ଚ୍ଚା ଚାଲୁଥିବା ବେଳେ ଜୋରରେ ହଙ୍ଗାମା ହୋଇଥିଲା। ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଏହି ପ୍ରସ୍ତାବକୁ ନେଇ ଭାଷଣ ଦେଉଥିବା ବେଳେ ବିପକ୍ଷ ଦଳର ବିଧାୟକମାନେ ସ୍ଲୋଗାନ ଦେବା ସହ ପାଟିତୁଣ୍ଡ କରିଥିଲେ। ସେପ୍ଟେମ୍ବର ୨ରେ ବିରୋଧୀ ଦଳ ନେତା ଶୁଭେନ୍ଦୁ ଅଧିକାରୀଙ୍କୁ ଗୃହରୁ ନିଲମ୍ବନ କରିବା ନେଇ ବିଜେପି ବିଧାୟକମାନେ ବିରୋଧ କରିଥିଲେ। ତୃଣମୂଳ କଂଗ୍ରେସ ବିଧାୟକ ଏହାକୁ ରୋକିବାକୁ ପ୍ରୟାସ କରିଥିଲେ। ବିଶୃଙ୍ଖଳା ଅଧିକ ହେବାରୁ ବାଚସ୍ପତି ବିମାନ ବାନାର୍ଜୀ ବିଜେପି ଚିଫ୍ ହ୍ୱିପ୍ ଶଙ୍କର ଘୋଷଙ୍କୁ ବିଧାନସଭାରୁ ସସ୍‌ପେଣ୍ଡ କରିଥିଲେ। ଶଙ୍କର ବାହାରକୁ ଯିବାକୁ ମନା କରିବାରୁ ମାର୍ଶାଲଙ୍କୁ ଡକାଯାଇଥିଲା। ଶଙ୍କରଙ୍କୁ ଘୋଷାଡି ମାର୍ଶାଲ ଗୃହ ବାହାରକୁ ନେଇଥିଲେ। ଏତିକି ବେଳେ ଶଙ୍କର ବେହୋସ ହୋଇଯାଇଥିଲେ। ତାଙ୍କୁ ଆମ୍ବୁଲାନ୍ସରେ ହସ୍ପିଟାଲ ନିଆଯାଇଥିଲା। ଶଙ୍କରଙ୍କୁ ବାଦ୍ ଦେଲେ ବିଜେପିର ଅନ୍ୟ ୪ଜଣ ବିଧାୟକ ଅଗ୍ନିମିତ୍ର ପାଲ, ମିହିର ଗୋସ୍ୱାମୀ, ବଙ୍କିମ ଘୋଷ ଓ ଅଶୋକ ଡିଣ୍ଡାଙ୍କୁ ମଧ୍ୟ ଗୃହରୁ ନିଲମ୍ବିତ କରାଯାଇଥିଲା। ଭାଷଣ ଦେବା ଅବସରରେ ମମତା 'ମୋଦୀ ଭୋଟ ଚୋର' ସ୍ଲୋଗାନ ଦେଇଥିଲେ। ସେ ବିଜେପି ଓ କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହାଙ୍କୁ ବଙ୍ଗଳା ବିରୋଧୀ ବୋଲି ଅବିହିତ କରିଥିଲେ। ବିଧାନସଭାର ୩ ଦିନିଆ ସ୍ୱତନ୍ତ୍ର ଅଧିବେଶନ ଗତ ପହିଲାରୁ ଆରମ୍ଭ ହୋଇଥିଲା। ୩ ତାରିଖ ଦିନ ଛୁଟି ଥିବାରୁ ଗୁରୁବାର ଅଧିବେଶନର ଅନ୍ତିମ ଦିବସ ଥିଲା। ଚଳିତ ସପ୍ତାହ ପ୍ରାରମ୍ଭରେ ଶୁଭେନ୍ଦୁ ଅଧିକାରୀଙ୍କୁ ଗୃହରୁ ନିଲମ୍ବନ କରାଯାଇଥିଲା। ଉଲ୍ଲେଖଯୋଗ୍ୟ ଯେ, ପଶ୍ଚିମବଙ୍ଗରେ ଆସନ୍ତାବର୍ଷ ମାର୍ଚ୍ଚ-ଏପ୍ରିଲ୍‌ରେ ବିଧାନସଭା ନିର୍ବାଚନ ହେବ।

## ଭାରତରେ ଶିଶୁ ମୃତ୍ୟୁହାର ୧୯୭୧ ପରେ ୮୦ ପ୍ରତିଶତ ହ୍ରାସ ପାଇଛି

ନୂଆଦିଲ୍ଲୀ, ୪।୯ (ଏଜେନ୍ସି): ଭାରତରେ ଶିଶୁ ମୃତ୍ୟୁ ହାର (ଆଇଏମ୍‌ଆର)ରେ ଆଖି ଦୃଶିଆ ହ୍ରାସ ହୋଇଛି। ଏବେ ଏହା ୨୫ ପ୍ରତିଶତରେ ପହଞ୍ଚିଛି। ୨୦୧୩ରେ ଏହା ୪୦ ପ୍ରତିଶତ ଥିଲା। ଅର୍ଥାତ ଗତ ୧୦ ବର୍ଷ ମଧ୍ୟରେ ଏଥିରେ ୩୭.୫ ପ୍ରତିଶତ ଅବନତି ହୋଇଛି। ରେଜିଷ୍ଟ୍ରାର ଜେନେରାଲ ଅଫ୍ ଇଣ୍ଡିଆ (ଆରଜିଆଇ) ୨୦୨୩ ବର୍ଷ ପାଇଁ ପ୍ରକାଶିତ ସାମ୍ପଲ ରେଜିଷ୍ଟ୍ରେସନ ସିଷ୍ଟମ (ଏସ୍‌ଆରଏସ୍) ରିପୋର୍ଟରେ ଏ ନେଇ ଉଲ୍ଲେଖ କରିଛି। ଗୋଟିଏ ବର୍ଷରେ ପ୍ରତି ୧୦୦୦ ପିଲା ଜନ୍ମ ନେବା ପରେ କେତେ ସଂଖ୍ୟାରେ ମୃତ୍ୟୁବରଣ କରୁଛନ୍ତି ସେ ନେଇ ଆଇଏମ୍‌ଆର ବୈଧ ତଥା ନିର୍ଭରଯୋଗ୍ୟ ସୂଚନା ଦେଇଥାଏ। ଏହି ସଂଖ୍ୟାରେ ଯେତେ ଅବନତୀ ହେବ ଦେଶର ସ୍ୱାସ୍ଥ୍ୟାବସ୍ଥା ସେତେ ଉନ୍ନତ ବୋଲି ଧରିନେବାକୁ ହେବ।

ଏସ୍‌ଆରଏସ୍ ୨୦୨୩ ରିପୋର୍ଟ ଅନୁସାରେ ୧୯୭୧ ତୁଳନାରେ ଶିଶୁ ମୃତ୍ୟୁହାରରେ ୮୦ ପ୍ରତିଶତ ଅବନତି ହୋଇଛି। ୧୯୭୧ରେ ଏହା ୧୨୯ ଥିବା ବେଳେ ୨୦୨୩ରେ ଏହା ୩୭ରେ ପହଞ୍ଚିଛି। ଉତ୍ତରପୂର୍ବ ରାଜ୍ୟ ମଣିପୁରରେ ଏହା ସର୍ବନିମ୍ନ ୩ ରହିଛି। ଏହିକ୍ରମରେ କେରଳ ଦ୍ୱିତୀୟ ସ୍ଥାନରେ ରହିଛି। କେରଳରେ ଶିଶୁ ମୃତ୍ୟୁହାର ୫ ରହିଛି। ଦେଶର ଗ୍ରାମାଞ୍ଚଳରେ ଆଇଏମ୍‌ଆର ୪୪ରୁ ୨୮କୁ ଓ ସହରାଞ୍ଚଳରେ ଏହା ୨୭ରୁ ୧୮କୁ କମିଛି। ଗତ ୧୦ ବର୍ଷ ମଧ୍ୟ ଆଇଏମ୍‌ଆରରେ ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ ଯଥାକ୍ରମେ ୩୬ ଓ ୩୩ ପ୍ରତିଶତ ରହିଛି।

ଦେଶରେ ଜନ୍ମହାର ସମେତ ମୃତ୍ୟୁହାର ଉଭୟରେ ଯଥେଷ୍ଟ ଅବନତି ହୋଇଛି। ୧୯୭୧ରେ ଜନ୍ମହାର ୩୬.୯ରେ ଥିବା ବେଳେ ଏହା ୨୦୨୩ରେ ଏହା ୧୮.୪ରେ ପହଞ୍ଚିଛି। ଗତ ୧୦ ବର୍ଷରେ ଜନ୍ମହାର ୧୪ ପ୍ରତିଶତ କମିଛି। ୨୦୧୩ରେ ଏହା ୨୧.୪ ଥିବାବେଳେ ୨୦୨୩ରେ ଏହା ୧୮.୪ ରହିଛି। ବିହାରରେ ସର୍ବାଧିକ ଜନ୍ମହାର ୨୫.୮ ରହିଥିବା ବେଳେ ଆଣ୍ଡାମାନ ନିକୋବରରେ ଏହା ୧୦.୧ ରହିଛି। ସେହିପରି ଗତ ୫ ଦଶକରେ ମୃତ୍ୟୁ ହାରରେ ମଧ୍ୟ ଯଥେଷ୍ଟ ଅବନତୀ ହୋଇଛି। ୧୯୭୧ ମୃତ୍ୟୁହାର ୧୪.୯ ଥିବା ବେଳେ ୨୦୨୩ରେ ୬.୪ରେ ପହଞ୍ଚିଛି। ଚଣ୍ଡିଗଡ଼ରେ ମୃତ୍ୟୁହାର ସର୍ବନିମ୍ନ ୪ ଥିବା ବେଳେ ଛତିଶଗଡ଼ରେ ଏହା ସର୍ବାଧିକ ୮.୩ରେ ପହଞ୍ଚିଛି।

# ନବୀନଙ୍କୁ ଭେଟିଲେ ଦିଲ୍ଲୀପ ରାୟ



ଭୁବନେଶ୍ୱର, ୪।୯ (ସମିସ): ଦୀର୍ଘ ୬ ବର୍ଷ ପରେ ନବୀନ ନିବାସରେ ବିଜେଡି ସୁପ୍ରିମୋ ତଥା ବିରୋଧୀଦଳ ନେତା ନବୀନ ପଟ୍ଟନାୟକଙ୍କୁ ଭେଟିଛନ୍ତି ପୂର୍ବତନ କେନ୍ଦ୍ରମନ୍ତ୍ରୀ ଦିଲ୍ଲୀପ ରାୟ । ଗୁରୁବାର ବିଳମ୍ବିତ ସନ୍ଧ୍ୟାରେ ଏହି ସୌଜନ୍ୟମୂଳକ ସାକ୍ଷାତ ଅବସରରେ ନବୀନଙ୍କ ସୁସ୍ୱାସ୍ଥ୍ୟ ଓ ଦୀର୍ଘ ନିରାମୟ ଜୀବନ କାମନା କରିଛନ୍ତି ଦିଲ୍ଲୀପ। ଉଭୟ ନେତାଙ୍କ ମଧ୍ୟରେ ଏହି ସମୟରେ ରାଜ୍ୟ ସ୍ୱାର୍ଥ ସମ୍ବଳିତ ବିଭିନ୍ନ ପ୍ରସଙ୍ଗ ସମ୍ପର୍କରେ ମଧ୍ୟ ଆଲୋଚନା ହୋଇଥିବା ସୂଚନା ମିଳିଛି ।

# କୋମାରେ ଅଭିଜିତ ମଜୁମଦାର

ଭୁବନେଶ୍ୱର, ୪।୯ (ସମିସ): ବିଶିଷ୍ଟ ସଙ୍ଗୀତ ନିର୍ଦ୍ଦେଶକ, ସ୍ୱନାମଧନ୍ୟ କଣ୍ଠଶିଳ୍ପୀ ଅଭିଜିତ ମଜୁମଦାର ଭୁବନେଶ୍ୱର ଏମ୍ସରେ ଭର୍ତ୍ତି ହୋଇଛନ୍ତି। ଯକୃତ (ଲିଭର) ଜନିତ ରୋଗରେ ପୀଡ଼ିତ ହୋଇ ଅଭିଜିତ ଗତ ସପ୍ତାହରୁ କଟକର ଏକ ଘରୋଇ ହସ୍ପିଟାଲରେ ଚିକିତ୍ସିତ ହେଉଥିଲେ। ମାତ୍ର ସ୍ୱାସ୍ଥ୍ୟରେ ଉନ୍ନତି ନ ହେବାରୁ ଗୁରୁବାର ସକାଳେ ତାଙ୍କୁ ଭେଣ୍ଟିଲେଟର ସପୋର୍ଟ ଆମ୍ବୁଲାନ୍ସ ଯୋଗେ ଭୁବନେଶ୍ୱର ଏମ୍ସକୁ ସ୍ଥାନାନ୍ତର କରାଯାଇଥିଲା। ଏମ୍ସରେ ଭର୍ତ୍ତି ହେବା ପୂର୍ବରୁ ସେ କୋମାରେ ଥିବା ଭୁବନେଶ୍ୱର ଏମ୍ସ ପକ୍ଷରୁ ସୂଚନା ଦିଆଯାଇଛି। ତେବେ ଏମ୍ସରେ ଭର୍ତ୍ତି ହେବା ପରେ ଅଭିଜିତଙ୍କ ବ୍ରେନ୍‌ରେ ସୋଡିୟମ କମିଥିବା ଏବଂ ନିଃଶ୍ୱାସ ନେବାରେ ସମସ୍ୟା ହେଉଥିବା କୁହାଯାଉଥିଲା। ଟ୍ରମାକେୟାରରେ ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ ଏବେ ସେଣ୍ଟ୍ରାଲ ଆଇସିୟୁରେ ଭେଣ୍ଟିଲେଟର ସପୋର୍ଟରେ ରଖାଯାଇ ଚିକିତ୍ସା କରାଯାଉଛି। ବର୍ତ୍ତମାନ ତାଙ୍କର ରକ୍ତଚାପ ଓ ସ୍ପନ୍ଦନ ସ୍ଥିର ଥିବା ଜେନେରାଲ ମେଡିସିନ୍ ବିଭାଗ ଆସିଷ୍ଟାଣ୍ଟ ପ୍ରଫେସର ଡ. ଶ୍ରୀକାନ୍ତ ବେହେରା ସୂଚନା ଦେଇଛନ୍ତି। ସେହିପରି ଅଭିଜିତ ମଜୁମଦାର୍‌ଙ୍କ ସାଥିରେ ଆସିଥିବା ଡାକ୍ତର ଅମ୍ରିତ ପାଟ୍ଟଯୋଶୀ କହିଛନ୍ତି ଯେ ଅଭିଜିତ ଗୁରୁତର ଥିବାରୁ ଭେଣ୍ଟିଲେଟର ସପୋର୍ଟରେ ଅଛନ୍ତି। ତାଙ୍କର ବ୍ରେନ୍ ଏବଂ ଲିଭର୍‌ରେ ସମସ୍ୟା ସାଙ୍ଗକୁ ଅଗ୍ନାଶୟ (ପାନ୍‌କ୍ରିଆଜ୍) ରେ ସମସ୍ୟା ଦେଖାଦେଇଛି। ତାଙ୍କ ନିକଟରେ ପରିବାର ସଦସ୍ୟ ଉପସ୍ଥିତ ଥିବାବେଳେ ଅଭିନେତା ବାବୁଶାନ, ଶ୍ରୀତମ୍ ଦାସଙ୍କ ସମେତ ବହୁ ସିନେ କଳାକାର ଓ ସଙ୍ଗୀତ ଜଗତର ବହୁ ବିଶିଷ୍ଟ ବ୍ୟକ୍ତି ଏମ୍ସ ଯାଇ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ବୁଝିବା ସହ ଆଶୁ ଆରୋଗ୍ୟ କାମନା କରିଛନ୍ତି। ବିରୋଧୀ ଦଳ ନେତା ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଅଭିଜିତ ମଜୁମଦାରଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଚିନ୍ତା ପ୍ରକଟ କରିବା ସହ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ତାଙ୍କର ଉତ୍ତମ ସ୍ୱାସ୍ଥ୍ୟ ଓ ଆଶୁ ଆରୋଗ୍ୟ କାମନା କରିଛନ୍ତି।

## ଆଶୁ ଆରୋଗ୍ୟ କାମନା କଲେ ନବୀନ





ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ରାଷ୍ଟ୍ରପତି ଭବନରେ ସୌଜନ୍ୟମୂଳକ ସାକ୍ଷାତ କରୁଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ

## ବର୍ଷକ ମଧ୍ୟରେ ହୋଇନାହିଁ ଗୋଟିଏ ଡିସିମିଲ ଜମିର ସଂଶୋଧିତ ସ୍ୱତ୍ୱଲିପି

# ସତରେ ଫେରିବ ତ ମହାପ୍ରଭୁଙ୍କ ସମ୍ପତ୍ତି !

ଭୁବନେଶ୍ୱର, ୪।୯ (ସମିସ): ରାଜ୍ୟ ଓ ରାଜ୍ୟ ବାହାରୁ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଭୂସମ୍ପତ୍ତି ଫେରିବ। ମହାପ୍ରଭୁଙ୍କ ୫୮ ହଜାର ଏକର ଜମି ରହିଛି। ଏଥିରୁ ୩୭ ହଜାର ଏକର ଜମିର କାଗଜ ପ୍ରସ୍ତୁତ ହୋଇସାରିଛି। ବାକିଗୁଡ଼ିକର କାଗଜ ପ୍ରସ୍ତୁତ କରାଯାଉଛି। ସରକାର ଏ ଦିଗରେ ଦ୍ୱରିତ ପଦକ୍ଷେପ ନେଉଛନ୍ତି ଓ ଜମି ଫେରସ୍ତ ପ୍ରକ୍ରିୟା ଆରମ୍ଭ କରିଛନ୍ତି ବୋଲି ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି। ସେ ଆହୁରି ମଧ୍ୟ କହିଛନ୍ତି ଯେ ମହାପ୍ରଭୁଙ୍କର ଯେଉଁଠି ଭୂସମ୍ପତ୍ତି ଅଛି ତାହାର ଠିକ୍ ଆକଳନ କିପରି ହୋଇପାରିବ ସେନେଇ ସରକାର ଯୋଜନା ପ୍ରସ୍ତୁତ କରୁଛନ୍ତି। ରାଜ୍ୟ ଏବଂ ରାଜ୍ୟ ବାହାରେ ଯେଉଁଠି ମହାପ୍ରଭୁଙ୍କ ସମ୍ପତ୍ତି ଅଛି ସେସବୁ ମହାପ୍ରଭୁଙ୍କ କାମରେ କିପରି ବିନିଯୋଗ ହେବ ସେନେଇ ସରକାର ପଦକ୍ଷେପ ନେଉଛନ୍ତି ।

୨୦୨୩ ମସିହା ଅକ୍ଟୋବରରେ ତତ୍କାଳୀନ ବିଜେଡି ସରକାରରେ ଆଇନ ମନ୍ତ୍ରୀ ଜଗନ୍ନାଥ ସାରକା ଶ୍ରୀଜଗନ୍ନାଥଙ୍କ ଜମି ସମ୍ପର୍କିତ ଏକ ଉତ୍ତର ବିଧାନସଭାରେ ରଖିଥିଲେ। ମନ୍ତ୍ରୀଙ୍କ ଉତ୍ତର ଅନୁଯାୟୀ ମହାପ୍ରଭୁଙ୍କ ନାମରେ ରାଜ୍ୟର ୨୪ଟି ଜିଲ୍ଲାରେ ପ୍ରାୟ ୬୦ ହଜାର ୪୨୬ ଏକର ଜମି ରହିଛି। ତନ୍ମଧ୍ୟରୁ ୩୮ ହଜାର ୬୧ ଏକର ଜମିର ସଂଶୋଧିତ ସତ୍ୱଲିପି ଶ୍ରୀମନ୍ଦିର ପ୍ରଶାସନ କାର୍ଯ୍ୟାଳୟରେ ପ୍ରାପ୍ତ ହୋଇଛି। ସେହିପରି ରାଜ୍ୟ ବାହାରେ ୬ଟି ରାଜ୍ୟରେ ଶ୍ରୀ ଜଗନ୍ନାଥ ମହାପ୍ରଭୁଙ୍କର ୩୯୫.୨୫୨ ଏକର ପରିମିତ ଜମି ଚିହ୍ନଟ କରାଯାଇଛି। ବେଆଇନ ଭାବେ ଅବରୋଧ ହୋଇଥିବା ଶ୍ରୀଜୀଉଙ୍କ ଜମିକୁ ସରଜମିନ ତଦନ୍ତ କରାଯାଇଛି। ଓଡ଼ିଶାରେ ୭ଟି ଜିଲ୍ଲାରେ ପ୍ରାୟ ୧୬୯ ଏକର ଜମି ଉପରେ ବିଭିନ୍ନ ବ୍ୟକ୍ତିବିଶେଷଙ୍କ ଦ୍ୱାରା କରାଯାଇଥିବା ଅବରୋଧକୁ ଉଚ୍ଛେଦ କରାଯିବା ପାଇଁ ଶ୍ରୀ ଜଗନ୍ନାଥ ମନ୍ଦିର ଆଇନ-୧୯୫୫ର ଧାରା-୧୬(ଏ)(କ)ରେ ବର୍ଣ୍ଣିତ ଅନୁଯାୟୀ ମୋଟ ୯୭୪ଟି ବେଆଇନ ଅବରୋଧ ମୋକଦ୍ଦମା ସମ୍ପୃକ୍ତ ତହସିଲଦାରଙ୍କ ଇଜିଲାସରେ ଦାଏର କରାଯାଇଛି ବୋଲି ମନ୍ତ୍ରୀ ଶ୍ରୀ ସାରକା ସୂଚନା ଦେଇଥିଲେ। ଅନୁରୂପ ଭାବରେ ଶ୍ରୀ ଜଗନ୍ନାଥଙ୍କ ଜମି ସମ୍ପର୍କରେ ଗତ ମାର୍ଚ୍ଚ ମାସରେ ବିଧାନସଭାରେମ ଆଇନମନ୍ତ୍ରୀ ଶ୍ରୀ ହରିଚନ୍ଦନ ପୂର୍ବତନ ଆଇନ ମନ୍ତ୍ରୀ ଜଗନ୍ନାଥଙ୍କ ଉତ୍ତରକୁ ଦୋହରାଇଥିଲେ। ଅତଏବ ୨୦୨୩ ଅକ୍ଟୋବରରୁ ୨୦୨୫ ମାର୍ଚ୍ଚ ମାସ ମଧ୍ୟରେ ଶ୍ରୀଜଗନ୍ନାଥଙ୍କ ଗୋଟିଏ ହେଲେ ଏକର ଜମିର ସଂଶୋଧିତ ସତ୍ୱଲିପି ଶ୍ରୀମନ୍ଦିର କାର୍ଯ୍ୟାଳୟକୁ ଆସିନାହିଁ ଓ ଅବରୋଧ ହୋଇଥିବା ଜମିର ସ୍ଥିତି ଅପରିବର୍ତ୍ତିତ ରହିଛି ।



## ରାଜ୍ୟ ବାହାରେ ରହିଛି ୩୯୫ ଏକର ଶ୍ରୀଜଗନ୍ନାଥ ଜମି

ଅପରପକ୍ଷେ ଗତ ମେ ମାସରେ ଓଡ଼ିଶା ହାଇକୋର୍ଟ ଏନେଇ ଏକ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଥିଲେ। ହାଇକୋର୍ଟ କହିଥିଲେ ଯେ ମହାପ୍ରଭୁଙ୍କ ସମ୍ପତ୍ତିର ଭୂକ୍ଷରଣ କେବଳ ଆଇନଗତ ବ୍ୟତିକ୍ରମ ନୁହେଁ, ଏହା ଆଧ୍ୟାତ୍ମିକ ଅପମାନ ଓ ସାଂସ୍କୃତିକ କ୍ଷତି । ତେଣୁ ଶ୍ରୀ ଜଗନ୍ନାଥଙ୍କ ନାମରେ ଥିବା ସମ୍ପତ୍ତି ସଂକ୍ରାନ୍ତୀୟ ତଥ୍ୟ ସଠିକ୍ ଭାବେ ରେକର୍ଡ କରିବାକୁ ରାଜସ୍ୱ ଓ ଭୂମି ରେକର୍ଡ କର୍ତ୍ତୃପକ୍ଷ ପଦକ୍ଷେପ ନେବାକୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଥିଲେ। ମହାପ୍ରଭୁଙ୍କ ସମ୍ପତ୍ତି ସୁରକ୍ଷିତ ରଖିବା ପାଇଁ ଉଭୟ ମନ୍ଦିର ପ୍ରଶାସନ ଏବଂ ଆଇନ ବିଭାଗ ଏକଠି କାମ କରିବାକୁ ପରାମର୍ଶ ଦେଇଥିଲେ ହାଇକୋର୍ଟ। ମାତ୍ର ରାଜ୍ୟରେ ସରକାର ପରିବର୍ତ୍ତନ ପରେ ସରକାର ଗୋଟିଏ ଡ଼ିସିମିଲ ଜମିର ସତ୍ୱଲିପି ସଂଶୋଧନ କରିବାରେ ବ୍ୟର୍ଥ ହୋଇଥିବାବେଳେ ୫୮ ହଜାର ଏକର ଜମି କିପରି ଫେରାଇ ଅଣାଯିବ ତାହାକୁ ନେଇ ପ୍ରଶ୍ନ ଉଠିଛି।

ଅପରପକ୍ଷେ ମନ୍ତ୍ରୀଙ୍କ ବୟାନକୁ ରାଜନୈତିକ ହଟଚମଟ ବୋଲି କହିଛନ୍ତି ବିଜେଡି ଓ କଂଗ୍ରେସ। ପୁରୀ ବିଜେଡି ବିଧାୟକ ସୁନୀଲ ମହାନ୍ତି କହିଛନ୍ତି ଶ୍ରୀ ଜଗନ୍ନାଥଙ୍କ ଜମି ଯଥାଶୀଘ୍ର ଫେରାଇ ଆଣିବାର ଆବଶ୍ୟକତା ରହିଛି। ବହୁ ଅସାଧୁ ଲୋକେ ଶ୍ରୀ ଜଗନ୍ନାଥଙ୍କ ଜମି ବେଆଇନ ଭାବରେ ବିକ୍ରି କରିଥିବା ବେଳେ ପୁରୀରେ ଉକ୍ତ ଜମିରେ ଏକ ବସ୍ତି ମଧ୍ୟ ତିଆରି ହୋଇଗଲାଣି। ତେଣୁ ସରକାର ପ୍ରଥମେ ଯେଉଁ ବିକ୍ରି ହେଉଛି ତାହାକୁ ରୋକନ୍ତୁ। ଏନେଇ ସରକାର ପଦକ୍ଷେପ ନେବା ପରିବର୍ତ୍ତେ କେବଳ ଅଯଥା ହଟଚମଟ ବୟାନ ଦେଉଛନ୍ତି ବୋଲି ସୁନୀଲ କହିଛନ୍ତି । ସେହିପରି ଜମିର ସଂଶୋଧିତ ସତ୍ୱଲିପି ଶ୍ରୀମନ୍ଦିର କାର୍ଯ୍ୟାଳୟକୁ ଆସିନଥିବା ବେଳେ ଅବରୋଧ ଜମି ଚିହ୍ନଟ ଯଥା ପୂର୍ବଂ ତଥା ପରଂ ରହିଛି। ଏପରିସ୍ଥଳେ ଆଇନ ମନ୍ତ୍ରୀ କେବଳ ବାହାବା ନେବା ପାଇଁ ଆଜି ଭୂସମ୍ପତ୍ତି ସମ୍ପର୍କିତ ମନ୍ତବ୍ୟ ଦେଇଛନ୍ତି ବୋଲି ବିଶେଷଜ୍ଞ ମହଲ ମତ ପ୍ରକାଶ କରିଛନ୍ତି ।

# କେନ୍ଦୁପତ୍ର ଓ ହ୍ୟାଣ୍ଡଲୁମ୍ ସାମଗ୍ରୀ ଉପରୁ ସମ୍ପୂର୍ଣ୍ଣ ଜିଏସ୍‌ଟି ଛାଡ଼ ହେଉ: ବିଜେଡି

ଭୁବନେଶ୍ୱର, ୪।୯ (ସମିସ): ବୁଧବାର କେନ୍ଦ୍ର ସରକାର ପ୍ରଚଳିତ ଜିଏସ୍‌ଟି ସ୍ଲାବ୍‌ରେ ପରିବର୍ତ୍ତନ ଆଣିଛନ୍ତି। ମାତ୍ର କ୍ରମାଗତ ଦାବି ସତ୍ତ୍ୱେ କେନ୍ଦୁପତ୍ର ଓ ହ୍ୟାଣ୍ଡଲୁମ୍ ଜିନିଷ ଉପରୁ ସମ୍ପୂର୍ଣ୍ଣ ଜିଏସ୍‌ଟି ଛାଡ଼ ହୋଇ ନ ଥିବାରୁ ବିଜୁ ଜନତା ଦଳ କ୍ଷୋଭ ପ୍ରକାଶ କରିଛି। ଏହାଛଡ଼ା ନୂତନ ଜିଏସ୍‌ଟି ସ୍ଲାବ୍ କାରଣରୁ ଓଡ଼ିଶା ସରକାରଙ୍କୁ ପ୍ରତି ମାସରେ ପ୍ରାୟ ୧୦୦୦ କୋଟି ଟଙ୍କାର ରାଜସ୍ୱ କ୍ଷତି ହେବାର ଆଶଙ୍କା ସୃଷ୍ଟି ହୋଇଛି। ଏହାକୁ କେନ୍ଦ୍ର ସରକାର ଭରଣା କରିବା ଦରକାର ବୋଲି ବିଜେଡି ଦାବି କରିଛି।

ଗୁରୁବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର ଓ ବିଧାୟକ ତଥା ଦଳର ବରିଷ୍ଠ ଉପସଭାପତି ନିରଞ୍ଜନ ପୂଜାରୀ ଜିଏସ୍‌ଟି ସ୍ଲାବ୍ ପରିବର୍ତ୍ତନ ଯୋଗୁଁ ଓଡ଼ିଶାରେ କ'ଣ ପ୍ରଭାବ ପଡ଼ିବ, ସେନେଇ ଆଲୋଚନା କରିଥିଲେ। ଶ୍ରୀ ମିଶ୍ର କହିଥିଲେ ଯେ ୨୦୧୮ ମସିହାରୁ କେନ୍ଦୁପତ୍ର ଉପରେ ଜିଏସ୍‌ଟି ସମ୍ପୂର୍ଣ୍ଣ ଛାଡ଼ ପାଇଁ ବିଜେଡି ଦାବି କରିଆସୁଛି। ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଦେଶର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣଙ୍କୁ କେନ୍ଦୁପତ୍ର ଉପରୁ ସମ୍ପୂର୍ଣ୍ଣ ଜିଏସ୍‌ଟି ଛାଡ଼ ପାଇଁ ଚିଠି ଲେଖିଥିଲେ। ଜିଏସ୍‌ଟିର ନୂତନ ସ୍ଲାବ୍ ଅନୁଯାୟୀ କେନ୍ଦୁପତ୍ର ଉପରେ ଜିଏସଟିକୁ ୧୮ ପ୍ରତିଶତରୁ ୫ ପ୍ରତିଶତକୁ ଖସାଇ ଦିଆଯାଇଛି। କିନ୍ତୁ ଏହା କମିଥିଲେ ମଧ୍ୟ କେନ୍ଦୁପତ୍ର ତୋଳାଳୀଙ୍କୁ ବିଶେଷ ଫାଇଦା ମିଳିବ ନାହିଁ। କେନ୍ଦୁପତ୍ର ତୋଳାଳୀମାନେ କୌଣସି ସୁବିଧା ପାଇବେ ନାହିଁ।

ସେହିପରି ନିରଞ୍ଜନ ପୂଜାରୀ କହିଛନ୍ତି ଯେ କେନ୍ଦୁପତ୍ର ଭଳି ହ୍ୟାଣ୍ଡଲୁମ୍ କ୍ଷେତ୍ରରେ ମଧ୍ୟ ବୁଣାକାରମାନଙ୍କ ସ୍ୱାର୍ଥକୁ ଦୃଷ୍ଟିରେ ରଖି ଜିଏସ୍‌ଟି ଛାଡ଼ ପାଇଁ ବିଜେଡି ପକ୍ଷରୁ ଦାବି ହୋଇ ଆସୁଥିଲା। ଟେକ୍ସଟାଇଲ କ୍ଷେତ୍ରରେ ପାୱାରଲୁମ୍ ଓ ହ୍ୟାଣ୍ଡଲୁମ୍ ରହିଛି। ପାୱାରଲୁମ୍‌ରେ ଶିଳ୍ପପତିମାନେ ସମ୍ପୃକ୍ତ ଥିବାବେଳେ ହ୍ୟାଣ୍ଡଲୁମ୍‌ରେ ଗରିବ ବୁଣାକାରମାନେ ରହିଛନ୍ତି। ସେମାନେ ବିଭିନ୍ନ ସୂତାଶାଢ଼ୀ, ପାଟଶାଢ଼ୀ ଇତ୍ୟାଦି ତିଆରି କରିଥା'ନ୍ତି। ଏହି ଗରିବ ଶ୍ରେଣୀର ବୁଣାକାରମାନଙ୍କୁ ପ୍ରୋତ୍ସାହନ ଦେବା ପାଇଁ ଜିଏସ୍‌ସଟି ଛାଡ଼ ପାଇଁ ଦାବି ହୋଇ ଆସୁଥିଲା; କିନ୍ତୁ ସେମାନଙ୍କ ପାଇଁ ମଧ୍ୟ ୫ ପ୍ରତିଶତ ଜିଏସଟି ରହିଛି। ତେଣୁ ଉଭୟ କେନ୍ଦୁପତ୍ର ଓ ହ୍ୟାଣ୍ଡଲୁମ୍ ଟେକ୍ସଟାଇଲ ଉପରୁ ସମ୍ପୂର୍ଣ୍ଣ ଜିଏସ୍‌ଟି ଛାଡ଼ ପାଇଁ ବିଜେଡି ପୁଣିଥରେ ଦାବି କରିଛି।



- ଏବେବି କେନ୍ଦୁପତ୍ର ଓ ହ୍ୟାଣ୍ଡଲୁମ୍ ସାମଗ୍ରୀ ଉପରେ ୫ ପ୍ରତିଶତ ଜିଏସ୍‌ଟି ରହିଛି
- ନୂଆ ସ୍ଲାବ୍‌ରେ ୧୦୦୦ କୋଟିର ରାଜସ୍ୱ କ୍ଷତିକୁ କେନ୍ଦ୍ର ସରକାର ଭରଣା କରନ୍ତୁ

# ସ୍ନେହାଙ୍ଗିନୀ ଛୁରିଆ ବିଜୁ ମହିଳା ଜନତା ଦଳ ସଭାପତି ନିଯୁକ୍ତ


## ମହିଳା ବ୍ୟାପାର କମିଟିରେ ୧୫ ବରିଷ୍ଠ ଓ ଯୁବନେତ୍ରୀ



ଭୁବନେଶ୍ୱର, ୪।୯ (ସମିସ): ବିଜେଡିର ବରିଷ୍ଠ ନେତ୍ରୀ ତଥା ପୂର୍ବତନ ମନ୍ତ୍ରୀ ସ୍ନେହାଙ୍ଗିନୀ ଛୁରିଆ ପୁଣିଥରେ ହୋଇଛନ୍ତି ବିଜୁ ମହିଳା ଜନତା ଦଳର ରାଜ୍ୟ ସଭାନେତ୍ରୀ। ଏହାସହିତ ମହିଳା ବିଜେଡିକୁ ସଂଗଠିତ କରିବା ନିମନ୍ତେ ୧୫ ଜଣ ବରିଷ୍ଠ ଓ ଯୁବ ନେତ୍ରୀଙ୍କୁ କମିଟି (ମହିଳାବ୍ୟାପାର) ରେ ନବୀନ ସ୍ଥାନ ଦେଇଛନ୍ତି। ଦଳର ବରିଷ୍ଠ ନେତ୍ରୀ ସୁମିତ୍ରା ଜେନା, ରାଜଶ୍ରୀ ମଲ୍ଲିକ ଓ ଲେଖାଶ୍ରୀ ସାମନ୍ତସିଂହାରଙ୍କୁ ବରିଷ୍ଠ ସାଧାରଣ ସମ୍ପାଦକ ଦାୟିତ୍ୱ ପ୍ରଦାନ କରାଯାଇଛି। ଅନୁରୂପ ଭାବରେ ସୁଲୋଚନା ଦାସ, ସୁଲତା ଦେଓ, ବର୍ଷା ସିଂ ବରିହା, ଶର୍ମିଷ୍ଠା ସେଠୀ, ଶ୍ରୀମୟୀ ମିଶ୍ର, ଲୋପାମୁଦ୍ରା ବକ୍ସିପାତ୍ର, ମିନତୀ ବେହେରା, କସ୍ତୁରୀ ମହାପାତ୍ର, ପଦ୍ମିନୀ ଦିଆନ୍, ଦୀପାଳି ଦାସ, ରଞ୍ଜିତା ସାହୁ ଓ ଗୀତାଞ୍ଜଳି ବସ୍ତିଆଙ୍କ ସାଧାରଣ ସମ୍ପାଦିକା ଭାବେ ନବୀନ ନିଯୁକ୍ତି ଦେଇଛନ୍ତି ।

# ୩ ଜିଲ୍ଲା ପାଇଁ ବିଜେଡି ସଭାପତି ଓ କାର୍ଯ୍ୟକାରୀ ସଭାପତି ନିଯୁକ୍ତ

ଭୁବନେଶ୍ୱର, ୪।୯ (ସମିସ): ବିଜେଡି ସଭାପତି ନବୀନ ପଟ୍ଟନାୟକ ଗୁରୁବାର ଢେଙ୍କାନାଳ, କୋରାପୁଟ ଓ ରାୟଗଡା ଜିଲ୍ଲା ପାଇଁ ସଭାପତି ଏବଂ କାର୍ଯ୍ୟକାରୀ ସଭାପତି ନିଯୁକ୍ତ କରିଛନ୍ତି। ବରିଷ୍ଠ ନେତା ଡ. ନୃସିଂହ ଚରଣ ସାହୁଙ୍କୁ ଢେଙ୍କାନାଳ ଜିଲ୍ଲା ସଭାପତି ଓ ସନ୍ଦୀପ ଷଡ଼ଙ୍ଗୀଙ୍କୁ କାର୍ଯ୍ୟକାରୀ ସଭାପତି ନିଯୁକ୍ତି ମିଳିଛି। କୋରାପୁଟ ଜିଲ୍ଲା ସଭାପତି ଭାବେ ଝିନ ହିକକା ଏବଂ ଦୁଇ କାର୍ଯ୍ୟକାରୀ ସଭାପତି ଭାବେ ଦୁର୍ଗା ମିଶ୍ର ଓ ପ୍ରସାଦ ବିଡିକାଙ୍କୁ ଦାୟିତ୍ୱ ମିଳିଛି। ସେହିପରି ରାୟଗଡା ଜିଲ୍ଲା ସଭାପତି ଭାବେ ଜଗନ୍ନାଥ ସାରକାଙ୍କୁ ନିଯୁକ୍ତି ପ୍ରଦାନ କରାଯାଇଛି ଏବଂ କାର୍ଯ୍ୟକାରୀ ସଭାପତି ଭାବେ ଗୟାଧର ପୁଲାଓ ଓ ରଞ୍ଜିତ କୁମାର ପାଣିଗ୍ରାହୀ ପାଇଛନ୍ତି ।



## ଦୁଇ ଜିଲ୍ଲାର ବିଜେଡି ସଭାପତିଙ୍କ ନାମ ଘୋଷଣା

# ଝିନ୍ ହିକ୍‌କା କୋରାପୁଟ ଜିଲ୍ଲା ବିଜେଡି ସଭାପତି





### ପ୍ରସାଦ ବିଡିକା ଓ ଦୁର୍ଗା ମିଶ୍ର କାର୍ଯ୍ୟକାରୀ ସଭାପତି

କୋରାପୁଟ,୪।୯(ସମିସ): ପୂର୍ବତନ ସାଂସଦ ଝିନ୍ ହିକ୍‌କାଙ୍କୁ କୋରାପୁଟ ଜିଲ୍ଲା ସଭାପତି ଭାବେ ନିଯୁକ୍ତ ଦିଆଯାଇଛି। ବୋରିଗୁମ୍ମା ବ୍ଲକର ଜିଲ୍ଲା ପରିଷଦ ସଦସ୍ୟ ପ୍ରସାଦ ବିଡ଼ିକା ଓ ବରିଷ୍ଠ ନେତା ଦୁର୍ଗା ମିଶ୍ରଙ୍କୁ କାର୍ଯ୍ୟକାରୀ ସଭାପତି ଭାବେ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକ ଚୟନ କରିଛନ୍ତି। ଦଳୀୟ କାର୍ଯ୍ୟାଳୟରୁ ସୂଚନା ମିଳିବା ପରେ ପୂର୍ବତନ ମନ୍ତ୍ରୀ ରବି ନାରାୟଣ ନନ୍ଦ, ପଦ୍ମିନୀ ଦିଆନ, ପୂର୍ବତନ ବିଧାୟକ ରଘୁରାମ ପଡ଼ାଲ, ପ୍ରଭୁ ଜାନି, ପିତମ୍ ପାଢ଼ୀ, ପ୍ରଫୁଲ୍ଲ ପାଙ୍ଗି, ଚନ୍ଦ୍ର ଶେଖର ମାଝି, କେସିସି ବ୍ୟାଙ୍କ ସଭାପତି ଈଶ୍ୱର ପାଣିଗ୍ରାହି, ଜିଲ୍ଲା ପରିଷଦ ଅଧ୍ୟକ୍ଷା ସସ୍ମିତା ମେଲେକା, ମହିଳା ବିଜେଡି ଜିଲ୍ଲା ସଭାନେତ୍ରୀ ପାର୍ବତୀ ମସ୍ତି, କୋରାପୁଟ ଟାଉନ ସଭାନେତ୍ରୀ ଦେବିଶ୍ରୀ ପ୍ରଧାନ, କୋରାପୁଟ ପୌର ଅଧ୍ୟକ୍ଷ ଲଲାଟ ରଞ୍ଜନ ସେଠୀ, କାଉନସିଲର କାଦମ୍ବିନୀ ସେଠୀ, ବ୍ଲକ ବିଜେଡି ସଭାପତି ମଣ୍ଟୁ ବେନିଆ, ସୁନାବେଡା ପୌର ଅଧ୍ୟକ୍ଷ ରାଜେନ୍ଦ୍ର ପାତ୍ର, ଜିଲ୍ଲା ପରିଷଦ ସଦସ୍ୟ ରଜେଶ୍ୱର୍ ମହୁରିଆ, ରଘୁ ଜାନି ପ୍ରମୁଖ ଅଭିନନ୍ଦନ ଜଣାଇଛନ୍ତି।

# ଜଗନ୍ନାଥ ସାରକା ରାୟଗଡ଼ା ଜିଲ୍ଲା ବିଜେଡି ସଭାପତି



ରାୟଗଡ଼ା,୪।୯(ସମିସ):

ରାୟଗଡ଼ା ଜିଲ୍ଲା ବିଜୁ ଜନତା ଦଳ ସଭାପତି ନାମ ଘୋଷଣା ହୋଇଛି। ଜିଲ୍ଲାର ସଭାପତି ଭାବେ ପୂର୍ବତନ ମନ୍ତ୍ରୀ ତଥା ବିଷମକଟକ ବିଧାୟକ ପ୍ରାର୍ଥୀ ଜଗନ୍ନାଥ ସାରକାଙ୍କୁ ଦାୟିତ୍ୱ ମିଳିଛି। କାର୍ଯ୍ୟକାରୀ ସଭାପତି ଭାବେ ରାୟଗଡାରୁ ଗଙ୍ଗାଧର ପୁଆଲା ଏବଂ ଗୁଣପୁରର ରଞ୍ଜିତ କୁମାର ପାଣିଗ୍ରାହୀଙ୍କୁ ଦାୟିତ୍ୱ ମିଳିଛି। ଆଜି ଏହି ଘୋଷଣା ହେବା ପରେ ରାୟଗଡା ଜିଲ୍ଲା ବିଜେଡି ପରିବାର ମଧ୍ୟରେ ଖୁସିର ଲହରୀ ଖେଳିଯାଇଛି। ଗଙ୍ଗାଧର ପୁଆଲା ରାୟଗଡା ଜିଲ୍ଲା ପରିଷଦର ପୂର୍ବତନ ଅଧ୍ୟକ୍ଷ ଦାୟିତ୍ୱ ତୁଲାଇଥିବା ବେଳେ ବର୍ତ୍ତମାନ ଜିଲ୍ଲା ବିଜେଡିର ସଂପାଦକ ଭାବେ ଦାୟିତ୍ୱ ତୁଲାଇ ଆସୁଛନ୍ତି। ସେହିପରି ଗୁଣପୁର ଉପଖଣ୍ଡରେ ବିଜେଡିର ପୁରୁଖା ନେତା ଭାବେ ପରିଚିତ ରଞ୍ଜିତ ପାଣିଗ୍ରାହୀଙ୍କୁ ଦାୟିତ୍ୱ ମିଳିବା ପରେ ଅଞ୍ଚଳରେ ଶୁଭେଚ୍ଛାର ସୁଅ ଛୁଟିଛି। ଆଜିର ଏହି ନାମ ଘୋଷଣା ପରେ ତଥା ନୂଆ ଜିଲ୍ଲା ଦାୟିତ୍ୱ ମିଳିବା ପରେ ସୁପ୍ରିମୋ ନବୀନ ପଟ୍ଟନାୟକଙ୍କୁ କୃତଜ୍ଞତା ଜଣାଇବା ସହ ଆଗାମୀ ଦିନରେ ଦଳୀୟ ସଂଗଠନକୁ ସୁଦୃଢ କରିବା ପାଇଁ କାର୍ଯ୍ୟ କରିବେ ବୋଲି ଶ୍ରୀ ସାରକା କହିଛନ୍ତି।

### ଗଙ୍ଗାଧର ଓ ରଂଜିତ କାର୍ଯ୍ୟକାରୀ ସଭାପତି

# ମଦ ଚଢ଼ଉ, ଜଣେ ଗିରଫ

କୋଷାଗୁମୁଡା,୪।୯(ସମିସ): ଗୁରୁବାର ଦିନ ନବରଙ୍ଗପୁର ଜିଲ୍ଲା ଅବକାରୀ ଅଧିକ୍ଷକ ପ୍ରତାପ କୁମାର ଦାସଙ୍କ ନିର୍ଦ୍ଦେଶ କ୍ରମେ ଅବକାରୀ ନିରୀକ୍ଷକ ଦିଲୀପ କୁମାର ରଥଙ୍କ ତତ୍ତ୍ୱାବଧାନରେ ବିଭାଗୀୟ କର୍ମଚାରୀମାନଙ୍କ ସହ କୋଡ଼ିଙ୍ଗ ଥାନା ଅନ୍ତର୍ଗତ ଚିର୍ମା ଗ୍ରାମର ଗୌଡ଼ ସାହିରେ ସୁକୁରୁ ଚନ୍ଦନିଆ ଘରେ ଚଢାଉ କରି, ୨୦ ଲିଟର ଚୋରା ଦେଶୀ ହାତ ରନ୍ଧା ମଦ ଜବତ କରାଯାଇଛି। ଏହି ଚଢ଼ଉରେ ସାମିଲ ସିପାହୀ ମାନେ ହେଲେ, ରେସମା ସୁନା, ସୁଧାଂଶୁ ଶେଖର ବାଘ, ଅକ୍ରମ ଖାନ୍ ଓ ପ୍ରାସାଦ ବଳବନ୍ତରାୟ।

■ ନିଖୋଜ ମକାଚାଷୀଙ୍କ ପତ୍ତା ମିଳୁନି

# ସପ୍ତାହ ପରେ ବି ପୁଲିସ ହାତ ଖାଲି



ବୈପାରୀଗୁଡ଼ା, ୪।୯(ସମିସ): ନିଖୋଜ ମକାଚାଷୀଙ୍କ ମିଳୁନି ଖୋଜଖବର। ଏକ ସପ୍ତାହ ପରେ ବି ପୁଲିସ ହାତଖାଲି । ଏଭଳି ଘଟଣା ଦେଖିବାକୁ ମିଳିଛି ବୈପାରୀଗୁଡା ବ୍ଲକ ଅନ୍ତର୍ଗତ ଦଣ୍ଡାବାଡ଼ି ଠାରେ। ଗତ ଅଗଷ୍ଟ ମାସ ୨୯ ତାରିଖ ଦିନ ଦଣ୍ଡାବାଡ଼ି ସଦର ମହକୁମାସ୍ଥିତ ବିଏସଏଫ କ୍ୟାମ୍ପ୍ ନିକଟରେ ରହୁଥିବା ସମାରୁ ପୂଜାରୀ ( ୫୦) ନିଖୋଜ ଅଛନ୍ତି। ଘରେ ସେ ଏକାକୀ ରହି ମକା ଚାଷ କରନ୍ତି। ହେଲେ ଗତ ଅଗଷ୍ଟ ମାସ ୨୯ ତାରିଖ ଦିନ ତାଙ୍କ ସମ୍ପର୍କୀୟ ଲୋକେ ଭେଟିବା ପାଇଁ ଯାଇଥିଲେ। କିନ୍ତୁ ସେ ଘରେ ନଥିଲେ। ଏନେଇ ଦୁଇ ଦିନ ପର୍ଯ୍ୟନ୍ତ ଆଖପାଖ ଗାଁରେ ଖୋଜାଖୋଜି କରିଥିଲେ। କିନ୍ତୁ କୌଣସି ପତ୍ତା ମିଳିନାହିଁ। ଶେଷରେ ତାଙ୍କ ସମ୍ପର୍କୀୟ ଭାଇ ଗୁରୁ ପୂଜାରୀ ରାମଗିରି ଫାଣ୍ଡି ଜଣାଇବା ପରେ ବୈପାରୀଗୁଡା ଥାନାରେ ଏତଲା ଦିଆଯାଇଥିଲା। ହେଲେ ସମାରଙ୍କ ନିଖୋଜକୁ ଏକ ସପ୍ତାହ ବିତିଥିଲେ ବି ପୁଲିସ ହାତ ଖାଲି ରହିଛି।

# ଶ୍ରୀଜୀଉଙ୍କ ବାମନ ଜନ୍ମ ଓ ସୁନିଆଁ ନୀତି

ନବରଙ୍ଗପୁର,୪।୯(ସମିସ): ଗୁରୁବାର ଶ୍ରୀ ଜୀଉଙ୍କ ବଡ଼ ଦ୍ୱାଦଶୀ ବା ବାମନ ଜନ୍ମ ଏବଂ ସୁନିଆ ନୀତି ନବରଙ୍ଗପୁର ଶ୍ରୀଜଗନ୍ନାଥ ମନ୍ଦିରରେ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଆଜି ଭୋରରୁ ଶ୍ରୀଜୀଉଙ୍କ ଦ୍ୱାର ଫିଟା ମଙ୍ଗଳ ଆରତୀ ନୀତି ସମ୍ପନ୍ନ ହେବାପରେ ଶ୍ରୀଜୀଉଙ୍କ ସମସ୍ତ ପୂଜା ଓ ନିତିକାନ୍ତି ହୋଇଥିଲା। ଆଜି ନବରଙ୍ଗପୁର ଶ୍ରୀ ଜଗନ୍ନାଥ ମନ୍ଦିର ଓ ନୀତି ପରିଚାଳନା ନିଯୋଗ ମୁଖ୍ୟ ଉପଦେଷ୍ଟା ତଥା ନବରଙ୍ଗପୁର ରାଜ ପୁରୋହିତ ନରସିଂହ ନାଥ ତ୍ରିପାଠୀଙ୍କ ତତ୍ତ୍ୱାବଧାନରେ ଶ୍ରୀ ଜଗନ୍ନାଥ ମନ୍ଦିରରେ ଆରମ୍ଭ ହୋଇଥିଲା ବାମନ ଜନ୍ମ ନୀତି। ବାମନ ଜନ୍ମର ସମସ୍ତ ନିତିକାନ୍ତି ସମ୍ପୂର୍ଣ୍ଣ ହେବା ପରେ ଆରମ୍ଭ ହୋଇଥିଲା ମହାପ୍ରଭୁଙ୍କ ସୁନିଆ ନୀତି। ଆଜିର ଆୟୋଜିତ ଏହି ସୁନିଆ ନୀତିରେ ଜଗତର ନାଥ ଜଗନ୍ନାଥ ମହାପ୍ରଭୁଙ୍କ ଗତ ଆର୍ଥିକ ବର୍ଷର ହିସାବ ସବୁକୁ ବନ୍ଦ କରାଯାଇ ଆଜିଠାରୁ ଚଳିତ ଆର୍ଥିକ ବର୍ଷର ହିସାବ ଆରମ୍ଭ ହୋଇଥିବା ରାଜ ପୁରୋହିତ ଶ୍ରୀ ତ୍ରିପାଠୀ ସୂଚନା ଦେଇଛନ୍ତି। ଆଜିର ଏହି ସମସ୍ତ ପୂଜା ନୀତି କାନ୍ତିରେ ରାଜ ପୁରୋହିତ ତଥା ଶ୍ରୀ ଜଗନ୍ନାଥ ମନ୍ଦିର ନୀତି ପରିଚାଳନା ନିଯୋଗ ମୁଖ୍ୟ ଉପଦେଷ୍ଟା ନରସିଂହ ନାଥ ତ୍ରିପାଠୀ , ଶ୍ରୀଜଗନ୍ନାଥ ମନ୍ଦିର ନୀତି ପରିଚାଳନା ନିଯୋଗ ଉପଦେଷ୍ଟା ଝାଡେଶ୍ୱର ଖାଡଙ୍ଗାଙ୍କ ସମେତ ଶ୍ରୀଜଗନ୍ନାଥ ମନ୍ଦିର ପୂଜକ ଦେବୀ ନାୟକ, ଶୁଭମ୍ ନାୟକ, ଲକ୍ଷ୍ମୀ ମନ୍ଦିର ପୂଜକ ରବୀନ୍ଦ୍ର କୁମାର ଶତପଥୀ, ସୁଧୀର କୁମାର ଶତପଥୀ, ସୁମିତ କୁମାର ପାଳ, ପପୁ ତ୍ରିପାଠୀ, ଶ୍ରୀ ଜଗନ୍ନାଥ ମନ୍ଦିର ନୀତି ପରିଚାଳନା ନିଯୋଗ ସଭାପତି ନରେଶ କୁମାର ତ୍ରିପାଠୀ, ଉପ ସଭାପତି ଦୁର୍ଗା ତ୍ରିପାଠୀ, କୋଷାଧ୍ୟକ୍ଷ ଭବାନୀ ଶଙ୍କର ଶତପଥୀ, ନିଯୋଗ ସମ୍ପାଦକ କୁନା ପାତ୍ର, ନିଯୋଗ ସଦସ୍ୟ, ମିଟୁ ପାତ୍ର, ସିଏଚ ଚିଟିବାବୁ , ଲାଲୁ ପଣ୍ଡା, ଜଗନ୍ନାଥ ଦାସ , ବଦ୍ରି ବାମନ ତ୍ରିପାଠୀ , ତ୍ରୟ ନାଥ ତ୍ରିପାଠୀ ,ନରସିଂହ ବେହେରା,ମୀନ ନାୟକ, ଚୈତନ୍ୟ ନାୟକଙ୍କ ସମେତ ନିଯୋଗର ସମସ୍ତ କର୍ମକର୍ତ୍ତା, ବହୁ ସଦସ୍ୟ ଓ ବହୁ ଜଗନ୍ନାଥ ପ୍ରେମୀ ଉପସ୍ଥିତ ଥିଲେ।



# ଅଟୋ- ବାଇକ୍ ମୁହାଁମୁହିଁ ଧକ୍କା

ଜୟପୁର,୪।୯(ସମିସ): ଜୟପୁର ସହରର ପାରାବେଢା ନିକଟସ୍ଥ କେନାଲ ରାସ୍ତାରେ ଏକ ଅଟୋ ଓ ବାଇକ ମଧ୍ୟରେ ମୁହାଁମୁହିଁ ଧକ୍କାହେବା ଫଳରେ ବାଇକ୍ ଚାଳକ ଗୁରୁତର ଆହତ ହୋଇ ଜିଲ୍ଲା ଚିକିତ୍ସାଳୟରେ ଭର୍ତ୍ତି ହୋଇଛନ୍ତି। ଆଜି ଅପରାହ୍ନରେ ଗାନ୍ଧିଛକ ଠାରୁ କେନାଲ ରାସ୍ତାରେ ଏକ ଅଟୋ (ଓଆର୧୦ଜେ ୬୫୬୨) ଆସୁଥିବା ସମୟରେ ବିପରୀତ ଦିଗରୁ ଏକ ପୋଲସର ବାଇକ ସହ ଧକ୍କା ହୋଇଥିଲା। ଖବରପାଇ ଟାଉନ ପୁଲିସ ପେଟ୍ରୋଲିଂ ଗାଡି ଘଟଣା ସ୍ଥଳରେ ପହଞ୍ଚି ଗୁରୁତର ଆହତ ଅବସ୍ଥାରେ ବାଇକ ଚାଳକ ଲିଙ୍ଗରାଜ ନଗରର ଦେବାଶିଷ ମହାନ୍ତିଙ୍କୁ ଉଦ୍ଧାର କରିବା ସହ ପୁଲିସ ଗାଡିରେ ଜିଲ୍ଲା ଚିକିତ୍ସାଳୟକୁ ନେଇ ଭର୍ତ୍ତି କରିଥିଲେ। ପୁଲିସ ଉଭୟ ଦୁର୍ଘଟଣା ଗ୍ରସ୍ତ ଗାଡିକୁ ଥାନାକୁ ଆଣି ଅଟକ ରଖିବା ସହ ତଦନ୍ତ ଆରମ୍ଭ କରିଛନ୍ତି। ଗୁରୁତର ଶ୍ରୀ ମହାନ୍ତିଙ୍କୁ ଜିଲ୍ଲା ଚିକିତ୍ସାଳୟରୁ ସ୍ଥାନୀୟ ଏକ ଘରୋଇ ଚିକିତ୍ସାଳୟକୁ ସ୍ଥାନାନ୍ତରିତ କରାଯାଇ ଆଇସିୟୁରେ ରଖାଯାଇ ଚିକିତ୍ସା କରାଯାଉଥିବା ଜଣାପଡ଼ିଛି।

# ଶ୍ରୀବାମନ ଜନ୍ମ

ଦାମନଯୋଡ଼ି,୪।୯(ସମିସ): ପବିତ୍ର ଭାଦ୍ରବ ଶୁକ୍ଳ ଦ୍ୱାଦଶୀ ତିଥିରେ ଦାମନଯୋଡ଼ିର ଶ୍ରୀ ଜଗନ୍ନାଥ ମନ୍ଦିରରେ ଶ୍ରୀବାମନ ଜନ୍ମ ନୀତି ପାଳିତ ହୋଇଯାଇଛି। ସକାଳ ନୀତିକାନ୍ତି ପରେ ମନ୍ଦିର ପରିସରରେ ଥିବା ଶ୍ରୀ ବାମନଙ୍କର ସ୍ୱତନ୍ତ୍ର ପୂଜା, ଜନ୍ମ ନୀତି ଓ ହୋମ ଅନୁଷ୍ଠିତ ହୋଇଥିଲା। ପୂଜକ ଅମିୟ କୁମାର ସାମନ୍ତରାୟ, ଅଜୟ କୁମାର ପଣ୍ଡା ଓ ବିଜୟ କୁମାର ପଣ୍ଡା ବିଭିନ୍ନ ପୂଜା ନୀତି ସମ୍ପନ୍ନ କରିଥିଲେ। ପ୍ରକାଶ ଚନ୍ଦ୍ର ଦାଶ ପୂଜାରେ କର୍ତ୍ତା ଦାୟିତ୍ୱ ତୁଲାଇଥିଲେ। ଆଜି ମଧ୍ୟ ଆଷାଢ଼ ଶୁକ୍ଳ ଦ୍ୱାଦଶୀରେ ଶୟନ କରିଥିବା ଶ୍ରୀ ଗରୁଡ଼ଙ୍କ ପାଶ୍ୱ ପରିବର୍ତ୍ତନ ପୂଜାନୀତି ଅନୁଷ୍ଠିତ ହୋଇଥିଲା। ଶ୍ରୀଜଗନ୍ନାଥ ମନ୍ଦିର ପରିଚାଳନା କମିଟି ସଭାପତି ତଥା ନାଲ୍‌କୋ ମୁଖ୍ୟ ମହାପ୍ରବନ୍ଧକ ସଞ୍ଜୟ କୁମାର ପଟ୍ଟନାୟକ, ଉପସଭାପତି ତଥା ମୁଖ୍ୟ ମହାପ୍ରବନ୍ଧକ ବିଛନ୍ଦ ଚରଣ ଦାଶଙ୍କ ସହିତ ସମ୍ପାଦକ କୈଳାସ ସେନାପତି, ଯୁଗ୍ମ ସମ୍ପାଦକ ତ୍ରିଲୋଚନ ଚୌଧୁରୀଙ୍କ ସହିତ ଶିଶିର କୁମାର ପରିଡ଼ା, ଖଦାଳ ନାୟକ, ଆର ଏନ ମୁଦୁଲି, କାର୍ତ୍ତିକ ଚନ୍ଦ୍ର ସିଦୁ, ସିନ୍ଠଥଲ କୁମାର ଓ ସଞ୍ଜୟ ନାୟକ ପ୍ରମୁଖ ଉତ୍ସବ ପରିଚାଳନା କରିଥିଲେ।

# ୟୁନିଫର୍ମ ବିତରଣରେ ବାହାର ସଂସ୍ଥାକୁ ବିରୋଧ

ପାପଡାହାଣ୍ଡି,୪।୯ (ସମିସ): ପାପଡାହାଣ୍ଡି ବ୍ଲକର ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ଠାରେ ଆଜି ପାପଡାହାଣ୍ଡି ବ୍ଲକର ଏସଏଚଜି ଗ୍ରୁପ ମହିଳା ମାନେ ଏକତ୍ରିତ ହୋଇ ବାହାର ଅଞ୍ଚଳର ଗ୍ରୁପ୍‌କୁ ୟୁନିଫର୍ମ ବିତରଣ ପାଇଁ ସୁଯୋଗ ଦିଆଯାଇଥିବାରୁ ବିରୋଧ କରିଛନ୍ତି। ବ୍ଲକ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ ଅନୁପସ୍ଥିତିରେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କୁ ଭେଟି ବ୍ଲକର ବିଦ୍ୟାଳୟ ମାନଙ୍କରେ ୟୁନିଫର୍ମ ବିତରଣରେ ପାପଡାହାଣ୍ଡି ବ୍ଲକର ଏସ୍‌ଏଚ୍ ଗ୍ରୁପକୁ ଅଣଦେଖା କରି ନବରଙ୍ଗପୁର ବ୍ଲକର ମହିଳା ଏସଏଚଜି ଗ୍ରୁପଙ୍କୁ ପାପଡାହାଣ୍ଡି ବ୍ଲକର ବିଦ୍ୟାଳୟ ମାନଙ୍କରେ ପୋଷାକ ବିତରଣ ପାଇଁ ଅନୁମତିକୁ ଦିଆଯିବାକୁ ବିରୋଧ କରାଯିବା ସହ ଏହାକୁ ପ୍ରତ୍ୟାହାର କରିବା, ପାପଡାହାଣ୍ଡି ବ୍ଲକର ବିଦ୍ୟାଳୟ ମାନଙ୍କରେ କେବଳ ପାପଡାହାଣ୍ଡି ବ୍ଲକର ଉପଯୁକ୍ତ ମହିଳା ଗୋଷ୍ଠୀଙ୍କୁ ଅନୁମତି ପ୍ରଦାନ କରିବାକୁ ଦାବିପତ୍ର ପ୍ରଦାନ କରାଯାଇଛି। ଆଗାମୀ ୭ ଦିନ ମଧ୍ୟରେ ଦାବିପତ୍ର ଉପରେ କୌଣସି ପଦକ୍ଷେପ ଗ୍ରହଣ ନହେଲେ ବ୍ଲକ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ଏବଂ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କ କାର୍ଯ୍ୟାଳୟ ଘେରାଉ ସହିତ ଜାତୀୟ ରାଜପଥ ରେ ଅନଶନ କରିବାକୁ ମହିଳା ଗୋଷ୍ଠୀ ଚେତାବନୀ ଦିଆଯାଇଛି। ଜିଲ୍ଲାର ପ୍ରତ୍ୟେକ ବ୍ଲକରେ ସେହି ବ୍ଲକର ମହିଳାଗୋଷ୍ଠୀଙ୍କୁ ପୋଷାକ ବିତରଣ ପାଇଁ ଅନୁମତି ଥିବା ବେଳେ ପାପଡାହାଣ୍ଡି ବ୍ଲକରେ କାହିଁକି ଅଲଗା ନିୟମ ବୋଲି ସେମାନେ ପ୍ରଶ୍ନ କରିଛନ୍ତି। ଏ ନେଇ ବ୍ଲକ ଶିକ୍ଷା ଅଧିକାରୀ ସୁଦୀପ୍ତ ଦାସଙ୍କୁ ପଚାରିବାରୁ ସେ ଆଜି କାର୍ଯାଳୟରେ ଅନୁପସ୍ଥିତ ଥିଲେ। ତାଙ୍କୁ ଫୋନ ମାଧ୍ୟମରେ ଯୋଗାଯୋଗ କରାଯାଇଥିଲେ ବି ସେ କୌଣସି ପ୍ରତିକ୍ରିୟା ଦେଇନାହାନ୍ତି।

# ଜମି ବିବାଦ; କାଉନ୍‌ସିଲରଙ୍କ ସ୍ୱାମୀ ଓ ପୁଅକୁ ଆକ୍ରମଣ



କୋରାପୁଟ,୪।୯(ସମିସ): ଜମିଜମା ବିବାଦକୁ ନେଇ କୋରାପୁଟ ପୌର ପରିଷଦ ୧୦ ନଂ ୱାର୍ଡ କାଉନ୍‌ସିଲର କମଳା ନାୟକଙ୍କ ସ୍ୱାମୀ ଧନୁର୍ଜୟ ନାୟକ ଓ ପୁଅ ଶିବା ନାୟକଙ୍କୁ ୫ ଜଣ ଦୁର୍ବୃତ୍ତ ଖଣ୍ଡାରେ ହାଣି ମରଣାନ୍ତକ ଆକ୍ରମଣ କରିଛନ୍ତି। ବାପା ପୁଅ ଗୁରୁବାର ଦିନ ବୋରିଗୁମ୍ମା ବ୍ଲକ ବିଶିଂପୁର ଥାନା ବୁଜୁନିଗୁଡ଼ା ପଞ୍ଚାୟତ ଅନ୍ତର୍ଗତ ପାଙ୍ଗିଗୁଡ଼ା ଗ୍ରାମକୁ ଯାଇଥିଲେ। ଜମି ବିବାଦକୁ ନେଇ ସେଠାରେ କଥା କଟାକଟି ହେବାରୁ ୫ ଜଣ ଧନୁର୍ଜୟ ଓ ଶିବାକୁ ଖଣ୍ଡାରେ ଆକ୍ରମଣ କରିଥିବା ଜଣାପଡ଼ିଛି। ସ୍ଥାନୀୟ ଲୋକେ ତୁରନ୍ତ ବାପା ପୁଅକୁ ବୋରିଗୁମ୍ମା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ପହଞ୍ଚିଥିଲେ, ଅବସ୍ଥା ଗୁରୁତର ହେବାରୁ ଉଭୟଙ୍କୁ କୋରାପୁଟ ବଡ଼ ମେଡ଼ିକାଲକୁ ସ୍ଥାନାନ୍ତର କରାଯାଇଥିଲା। ପୁଅ ଶିବାର ଅବସ୍ଥା ଅତ୍ୟନ୍ତ ଗୁରୁତର ହେବାରୁ ବିଶାଖାପାଟଣା ସ୍ଥାନାନ୍ତର କରାଯାଇଛି।

# ରାସ୍ତାରୁ ମହିଳାଙ୍କୁ ବାଇକ୍‌ରେ ଉଠାଇ ନେଇ ଦୁଷ୍କର୍ମ

ଜୟପୁର,୪।୯(ସମିସ): ରାଜ୍ୟରେ ମହିଳା ମାନଙ୍କୁ ଉପରେ ଅତ୍ୟାଚାର ବୃଦ୍ଧି ପାଉଥିବା ବେଳେ ଜୟପୁର ସଦରଥାନା ଧନପୁର ଗ୍ରାମପଞ୍ଚାୟତ ତରଗାଇ ଗ୍ରାମରେ ଆଉ ଏକ ଦୁଷ୍କର୍ମ ଘଟଣା ଘଟିଛି। ଜଣେ ୨୩ ବର୍ଷିୟା ବିବାହିତା ମହିଳାଙ୍କୁ ଦୁଇ ଜଣ ରାସ୍ତାରୁ ବାଇକ୍‌ରେ ଉଠାଇନେଇ ଦୁଷ୍କର୍ମ କରିଥିବା ଅଭିଯୋଗ ହୋଇଛି। ମହିଳା ଜଣଙ୍କ ଅଚେତ ହୋଇଯିବାରୁ ସେମାନେ ତାଙ୍କୁ ବାଉଁଶ ଜଙ୍ଗଲ ନିକଟରେ ଛାଡି ଚାଲିଯାଇଥିବା ନେଇ ପୀଡିତ ଆଜି ମହିଳା ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ମହିଳାଙ୍କ ଅଭିଯୋଗକୁ ନେଇ ପୁଲିସ ତଦନ୍ତ ଆରମ୍ଭ କରିଛନ୍ତି। ପୀଡିତା ମହିଳାଙ୍କ ଅଭିଯୋଗ ଅନୁଯାୟୀ ଗତକାଲି ଅପରାହ୍ନ ୪ ଟାରେ ତରଗାଇ ଗ୍ରାମ ନିକଟସ୍ଥ ସଲପା ଗ୍ରାମକୁ ସେ ଏକାକୀ ତାଙ୍କ ଝିଅ ପାଇଁ ଔଷଧ ଆଣିବାକୁ ଯାଇ ଫେରୁଥିବା ବେଳେ ରାସ୍ତାରେ ଦୁଇଜଣ ଅଜଣା ଯୁବକ ତାଙ୍କୁ ଜୋରଜବରସ୍ତ ବାଇକ୍‌ରେ ବସାଇ ପ୍ରାୟ ୨ କିଲୋମିଟରେ ନେଇ ଏକ ବାଉଁଶ ବଣ ନିକଟରେ ଦୁଷ୍କର୍ମ କରିଥିଲେ। ପୀଡିତା ଅଚେତ ହୋଇଯିବା ପରେ ଉଭୟ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ। ପୀଡିତାଙ୍କ ଚେତା ଫେରିବା ପରେ କୌଣସି ପ୍ରକାର ନିଜ ଗ୍ରାମରେ ପହଞ୍ଚି ତାଙ୍କ ବାପା ଏବଂ ଗ୍ରାମର ୱାର୍ଡ ମେମ୍ବରକୁ ଜଣାଇଥିଲେ। ଆଜି ଶେଷରେ ମହିଳା ଥାନାର ଦ୍ୱାରସ୍ଥ ହୋଇ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୁକ୍ତ ଦ୍ୱୟ ଧନପୁର ଗ୍ରାମ ବାସିନ୍ଦା ବୋଲି ମହିଳା ସନ୍ଦେହ କରୁଥିବା କହିଛନ୍ତି। ଏଥିନେଇ ମହିଳାଥାନା ଅଧିକାରୀ ଆଶ୍ରିତା ଖାଲ୍କୋ କହଛିନ୍ତି ଯେ, ପୁଲିସ ପକ୍ଷରୁ ଅଭିଯୋଗ ଗ୍ରହଣ କରିବା ସହ ତୁରନ୍ତ ତାଙ୍କୁ ନେଇ ଦୁଷ୍କର୍ମ ହୋଇଥିବା ସ୍ଥଳରେ ପହଞ୍ଚି ତଦନ୍ତ କରିଥିବା ବେଳେ ଶୁକ୍ରବାର ଡାକ୍ତର ମାଇନା ଏବଂ ଅନ୍ୟାନ୍ୟ ଯାଞ୍ଚ କରାଯାଇ ମାମଲା ରୁଜୁ କରାଯିବ।

# ତେନ୍ତୁଲିଖୁଣ୍ଟି ଗ୍ରାମର ୩ ଶ୍ରମିକ ନିଖୋଜ

ତେନ୍ତୁଲିଖୁଣ୍ଟି,୪।୯(ସମିସ): ନବରଙ୍ଗପୁର ଜିଲ୍ଲା ତେନ୍ତୁଲିଖୁଣ୍ଟି ସଦର ମହକୁମାର ଦୁଇଜଣ ମହିଳା ଓ ଜଣେ ବୃଦ୍ଧା ଚଳିତ ମାସ ୨ ତାରିଖ ଠାରୁ ନିଖୋଜ ହୋଇ ଯାଇଛନ୍ତି। ଏନେଇ ସମ୍ପୃକ୍ତ ପରିବାରଙ୍କ ପକ୍ଷରୁ ତେନ୍ତୁଲିଖୁଣ୍ଟି ଥାନାରେ ଅଭିଯୋଗ କରିବା ପରେ ପୁଲିସ ପକ୍ଷରୁ ତଦନ୍ତ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରାଯାଇଛି। ସୂଚନା ପ୍ରକାରେ ତେନ୍ତୁଲିଖୁଣ୍ଟି ଗ୍ରାମର ଦୀପ୍ତି ହରିଜନ (୬୦), ରୋଜ ବାଘ(୩୩) ଓ ବବି ନାୟକ (୪୦) ତିନିଜଣ ମିଶି ଚଳିତ ମାସ ୨ ତାରିଖ ଦିନ କୁଲି କରିବା ଉଦ୍ଦେଶ୍ୟରେ ଘରୁ ବାହାରିଥିଲେ। ତେବେ ସନ୍ଧ୍ୟା ପର୍ଯ୍ୟନ୍ତ ଆଉ ଘରକୁ ଫେରିଲେ ନାହିଁ। ସମ୍ପୃକ୍ତ ପରିବାର ପକ୍ଷରୁ ବିଭିନ୍ନ ସ୍ଥାନରେ ଖୋଜାଖୋଜି କରିବା ପରେ ମଧ୍ୟ କୌଣସି ସୁଫଳ ମିଳିନଥିଲା। ଏନେଇ ଗତକାଲି ନିଖୋଜ ଦୀପ୍ତି ହରିଜନଙ୍କ ପୁଅ ବୀରେନ୍ଦ୍ର ହରିଜନ ଓ ବବି ନାୟକଙ୍କ ପୁଅ ଗଜେନ୍ଦ୍ର ନାୟକ ତେନ୍ତୁଲିଖୁଣ୍ଟି ଥାନାରେ ଏତଲା ଦେଇଛନ୍ତି। ତେନ୍ତୁଲିଖୁଣ୍ଟି ଥାନା କେଶ ନଂ ୨୨/୨୫ ଓ ୨୩/୨୫ ଅନୁଯାୟୀ ଦୁଇଟି ନିଖୋଜ ମାମଲା ରୁଜୁ ହୋଇଛି। ରିପୋର୍ଟ ଲେଖା ହେବା ସୁଦ୍ଧା ଅନ୍ୟ ଜଣେ ନିଖୋଜ ମହିଳାଙ୍କ ପରିବାର ପକ୍ଷରୁ ଥାନାରେ ଏତଲା ଦିଆଯାଇନି। ଏସଆଇ ମହେଶ୍ୱର କ୍ରିଷାନି ଓ ଏଏସଆଇ ଭରତ ମାଝି କେଶର ତଦନ୍ତ କରୁଥିବା ଏସଆଇ ବିନିତା ତାର୍କୀ ସୂଚନା ଦେଇଛନ୍ତି।

# ବିଦ୍ୟାଳୟ ପରିଚାଳନା ଓ ଉନ୍ନୟନ କମିଟି ବୈଠକ



ସୁନାବେଡା,୪।୯ (ସମିସ): ସୁନାବେଡା ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଅଭିଭାବକ, ଅଧ୍ୟାପକ/ଅଧ୍ୟାପିକା ତଥା ବିଦ୍ୟାଳୟ ପରିଚାଳନା ଓ ଉନ୍ନୟନ କମିଟିର ବୈଠକ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ଅଧ୍ୟକ୍ଷା ଇନ୍ଦିରା ପ୍ରିୟଦର୍ଶିନୀ ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ମୁଖ୍ୟ ବିଷୟ ବସ୍ତୁ ବିଦ୍ୟାଳୟରେ ଛାତ୍ରୀ ମାନଙ୍କ ନିରାପଦା ବ୍ୟବସ୍ଥା ସୁରକ୍ଷିତ କରିବା ତଥା ଅନୁଶାସନ ଭଳି ଅନ୍ୟାନ୍ୟ ବିଷୟରେ ଛାତ୍ରୀ ଓ ଅଭିଭାବକ ସହ ଆଲୋଚନା ହୋଇଥିଲା। ବିଦ୍ୟାଳୟର ସୁବିଧା ଓ ଅସୁବିଧା ବିଷୟରେ ମଧ୍ୟ ଆଲୋଚନା କରାଯାଇଥିଲା। ବିଦ୍ୟାଳୟର ହଷ୍ଟେଲ ସୁପେରିଟେଣ୍ଡେଣ୍ଟ ଅଙ୍କୁରିତା ନାୟକ , ହଷ୍ଟେଲ କମିଟି ସଦସ୍ୟ ଲକ୍ଷ୍ମୀପ୍ରିୟା ଶ୍ରୀଚନ୍ଦନ, ଉପଦେଷ୍ଟା ସିମାଞ୍ଚଳ ଦାଶ, ଇତିହାସ ଅଧ୍ୟାପକ ସନ୍ତୋଷ କୁମାର ସାମଲଙ୍କ ସହ ଅନ୍ୟମାନେ ଉପସ୍ଥିତ ଥିଲେ।

# ରାଜସ୍ୱ ବିଭାଗ ପକ୍ଷରୁ ଜନଶୁଣାଣି

ଗୁଡାରୀ,୪।୯ (ସମିସ): ଗୁଡାରି ବ୍ଲକ୍ ରାଜସ୍ୱ ବିଭାଗ ତରଫରୁ ଗୁଡାରୀ ତହସିଲଦାର ଏ ସ୍ନେହଲତାଙ୍କ ତତ୍ତ୍ୱାବଧାନରେ ଏମ୍ କେ ରାଇ ଠାରେ ଜନ ଶୁଣାଣି ଶିବିର ଗତ ଗୁରୁବାର ଅନୁଷ୍ଠିତ ହୋଇଥିଲା। ସରକାରଙ୍କ ନିର୍ଦ୍ଦେଶ କ୍ରମେ ଖାତାଧାରୀଙ୍କ ମୃତ୍ୟୁ ପରେ ଉତ୍ତରାଧିକାରୀଙ୍କ ନାମରେ ସଂଶୋଧନ କରାଯିବ ବୋଲି ଏଥିରେ ଆଲୋଚନା ହୋଇଥିଲା। ଶିବରରେ ସମୁଦାୟ ୫ ଗୋଟି ଗ୍ରାମରୁ ପ୍ରାୟ ୩୧ ଜଣଙ୍କର ଅଭିଯୋଗ ହୋଇଥିଲା। କାର୍ଯ୍ୟକ୍ରମରେ ଏମ କେ ରାଇ ଓ ଚାନ୍ଦିଲିଗୁଡା ଗ୍ରାମର ୧୦ ଜଣ ହିତାଧିକାରୀ ମାନଙ୍କୁ ପଟ୍ଟା ଦିଆଯାଇଛି। ଏହା ପୂର୍ବରୁ ମଧୁବନ ଗ୍ରାମ ପଞ୍ଚାୟତ ଡକରପଡ଼ା ଗ୍ରାମରେ ୪୭ଙ୍କ ଅଭିଯୋଗ ଶୁଣିଥିଲେ। କର୍ଲାଘାଟି ପଞ୍ଚାୟତର କାଣ୍ଡକୁଟି ଏବଂ ବିରିପାଙ୍ଗା ଠାରେ ୧୭ ଗୋଟି ଗ୍ରାମରୁ ୮୫ ଜଣ ଅଭିଯୋଗ କରିଥିଲେ। ଏହି ଶିବିରରେ ତହସିଲଦାର ଏ ସ୍ନେହଲତା, ରାଜସ୍ୱ ନିରୀକ୍ଷକ କବିତା ବିଡ଼ିକା ,ରାଜସ୍ୱ ସୁପରଭାଇଜର ମନୋଜ ଶବର ଉପସ୍ଥିତ ରହି ପଟ୍ଟା ବଣ୍ଟନ କରିଥିଲେ।

# କଂଗ୍ରେସର ସୃଜନ ସଂଗଠନ ଅଭିଯାନ ବୈଠକ




କୋରାପୁଟ,୪।୯(ସମିସ): ଅଖିଳ ଭାରତ କଂଗ୍ରେସ କମିଟିର ନିର୍ଦ୍ଦେଶ କ୍ରମେ ଓଡ଼ିଶାରେ ସଂଗଠନ ସୃଜନ ଅଭିଯାନ ଆରମ୍ଭ ହୋଇଛି। ଏହି ପ୍ରକ୍ରିୟା ଜରିଆରେ ରାଜ୍ୟର ସମସ୍ତ ୩୫ କଂଗ୍ରେସ ସାଂଗଠନିକ ଜିଲ୍ଲା ପାଇଁ ସଭାପତି ଚୟନ କରାଯାଉଛି। ଏହି ପରିପ୍ରେକ୍ଷୀରେ ଗୁରୁବାର କୋରାପୁଟ ଟାଉନ ହଲ ଠାରେ ଜିଲ୍ଲା ସଭାପତି ଶଶୀଭୂଷଣ ପାତ୍ରଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ଅଖିଳ ଭାରତ କଂଗ୍ରେସ କମିଟିର ଜିଲ୍ଲା ପର୍ଯ୍ୟବେକ୍ଷକ ଗଣେଶ କୁମାର ଯାଦବ , ଓଡିଶା ପ୍ରଦେଶ କଂଗ୍ରେସ କମିଟି ପର୍ଯ୍ୟବେକ୍ଷକ ଭାରତ ଭୂଷଣ ବିମଳ ଓ ପ୍ରଦ୍ୟୁମ୍ନ ଦାସ, କୋରାପୁଟ ସାଂସଦ ସପ୍ତଗିରି ଉଲକା, ରାଜ୍ୟ ମହିଳା କଂଗ୍ରେସ କମିଟି ସଭାନେତ୍ରୀ ମିନାକ୍ଷୀ ବାହିନୀପତି, ଜୟପୁର ବିଧାୟକ ତାରା ପ୍ରସାଦ ବାହିନୀପତି, ପଟ୍ଟାଙ୍ଗୀ ବିଧାୟକ ତଥା କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ, ଲକ୍ଷ୍ମୀପୁର ବିଧାୟକ ପବିତ୍ର ସାଉଁନ୍ତା, ପୂର୍ବତନ ବିଧାୟକ କୃଷ୍ଣଚନ୍ଦ୍ର ସଗରିଆ, କୋରାପୁଟ ବ୍ଲକ ଅଧ୍ୟକ୍ଷା ନମିତା ମାଝୀ, ପୂର୍ବତନ ସାଂସଦ ଜୟରାମ ପାଙ୍ଗୀ ପ୍ରମୁଖଙ୍କ ସହ ଜିଲ୍ଲାର କଂଗ୍ରେସ କର୍ମୀ ମାନେ ଉପସ୍ଥିତ ଥିଲେ। ଜିଲ୍ଲା କଂଗ୍ରେସ କମିଟି ସଭାପତି ପଦବୀ ନିମନ୍ତେ ଆବେଦନ ପତ୍ର ବଣ୍ଟନ କରାଯାଇଥିଲା। କୋରାପୁଟ ଜିଲ୍ଲାରେ ପର୍ଯ୍ୟବେକ୍ଷକ ୮ ଦିନ ରହିବେ। ରହଣି ସମୟ ମଧ୍ୟରେ ୫ ତାରିଖରେ ଜୟପୁର ଠାରେ ବୋରିଗୁମ୍ମା, କୋଟପାଡ ଓ କୁନ୍ଦ୍ରା ବ୍ଲକ ସମେତ ଜୟପୁର ବ୍ଲକ, ମ୍ୟୁନିସିପାଲଟି ଓ କୋଟପାଡ ଏନ୍‌ଏସିର କଂଗ୍ରେସ ନେତାଙ୍କ ସହ ଆଶାୟୀ ପ୍ରାର୍ଥୀ ମାନଙ୍କ ସମ୍ପର୍କରେ ଆଲୋଚନା କରାଯିବ ବୋଲି ଶ୍ରୀ ଯାଦବ ସୂଚନା ଦେଇଛନ୍ତି। ସେହିପରି ୬ ତାରିଖରେ କୋରାପୁଟ ଠାରେ ଆୟୋଜିତ ବୈଠକରେ କୋରାପୁଟ, ବୈପାରିଗୁଡା ଓ ଲମତାପୁଟ ବ୍ଲକ ଏବଂ କୋରାପୁଟ ମୁନସୀପାଲଟିର କଂଗ୍ରେସ ନେତାଙ୍କ ସହ ଆଲୋଚନା କରିବେ। ୭ ତାରିଖରେ ଲକ୍ଷ୍ମୀପୁର ଠାରେ ଲକ୍ଷ୍ମୀପୁର, ଦଶମନ୍ତପୁର, ନାରାୟଣପାଟଣା ଓ ବନ୍ଧୁଗାଁ ବ୍ଲକର କଂଗ୍ରେସ କର୍ମକର୍ତ୍ତାଙ୍କ ସହ ଆଲୋଚନା କରିବାକୁ ଥିବାବେଳେ ୮ ତାରିଖରେ ସେମିଳିଗୁଡା ଠାରେ ନନ୍ଦପୁର, ସେମିଳିଗୁଡା ଓ ପଟ୍ଟାଙ୍ଗୀ ବ୍ଲକ ଏବଂ ସୁନାବେଡ଼ା ମୁନସୀପାଲଟି କର୍ମକର୍ତ୍ତାଙ୍କ ସହ ଆଲୋଚନା କରିବେ। ୯ ତାରିଖ ଦିନ କୋରାପୁଟ ଠାରେ ଆଶାୟୀ ପ୍ରାର୍ଥୀ ଏବଂ ଦଳର ବରିଷ୍ଠ ନେତା ମାନଙ୍କ ସହ ଆଲୋଚନା କରିବେ। ୧୦ ତାରିଖ ଦିନ ସ୍ୱେଚ୍ଛାସେବୀ ଅନୁଷ୍ଠାନ ଏବଂ ସାମାଜିକ ଗୋଷ୍ଠୀ ସଦସ୍ୟ ମାନଙ୍କ ସହ ଆଲୋଚନା କରିବେ। ଗଣତାନ୍ତ୍ରିକ ପ୍ରକ୍ରିୟାରେ ଜିଲ୍ଲା କଂଗ୍ରେସ କମିଟି ସଭାପତି ପଦ ପୂରଣ କରାଯିବ ବୋଲି ସେ କହିଛନ୍ତି। କାର୍ଯ୍ୟକ୍ରମରେ କଂଗ୍ରେସ ନେତା ତଥା ପିସିସି ସମ୍ପାଦକ ରୂପକ ତୁରୁକ, ପୂର୍ବତନ ସମ୍ପାଦକ ଜଗଦୀଶ ଖୋସଲା, କଂଗ୍ରେସ ନେତା ବାବୁଲା ବେନିଆ, ମନୋଜ ହିଆଲ୍, ଭଗବାନ ବାହିନୀପତି, ଜୟନ୍ତ କଟିନ, ବିଜୟ କୁମାର ରାଓ, ସୁକାନ୍ତ ନାୟକ ପ୍ରମୁଖ ଯୋଗଦେଇ ପରିଚାଳନା କରିଥିଲେ।

## ସୃଜନ ସଂଗଠନ ବୈଠକ ପୂର୍ବରୁ ଧସ୍ତାଧସ୍ତି



ତୃଣମୂଳ ସ୍ତରରେ କଂଗ୍ରେସକୁ ସୁଦୃଢ଼ କରିବାକୁ କୋରାପୁଟ ଟାଉନ୍ ହଲରେ ଗୁରୁବାର ସୃଜନ ସଂଗଠନ ଅଭିଯାନ ବୈଠକ ଅନୁଷ୍ଠିତ ହୋଇଥିଲା। ଜିଲ୍ଲା ପ୍ରଭାରୀ ଗଣେଶ ଯାଦବଙ୍କ ଉପସ୍ଥିତିରେ ବୈଠକ ଆରମ୍ଭରୁ ଦେଖା ଦେଇଥିଲା କଂଗ୍ରେସ ନେତାଙ୍କ ମଧ୍ୟରେ ଧସ୍ତାଧସ୍ତି ପରିସ୍ଥିତି। ଯାହା କଂଗ୍ରେସ ସଂଗଠନର ଦୁର୍ବଳତାକୁ ପଦାରେ ପକାଇଲା। ଅବିଭକ୍ତ କୋରାପୁଟ ଜିଲ୍ଲାର ଟାଣୁଆ ନେତା ପୂର୍ବତନ ମନ୍ତ୍ରୀ ସ୍ୱର୍ଗତ ରଘୁନାଥ ପଟ୍ଟନାୟକଙ୍କ ନାତି ପ୍ରତ୍ୟୁଷ ପଟ୍ଟନାୟକଙ୍କୁ ବୈଠକରେ ପ୍ରବେଶ କରିବାକୁ ଜୟପୁର ବିଧାୟକ ତାରାପ୍ରସାଦ ବାହିନୀପତିଙ୍କ ଭାଇ ଭଗବାନ ବାହିନୀପତି ବିରୋଧ କରିବାରୁ ଉଭୟଙ୍କ ମଧ୍ୟରେ କଥା ହୋଇଥିଲା। ଉଭୟଙ୍କ ମଧ୍ୟରେ ଧସ୍ତାଧସ୍ତି ପର୍ଯ୍ୟନ୍ତ କଥା ଯାଇଥିଲା। ଶେଷରେ ଜିଲ୍ଲା ସଭାପତିଙ୍କ ହସ୍ତକ୍ଷେପ ପରେ ପରିସ୍ଥିତି ସ୍ୱାଭାବିକ ହୋଇ ବୈଠକ ଆରମ୍ଭ ହୋଇଥିଲା। ଜିଲ୍ଲା ସଭାପତି ଚୟନ କରି ସଂଗଠନ ଗଢ଼ିବା ପୂର୍ବରୁ ବିଶୃଙ୍ଖଳା ସୃଷ୍ଟି ହୋଇଛି। ଜିଲ୍ଲା ପ୍ରଭାରୀ ଆସନ୍ତା ୧୧ ପର୍ଯ୍ୟନ୍ତ ଜିଲ୍ଲାରେ ରହି ସମସ୍ତ ନେତା ଓ କର୍ମୀ ମାନଙ୍କ ସହ ଆଲୋଚନା କରିବେ ବୋଲି ଜିଲ୍ଲା ପ୍ରଭାରୀ କହିଛନ୍ତି। ଅନ୍ୟ ପକ୍ଷରେ ଦଳରେ କୌଣସି ପ୍ରକାର ବିଶୃଙ୍ଖଳାକୁ ବରଦାସ୍ତ କରା ଯିବ ନାହିଁ ବୋଲି କହି ପର୍ଯ୍ୟବେକ୍ଷକ ଦଳୀୟ ନେତା ଓ କର୍ମୀ ମାନଙ୍କୁ ଚେତାବନୀ ଦେଇଛନ୍ତି।

# ସରପଞ୍ଚଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ପାଇଁ ଜିଲ୍ଲାପାଳଙ୍କୁ ଦାବିପତ୍ର

କୋରାପୁଟ,୪।୯(ସମିସ): କୋରାପୁଟ ଜିଲ୍ଲା ଲମତାପୁଟ ବ୍ଲକ ଗୋଡିହଞ୍ଜର ସରପଞ୍ଚଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ଆଣି ୮ ଜଣ ୱାଡର୍ ମେମ୍ବର ଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହୋଇଛନ୍ତି। ୱାଡର୍ ମେମ୍ବର ମାନଙ୍କ କହିବା ଅନୁସାରେ ଗୋଡିହଞ୍ଜର ସରପଞ୍ଚ ନିର୍ବାଚିତ ୱାର୍ଡ ମେମ୍ବର ମାନଙ୍କୁ ଅଣଦେଖା କରି ବିଭିନ୍ନ କାମରେ ଦଲାଲ ମାନଙ୍କୁ ପୁରାଇ କାର୍ଯ୍ୟ ପରିଚାଳିତ କରୁଛନ୍ତି। ଆଜକୁ ପ୍ରାୟ ତିନି ବର୍ଷ ହେବ କୌଣସି ଗ୍ରାମସଭା ବା ପଲ୍ଲୀ ସଭା ନ କରି ଗ୍ରାମ ପଞ୍ଚାୟତର କାର୍ଯ୍ୟ ପରିଚାଳିତ ହେଉଛି। ଗ୍ରାମ ପଞ୍ଚାୟତ ଅଫିସ ଗୃହରେ ସରପଞ୍ଚଙ୍କ ବିନା ତାଙ୍କ ସହଯୋଗୀଙ୍କ ଦ୍ୱାରା କାର୍ଯ୍ୟ ତଦାରଖ ଓ ପରିଚାଳିତ କରାଯାଉଛି। ଗ୍ରାମ ପଞ୍ଚାୟତରେ କାର୍ଯ୍ୟ ଖସଡା ପ୍ରସ୍ତୁତ କରିବାରେ ତାଙ୍କ ସମ୍ପର୍କୀୟ ସମ୍ପୂର୍ଣ ସହଯୋଗ କରୁଛନ୍ତି । ଯାହା ଫଳରେ କୌଣସି ୱାର୍ଡ ସଭ୍ୟ ଓ ସଭ୍ୟାଙ୍କର ଅନୁମତି ନିଆଯାଉ ନାହିଁ ବୋଲି ୱାର୍ଡମେମ୍ବର ମାନେ ଅଭିଯୋଗ କରିଛନ୍ତି। ଯେକୌଣସି କାର୍ଯ୍ୟରେ ନକଲି ଦସ୍ତଖତରେ କାର୍ଯ୍ୟ ପରିଚାଳନା କରାଯାଉଛି। କୌଣସି ସରକାରୀ କାର୍ଯ୍ୟ ଠିକ ଭାବରେ ସମ୍ପାଦନ ନ କରି ବିଲ ପାସ କରାଯାଉଛି। ସରପଞ୍ଚଙ୍କ ପାଇଁ ପଞ୍ଚାୟତରେ ଉନ୍ନତି ମୂଳକ କାର୍ଯ୍ୟ ଠପ୍ ହୋଇପଡିଛି ବୋଲି ସେମାନେ ଅଭିଯୋଗ ଆଣିଛନ୍ତି।



■ ମଦମୁକ୍ତି ଆନ୍ଦୋଳନକାରୀଙ୍କ ସହ ଆଲୋଚନା

# ସମର୍ଥନ ଜଣାଇଲେ ପୂର୍ବତନ ସାଂସଦ ଓ ବିଧାୟକ



ଚନ୍ଦାହାଣ୍ଡି,୪।୯ (ସମିସ): ନବରଙ୍ଗପୁର ଜିଲ୍ଲା ଚନ୍ଦାହାଣ୍ଡି ବ୍ଲକରେ କିଛିମାସ ମଧ୍ୟରେ ହତ୍ୟା, ଆତ୍ମହତ୍ୟା, ଅପହରଣ, ନିଖୋଜ, ଚୋରି, ବେଆଇନ ମଦ କରବାର, ଦୁର୍ଘଟଣା ଜନିତ ଭଳି ବିଭିନ୍ନ ଅଭିଯୋଗ ମାମଲା ଥାନାରେ ବଢ଼ିବାରେ ଲାଗିଛି। ବ୍ଲକରେ ଅପରାଧିକ କାର୍ଯ୍ୟକଳାପ ବୃଦ୍ଧି ପାଇ ଆଇନ ଶୃଙ୍ଖଳା ପରିସ୍ଥିତି ବିପର୍ଯ୍ୟସ୍ତ ହେବାରେ ଲାଗିଛି। ଏଥିପାଇଁ ମୁଖ୍ୟତଃ ଅଞ୍ଚଳରେ ଦିନକୁ ଦିନ ବୃଦ୍ଧି ପାଉଥିବା ବେଆଇନ ନିଶା କାରବାରକୁ ଦାୟୀ କରାଯାଉଛି। ଏହି ସମୟରେ ଅଞ୍ଚଳର ଅନକାବେଡା, କୋଇଲିମୁଣ୍ଡା ଓ ଫଟକି ପଞ୍ଚାୟତର ବିଭିନ୍ନ ଗ୍ରାମରେ ମଦମୁକ୍ତି ଆନ୍ଦୋଳନ ତେଜିବାରେ ଲାଗିଛି। ନିଶା କବଳରୁ ପରିବାର ଓ ଗାଁକୁ ରକ୍ଷା କରିବା ପାଇଁ ମହିଳା ଓ ଯୁବକ ମାନେ ଅଗ୍ରସର ହୋଇଛନ୍ତି। ବ୍ଲକରେ ଥିବା ଲାଇସେନ୍ସ ପ୍ରାପ୍ତ ମଦ ଭାଟି ଦ୍ୱାରା ଗାଁ ଗାଁରେ ବେଆଇନ ଭାବେ କୋଚିଆମାନଙ୍କ ଜରିଆରେ ମଦ ବିକ୍ରି କରାଯାଉଥିବା ଅଭିଯୋଗ କରାଯାଉଛି। ଏଥିପ୍ରତି ଅସନ୍ତୋଷ ବୃଦ୍ଧି ପାଉଛି। ଏହାକୁ ବିରୋଧ ପ୍ରଦର୍ଶନ କରି ବାରମ୍ବାର ଲାଇସେନ୍ସ ପ୍ରାପ୍ତ ଭାଟି ଘେରାଉ କରାଯାଉଛି। ଏହି ପରିପ୍ରେକ୍ଷୀରେ ବୁଧବାର ଦିନ ପୂର୍ବତନ ସାଂସଦ ରମେଶ ଚନ୍ଦ୍ର ମାଝୀ ଓ ପୂର୍ବତନ ବିଧାୟକ ପ୍ରକାଶ ଚନ୍ଦ୍ର ମାଝୀ ଅନକାବେଡା ଗ୍ରାମ ଯାଇ ମଦମୁକ୍ତି ଆନ୍ଦୋଳନ କାରୀ ମହିଳା ଓ ଯୁବକ ମାନଙ୍କ ସହ ଆଲୋଚନା କରିଛନ୍ତି। ଗାଁକୁ ନିଶାମୁକ୍ତ କରିବା ପାଇଁ ଏଭଳି ପ୍ରୟାସକୁ ଦୁହେଁ ପ୍ରଶଂସା କରିବା ସହ ତାଙ୍କର ଏଥିପ୍ରତି ପୂର୍ଣ୍ଣ ସମର୍ଥନ ରହିଥିବା ଜଣାଇଛନ୍ତି। ତେବେ ଅଞ୍ଚଳରେ ଦ୍ରୁତ ଗତିରେ ତେଜୁଥିବା ମଦ ବିରୋଧୀ ସ୍ୱର ଆଗକୁ କେତେ ସଫଳ ହୋଇପାରୁଛି ତାହା ସମୟ ସାପେକ୍ଷ ରହିଛି। ଲୋକଙ୍କ ଅଭିଯୋଗକୁ ଗ୍ରହଣ କରି ପୋଲିସ ପ୍ରଶାସନ ଓ ଅବକାରୀ ବିଭାଗ କି ପଦକ୍ଷେପ ନେଉଛି ତାହା ଦେଖିବାକୁ ବାକି ରହିଛି।

## ଚଢ଼ା ଦରରେ ସାର ବିକ୍ରି ଅଭିଯୋଗ

# ପହଞ୍ଚିଲା ୧ ହଜାର ଟନ୍ ୟୁରିଆ



ରାୟଗଡ଼ା,୪।୯ (ସମିସ): ଦୀର୍ଘ ଏକ ମାସରୁ ଅଧିକ ସମୟ ଧରି ରାୟଗଡ଼ାରେ ସାର ସଙ୍କଟ ଦେଖା ଦେଇଥିବା ବେଳେ ବେସରକାରୀ ଡିଲରଙ୍କ ଠାରେ ଚଢ଼ା ଦରରେ ସାର ବିକ୍ରି ହେଉଥିବା ଚାଷୀମାନେ ଅଭିଯୋଗ କରୁଛନ୍ତି। ୟୁରିଆ ସାର ୩ ଶହରୁ ୩୫୦ଟଙ୍କା ମଧ୍ୟରେ ବିକ୍ରି ହେଉଥିବା ବେଳେ ତା'ସହିତ ଅନ୍ୟାନ୍ୟ ବାୟୋ ଫର୍ଟିଲାଇଜରଗୁଡିକ ନେବାକୁ ବାଧ କରାଯାଉଛି । ଫଳରେ ଚାଷୀଙ୍କୁ ମୋଟ ୮ଶହ ଟଙ୍କା ପର୍ଯ୍ୟନ୍ତ ଖର୍ଚ୍ଚ ହେବାକୁ ପଡୁଥିବା ଅଭିଯୋଗ ହେଉଛି। ଲ୍ୟାମ୍ପସ ଗୁଡିକରେ ପର୍ଯ୍ୟାପ୍ତ ପରିମାଣର ସାର ଉପଲବ୍ଧ ହେଉ ନ ଥିବାରୁ ବିଭିନ୍ନ ବେସରକାରୀ ଡିଲରଙ୍କ ଦୋକାନଠାରେ ସାର କିଣି ଅଧିକ ଖର୍ଚ୍ଚାନ୍ତ ହେଉଥିବା ଚାଷୀମାନେ ଅଭିଯୋଗ କରୁଛନ୍ତି। ଦଶନ୍ଧି ଦଶନ୍ଧି ଧରି ଆଦିବାସୀ ଓ ଅନ୍ୟାନ୍ୟ ବର୍ଗ ଚାଷୀମାନେ କେବଳ ୟୁରିଆ, ପଟାସ ଆଦିରେ ଚାଷ କରି ଆସୁଥିବା ବେଳେ ୟୁରିଆ ସାର ସହ ଅନ୍ୟାନ୍ୟ ଭିଟାମିନ, ଲିକ୍ୟୁଡ୍ ଭଳି ଫର୍ଟିଲାଇଜରଗୁଡିକୁ ମଧ୍ୟ ଜମିର ଉର୍ବରତା ବୃଦ୍ଧି ସହ ଫସଲ ଆହୁରି ଭଲ ହେବାର କଥା କହି ଚାଷୀଙ୍କୁ ସେଗୁଡିକ ନେବାକୁ ବାଧ କରାଯାଉଛି। ୟୁରିଆ ସାର ପ୍ରଦାନ କରାଯାଉ ନ ଥିବା ଚାଷୀମାନେ ଅଭିଯୋଗ କରୁଛନ୍ତି। ଅପରପକ୍ଷେ ରାୟଗଡ଼ାକୁ ଗୁରୁବାର ଦିନ ୧୦୦୦ ମେଟ୍ରିକ ଟନ୍ ମେଟିକ୍ସ ୟୁରିଆ ସାର ପହଞ୍ଚିଥିବା ବେଳେ ମାର୍କଫେଡ୍ ସଂସ୍ଥାକୁ ୨୦୦ଟନ ଏବଂ ବଳକା ଏକ ବେସରକାରୀ ଡିଲରଙ୍କ ପାଇଁ ୮୦୦ ମେଟ୍ରିକ୍ ଟନ୍ ସାର

## ମାର୍କଫେଡ୍‌କୁ ୨୦୦ ଟନ୍

କମ୍ପାନୀ ପକ୍ଷରୁ ପଠାଯାଇଛି। ଫଳରେ ମାର୍କଫେଡ୍ ତରଫରୁ ଜିଲ୍ଲାର ୧୩ ଗୋଟି ଲ୍ୟାମ୍ପସ ଏବଂ ଗୋଟିଏ ଏମ୍‌ପିସିଏସକୁ ଏହି ୨୦୦ଟନ୍‌କମ ଅଧିକା କରି ବଂଟନ କରାଯାଇଥିବା ବେଳେ ଅଗଷ୍ଟ ମାସରୁ ଆଜି ସୁଦ୍ଧା ପାଖାପାଖି ୭୦୦ମେଟ୍ରିକ ଟନ ସାର ବିଭିନ୍ନ ଲ୍ୟାମ୍ପସକୁ ବଣ୍ଟନ ହୋଇଥିବା ବେଳେ ଚାଷୀଙ୍କ ଦାବିକୁ ଦୃଷ୍ଟିରେ ରଖି ଅଧିକା ୧୦୦୦ ହଜାର ମେଟ୍ରିକ ଟନ୍ ୟୁରିଆ ପୁଣି ସରକାରଙ୍କୁ ଇଣ୍ଡେଟ୍ କରାଯାଇ ମଗାଯାଇଛି ବୋଲି ମାର୍କଫେଡ୍ କର୍ତ୍ତୃପକ୍ଷ ଚିତ୍ତରଂଜନ ରାୟ ସୂଚନା ପ୍ରଦାନ କରିଛନ୍ତି। ଜିଲ୍ଲାର ବିଷମକଟକ ବ୍ଲକରେ ସାର କଳାବଜାରୀକୁ ନେଇ ସ୍ଥାନୀୟ ପ୍ରଶାସନ ପକ୍ଷରୁ ଚଡ଼ଉ କରାଯାଇଥିବା ବେଳେ ଗଚ୍ଛିତ ସାର ଓ ଚଢ଼ା ଦରକୁ ନେଇ ସନ୍ତୋଷଜନକ ଉତ୍ତର ନ ପାଇ ଡିଲରମାନଙ୍କୁ ନୋଟିସ କରାଯାଉଥିବା ବେଳେ ରାୟଗଡ଼ା ସହରରେ ଥିବା ବିଭିନ୍ନ ଡିଲରଙ୍କ ଗୋଦାମରେ ମଧ୍ୟ ଚଢ଼ଉ କରାଯାଇ ପ୍ରକୃତରେ ଚାଷୀଙ୍କୁ ଉଚିତ ମୂଲ୍ୟରେ କାହିଁକି ସାର ଯୋଗାଇ ଦିଆଯାଉନାହିଁ ତାହାର ତଦନ୍ତ ହେବା ଆବଶ୍ୟକ ବୋଲି ଚାଷୀନେତାମାନେ ପ୍ରକାଶ କରିଛନ୍ତି।

# ପୁରସ୍କୃତ ହେବେ ନନ୍ଦପୁର ବ୍ଲକର ଦୁଇ ଶିକ୍ଷକ



ନନ୍ଦପୁର,୪।୯ (ସମିସ): ଗୁରୁଦିବସ ଅବସରରେ କୋରାପୁଟ ଜିଲ୍ଲାର ୩୬ ଜଣ ଶିକ୍ଷକ ଶିକ୍ଷୟିତ୍ରୀ ପୁରସ୍କୃତ ହେବା ନେଇ ମନୋନୀତ ହୋଇଛନ୍ତି। ସେଥିମଧ୍ୟରୁ ନନ୍ଦପୁର ବ୍ଲକରୁ ଦୁଇ ଶିକ୍ଷକ ମଧ୍ୟ ପୁରସ୍କୃତ ହେବା ନେଇ ମନୋନୀତ ହୋଇଥିବା ଜଣାପଡିଛି। ସେମାନେ ହେଲେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ବେଣୁଧର ବେହେରା। ଅନ୍ୟ ଜଣେ ଶିକ୍ଷକ ହେଲେ ପ୍ରାଥମିକ ଶିକ୍ଷକ ଶ୍ୟାମସୁନ୍ଦର ଟଙ୍ଗୀ। ଆଜି ଦୁଇ ଶିକ୍ଷକ ଗୁରୁଦିବସ ଅବସରରେ କୋରାପୁଟ ଜିଲ୍ଲାରେ ଆୟୋଜିତ କାର୍ଯ୍ୟକ୍ରମରେ ପୁରସ୍କୃତ ହେବେ। ଏହି ଖବର ପାଇବା ପରେ ନନ୍ଦପୁର ବିଡ଼ିଓ ଦୁର୍ଗା ପ୍ରସାଦ ଦୋରା, ବ୍ଲକ ଶିକ୍ଷା ଅଧିକାରୀ ବଭାନି ନନ୍ଦନ ପଟ୍ଟନାୟକ, ଅତିରିକ୍ତ ଶିକ୍ଷା ଅଧିକାରୀ ଗୁରୁନାଥ ମାଝୀ, ମାମତାଜ ଗମାଙ୍ଗଙ୍କ ସମେତ ବ୍ଲକର ବୁଦ୍ଧଜୀବୀ ଉଭୟଙ୍କୁ ଶୁଭକାମନା ଜଣାଇଛନ୍ତି।

# ଉପ ଡାକଘର ଅଚଳ ଜେନେରେଟର

ବିଷମ କଟକ,୪।୯ (ସମିସ): ରାୟଗଡା ଜିଲ୍ଲା ବିଷମ କଟକ ବ୍ଲକ ସଦର ଉପଡାକ ଘରର ଜେନେରେଟର ସ୍ଥାପନ ହେବାଠାରୁ ଅଚଳ ହୋଇ ପଡିରହିଛି। ହେଲେ ଏହି ଜେନେରେଟର୍‌ଟି ୧୦ ବର୍ଷ ପୂର୍ବରୁ ସ୍ଥାପନ କରାଯାଇଥିଲେ ମଧ୍ୟ ଦିନେ ହେଲେ ଏହି ଜେନେରେଟର କାର୍ଯ୍ୟକ୍ଷମ ନ ହୋଇ ଅଚଳ ହୋଇ କାର୍ଯ୍ୟାଳୟ ମଝିରେ ପଡ଼ିରହିଛି। ଦୀର୍ଘ ବର୍ଷ ବିତିଯାଇଥିଲେ ମଧ୍ୟ ଜେନେରେଟର୍ ଆଉ ମରାମତି ନ ହୋଇ ପଡିରହିଲା। ଖରାବର୍ଷା ବାଜି ଜେନେରେଟର୍‌ଟି କଳଙ୍କି ଲାଗି ସମ୍ପୂର୍ଣ୍ଣ ନଷ୍ଟ ହୋଇଗଲା। ଏହି ଜେନେରେଟରଟି ଡାକଘରର ମୁଖ୍ୟ ଫାଟକ ସମ୍ମୁଖରେ ରହିଥିବାରୁ ଏଠାକାର ସୌନ୍ଦର୍ଯ୍ୟ ନଷ୍ଟ କରୁଛି। ଡାକ ଘରକୁ ଆସୁଥିବା ଗ୍ରାହକ ମାନେ ଅନେକ ଅସୁବିଧାର ସମ୍ମୁଖିନ ହେଉଛନ୍ତି। ଏହି କଳଙ୍କିତ ଜେନେରେଟର ସାପ, ମୂଷା, ବେଙ୍ଗଙ୍କ ବସା ପାଲଟି ଯାଇଛି। ତେଣୁ ଏହି ଅଚଳ ଜେନେରେଟରକୁ ଏହି ସ୍ଥାନରୁ ସ୍ଥାନାନ୍ତର କରିବା ନିମନ୍ତେ ଗ୍ରାହକଙ୍କ ପକ୍ଷରୁ ଦାବି ହେଉଛି।

# ରାୟଗଡ଼ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଦିଗ୍‌ଦର୍ଶନ କାର୍ଯ୍ୟକ୍ରମ




ରାୟଗଡା, ୪।୯ (ସମିସ): ରାୟଗଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟରେ ୨୦୨୫ ଶିକ୍ଷାବର୍ଷ +୩ କଳା, ବିଜ୍ଞାନ, ବାଣିଜ୍ୟ ବିଭାଗର ପ୍ରଥମ ବର୍ଷ ନୂତନ ଛାତ୍ରଛାତ୍ରୀଙ୍କ ପାଇଁ ଦିଗ୍‌ଦର୍ଶନ ତଥା ସ୍ୱାଗତ ସମାରୋହ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମହାବିଦ୍ୟାଳୟ ଅଧକ୍ଷା ଡ. ସରସ୍ୱତୀ ରାୟ, ସ୍ନାତକୋତ୍ତର ପରିଷଦ ଅଧକ୍ଷ ପି. ଅରୁଣ କୁମାର, ପରୀକ୍ଷା ନିୟନ୍ତ୍ରକ ୱାଇ. ଭି ସାଇ ମାଧବ, ପ୍ରଶାସନିକ ଅଧକ୍ଷ ଟି. ଜ୍ୟୋତି, ଲେଫ୍ଟନାଣ୍ଟ ଉଦୟ ନାଏକ, ଏକାଡେମିକ୍ ଅଧିକ୍ଷକ ଡ.ଅଜୟ ରଇତ, ରମେଶ ହୁଇକା ,କୋଷାଧକ୍ଷ ସୁବ୍ରତ କୁମାର ପ୍ରଧାନ , ଭାବେସ ମହାନ୍ତି, ଛାତ୍ରବୃତ୍ତି ଅଧିକାରୀ ତୁବଲ ବେନିଆଙ୍କ ସହିତ ସମସ୍ତ ବିଭାଗର ବିଭାଗୀୟ ମୁଖ୍ୟ, ଅଧାପକ ଅଧାପିକାମାନେ ଯୋଗ ଦେଇଥିଲେ। ଅଧକ୍ଷା ଡ଼. ରାୟ ନବାଗତ ମାନଙ୍କୁ ଅଭିନନ୍ଦନ ଜଣାଇ ସ୍ୱାଗତ କରିବା ସହ ତାଙ୍କର ବକ୍ତବ୍ୟରେ, ଶିକ୍ଷା ସହିତ କୌଶଳ ଭିତ୍ତିକ ପ୍ରଶିକ୍ଷଣ କାର୍ଯ୍ୟକଳାପରେ ଅଂଶଗ୍ରହଣ କରିବା, କେବଳ ଭଲ ଛାତ୍ର ହେବାକୁ ନୁହେଁ ବରଂ ଭଲ ମଣିଷ, ଦାୟିତ୍ୱବାନ ନାଗରିକ ଓ ଆଦର୍ଶ ସମାଜସେବୀ ହେବାକୁ ଚେଷ୍ଟା କରିବା ଉଚିତ ବୋଲି କହିଥିଲେ। ଏବଂ ସମସ୍ତେ ମିଶି ଶିକ୍ଷା, ସେବା ଓ ସଂସ୍କାରର ଆଦର୍ଶକୁ ଅନୁସରଣ କରି ଏହି ମହାବିଦ୍ୟାଳୟକୁ ଆହୁରି ଗୌରବମୟ କରିବା ପାଇଁ ପ୍ରୟାସ କରିବା ଉଚିତ୍ ବୋଲି ମତପ୍ରକାଶ କରିଥିଲେ। ସ୍ନାତକୋତ୍ତର ପରିଷଦ ଅଧକ୍ଷ ପି. ଅରୁଣ କୁମାର ତାଙ୍କ ଅଭିଭାଷଣରେ ଗବେଷଣାମୂଳକ ଶିକ୍ଷାର ଗୁରୁତ୍ୱ ଉଲ୍ଲେଖ କରି, ଛାତ୍ରଛାତ୍ରୀ ମାନଙ୍କୁ ସମ୍ମିଳନୀ, କର୍ମଶାଳା ଓ ସାହିତ୍ୟିକ କାର୍ଯ୍ୟକଳାପରେ ସକ୍ରିୟ ଭାବେ ଅଂଶଗ୍ରହଣ କରିବାକୁ ପ୍ରେରିତ କରିଥିଲେ। ପରୀକ୍ଷା ନିୟନ୍ତ୍ରକ ୱାଇ. ଭି ସାଇ ମାଧବ ଛାତ୍ରଛାତ୍ରୀ ମାନଙ୍କୁ ମହାବିଦ୍ୟାଳୟର ପରୀକ୍ଷା ପ୍ରଣାଳୀ, ଶିକ୍ଷାଗତ ନିୟମାବଳୀ ଓ ଅନ୍ତର୍ନିହିତ ମୂଲ୍ୟାୟନ ପ୍ରକ୍ରିୟା ବିଷୟରେ ଅବଗତ କରାଇଥିଲେ। ସେ, ନିୟମିତ ଶ୍ରେଣୀ ଉପସ୍ଥିତି ଜୋର ଦେଇଥିଲେ। ପ୍ରଶାସନିକ ଅଧକ୍ଷ ଟି. ଜ୍ୟୋତି ଏବଂ ଲେଫ୍ଟନାଣ୍ଟ ଉଦୟ ନାଏକ ତାଙ୍କ ବକ୍ତବ୍ୟରେ ଛାତ୍ରଛାତ୍ରୀ ମାନଙ୍କୁ ମହାବିଦ୍ୟାଳୟର ସମସ୍ତ ନିୟମ କାନୁନ ପାଳନ କରି, ସ୍ୱଚ୍ଛ ଓ ଶୃଙ୍ଖଳାପୂର୍ଣ୍ଣ ପରିବେଶ ସୃଷ୍ଟି କରିବା ପାଇଁ ପ୍ରେରିତ କରିଥିଲେ। ଏକାଡେମିକ୍ ଅଧିକ୍ଷକ ଡ଼. ଅଜୟ ରଇତ ଏବଂ ରମେଶ ହୁଇକା ତାଙ୍କର ଉଦ୍‌ବୋଧନରେ ସମସ୍ତ ଛାତ୍ରଛାତ୍ରୀ ନିୟମିତ ଶ୍ରେଣୀରେ ଉପସ୍ଥିତି, ପରୀକ୍ଷାରେ ଶିଷ୍ଟାଚାର ପାଳନ , ପାଠ୍ୟକ୍ରମ ଅନୁସରଣ କରି ସଫଳତାର ଶୀର୍ଷରେ ପହଞ୍ଚିବା ପାଇଁ ପ୍ରେରଣା ପ୍ରଦାନ କରିବା ସହ ମହାବିଦ୍ୟାଳୟ କେବଳ ଡିଗ୍ରୀ ପାଇଁ ନୁହେଁ ବରଂ ଜ୍ଞାନ, ମୂଲ୍ୟବୋଧ ଓ ସୃଜନଶୀଳତାର କେନ୍ଦ୍ର ବୋଲି ମତପ୍ରକାଶ କରିଥିଲେ। ତେଣୁ, ଛାତ୍ରଛାତ୍ରୀ ମାନେ ସମସ୍ତେ ପାଠାଗାର, ସେମିନାର, କର୍ମଶାଳା ଓ ପ୍ରକଳ୍ପ କାର୍ଯ୍ୟରେ ସକ୍ରିୟ ଭାବେ ଅଂଶଗ୍ରହଣ କରନ୍ତୁ ବୋଲି କହିଥିଲେ। ଅନ୍ୟାନ୍ୟ ଅଧାପକ ଅଧାପିକାମାନେ ମଧ୍ୟ ନୂତନ ଛାତ୍ରଛାତ୍ରୀମାନଙ୍କୁ ଏନଏସଏସ, ଏନସିସି, ୟୁଥ ରେଡ଼କ୍ରସ, ସ୍ପୋର୍ଟ୍ସ, ସାହିତ୍ୟ ଓ ସାଂସ୍କୃତିକ ସଭାରେ ଯୋଗଦେଇ ନିଜକୁ ଉତ୍ତମ ମଣିଷ ରୂପେ ଗଢ଼ି ତୋଳିବାକୁ ପ୍ରେରଣା ଦେଇଥିଲେ। କାର୍ଯ୍ୟକ୍ରମର ଶେଷରେ ପଦାର୍ଥ ବିଜ୍ଞାନ ବିଭାଗର ମୁଖ୍ୟ ରମେଶ ହୂଇକା ଧନ୍ୟବାଦ ପ୍ରଦାନ କରିଥିଲେ।

# ନୂଆଁଖାଇ ଭେଟ୍‌ଘାଟ୍ ମହୋତ୍ସବ



ରାୟଗଡ଼ା,୪।୯ (ସମିସ): କୃଷିଭିତ୍ତିକ ଗଣ ପର୍ବ ନୂଆଁଖାଇ ରାୟଗଡ଼ା ଜିଲ୍ଲା ସଦର ବ୍ଲକ ଚାନ୍ଦିଲି ଥାନା ଅନ୍ତର୍ଗତ ଲୋକକଳା ଗ୍ରାମ ଗେଟିପଡାଠାରେ ବୁଧବାର ସନ୍ଧ୍ୟାରେ ପାଳିତ ହୋଇଯାଇଛି। ଓଡିଶା ସରକାରଙ୍କ ଓଡ଼ିଆ ଭାଷା, ସାହିତ୍ୟ ଓ କଳା ସଂସ୍କୃତି ବିଭାଗ ସୌଜନ୍ୟତାରେ ଜେକେପୁର, ଗେଟିପଡାର ମା ସନ୍ତୋଷୀ କଳା ପ୍ରତିଷ୍ଠାନ ଦ୍ୱାରା ଆୟୋଜିତ ଏହି ଭେଟଘାଟ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ରାଜ୍ୟ ସୂଚନା ଓ ଲୋକ ସମ୍ପର୍କ ବିଭାଗ ଉପ ନିର୍ଦ୍ଦେଶକ ତଥା ରାୟଗଡ଼ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ (ଡିଆଇପିଆରଓ) ବସନ୍ତ କୁମାର ପ୍ରଧାନ, ସମ୍ମାନିତ ଅତିଥି ଭାବେ ବରିଷ୍ଠ ସାମ୍ବାଦିକ ତଥା ସାମାଜିକ କର୍ମୀ ଶିବ ନରାୟଣ ଗଉଡ଼, ରାୟଗଡ଼ା ବିଜେପି ଜିଲ୍ଲା ସଭାପତିଙ୍କ ପ୍ରତିନିଧି ତରୁଣ ଗରଡ଼ିଆ, ସମାଜସେବୀ ହଳଧର ମିଶ୍ର, ଗେଟିପଡା ୱାର୍ଡ ସଭ୍ୟା ପ୍ରମୁଖ ମଞ୍ଚାସୀନ ହୋଇଥିଲେ। ଦୀପ ପ୍ରଜ୍ୱଳନ ପୂର୍ବକ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଥିଲା। ମା' ସନ୍ତୋଷି କଳା ପ୍ରତିଷ୍ଠାନର ସଭାପତି ସନ୍ତୋଷ କୁମାର ତାଣ୍ଡିଙ୍କ ସଭାପତିତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ପ୍ରକାଶ ସୁନା, ମାଧୁରୀ ସାଗର, କୋପାଲ କୃଷ୍ଣ ସାଗର, ଶିବ ସାହୁ ଅର୍ଜୁନ ତାଣ୍ଡି, କରୁଣା କର ଲୁହା, ଶ୍ରୀପତି ତାଣ୍ଡି, ସହଦେବତାଣ୍ଡି, ଦୁର୍ଯ୍ୟୋଧନ ନାୟକ, ଖଗେନ୍ଦ୍ର ବାଗ, କୁନାଲ ଭୋଇ, ମହେନ୍ଦ୍ର ସାଗର ପ୍ରମୁଖ ମଞ୍ଚରେ ଉପସ୍ଥିତ ରହିଥିଲେ। ନୂଆଖାଇ ଭେଟଘାଟ ମହୋତ୍ସବରେ ଗେଟିପଡା ଗ୍ରାମର ୯ଗୋଟି ଏସ୍ଏଚ୍‌ଜି ଗ୍ରୁପର ମହିଳାମାନଙ୍କ ଦ୍ୱାରା ପାରମ୍ପରିକ ନୂଆଁଖାଇ ପ୍ରସାଦ ପ୍ରସ୍ତୁତ କରାଯାଇ ବଣ୍ଟନ କରାଯାଇଥିଲା। ଏହି ଅବସରରେ ଅନେକଙ୍କୁ ସମ୍ବର୍ଦ୍ଧନା ଦିଆଯାଇଥିଲା। ନୂଆଖାଇ ଭେଟଘାଟର ମୁଖ୍ୟ ଆକର୍ଷଣ ସାଜିଥିଲେ ପଶ୍ଚିମ ଓଡିଶାର ସୁପରିଚିତ ଗାୟକ କୁନ୍ଦନ ଛୁରିଆ ଏବଂ ତାଙ୍କ ସାଥି। ଗାୟକ କୁନ୍ଦନଙ୍କ ଗୀତରେ ଝୁମିଥିଲେ ଶ୍ରୋତାଗଣ। ଚାନ୍ଦିଲି ଥାନା ପକ୍ଷରୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା କରାଯାଇଥିଲା।

# ୩୨ କେଜି ଗଞ୍ଜେଇ ଜବତ



ସେମିଳିଗୁଡ଼ା,୪।୯ (ସମିସ): ପୁଲିସ ପାଟ୍ରୋଲିଂ ବେଳେ ସେମିଳିଗୁଡା ପୁଲିସ ୩୨ କେଜି ଗଞ୍ଜେଇ ଜବତ କରିଛି। ଏଥିସହ ଏକ କାର ଜବତ କରାଯାଇଛି। ଚାଲାଣ କାରୀମାନେ ପୁଲିସକୁ ଦେଖି ଗଞ୍ଜେଇ ଛାଡି ଫେରାର୍ ହୋଇଯାଇଛନ୍ତି। ସୂଚନା ଅନୁଯାୟୀ, ସେମିଳିଗୁଡା ଥାନା ଏଏସଆଇ ବାବାଜୀଚରଣ କୁଅଁର, ଡିବି.ପ୍ରଭୁ ସହାୟ, ହାବିଲଦାର କେ. ରାମାରାଓ, କନେଷ୍ଟବଳ ଭୂବନ ନାୟକ, ସଂଜୟ ନାୟକ, ଡ୍ରାଇଭର ରାଜୀବ ନାୟକ ପ୍ରମୁଖ ଡୋଳିଆମ୍ବ ଅଞ୍ଚଳରେ ପାଟ୍ରୋଲିଂ କରୁଥିଲେ। ସେହି ସମୟରେ ଦାମନଯୋଡି ପାଶ୍ୱରୁ ଏକ କାର( ଓଆର୦୨ଏଭି ୫୯୫୮) ଆସୁଥିବା ଦେଖି ସନ୍ଦେହ ହେବାରୁ ଅଟକା ଯାଇଥିଲା। ପୁଲିସକୁ ଦେଖି ଗାଡି ଛାଡି ଦୁର୍ବୃତ୍ତମାନେ ଚମ୍ପଟ ମାରିଥିଲେ। ଘଞ୍ଚ ଜଙ୍ଗଲର ସୁଯୋଗ ନେଇ ସେମାନେ ଖସି ଯାଇଥିଲେ। ଯାଞ୍ଚ ପରେ ଗାଡ଼ି ପଛରେ ୨ଟି ପଲିଥିନ ବ୍ୟାଗରେ ୩୨ କେଜି ଗଞ୍ଜେଇ ଥିଲା। ଏସମ୍ପର୍କରେ ଥାନାରେ ଏକ ମାମଲା ରୁଜୁ କରାଯାଇ ତଦନ୍ତ ଚାଲିଥିବା ପୁଲିସ କହିଛି।

# ନଦୀ କୂଳରୁ ମହିଳାଙ୍କ ଗଳିତ ଶବ ଉଦ୍ଧାର

ବିଷମ କଟକ,୪।୯ (ସମିସ): ରାୟଗଡ଼ା ଜିଲ୍ଲା ବିଷମ କଟକ ବ୍ଲକ ଅନ୍ତର୍ଗତ ପାଇକ ଡାକୁଲୁଗୁଡା ଗାଁ ଦେଇ ଯାଉଥିବା ବଂଶଧାରା ନଦୀ କୂଳରେ ଜଣେ ମହିଳାର ଗଳିତ ଶବ ଉଦ୍ଧାର ହୋଇଛି। ମହିଳା ଜଣକ ଥୁଆପାଡି ପଞ୍ଚାୟତ ଅନ୍ତର୍ଗତ ଘଂଟିଖାଲ ଗ୍ରାମର ମେଦ୍ରାଣି ହିଆଲ୍ (୬୫) ବୋଲି ଜଣାଯାଇଛି। ମହିଳା ଜଣକ ଗତ ୩୦ ତାରିଖରୁ ନିଖୋଜ ରହିଥିବା ବେଳେ ଆଜି ତାର ଗଳିତ ଶବ ପରିବାର ଲୋକେ ଚିହ୍ନଟ କରିଛନ୍ତି। ମହିଳା ଜଣକ ଦୀର୍ଘ ଦିନ ହେବ ମାନସିକ ବିକାର ଗ୍ରସ୍ତ ରହିଥିବା ବେଳେ ନିୟମିତ ବ୍ୟବଧାନରେ କେଉଁଆଡେ ଚାଲି ଯାଉଥିଲେ। ହେଲେ ଗତ ଶନିବାର ଦିନ ଘରେ ନ କହି କୁଆଡେ ଚାଲିଯାଇଥିବା ବେଳେ ଆଉ ଘରକୁ ଫେରିନଥିଲେ। ଆଜି ସକାଳେ ନଦୀ କୁଳରେ ଏକ ମହିଳାର ଗଳିତ ଶବ ଠାବ ହୋଇଥିବା ବେଳେ ଖବର ପାଇ ବିଷମ କଟକ ଏସ୍‌ଡିପିଓ ସନ୍ତୋଷିନି ଓରାମ୍ ଘଟଣା ସ୍ଥଳରେ ପହଞ୍ଚି ଅଗ୍ନିଶମ ବାହିନି ସହାୟତାରେ ଏହି ଶବକୁ ଉଦ୍ଧାର କରିଥିଲେ। ନିଖୋଜ ମହିଳାର ପରିବାର ଲୋକେ ଘଟଣା ସ୍ଥଳରେ ପହଞ୍ଚି ଶବକୁ ଚିହ୍ନଟ କରିଥିଲେ। ଏ ନେଇ ମୁନିଗୁଡା ପୋଲିସ୍ ଏକ ଅପମୃତ୍ୟୁ ମାମଲା ରୁଜୁ କରିଛି। ଶବ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯିବ ବୋଲି ଥାନା ଆଇଆଇସି ସୌଦାମିନୀ ବେହେରା ସୂଚନା ଦେଇଛନ୍ତି।


ୟୁନିୟନ ବ୍ୟାଙ୍କ Union Bank of India

**କ୍ଷେତ୍ରୀୟ କାର୍ଯ୍ୟାଳୟ: ବାଲେଶ୍ୱର**
ମାଣିଖମ୍ଭ, ଓଟି ରୋଡ୍, ପୋଲିସ୍ ଲାଇନ୍, ଭାସ୍କରଗଞ୍ଜ, ଜିଲ୍ଲା: ବାଲେଶ୍ୱର, ପିନ୍-୭୫୬୦୦୧, ମୋ.: ୮୯୨୮୯୧୭୪୧୧/୯୬୮୭୬୯୭୫୪୮

**ସୁନା ନିଲାମ ବିଜ୍ଞପ୍ତି**

ଏତଦ୍‌ଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଛି ଯେ ନିମ୍ନଲିଖିତ ସୁନା ଋଣଗ୍ରହୀତାମାନଙ୍କୁ ବ୍ୟାଙ୍କ ବାରମ୍ବାର ନୋଟିସ୍ ଦ୍ୱାରା ସୂଚାଇ ଦେଇଥିବା ସତ୍ତ୍ୱେ ସେମାନେ ଋଣ ପରିଶୋଧ କରୁନାହାନ୍ତି। ଯଦି ସେମାନେ ନିଲାମ ତାରିଖ ପୂର୍ବରୁ ସେମାନଙ୍କର ବକେୟା ଋଣ ପରିଶୋଧ ନ କରନ୍ତି, ତାହା ହେଲେ ଆମର ସମ୍ପୃକ୍ତ ଶାଖା ପରିସରରେ ତା.୧୨.୦୯.୨୦୨୫ରିଖ ଅପରାହ୍ନ ୧୨.୩୦ ଘଟିକା ସମୟରେ ସେମାନଙ୍କର ବନ୍ଧକଥିବା ସୁନା ଅଳଙ୍କାରଗୁଡ଼ିକୁ ନିଲାମ କରାଯିବ। ଋଣଗ୍ରହୀତାମାନଙ୍କର କୌଣସି ଅସୁବିଧା ବା କ୍ଷୟ କ୍ଷତି ପାଇଁ ବ୍ୟାଙ୍କ ଦାୟୀ ହେବ ନାହିଁ ଓ ଆବଶ୍ୟକ ସ୍ଥଳେ ବ୍ୟାଙ୍କର କ୍ଷୟ କ୍ଷତି ଘଟିଲେ ବ୍ୟାଙ୍କ ସେମାନଙ୍କ ବିରୁଦ୍ଧରେ ଅଦାଲତରେ ଆଶ୍ରୟ ନେବ। ଋଣଗ୍ରହୀତାମାନେ ନିଲାମ ସମୟ ପୂର୍ବରୁ ବକେୟା ରାଶି ପରିଶୋଧ କରି ଅଳଙ୍କାରଗୁଡିକ ନେଇପାରିବେ।

| କ୍ରି. ନଂ. | ଋଣଗ୍ରହୀତାମାନଙ୍କ ନାମ ଓ ଠିକଣା / ସୁନା ଋଣ ଆକାଉଣ୍ଟ ନଂ. | ବକେୟା ରାଶି | ନେଟ୍ ଓଜନ (ଗ୍ରାମରେ) | ମୋଟ ଓଜନ (ଗ୍ରାମରେ) |
|---|---|---|---|---|
| **ଯୋଡା ଶାଖା, ମେନ୍ ରୋଡ୍, ଯୋଡା, ପିନ୍-୭୫୮୦୩୮, ମୋ.: ୯୬୩୫୧୪୨୭୨୩** | | | | |
| ୧. | ସାନ୍ନା ପ୍ରବୀନ୍, ସ୍ୱାମୀ: ମହମ୍ମଦ ଗଫୁର କୁରେଶୀ, ସା: ଯୋଡା ମାର୍କେଟ, ଯୋଡା, କେନ୍ଦୁଝର, ପିନ୍-୭୫୮୦୩୪ / ୧୩୬୭୧୬୫୩୦୦୦୦୪୫୫ | ଟ.୩୦,୬୮୯.୦୦ | ୨.୩୬ | ୩.୧୩ |
| ୨. | ଶ୍ରୀମତୀ ସୁନିତା ପୃଷ୍ଟି, ସ୍ୱାମୀ: ଶୁକଦେବ ପୃଷ୍ଟି, ସା: କୋହୁରଲଡା, ଭୂର୍ଯ୍ୟରଲଡା, ଯୋଡା, କେନ୍ଦୁଝର, ପିନ୍-୭୫୮୦୩୫ / ୧୩୬୭୧୬୫୩୦୦୦୦୩୮୦ | ଟ.୨୩,୬୮୬.୮୫ | ୫.୫୬ | ୬.୬୫ |
| **ରାଇରଙ୍ଗପୁର ଶାଖା, ପ୍ଲଟ୍ ନଂ.: ୫୪/୧୦୬୬, ଚୌବେ ଧର୍ମଶାଳା ସାମ୍ନା, ୱାର୍ଡ ନଂ.-୯, ପୋ: ରାଇରଙ୍ଗପୁର, ଜିଲ୍ଲା: ମୟୂରଭଞ୍ଜ, ଓଡ଼ିଶା, ପିନ୍-୭୫୭୦୪୩, ମୋ.: ୯୭୦୪୮୬୮୮୮୪** | | | | |
| ୧. | ମହମ୍ମଦ କୁଲଫିକାର ଅଲ୍ଲି, ୱାର୍ଡ ନଂ.-୧୧, ଗ୍ରାମ: ଠାକୁରାଣୀବେଡା, ପୋ: ରାଇରଙ୍ଗପୁର, ଥାନା: ରାଇରଙ୍ଗପୁର, ମୟୂରଭଞ୍ଜ-୭୫୭୦୨୨ / ୭୬୩୯୦୬୬୩୦୦୦୦୦୦୩ | ଟ.୪୭,୮୦୨.୦୦ | ୧୧.୩୮୯ | ୧୬.୨୭ |
| **ରେମୁଣା-ଜାନୁଗଞ୍ଜ ଶାଖା, ଗଣେଶ୍ୱରପୁର, ଜାନୁଗଞ୍ଜ, ରେମୁଣା ଗୋଲେଇ, ବାଲେଶ୍ୱର, ପିନ୍-୭୫୬୦୧୯, ମୋ.: ୯୯୭୩୨୬୧୦୩୩** | | | | |
| ୧. | ଶ୍ରୀ ପ୍ରଫୁଲ୍ଲ କୁମାର ଜେନା, ପିତା: ଝାଡେଶ୍ୱର ଜେନା, ସା: ସରସ୍ୱତୀପୁର, ପୋ: ଛଣପୁର, ବାଲେଶ୍ୱର, ପିନ୍-୭୫୬୦୫୬ / ୭୨୩୭୦୬୬୩୦୦୦୦୦୦୫୧ | ଟ.୧,୫୬,୭୩୦.୦୦ | ୩୩.୪୧୭ | ୩୫.୫୬ |
| **ବାଲେଶ୍ୱର ମୁଖ୍ୟ ଶାଖା, ଆର୍ କେ ପ୍ଲାଜା, ୧ମ ମହଲା, ହସ୍ପିଟାଲ ରୋଡ୍, ଭି ଏନ୍ ମାର୍ଗ, ବାଲେଶ୍ୱର, ଜିଲ୍ଲା: ବାଲେଶ୍ୱର, ପିନ୍-୭୫୬୦୦୧, ମୋ.: ୭୭୩୫୩୪୬୬୬୯** | | | | |
| ୧. | ଶ୍ରୀ ସୁଦାମ ମହାରଣା, ପିତା: ସୁଧବ ମହାରଣା, ସା: ମହାରଣା ସାହି, ବାଣେଶ୍ୱର ନିକଟ, ବାଲେଶ୍ୱର-୭୫୬୦୦୨ / ୫୦୦୬୦୬୫୪୦୦୦୦୯୬୭ | ଟ.୪,୮୭,୯୨୯.୬୮ | ୮୫ | ୧୦୦.୬ |

ନିଲାମ ଧରିବା ପାଇଁ ଇଚ୍ଛୁକ ବ୍ୟକ୍ତି ବ୍ୟାଙ୍କର ନିମ୍ନଲିଖିତ ନିୟମ ଗୁଡିକ ପାଳନ କରି ନିଲାମରେ ଅଂଶଗ୍ରହଣ କରିପାରିବେ।

୧) ନିଲାମ ଡାକିବା ପାଇଁ ଇଚ୍ଛୁକ ବ୍ୟକ୍ତିଙ୍କୁ ନିଲାମର ନିର୍ଦ୍ଧାରିତ ସମୟର ୨ ଘଣ୍ଟା ପୂର୍ବରୁ ଟ.୫,୦୦୦/- ଅମାନତ ଆକାରରେ ଜମା ଏବଂ ବୈଧ କେୱାଇସି (KYC) ଦେବାକୁ ହେବ।
୨) ଅମାନତ ଦାଖଲ ପରେ, ନିଲାମରେ ଅଂଶଗ୍ରହଣ କରିବାକୁ ଚାହୁଁଥିବା ବ୍ୟକ୍ତିମାନେ ଅଳଙ୍କାରଗୁଡିକୁ ଯାଞ୍ଚ କରିପାରିବେ।
୩) ସର୍ବୋଚ୍ଚ ନିଲାମ ଡାକ ଡାକିଥିବା ବ୍ୟକ୍ତିଙ୍କୁ ଉକ୍ତ ଡାକର ଶତକଡା ସମ୍ପୂର୍ଣ୍ଣ ରାଶି ସଙ୍ଗେ ସଙ୍ଗେ ବ୍ୟାଙ୍କରେ ଜମା କରିବାକୁ ପଡିବ। ଯଦି କୌଣସି ବ୍ୟକ୍ତି ସର୍ବୋଚ୍ଚ ଡାକ ଡାକିଲା ପରେ, ସମ୍ପୂର୍ଣ୍ଣ ରାଶି ଜମା କରିବାକୁ ଅସମର୍ଥ ହୁଅନ୍ତି, ତେବେ ତାଙ୍କର ଅମାନତ ଟଙ୍କା ବାଜ୍ୟାପ୍ତି ହୋଇଯିବ ଓ ଉକ୍ତ ବ୍ୟକ୍ତିଙ୍କୁ ଆଉ ଥରେ ନିଲାମ ଡାକିବାକୁ ଅନୁମତି ଦିଆଯିବ ନାହିଁ।
୪) ଗୋଟିଏ ଆକାଉଣ୍ଟର ନିଲାମ ଡାକ ଓ ଟଙ୍କା ଜମା ଇତ୍ୟାଦି ସରିଲା ପରେ ହିଁ ଅନ୍ୟ ଆକାଉଣ୍ଟ ପାଇଁ ନିଲାମ କାର୍ଯ୍ୟ ଆରମ୍ଭ ହେବ।
୫) ବ୍ୟାଙ୍କ କୌଣସି ନିଲାମ ଡାକ ମାନିନେବାକୁ ବାଧ୍ୟ ନୁହେଁ। କୌଣସି କାରଣ ନ ଦର୍ଶାଇ ବ୍ୟାଙ୍କ ନିଲାମକୁ ରଦ୍ଦ କରିପାରେ।
୬) ଯେଉଁ ବ୍ୟକ୍ତିଙ୍କ ସର୍ବୋଚ୍ଚ ଡାକ, ୟୁନିୟନ ବ୍ୟାଙ୍କ ଅଫ୍ ଇଣ୍ଡିଆ ଶାଖା କାର୍ଯ୍ୟାଳୟ ଦ୍ୱାରା ଗ୍ରହଣୀୟ ହେବ ଉକ୍ତ ବ୍ୟକ୍ତି ନିଲାମ ଦୃଢ଼ୀକରଣ ହେବା ସୂଚନା ପାଇବା ପରେ ସମ୍ପୂର୍ଣ୍ଣ ନିଲାମ ରାଶି ସଙ୍ଗେସଙ୍ଗେ ବ୍ୟାଙ୍କରେ ଜମା କରିବାକୁ ବାଧ୍ୟ ହେବେ। ନଚେତ୍, ପୂର୍ବରୁ ଜମା ଦେଇଥିବା ଅମାନତ ରାଶି ବାଜ୍ୟାପ୍ତି ହେବ।
୭) ୟୁନିୟନ ବ୍ୟାଙ୍କ ଅଫ୍ ଇଣ୍ଡିଆ ଶାଖା କାର୍ଯ୍ୟାଳୟ ଯଦି କୌଣସି ଉଚ୍ଚ ନିଲାମ ଡାକକୁ ନାକଚ/ରଦ୍ଦ କରନ୍ତି, ତେବେ ଜମା ହୋଇଥିବା ଅମାନତ ରାଶି ଉକ୍ତ ଜମାକାରୀଙ୍କୁ ବିନା ସୁଧରେ ଫେରାଇ ଦିଆଯିବ।
୮) ନିଲାମରେ ରଖାଯାଇଥିବା ଅଳଙ୍କାରଗୁଡିକର ଗୁଣ, ଓଜନ ଓ ବିଶୁଦ୍ଧତା ପାଇଁ ୟୁନିୟନ ବ୍ୟାଙ୍କ ଅଫ୍ ଇଣ୍ଡିଆ କୌଣସି ପ୍ରକାର ଦାୟୀ ହେବେ ନାହିଁ।
୯) ନିଲାମରେ ଭାଗ ନେଇଥିବା କୌଣସି ବ୍ୟକ୍ତି ଉପରୋକ୍ତ ନିୟମକୁ ନ ମାନିଲେ ବ୍ୟାଙ୍କ ତାଙ୍କର ଅମାନତ ଟଙ୍କା ବାଜ୍ୟାପ୍ତି କରିପାରିବ।

ସ୍ଥାନ : ବାଲେଶ୍ୱର
ତାରିଖ : ୦୪.୦୯.୨୦୨୫

ଶାଖା ପ୍ରବନ୍ଧକ,
ୟୁନିୟନ ବ୍ୟାଙ୍କ ଅଫ୍ ଇଣ୍ଡିଆ


## ଲଟା ସଫା କଲେନି; ଭାଙ୍ଗିଲା କେନାଲ

# ହଜାର ହେକ୍ଟରରୁ ଅଧିକ ଫସଲ ନଷ୍ଟ



କଲ୍ୟାଣସିଂହପୁର,୪।୯ (ସମିସ): ରାୟଗଡ଼ା ଜିଲା କଲ୍ୟାଣସିଂହପୁର ବ୍ଲକର ହାତୀମୁଣ୍ଡା ଚେକ୍‌ଡ୍ୟାମ୍ କେନାଲ ଭାଙ୍ଗି ଯିବାରୁ ହଜାରେ ହେକ୍ଟର ଚାଷଜମି ମରୁଭୂମି ପାଲଟିବା ନେଇ ଚିନ୍ତାରେ ଚାଷୀ। ପ୍ରତିବର୍ଷ ଏହି ଚେକ୍‌ଡ୍ୟାମ୍ ଓ ୧୬ ଶହ ହେକ୍ଟର ଚାଷ ଜମିକୁ ଅବହେଳା କରା ଯାଉଥିବାରୁ ଚାଷୀମାନେ ଜୀବନ ଓ ଜୀବିକା ସହ ସଂଘର୍ଷ କରିଥାନ୍ତି। କିନ୍ତୁ କ୍ଷୁଦ୍ର ଜଳ ସେଚନ ବିଭାଗ ଓ ପାଣି ପଞ୍ଚାୟତ ଅଣଦେଖା କରିବାରୁ ପ୍ରତିବର୍ଷ ଚାଷୀ ଅବହେଳାର ଶିକାର ହେଉଛନ୍ତି। ପାଣି ପଞ୍ଚାୟତ ଦ୍ୱାରା ପରିଚାଳିତ ପାଣି ପଞ୍ଚାୟତ-୧ ନମ୍ବର ମୁଖ୍ୟ କେନାଲ ଆରଡ଼ି-୪୩୦୦ ଭୁତଲ କେନାଲର ଛାତ ସମ୍ପୂର୍ଣ୍ଣ ଭାବେ ଭୁଶୁଡ଼ି ଯାଇଛି। ଯାହା ଫଳରେ ଚାଷ ଜମିକୁ ପାଣି ମାଡି ପାରିବ ନାହିଁ। ଚିନ୍ତାରେ ଚାଷୀଙ୍କ ମହଲରେ ଅସନ୍ତୋଷ ପ୍ରକାଶ ପାଇଛି। ହାତୀମୁଣ୍ଡା ଚେକ ଡ୍ୟାମ୍‌ରେ ୩ଟି ପାଣି କଲ୍ୟାଣସିଂହପୁର ବ୍ଲକର ଧାନ ମାଠିଆ କୁହାଯାଉଥିବା ହାତୀମୁଣ୍ଡା ଚେକଡ୍ୟାମ୍‌ର ଚାଷୀ ବାରମ୍ବାର ଅଭିଯୋଗ କଲା ପରେ ବିଭାଗ କିମ୍ବା ପାଣି ପଞ୍ଚାୟତ ପକ୍ଷରୁ କୌଣସି ଦୃଷ୍ଟି ଦେଇ ନଥିବାରୁ ଏଭଳି ଅବସ୍ଥା ହୋଇଛି ବୋଲି ଚାଷୀମାନେ ଅଭିଯୋଗ କରିଛନ୍ତି।

## କ୍ଷତିପୂରଣ ଦାବି କଲା ପାଣି ପଞ୍ଚାୟତ କମିଟି

ପ୍ରତିବର୍ଷ ଅଧିକାରୀ ଓ ପାଣି ପଞ୍ଚାୟତ କର୍ମକର୍ତ୍ତା ଘଟଣାସ୍ଥଳକୁ ଯାଇ ଅନୁଧ୍ୟାନ କରିଲା ପରେ ବି କୌଣସି କାର୍ଯ୍ୟ କରୁନଥିବାରୁ ବାରମ୍ବାର ଏଭଳି କେନାଲ ଭାଙ୍ଗିରୁଜି ଯାଉଛି। ଫଳରେ ଆଜି ଏଭଳି ସମସ୍ୟାର ସମ୍ମୁଖୀନ ହେବାକୁ ପଡୁଛି। ଖରାଦିନରେ କେନାଲ ସଫା କରିବା ପାଇଁ ଅର୍ଥ ଆସୁଛି । କିନ୍ତୁ ଉକ୍ତ ଟଙ୍କା କୁଆଡେ ବାଟ ମାରଣା ହୋଇଯାଉଛି, ତାହା କେହି ଚାଷୀ ଜାଣି ପାରୁନାହାନ୍ତି। କେନାଲ ଲଟାବୁଦା ସଫା ଓ ଖରାଦିନେ ମରାମତି କଲେ କେନାଲରେ ପଟୁମାଟି କିମ୍ବା ଲଟା ବୁଦା ଜମିରହିବ ନାହିଁ। ପାଣି ପଞ୍ଚାୟତ ତରଫରୁ ସଫା ହେଉନି କି ବିଭାଗ କରୁନି। ଉକ୍ତ ଟଙ୍କା କୁଆଡେ ଯାଉଛି ବୋଲି ଚାଷୀ ପ୍ରଶ୍ନ କରିଛନ୍ତି। କେନାଲ ଭାଙ୍ଗିବା ପରେ ପାଣି ପଞ୍ଚାୟତର ଚେତା ପଶିବା ସହ କେନାଲରେ ବାଲି ବସ୍ତା ଦେଇ ଚାଷ ଜମିକୁ ପାଣି ଯୋଗାଇବା ପାଇଁ ଚେଷ୍ଟା କରୁଛି। ପୂର୍ବରୁ ମୁଖ୍ୟ କେନାଲ ଓସାରିଆ ଥିବା ବେଳେ ଲଟାବୁଦା ଭାଙ୍ଗି ରୁଜି ଯିବାରୁ ବର୍ତ୍ତମାନ ଅଣ ଓସାରିଆ ହୋଇ କିଛି ଜମିକୁ ପାଣି ମାଡୁ ଥିବା ବେଳେ ଆଉ କିଛି ଜମିକୁ ପାଣି ମାଡି ପାରୁନାହିଁ। ଯଦି ପ୍ରବଳ ବର୍ଷା ହୁଏ, ତେବେ ବାଲି ବସ୍ତା ଗୁଡ଼ିକ ସମ୍ପୂର୍ଣ୍ଣ ଧୋଇ ହୋଇଗଲେ ଚାଷ ହୋଇଥିବା ଖିଡିକା ବଣ୍ଡେଲି ଠାରୁ ଦୁଇ ଓ ତିନି ନମ୍ବର ପାଣି ପଞ୍ଚାୟତରେ ଥିବା ହଜାରେ ହେକ୍ଟର ଠୁ ଅଧିକ ଧାନ ଜମି ଗୁଡ଼ିକ ମରୁଡ଼ି ହୋଇଯିବ ବୋଲି କାରଗାମ ନାରସିଙ୍ଗୁଲୁ, ରବି ନାୟର, କଞ୍ଚାକା ରାଇମାଣୀ, ବଗି କୁନାକା, ଚଇତି ହିକ୍‌କା ପ୍ରମୁଖ ଚାଷୀ ଅଭିଯୋଗ କରିଛନ୍ତି। ଏଠାରେ କାର୍ଯ୍ୟ କରିବା ପାଇଁ ସରକାର ସହାୟତା ଯୋଗାଉ ନଥିବାରୁ ହାତ ଟେକିଦେଇଛନ୍ତି। ବିଭାଗ ଭାଙ୍ଗି ଯାଇଥିବା କେନାଲଗୁଡାକ ନୂତନ ନିର୍ମାଣ କଲେ ଚାଷୀ ଉପକୃତ ହେବେ ବୋଲି ପଲକା ଲିମା, କତାଗୁଡା, ପୂଜାରୀଗୁଡା, କଟକୀ ନାଳ, ତଡ୍ରା, ଶିରିପୁର ଅଞ୍ଚଳର ସତାଧିକ ଚାଷୀ ଦାବି କରିଛନ୍ତି।

# ସମ୍ପାଦକୀୟ



ସେମାନେ ହିଁ ପ୍ରକୃତ ଶିକ୍ଷକ, ଯେଉଁମାନେ ଆମ ନିଜକୁ ଚିନ୍ତା କରିବାରେ ସାହାଯ୍ୟ କରନ୍ତି।
-ସର୍ବପଲ୍ଲୀ ରାଧାକ୍ରିଷ୍ଣନ୍

ସକାଳ
THE SAKALA

## ଜିଏସ୍‌ଟି ଆଶ୍ୱସ୍ତି

ଦ୍ରବ୍ୟ ଓ ସେବା କର(ଜିଏସ୍‌ଟି) ପ୍ରଚଳନ ପରେ ଯେଉଁ ବ୍ୟାଖ୍ୟାନ ସୃଷ୍ଟି କରାଗଲା ସେଥିରେ କୁହାଗଲା ଯେ ପୂର୍ବରୁ ଗରିବଙ୍କ ଜୀବନଧାରଣ ପାଇଁ ଅତ୍ୟାବଶ୍ୟକ ଅଟା ଓ ଚାଉଳରେ ମଧ୍ୟ ଟିକସ ଲାଗୁଥିଲା। ଜିଏସ୍‌ଟି ପରେ ଗରିବ ଆଶ୍ୱସ୍ତ ହେବେ। କିନ୍ତୁ ଜିଏସ୍‌ଟି ପରିସରକୁ ଏଭଳି ଅନେକ ଦ୍ରବ୍ୟ ଓ ସେବା ଅଣାଗଲା, ଯାହା ଥିଲା ଅଭୂତପୂର୍ବ ଓ ଅବିଶ୍ୱସନୀୟ। ସେଥିମଧ୍ୟରୁ ଗୋଟିଏ ଥିଲା ସମ୍ବିଧାନ ପ୍ରଦତ୍ତ ଜୀବନ ଜିଇଁବାର ମୌଳିକ ଅଧିକାର ସହିତ ଯୋଡ଼ି ହୋଇଥିବା ସ୍ୱାସ୍ଥ୍ୟବୀମା ଓ ଜୀବନ ବୀମା। ଅବିଶ୍ୱସନୀୟ ଭାବେ ଏହା ଉପରେ ୧୮% ପର୍ଯ୍ୟନ୍ତ ଜିଏସ୍‌ଟି ଧାର୍ଯ୍ୟ କରାଯାଇଥିଲା। ଭାରତରେ ବୀମା କମ୍ପାନୀମାନେ ପ୍ରଚୁର ଲାଭ କରୁଥିଲେ ମଧ୍ୟ ଜିଏସ୍‌ଟି ବୋଝ ବୀମାଧାରୀ ବା ଉପଭୋକ୍ତାଙ୍କୁ ହିଁ ମୁଣ୍ଡାଇବାକୁ ପଡୁଥିଲା। ଏହାକୁ ନେଇ ଟିକସଦାତାଙ୍କ ମନରେ ପ୍ରବଳ ଅସନ୍ତୋଷ, ଏପରିକି ଏନ୍‌ଡିଏ ଭିତରେ ମଧ୍ୟ ବିରୋଧାଭାସ ସୃଷ୍ଟି ହୋଇଥିଲା। ବରିଷ୍ଠ ବିଜେପି ନେତା ନିତିନ ଗଡ୍‌କରୀ ଅନେକ ଜନସଭାରେ ଏହାକୁ ନାପସନ୍ଦ କରି ମନ୍ତବ୍ୟ ଦେଇଥିଲେ। ସୁଖର କଥା ଯେ ସଦ୍ୟତମ ଜିଏସ୍‌ଟି ବୈଠକରେ ସ୍ୱାସ୍ଥ୍ୟ ଓ ଜୀବନ ବୀମା ସମେତ ସମ୍ବିଧାନ ପ୍ରଦତ୍ତ ମୌଳିକ ଅଧିକାର ଶିକ୍ଷା ସହିତ ଜଡ଼ିତ କେତେକ ଉପକରଣକୁ ଜିଏସ୍‌ଟି ପଞ୍ଝାରୁ ମୁକ୍ତ କରିଦିଆଯାଇଛି।

ଶିକ୍ଷା ଓ ସ୍ୱାସ୍ଥ୍ୟ ସମ୍ବିଧାନ ପ୍ରଦତ୍ତ ଦୁଇ ମୌଳିକ ଅଧିକାର। ଅଥଚ ଭାରତରେ ସର୍ବାଧିକ ସମସ୍ୟାବହୁଳ କ୍ଷେତ୍ର ରୂପେ ପରିଚିତ ଏହି ଦୁଇଟିରେ ବଜେଟ୍ ବ୍ୟୟବରାଦ ନୈରାଶ୍ୟଜନକ। ଅପରପକ୍ଷରେ ଦିନକୁ ଦିନ ସ୍ୱାସ୍ଥ୍ୟ ଓ ଶିକ୍ଷା ବ୍ୟୟବହୁଳ ହୋଇପଡୁଥିବା ବେଳେ ସେଗୁଡ଼ିକ ଉପରେ ୧୨%-୧୮% ଜିଏସ୍‌ଟି 'ବୋଝ ଉପରେ ନଳିତା ବିଡ଼ା' ଭଳି ହୋଇଥିଲା। ଶିକ୍ଷା ଓ ସ୍ୱାସ୍ଥ୍ୟ ବୀମା ଉପରେ ଜିଏସଟି ଯେ ସମ୍ବିଧାନର ପରିପନ୍ଥୀ ଏହା ହୃଦ୍‌ବୋଧ କରିବାକୁ ସରକାରଙ୍କୁ ୯ ବର୍ଷ ଲାଗିଗଲା। ଶିକ୍ଷା ସହିତ ସଂଶ୍ଲିଷ୍ଟ ଉପକରଣକୁ ୧୨% ଜିଏସ୍‌ଟି ସ୍ଲାବ୍‌ରୁ ମୁକ୍ତ କରି ୦% କରାଯାଇଥିବା ବେଳେ ତଥାପି କେତେକ ସ୍ୱାସ୍ଥ୍ୟ ଓ ଚିକିତ୍ସା ଉପକରଣ ଜିଏସ୍‌ଟିର ପଞ୍ଝାରୁ ସମ୍ପୂର୍ଣ୍ଣ ମୁକ୍ତ ହୋଇନାହିଁ। ଆଗାମୀ ଦିନରେ ଏ ଦିଗପ୍ରତି ଜିଏସ୍‌ଟି ପରିଷଦ ଦୃଷ୍ଟି ଦେବେ ବୋଲି ଆଶା।

ସଘନ ଭୋଟର ତାଲିକା ସଂଶୋଧନ ଅଭିଯାନ ବିବାଦ ପୃଷ୍ଠଭୂମିରେ ବିହାର ବିଧାନସଭା ନିର୍ବାଚନ ଅବ୍ୟବହିତ ପୂର୍ବର ବାଧ୍ୟବାଧକତା ହେଉ କିମ୍ବା ସରକାରଙ୍କ ଜନକଲ୍ୟାଣ ଦୃଷ୍ଟିକୋଣରୁ ଚାରିଥାକିଆ ଜିଏସ୍‌ଟି ଏବେ ତିନିଥାକିଆର ରୂପ ନେଇଛି। ୧୨% ଓ ୨୮% ସ୍ଲାବ୍‌କୁ ହଟାଇ ତା' ଅଧୀନରେ ଆସୁଥିବା ନିତ୍ୟବ୍ୟବହାର୍ଯ୍ୟ, ବିଳାସପୂର୍ଣ୍ଣ ଓ ଆମୋଦଦାୟକ ସାମଗ୍ରୀ, ଯାନବାହନ, କୃଷି ଉପକରଣ ଆଦିକୁ ୫% ଓ ୧୮% ସ୍ଲାବ୍‌ରେ ବାଣ୍ଟି ଦିଆଯାଇଥିବାରୁ ମହଙ୍ଗା ମାଡ଼ ଓ ଆୟ ସଂକୋଚନରେ ଘାଇଲା ଖାଉଟି ଆଶ୍ୱସ୍ତି ପାଇବେ ନିଶ୍ଚୟ। ଏହାଦ୍ୱାରା ବଜାର ଅର୍ଥନୀତି ମଧ୍ୟ ଚଳଚଞ୍ଚଳ ହୋଇ ଅଭିବୃଦ୍ଧିକୁ ଗତି ମିଳିବ। ଜିଏସ୍‌ଟି ସ୍ଲାବ୍ କୋହଳ ଦ୍ୱାରା ସରକାର ଯେତିକି ରାଜସ୍ୱ ହରାଇବେ ତାହାକୁ ତମାଖୁଜାତୀୟ ଉତ୍ପାଦରୁ ଭରଣା କରିବେ। କାରଣ ଇତିମଧ୍ୟରେ ସେହିସବୁ ଆପତ୍ତିଜନକ ସାମଗ୍ରୀର ବ୍ୟବହାର ବୃଦ୍ଧି ପାଉଥିବା ବେଳେ ଜିଏସ୍‌ଟିର ୪୦% ସ୍ଲାବ୍ ମଧ୍ୟରେ ସେଗୁଡ଼ିକୁ ରଖାଯାଇଛି। ତେଣୁ ରାଜସ୍ୱ ଭରଣାରେ ସରକାରଙ୍କ ପାଇଁ ବିଶେଷ ଅସୁବିଧା ହେବ ନାହିଁ। କିନ୍ତୁ ଏହାଦ୍ୱାରା ରାଜ୍ୟମାନଙ୍କର ଟିକସ ରାଜସ୍ୱ ହାନି ନେଇ ଯେଉଁ ଅଭିଯୋଗ ଓ ଭରଣା ଦାବିମାନ ଆସିବ ତାହାର ସମାଧାନ କେନ୍ଦ୍ର ସରକାରଙ୍କ ପାଇଁ ଆହ୍ୱାନ ସୃଷ୍ଟି କରିବ।

## ସ୍ୱପ୍ନରେ ଅଙ୍କୁଶ

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଭାରତ ବିରୋଧୀ ଅସୂୟା ଉତ୍କଟ ହେଉଛି। ଏହା ଯେ ଉଭୟଦେଶ ପାଇଁ ଅହିତ ତାହା ବୁଝିବା ସ୍ଥିତିରେ ଟ୍ରମ୍ପ ନାହାନ୍ତି। ଭାରତର ରପ୍ତାନି ବାଣିଜ୍ୟ ପରେ ଟ୍ରମ୍ପଙ୍କ ରୋଷର ଶିକାର ହେବାକୁ ଯାଉଛନ୍ତି ଆମେରିକାରେ ପାଠପଢ଼ି ସେଠାରେ ଚାକିରି ଖୋଜିବାକୁ ସ୍ୱପ୍ନ ଦେଖୁଥିବା ପ୍ରବାସୀ ଛାତ୍ରଛାତ୍ରୀ। ଆମେରିକାରେ ପ୍ରଚଳିତ ନିୟମ ଓ ସର୍ତ୍ତ ଅନୁଯାୟୀ ପ୍ରବାସୀ ଛାତ୍ରଛାତ୍ରୀଙ୍କ ପାଇଁ ଏଫ୍-୧ ଓ ଜେ ଆକାରରେ ଦୁଇପ୍ରକାର ଭିସା ଦିଆଯାଉଛି। ଏଫ୍-୧ ଭିସାଧାରୀମାନଙ୍କ ପାଖରେ ଛାତ୍ର ମାନ୍ୟତା ଥିବା ପର୍ଯ୍ୟନ୍ତ ଆମେରିକାରେ ରହିପାରୁଛନ୍ତି। ଗୋଟିଏ ପାଠ୍ୟକ୍ରମ ସରିବା ପରେ ଅନୁରୋଧ ଆଧାରରେ ଆମେରିକାର ଶିକ୍ଷାନୁଷ୍ଠାନମାନ ଛାତ୍ରଛାତ୍ରୀଙ୍କ ପାଠପଢ଼ା ଅବଧି ବୃଦ୍ଧି ପାଇଁ ସୁପାରିସ କରୁଛନ୍ତି। ଏହାଦ୍ୱାରା ସେମାନେ ସେଠାରେ ରହି ଚାକିରି ଖୋଜିବା ସହଜ ହେଉଛି। ପାଠପଢ଼ା ଅବଧି ପରେ ଛାତ୍ରଛାତ୍ରୀଙ୍କୁ ସର୍ବାଧିକ ୬୦ ଦିନ ପର୍ଯ୍ୟନ୍ତ ରହିବାର ଅନୁମତି ମିଳୁଛି। ଏହି ନିୟମକୁ ଏବେ ଟ୍ରମ୍ପ ପ୍ରଶାସନ ସଂଶୋଧନ କରିବାର ପ୍ରସ୍ତୁତି ଚୂଡ଼ାନ୍ତ କରିଛନ୍ତି। ଆମେରିକାର ଡିପାର୍ଟମେଣ୍ଟ ଅଫ୍ ହୋମ୍‌ଲାଣ୍ଡ ସିକ୍ୟୁରିଟି(ଡିଏଚ୍‌ଏସ୍) ଦ୍ୱାରା ପ୍ରଣୀତ ସଂଶୋଧିତ ଚିଠା ନିୟମ ଅନୁଯାୟୀ ପ୍ରବାସୀ ଛାତ୍ରଛାତ୍ରୀଙ୍କୁ ୪ ବର୍ଷ କିମ୍ବା ପାଠ୍ୟକ୍ରମ ଅବଧି ମଧ୍ୟରୁ ଯାହା କମ୍ ଥିବ ସେତିକି ଦିନ ପାଇଁ ଭିସା ଅନୁମତି ମିଳିବ। ଏହାପରେ ଛାତ୍ରଛାତ୍ରୀମାନେ ସେଠାରେ ରହିବାକୁ ହେଲେ ସିଧାସଳଖ ଡିଏଚ୍‌ଏସ୍‌କୁ ଆବେଦନ କରିବାକୁ ପଡ଼ିବ। ଯଦି ଡିଏଚ୍‌ଏସ୍ ସନ୍ତୁଷ୍ଟ ହୁଏ ତେବେ ସର୍ବାଧିକ ୩୦ ଦିନ ପର୍ଯ୍ୟନ୍ତ ହିଁ ରହିବା ଅନୁମତି ମିଳିବ।

୨୦୨୩-୨୪ ତଥ୍ୟାନୁଯାୟୀ ଆମେରିକାରେ ୧୧ ଲକ୍ଷ ୨୭ ହଜାର ପ୍ରବାସୀ ଛାତ୍ରଛାତ୍ରୀ ଅଛନ୍ତି, ଯାହାଙ୍କ ମଧ୍ୟରୁ ପ୍ରାୟ ଏକ-ଚତୁର୍ଥାଂଶ ବା ୩ ଲକ୍ଷ ୩୧ ହଜାର ଭାରତୀୟ। ତେଣୁ ଟ୍ରମ୍ପଙ୍କ ନୂଆ ଭିସା ନିୟମରେ ଭାରତୀୟ ଛାତ୍ରଛାତ୍ରୀ ସର୍ବାଧିକ ପ୍ରଭାବିତ ହେବେ। କିନ୍ତୁ ଯେଉଁମାନଙ୍କୁ ଏଫ୍-୧ ଭିସା ଅନୁମତି ମିଳିସାରିଛି ସେମାନେ ନୂଆ ନିୟମରେ ପ୍ରଭାବିତ ହେବେ ନାହିଁ ବୋଲି ବିଶେଷଜ୍ଞମାନେ ମତ ଦେଇଛନ୍ତି। ଆମେରିକାକୁ ପୁଣି ସମୃଦ୍ଧିଶାଳୀ କରିବା ଲକ୍ଷ୍ୟ(ମେକ୍ ଆମେରିକା ଗ୍ରେଟ୍ ଏଗେନ୍-ମାଗା)ରେ ଟ୍ରମ୍ପଙ୍କ ମାତ୍ରାଧିକ ରକ୍ଷଣଶୀଳ ରାଷ୍ଟ୍ରବାଦୀ ନୀତି ଆମେରିକାକୁ ତାଙ୍କ ଲକ୍ଷ୍ୟ ବିପରୀତ ଦିଗରେ ନେଇଯାଇପାରେ। ତେଣୁ ଆମେରିକାର କୁଳପତି ଓ ଅଧ୍ୟକ୍ଷ ସଂଘ ଚିଠା ନିୟମର ପୁନଃବିଚାର ପାଇଁ ଟ୍ରମ୍ପ ପ୍ରଶାସନକୁ ପ୍ରସ୍ତାବ ଦେଇଛନ୍ତି। 'ମାଗା'ରେ ମଣିଷ ଗଢ଼ା ଉଦ୍ୟମର ଫଳ ଯଦି ମାଙ୍କଡ଼ର ରୂପ ନିଏ ତେବେ ତାହା କେବଳ ଆମେରିକା ନୁହେଁ, ସମଗ୍ର ବିଶ୍ୱ ପାଇଁ ଅହିତକର ହେବ - ଏହା ଟ୍ରମ୍ପଙ୍କୁ ତାଙ୍କ ପରାମର୍ଶଦାତା ପରିଷଦ ବୁଝାଇବା ଆବଶ୍ୟକ।

# ଆମେ ଖାଉଟି ହୋଇ ରହିଗଲେ

**ଗୌରୀ ପ୍ରସାଦ ମହାପାତ୍ର**

ଆମେ ବିଶ୍ୱର ସର୍ବବୃହତ୍ ଓ ସଚଳ ଖାଉଟି ବଜାରର ଅଧିକାରୀ। ତେଣୁ ବିଦେଶୀ ଯେତେ ଶକ୍ତିଶାଳୀ ଓ ପ୍ରତିପତ୍ତିଶାଳୀ ହେଉ ପଛକେ ଆଜିର ବଜାର-ଅର୍ଥନୈତିକ ବିଶ୍ୱ ପ୍ରେକ୍ଷାପଟରେ ଆମ ସହିତ ସାଲିସ୍ କରିବାକୁ ବାଧ୍ୟ। ଏହି ଧାରଣାରୁ ଉର୍ଦ୍ଧ୍ୱକୁ ଆମେ ଯଦି ଉଠିପାରିଥା'ନ୍ତେ, ତା'ହେଲେ ଆଜି ଆମେରିକା ଚାପରେ ଅସହାୟ ହୋଇ ପଡ଼ି ନଥା'ନ୍ତେ। ଖାଉଟି ମାନସିକତା, ଶ୍ରମକାତରତା ଓ ନୀତିଗତ ଅର୍ଥବତାର କର୍ମସଂସ୍କୃତି ଭିତରେ ଆମେ ଯାହା ଯେତିକି ଉତ୍ପାଦନ କଲୁ ସେଥିରୁ ସିଂହଭାଗ ରପ୍ତାନୀ ପାଇଁ କେବଳ ଆମେରିକା ବଜାର ଉପରେ ନିର୍ଭର କରି ଅଧିକ ଲାଭ, ସୁଖ ଓ ଶାନ୍ତି ଖୋଜିଲୁ; ଅଥଚ ବିଶ୍ୱ ବଜାରର ଆହ୍ୱାନକୁ ସମ୍ମୁଖୀନ ହେବାକୁ ଆଗଭର ହେଲୁ ନାହିଁ। ଆମେରିକାର ଆମଦାନୀ ଶୁଳ୍କ ବୃଦ୍ଧିରେ ଆକ୍ରାନ୍ତ ହେବା ପରେ ଯାଇ ଏବେ ବିକଳ୍ପ ବଜାର ସନ୍ଧାନ ଆରମ୍ଭ କରିଛୁ। ଯଦିବା ଆମେ ଏଥିରେ ଆଶୁ ସଫଳତା ଲାଭ କରୁ, ତଥାପି ଯେ ବାଣିଜ୍ୟ ନିଅଣ୍ଟକୁ ଭରଣା କରିପାରିବୁ ସେ ସମ୍ଭାବନା ନିକଟ ଭବିଷ୍ୟତରେ ଦିଶୁନାହିଁ।

ସ୍ୱାଧୀନତାର ୭୮ ବର୍ଷ ପରେ ମଧ୍ୟ ଆମେ କେବଳ ଖାଉଟି ହୋଇ ରହିଯିବା ପଛରେ ମୁଖ୍ୟ କାରକଟି ହେଉଛି ରାଜନୈତିକ ବାଧ୍ୟବାଧକତା ଜନିତ ନୀତିଗତ ସ୍ଥାଣୁତା। ପ୍ରତିଯୋଗୀ ପ୍ରତିବେଶୀ ଚୀନ୍ ସହିତ ଆମର ତୁଳନା କରାଯାଉ। ଆମେ ସ୍ୱାଧୀନତା ଲାଭ କରିବାର ଦୁଇବର୍ଷ ପରେ ଚୀନ୍ ସ୍ୱାଧୀନ ରାଷ୍ଟ୍ର ଘୋଷିତ ହେଲା। ଭାରତ ୧୯୯୧ରେ ମୁକ୍ତ ବାଣିଜ୍ୟ ଅର୍ଥନୀତିକୁ ଆପଣେଇବାର ପାଞ୍ଚ ବର୍ଷ ପରେ ଚୀନ୍ ଅର୍ଥନୈତିକ ସଂସ୍କାର ଆରମ୍ଭ କଲା। ଭାରତ ୨୦୧୪ରେ 'ମେକ୍ ଇନ୍ ଇଣ୍ଡିଆ' ଘୋଷଣା କରିବାର ବର୍ଷକ ପରେ 'ମେକ୍ ଇନ୍ ଚାଇନା -୨୦୨୫' ପ୍ରଣୟନ ହେଲା। ଅଥଚ ଆଜି ଚୀନ୍ ତୁଳନାରେ ଆମ ସ୍ଥିତି କେଉଁଠି ତାହାର ତର୍ଜମା କଲା ବେଳେ ନିରାଶା ଓ ହତାଶା ସୃଷ୍ଟି ହେବା ସ୍ୱାଭାବିକ। ମୁକ୍ତ ଅର୍ଥନୀତିକୁ ଆପଣେଇବା ସହିତ ଚୀନ୍ ତାହାର ଅର୍ଥନୀତିକୁ ସମ୍ପୂର୍ଣ୍ଣ ରୂପେ ଉତ୍ପାଦନଭିତ୍ତିକ କରିବାର ଦୀର୍ଘସ୍ଥାୟୀ ଯୋଜନା ପ୍ରସ୍ତୁତ କଲା। ଅଥଚ ଆମେ ଆମର ବିଶାଳ ଖାଉଟି ବଜାର ଲବ୍ଧ ରାଜସ୍ୱ ଉପରେ ସମ୍ପୂର୍ଣ୍ଣ ଭରସା କରି ରହିଗଲୁ। ଖାଉଟି ବଜାର ଅର୍ଥନୀତି ୨୦୦୮ ଆର୍ଥିକ ମାନ୍ଦାବସ୍ଥାରୁ ଭାରତୀୟ ଅର୍ଥବ୍ୟବସ୍ଥାକୁ ସୁରକ୍ଷା ଦେବାରେ ସହାୟକ ହେଲା ସତ; କିନ୍ତୁ ଖାଉଟି-ଭାରତୀୟର ଛାପ ସୃଷ୍ଟି କରିଗଲା। ଫଳ ହେଲା ଆଜି ଭାରତରେ ବିଶ୍ୱର ସର୍ବାଧିକ ବିଜ୍ଞାପନ ଓ ବହୁଦେଶୀୟ କମ୍ପାନୀଙ୍କ ଭିଡ଼ ବଢ଼ିବାରେ ଲାଗିଛି।

ଆର୍ଥିକ ମାନ୍ଦାବସ୍ଥା ପରେ ପରେ ୨୦୧୦ରେ ଚୀନ୍ ଏକ ଅଭିନବ ଉତ୍ପାଦନ ନୀତି ଆପଣେଇଲା। ଅପେକ୍ଷାକୃତ କମ୍ ମୂଲ୍ୟଯୁକ୍ତ ସାମଗ୍ରୀ ନିର୍ମାଣକୁ ଭାରତ, ବାଂଲାଦେଶ, ମେକ୍ସିକୋ, ଭିଏତ୍‌ନାମ ପରି ସୁଲଭ ଶ୍ରମଭିତ୍ତିକ ଦେଶକୁ ସ୍ଥାନାନ୍ତରିତ କରି ଉଚ୍ଚମୂଲ୍ୟଯୁକ୍ତ ନିର୍ମାଣ, ଅଭିନବତା ଓ ବୈଷୟିକ ଜ୍ଞାନକୌଶଳ ଭିତ୍ତିକ ଉତ୍ପାଦ ସବୁକୁ ନିଜ ଦେଶରେ ରଖିଲା। ସେଥିପାଇଁ ଆଜି ଏଆଇ, ମେସିନ ଲର୍ଣ୍ଣିଂ, ସବୁଜ ଶକ୍ତି ଆଦି କ୍ଷେତ୍ରରେ ଚୀନ୍ ଆମେରିକା ସହିତ କାନ୍ଧ ମିଳାଇବାର ଯୋଗ୍ୟତା ଅର୍ଜନ କରିପାରିଛି। ଚୀନ୍‌ର ଉତ୍ପାଦନ ନୀତିକୁ ସେତେବେଳେ କେତେକ ବିକାଶଶୀଳ ଦେଶ ଆପଣେଇଥିଲେ ମଧ୍ୟ ଆମେ ଆମ ମାତ୍ରାଧିକ ଆତ୍ମବିଶ୍ୱାସ ଏବଂ ଖର୍ବକାୟ ଶିଳ୍ପ-ବାଣିଜ୍ୟ ନୀତିକୁ ଜାବୁଡ଼ି ଧରି ସେଥିରୁ ଦୂରେଇ ରହିଲୁ। ଯଦି ଆମେ ସେତେବେଳେ ଚୀନ୍ ସୁଲଭ ବିଶ୍ୱ ନିର୍ମାଣ ହବ୍ ପ୍ରତିଷ୍ଠା କରି ଭାରତୀୟ ଉତ୍ପାଦକୁ ବହୁମୁଖୀ କରିଥା'ନ୍ତୁ ଏବେ ସେହିସବୁ କେନ୍ଦ୍ରରୁ ଉତ୍ପାଦିତ ଭାରତୀୟ ସାମଗ୍ରୀ ଶୁଳ୍କ କଟକଣାରୁ ମୁକ୍ତ ରହି ଆମେରିକା ବଜାରରେ ତୁଳନାତ୍ମକ ଭାବେ କମ୍ ମୂଲ୍ୟରେ ପ୍ରବେଶ କରିପାରିଥା'ନ୍ତା ଏବଂ ଭାରତୀୟ ବାଣିଜ୍ୟ-ଅର୍ଥନୀତିକୁ ଚିନ୍ତାମୁକ୍ତ କରିପାରିଥା'ନ୍ତା।

ଖାଉଟି-ଭାରତୀୟରୁ ଉତ୍ପାଦକ-ଭାରତୀୟ ହେବାର ରାସ୍ତାରେ ଆଉ ଏକ ପ୍ରତିବନ୍ଧକ ଥିଲା ଆମ ରାଜନୈତିକ ସ୍ଥିତି ଓ ଶାସନ ବ୍ୟବସ୍ଥା। ବିଗତ ଶତାବ୍ଦୀର ଶେଷ ଦଶନ୍ଧିରୁ ଚଳିତ ଶତାବ୍ଦୀର ପ୍ରଥମ ଦେଢ଼ ଦଶନ୍ଧିରେ ମେଣ୍ଟ ସରକାରର ବାଧ୍ୟବାଧକତା ଯୋଗୁଁ ଅନେକ ଅତ୍ୟାବଶ୍ୟକ ଓ ଯୁଗୋପଯୋଗୀ ନୀତିଗତ ସଂସ୍କାର କାର୍ଯ୍ୟକାରୀ ହୋଇପାରିଲା ନାହିଁ। ପରବର୍ତ୍ତୀ ଦଶନ୍ଧିରେ ମେଣ୍ଟ ଶାସନର ବାଧ୍ୟବାଧକତା ଦୂର ହେଲା, ଅଥଚ କେନ୍ଦ୍ରରେ ବିରୋଧୀ ପ୍ରଭାବଶୂନ୍ୟ ନିରଙ୍କୁଶ ଶାସନ ନୀତିଗତ ସଂସ୍କାର ଦିଗରେ ମନ ବଳାଇଲା ନାହିଁ। ସଂସ୍କାର ସହିତ ପ୍ରତିଯୋଗିତାର ତୀବ୍ରତା ଜଡ଼ିତ ଥିବାରୁ ଭାରତୀୟ ଶିଳ୍ପ ଜଗତକୁ ସରକାର ଅସନ୍ତୁଷ୍ଟ କରିବାକୁ ଚାହିଁଲେ ନାହିଁ, ଯାହାର ପରାଭବ ଆମକୁ ଆଜି ଭୋଗ କରିବାକୁ ପଡୁଛି।

୨୦୧୪ରେ ଆମେ ଆତ୍ମନିର୍ଭରଶୀଳତାର ସ୍ଲୋଗାନ୍ ଦେଇ 'ମେକ୍ ଇନ୍ ଇଣ୍ଡିଆ' ଅଭିଯାନ ଆରମ୍ଭ କଲୁ। ଆଶା ଥିଲା ଖାଉଟି-ଭାରତର ଅପବାଦ ଲିଭି ଉତ୍ପାଦକର ସମ୍ମାନ ମିଳିବ। କିନ୍ତୁ ଆମେ 'ମେକ୍ ଇନ୍ ଇଣ୍ଡିଆ'ର ପ୍ରଚାରରେ ଯେତିକି ମୁଖର ହେଲୁ ବାସ୍ତବତାଠାରୁ ସେତିକି ଦୂରେଇଗଲୁ। ଅପରପକ୍ଷରେ ପ୍ରତିବେଶୀ ଚୀନ୍ ଡବ୍ଲ୍ୟୁଟିଓର ନୀତି ଓ ସର୍ତ୍ତର ଉର୍ଦ୍ଧ୍ୱରେ ତା'ର ଉତ୍ପାଦକଙ୍କୁ ସରକାରୀ ପ୍ରୋତ୍ସାହନ ଓ ସୁରକ୍ଷା ଦେଇ ବିଶ୍ୱ ପ୍ରତିଯୋଗୀକ୍ଷମ କରିବା ପାଇଁ 'ମେକ୍ ଇନ୍ ଚୀନ୍-୨୦୨୫' ଯୋଜନାକୁ ସମ୍ପୂର୍ଣ୍ଣ ଗୋପନ ରଖିଲା। ପୁଣି ବିଦେଶୀ ନିବେଶକମାନଙ୍କ ପାଇଁ ବୈଷୟିକ ଜ୍ଞାନକୌଶଳ ହସ୍ତାନ୍ତର ଭଳି କଠୋର ସର୍ତ୍ତ ଧାର୍ଯ୍ୟ କଲା। ଏ ବିଷୟରେ ଅବଶିଷ୍ଟ ବିଶ୍ୱ ଜାଣିବା ବେଳକୁ ଚୀନ୍‌ର ସାମଗ୍ରୀ ବିଶ୍ୱବଜାରରେ ଆଧିପତ୍ୟ ବିସ୍ତାର କରିସାରିଥିଲା। ଏପରିକି ଭାରତରେ ଉତ୍ପାଦିତ ନିର୍ମାଣ ସାମଗ୍ରୀ ତୁଳନାରେ ଚୀନ୍‌ରୁ ଆମାଦାନୀ ସାମଗ୍ରୀ ବହୁ କମ୍ ଦାମରେ ଉପଲବ୍ଧ। ବିଶ୍ୱ ଅର୍ଥନୈତିକ ମଞ୍ଚର ସୂଚନା ଅନୁଯାୟୀ, ସମ୍ପ୍ରତି ଚୀନ୍ ବିଶ୍ୱର ସବୁଜ ଜ୍ଞାନକୌଶଳର ୭୫%, ସୌରଚାଳିତ ଶକ୍ତିର ୮୦%, ଇଭିରେ ସିଂହଭାଗ ଦଖଲ କରିସାରିଛି। ରୋବୋଟିକ୍ ଓ ଇଞ୍ଜିନିୟରିଂରେ ଆମେରିକା ସହିତ ପାଦ ମିଳାଇ ପାରିଛି। ୧୯୯୬ରେ ବିଶ୍ୱ ରପ୍ତାନିଭିତ୍ତିକ ଉତ୍ପାଦନରେ ମାତ୍ର ୪% ଅବଦାନ ଥିବା ଚୀନ୍‌ର ଅଂଶ ଏବେ ୩୦%। ଭାରତର ଅଂଶ ୧.୮%ରୁ ସାମାନ୍ୟ ଅଧିକ।

ଆମର ଖାଉଟି ମାନସିକତା, ଉତ୍ପାଦନରେ ନୀତିଗତ ଜଡ଼ତା ଓ ବିକଳ୍ପ ସନ୍ଧାନର କାତରତା ଯୋଗୁଁ ବିଗତ ୩୩ ବର୍ଷ ଧରି ଆମର ହାରହାରି ଅଭିବୃଦ୍ଧି ହାର ୬.୨%ରେ ସୀମିତ। ଗତ ଦୁଇଦଶନ୍ଧି ମଧ୍ୟରେ ଆମ ଦେଶରେ ପ୍ରତ୍ୟକ୍ଷ ବୈଦେଶିକ ପୁଞ୍ଜି ନିବେଶ(ଏଫ୍‌ଡିଆଇ) ପରିମାଣ ଜିଡିପିର ହାରାହାରି ୨-୨.୫%। ଏବେ ତାହା ୧୯୯୦ ପୂର୍ବ ସ୍ଥିତି ୧%କୁ ହ୍ରାସ ପାଇଛି। ଏଫ୍‌ଡିଆଇର ଶିଥିଳତା ପଛରେ ମଧ୍ୟ ଥିଲା ଆମର ମାତ୍ରାଧିକ ଆତ୍ମବିଶ୍ୱାସ ପ୍ରେରିତ ନୀତିଗତ ନିଷ୍ପତ୍ତି ବା 'ଦ୍ୱିପାକ୍ଷିକ ନିବେଶ ଚୁକ୍ତି(ବିଆଇଟି)।' ୨୦୧୫ରେ ପ୍ରଣୀତ ଏହି ନୀତି ଅନୁଯାୟୀ ଯଦି ବିଦେଶୀ ଓ ଘରୋଇ ସଂସ୍ଥାଙ୍କ ଦ୍ୱାରା ପ୍ରତିଷ୍ଠିତ ଯୌଥ ଉଦ୍ୟୋଗରୁ କୌଣସି ସଂସ୍ଥା ଓହରିବାକୁ ଚାହାନ୍ତି ତେବେ ସେମାନେ ଭାରତୀୟ ନ୍ୟାୟାଳୟର ଦ୍ୱାରସ୍ଥ ହେବାକୁ ବାଧ୍ୟ। ଏହି ନୀତି ପ୍ରଣୟନ ବେଳେ ଆମେ ନିଶ୍ଚିତ ହୋଇସାରିଥିଲୁ ଯେ ଆମର ବିଶାଳ ଖାଉଟି ବଜାର ପ୍ରତି ଆକୃଷ୍ଟ ହୋଇ ଯେକୌଣସି ବିଦେଶୀ ସଂସ୍ଥା ଆମ ମାଟିରେ ଶିଳ୍ପ ପ୍ରତିଷ୍ଠା କିମ୍ବା ନିବେଶ କରିବା ପାଇଁ ଧାଇଁ ଆସିବେ, ଯାହାଙ୍କୁ ଆମେ ଆମ ଆଇନ କାନୁନ୍ ଦ୍ୱାରା ବାନ୍ଧି ରଖିପାରିବୁ। କିନ୍ତୁ ଆମ ବିଳମ୍ବିତ ନ୍ୟାୟିକ ପ୍ରକ୍ରିୟା ଯୋଗୁଁ ବିଦେଶୀ ସଂସ୍ଥା ତ ଏହି ସର୍ତ୍ତରେ ରାଜି ହେଲେ ନାହିଁ, ଅଧିକନ୍ତୁ ଯୌଥ ଉଦ୍ୟୋଗର ଭାରତୀୟ ସଂସ୍ଥାମାନେ ବିଦେଶୀ ବିଚାର ବ୍ୟବସ୍ଥା ଅଧୀନସ୍ଥ ହେବାକୁ ଅଧିକ ଇଚ୍ଛୁକ ହେଲେ।

ଆମେ ଏବେ ଔଷଧ ଉତ୍ପାଦନ ଓ ରପ୍ତାନୀରେ ଅଗ୍ରଣୀ ରାଷ୍ଟ୍ର, ଅଥଚ ଏହାର କଞ୍ଚାମାଲ୍‌ର ୮୦% ଚୀନ୍ ଉପରେ ନିର୍ଭରଶୀଳ। ଆମର ଯେଉଁ ରପ୍ତାନିଭିତ୍ତିକ ବୟନ ଶିଳ୍ପ ଆମେରିକା ବଜାରରେ ଆଦୃତ ବୋଲି ଦାବି କରୁଛୁ, ତାହାର କଞ୍ଚାମାଲ୍ ବା କପାର ସିଂହଭାଗ ଆମେରିକାରୁ ଆସୁଛି। ଆମ ପରିସ୍ଥିତି ଏପରି ହୋଇଛି ଯେ ଆମେରିକା ଭାରତୀୟ ଉତ୍ପାଦ ଉପରେ ୫୦% ଆମଦାନୀ ଶୁଳ୍କ ଲାଗୁ କରିଥିବା ବେଳେ ଆମେ ଚଳିତ ବର୍ଷ ଶେଷ ପର୍ଯ୍ୟନ୍ତ ୦% ଶୁଳ୍କରେ ଆମେରିକାରୁ କପା ଆମଦାନୀ ପାଇଁ ଅନୁମତି ଦେଇଛୁ। ଏଥିରୁ ଆତ୍ମନିର୍ଭର ଭାରତର ବିବଶତା କେତେ ତାହାର ଅଧିକ ବିଶ୍ଲେଷଣ ଅନାବଶ୍ୟକ।

କୃଷି କ୍ଷେତ୍ରରେ ମଧ୍ୟ ସମାନ ସ୍ଥିତି। ଅଶୋଧିତ ତୈଳ ପରେ ଡାଲି ଓ ଖାଇବା ତେଲ ଚାହିଦା ପୂରଣ ପାଇଁ ଆମେ ଆମଦାନୀ ଉପରେ ନିର୍ଭରଶୀଳ। ଭାରତରେ ଡାଲି ଉତ୍ପାଦନ ପାଇଁ ପର୍ଯ୍ୟାପ୍ତ ସୁବିଧା ସୁଯୋଗ ଥିଲେ ମଧ୍ୟ ନୀତିଗତ ବୈଷମ୍ୟ ଆମ ଆମଦାନୀ ନିର୍ଭରଶୀଳତାକୁ ବୃଦ୍ଧି କରିଚାଲିଛି। ଉଦାହରଣସ୍ୱରୂପ ମୁଗଡାଲିର ଏମ୍‌ଏସ୍‌ପି କ୍ୱିଣ୍ଟାଲ୍ ପିଛା ୮, ୬୮୨ ଟଙ୍କା ଥିବା ବେଳେ ଖୋଦ୍ ସରକାରୀ ସଂସ୍ଥା ଖୋଲା ବଜାରରୁ କ୍ୱିଣ୍ଟାଲ୍ ପିଛା ୬ ହଜାର ଟଙ୍କାରେ କିଣୁଛି। ସୋୟାବିନ୍‌ର ମଧ୍ୟ ସମାନ ଅବସ୍ଥା। ଏଭଳି ସ୍ଥିତିରେ ଚାଷୀମାନେ କେବଳ ଏମ୍‌ଏସ୍‌ପି ପ୍ରାଧାନ୍ୟ ଧାନ ଓ ଗହମ ଉପରେ ଅଧିକରୁ ଅଧିକ ଧ୍ୟାନ କେନ୍ଦ୍ରିତ କରିବା ସ୍ୱାଭାବିକ। ସେହିପରି ଆମେ ଏବେ ମୋଟ ଖାଇବା ତେଲ ଚାହିଦାର ମାତ୍ର ୪୦% ଉତ୍ପାଦନରେ ସକ୍ଷମ ଥିବା ବେଳେ ୬୦% ଆମଦାନୀ ଦ୍ୱାରା ପୂରଣ ହେଉଛି। ବିଡ଼ମ୍ବନା ହେଲା ଆମଦାନୀ ଭିତ୍ତିକ ଖାଇବା ତେଲ ଘରୋଇ ଉତ୍ପାଦ ତୁଳନାରେ ବହୁ ଶସ୍ତାରେ ମିଳୁଛି।

ଏବେ ସମୟ ଆସିଛି ଆମେ ଉପଭୋକ୍ତାରୁ ଉତ୍ପାଦକ ହେବାର ମାନସିକତାକୁ ଉନ୍ନୀତ ହେବାକୁ ପଡ଼ିବ। ଏଥିପାଇଁ ଶିଳ୍ପଗୋଷ୍ଠୀ, ଶ୍ରମବଜାର ଓ ସର୍ବୋପରି ନୀତି ନିର୍ଦ୍ଧାରକଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। କିନ୍ତୁ ଯେଉଁ ଦେଶର ଭୋଟ ରାଜନୀତିରେ ୮୦ କୋଟି ପରିବାରକୁ ମାଗଣା ରାସନ୍ ଜରିଆରେ ଖାଉଟି ବ୍ୟବସ୍ଥାର ବାଧ୍ୟବାଧକତା ଭିତରକୁ ଠେଲି ଦିଆଯାଇଛି, ସେଠାରେ ଉତ୍ପାଦକ ମନସ୍କ ପରିବେଶ ସୃଷ୍ଟି ହେବ କେବେ ଓ କେମିତି?

ଭୁବନେଶ୍ୱର, ମୋ: ୯୩୩୮୦୮୭୯୦୦

# ୟୁରାନସର ୨୯ ତମ ଚନ୍ଦ୍ର

**ଡ. ବିଜୟ କେତନ ପଟ୍ଟନାୟକ**




ୟୁରାନସ୍ ସୌରମଣ୍ଡଳର ସପ୍ତମ ଗ୍ରହ। ସୌର ମଣ୍ଡଳର କେନ୍ଦ୍ରବିନ୍ଦୁ ସୂର୍ଯ୍ୟଙ୍କଠାରୁ ଦୂରତା କ୍ରମରେ ବୁଧ, ଶୁକ୍ର, ପୃଥିବୀ, ମଙ୍ଗଳ, ବୃହସ୍ପତି, ଶନି ଓ ସପ୍ତମରେ ୟୁରାନସ୍ ଗ୍ରହର ଅବସ୍ଥିତି। ୟୁରାନସ୍ ପଛକୁ ରହିଛି ନେପଚୁନ୍ ଓ ବାମନ ଗ୍ରହ ପ୍ଲୁଟୋ। ସୂର୍ଯ୍ୟଙ୍କଠାରୁ ଏହି ଗ୍ରହର ଦୂରତା ହାରାହାରି ୨.୮୭ ବିଲିୟନ କିଲୋମିଟର (୧ବିଲିୟନ=୧୦୦ କୋଟି)। ସୂର୍ଯ୍ୟଙ୍କ ଠାରୁ ଉତ୍ପନ୍ନ ସୂର୍ଯ୍ୟକିରଣ ୟୁରାନସ୍ ଗ୍ରହରେ ପହଞ୍ଚିବାକୁ ସମୟ ଲାଗେ ୨ଘଣ୍ଟା ୪୦ ମିନିଟ୍। ଏହି ଗ୍ରହଟିକୁ ବରଫାବୃତ ଗ୍ରହ କୁହାଯାଏ। କାରଣ ଗ୍ରହରେ ମହଜୁଦ୍ ଆମୋନିଆ, ମିଥେନ୍ ଗ୍ୟାସ୍, ଜଳ ଓ ହାଇଡ୍ରୋକାର୍ବନ ହିମୀକୃତ ଅବସ୍ଥାରେ ଅଛି। ସୂର୍ଯ୍ୟଙ୍କ ଚାରିପଟେ ଥରେ ଘୂରି ଆସିବାକୁ ୟୁରାନସ୍‌କୁ ଆମ ପୃଥିବୀର ବର୍ଷ ଅନୁପାତରେ ୮୪ ବର୍ଷ ବା ୩୦, ୬୮୭ ଦିନ ସମୟ ଲାଗିଥାଏ। ପ୍ରଦକ୍ଷିଣ ସମୟରେ ଗ୍ରହର ବେଗ ଘଣ୍ଟା ପ୍ରତି ୨୪, ୬୦୭ କିଲୋମିଟର ଅଟେ। ନିଜର ଅକ୍ଷଦଣ୍ଡ ସହ ୯୮ ଡିଗ୍ରୀ ବକ୍ର ରହିଥିବାରୁ, ପ୍ରଦକ୍ଷିଣ ସମୟରେ ଏହାର ମେରୁ ଅଞ୍ଚଳ ଯଥାକ୍ରମେ ୪୨ ବର୍ଷ ଧରି ସୂର୍ଯ୍ୟାଲୋକ ପ୍ରାପ୍ତ ହୁଏ ଏବଂ ୪୨ ବର୍ଷ ଅନ୍ଧକାରାଚ୍ଛନ୍ନ ରୁହେ।

ଅଷ୍ଟାଦଶ ଶତାବ୍ଦୀର ଦ୍ୱିତୀୟାର୍ଦ୍ଧରେ ୟୁରାନସ୍‌ର ଦୁଇଟି ଚନ୍ଦ୍ର ଟାଇଟାନିଆ ଓ ଓବେରନ୍ ଆବିଷ୍କୃତ ହୋଇଥିଲେ। ୧୭୮୭ ମସିହାରେ ଜ୍ୟୋତିର୍ବିଜ୍ଞାନୀ 'ହରଶ୍ଚେଲ' ଏହାକୁ ପ୍ରଥମେ ଠାବ କରିଥିଲେ। ଉପଗ୍ରହ 'ଟାଇଟାନିଆ' ବୃହତ୍ତମ। ଏହାର ବ୍ୟାସ ୧୫୭୮ କିଲୋମିଟର। ସୌରମଣ୍ଡଳର ଅନ୍ୟ ଗ୍ରହମାନଙ୍କର ଚନ୍ଦ୍ର ମଧ୍ୟରେ ଏହି ଉପଗ୍ରହଟି ଅଷ୍ଟମ ସର୍ବାଧିକ ବୃହତ୍ତମ। ପୃଥିବୀର ଉପଗ୍ରହ ଚନ୍ଦ୍ରର ବସ୍ତୁତ୍ୱ ତୁଳନାରେ ଟାଇଟାନିଆର ବସ୍ତୁତ୍ୱ ୨୦ ଭାଗରୁ ୧ ଭାଗ।

ଗତ ଅଗଷ୍ଟ ୨୦ ତାରିଖରେ ଜେମ୍ସ ୱେବ ସ୍ପେସ୍ ଟେଲେସ୍କୋପ ଠାବ କରିଥିବା ଉପଗ୍ରହକୁ ମିଶାଇ ବର୍ତ୍ତମାନ ସୁଦ୍ଧା ୟୁରାନସ୍ ଗ୍ରହର ଉପଗ୍ରହ ବା ଚନ୍ଦ୍ର ସଂଖ୍ୟା ୨୯ ରେ ପହଞ୍ଚିଛି। ଏହି ୨୯ ତମ ଉପଗ୍ରହର ବ୍ୟାସ ୯.୭ କିଲୋମିଟର ଏବଂ ପ୍ରତି ୯.୬ ଘଣ୍ଟାରେ ଏହା ମୂଳ ଗ୍ରହ ୟୁରାନସ୍‌କୁ ପ୍ରଦକ୍ଷିଣ କରିଥାଏ। ୟୁରାନସ୍‌ର ୨୯ଟି ଚନ୍ଦ୍ରଙ୍କ ମଧ୍ୟରୁ ୫ଟି ବୃହତ୍ ବା ପ୍ରମୁଖ, ୧୪ଟି ଆଭ୍ୟନ୍ତରୀଣ ଏବଂ ଅନ୍ୟ ଦଶଟି ଅନିୟମିତ। ବୃହତ୍ ଚନ୍ଦ୍ରଙ୍କ ମଧ୍ୟରେ ଦୁଇଟିର ଆବିଷ୍କାର ୧୭୮୭ ମସିହାରେ ଜ୍ୟୋତିର୍ବିଜ୍ଞାନୀ ୱିଲିୟମ ହରଶ୍ଚେଲ୍ କରିଥିବା ବେଳେ ଅନ୍ୟ ତିନୋଟି ଅଣ୍ଡାକୃତି ଉପଗ୍ରହ ଯଥାକ୍ରମେ ୧୮୫୧ ମସିହାରେ ୱିଲିୟମ ଲାସେଲ ଏବଂ ୧୯୪୮ରେ ଗୋରାର୍ଡ କୁପର କରିଥିଲେ। ଏହି ତିନୋଟି ଉପଗ୍ରହର ନାମ ମିରାଣ୍ଡା, ଏରିଏଲ୍ ଓ ଆମ୍ବ୍ରିଏଲ୍। ୧୯୮୫ ମସିହା ପରେ ଅନ୍ୟ ଉପଗ୍ରହଗୁଡ଼ିକୁ 'ଭଏଜର-୨' ମହାକଶ ଯାନରୁ ଏବଂ ଭୂପୃଷ୍ଠରୁ ଉନ୍ନତ ଶକ୍ତିଶାଳୀ ଦୂରବୀକ୍ଷଣ ଯନ୍ତ୍ର ଯଥା ହବଲ୍ ସ୍ପେଶ୍ ଟେଲେସ୍କୋପ ଦ୍ୱାରା ଆବିଷ୍କୃତ ହୋଇଥିଲା। କିନ୍ତୁ ନିକଟରେ ଅଧିକ ଶକ୍ତିଶାଳୀ ଜେମ୍‌ସ ୱେବ ଟେଲେସ୍କୋପ ସାହାଯ୍ୟରେ ଠାବ କରାଯାଇଥିବା ୨୯ ତମ ଚନ୍ଦ୍ରଟି ଆକୃତିରେ ଏତେ ଛୋଟ ଯେ ତାହା ସେ ସମୟରେ ଅନାବିଷ୍କୃତ ହୋଇ ରହିଯାଇଥିଲା।

ଆମେରିକାର ମାନହାଟନ ସହରଠାରୁ ଯଥେଷ୍ଟ ଛୋଟ ଏହି ଉପଗ୍ରହଟି ବୈଷୟିକ ନାମକରଣ କରାଯାଇଛି ଏସ୍ / ୨୦୨୫ ୟୁ-୧। କିନ୍ତୁ ବିଧିବଦ୍ଧ ଭାବରେ ଏହାର ନାମକରଣ କରିବେ ଆନ୍ତର୍ଜାତୀୟ ଜ୍ୟୋତିର୍ବିତ ସଂଘ। ପୂର୍ବରୁ ୱିଲିୟମ ହରଶ୍ଚେଲ୍ ଆବିଷ୍କାର କରିଥିବା ଦୁଇଟି ଚନ୍ଦ୍ରର ନାମକରଣ ଗ୍ରୀକ୍ ପୌରାଣିକ ଚରିତ୍ର ଉପରେ ପର୍ଯ୍ୟବସିତ ନ କରି ତତ୍କାଳୀନ ଇଂରାଜୀ ସାହିତ୍ୟର ଖ୍ୟାତନାମା ଚରିତ୍ରକୁ ନେଇ ନାମିତ କରିଥିଲେ। ତଦନୁଯାୟୀ ୱିଲିୟମ ସେକ୍ସପିୟରଙ୍କ 'ଏମିଡ୍ ସମର ନାଇଟସ୍ ଡ୍ରିମ୍' ଏବଂ ଆଲେକଜାଣ୍ଡାର ପୋଲାଙ୍କ 'ଦ ରେପ୍ ଅଫ୍ ଦ ଲକ୍' ପୁସ୍ତକରୁ ନିଆଯାଇଥିଲା। ଅନ୍ୟ ସମସ୍ତ ଉପଗ୍ରହଙ୍କର ନାମକରଣ ମଧ୍ୟ ସେକ୍ସପିୟର 'ଦଟେମ୍ପେଷ୍ଟ ଏବଂ 'ଏମିଡ୍ ସମର ନାଇଟସ୍ ଡ୍ରିମ୍' ଏବଂ ଆଲେକ୍ସାଣ୍ଡାଲ ପୋଲାଙ୍କ 'ଦ ରେପ୍ ଅଫ୍ ଦ ଲକ୍' ପୁସ୍ତକରୁ ନିଆଯାଇଥିଲା। ଅନ୍ୟ ସମସ୍ତ ଉପଗ୍ରହଙ୍କର ନାମକରଣ ମଧ୍ୟ ସେକ୍ସପିୟରଙ୍କ 'ଦ ଟେମ୍ପେଷ୍ଟ' ଓ 'ମଚ୍ ଏଡୋ ଆବାଉଟ୍ ନଥିଙ୍ଗ' ପୁସ୍ତକର ଚରିତ୍ରରୁ ନିଆଯାଇଛି। ଆଶା କରାଯାଏ ୟୁରାନସ୍ ଗ୍ରହର ୨୯ ତମ ଚନ୍ଦ୍ରର ନାମକରଣ ମଧ୍ୟ ପୂର୍ବ ପ୍ରଥାନୁଯାୟୀ ଇଂରାଜୀ ସାହିତ୍ୟର ଏକ ବଳିଷ୍ଠ ଚରିତ୍ରକୁ ନେଇ କରାଯାଇପାରେ।

(ପୂର୍ବତନ ପି.ସି.ସି.ଏଫ୍, ଓଡ଼ିଶା)
ଭୁବନେଶ୍ୱର, ମୋ: ୯୪୩୭୦୦୦୯୦୪

## ହନୁମାନଙ୍କ ସହ ପୂଜା ପାଆନ୍ତି ଅହିରାବଣ ଓ ମହିରାବଣ

**ଓଜସ୍ୱିନୀ**

**ବିଚିତ୍ର ବିଶ୍ୱାସ**

ଭାରତର ଧର୍ମବିଶ୍ୱାସର ବୈଚିତ୍ର୍ୟ ଯୋଗୁଁ କେବଳ ଦେବୀଦେବତା ନୁହନ୍ତି, ଅସୁରଅସୁରୁଣୀମାନେ ମଧ୍ୟ କାହିଁ କେଉଁ କାଳରୁ ପୂଜା ପାଇ ଆସୁଛନ୍ତି। ଏହି ଦେବଲୀଳାଭୂମିରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ବିଶ୍ୱାସ ଆସୁରିକ ଶକ୍ତିକୁ ଈଶ୍ୱରୀୟ ଶକ୍ତିରେ ପରିଣତ କରିଦେଇଛି। କେତେକ ମନ୍ଦିରରେ ଅସୁର ପୂଜା ପାଉଥିବା ବେଳେ ଆଉ କେତେକ ସ୍ଥାନରେ ଦେବଦେବୀଙ୍କ ସହ ଅସୁରମାନେ ପୂଜିତ ହେଉଛନ୍ତି। ଏହିକ୍ରମରେ ଭାରତରେ ଅହିରାବଣ ଓ ମହିରାବଣ ପୂଜା ପାଇବା ଅବିଶ୍ୱସନୀୟ ନୁହେଁ।

ପୌରାଣିକ କଥା ଅନୁସାରେ ଅହିରାବଣ ଓ ମହିରାବଣ ହେଉଛନ୍ତି ରାବଣଙ୍କ ଦୁଇ ଭ୍ରାତା। ଆସୁରିକ ପ୍ରବୃତ୍ତି ସତ୍ତ୍ୱେ ଭାରତର ଅନେକ ସ୍ଥାନରେ ଏହି ଦୁଇ ଅସୁରଙ୍କୁ ପୂଜା କରାଯାଉଛି। ଭାରତରେ କେତେକ ପଞ୍ଚମୁଖୀ ହନୁମାନ ମନ୍ଦିରରେ ହନୁମାନଙ୍କ ସହିତ ଏହି ଅସୁରଦ୍ୱୟ ପୂଜା ପାଇଥା'ନ୍ତି। ଏହିସବୁ ମନ୍ଦିରରେ ଭକ୍ତମାନେ ପୂଜାର୍ଚ୍ଚନା କରିବା ଦ୍ୱାରା କର୍ମପଥରେ ଆସୁଥିବା ବାଧାବିଘ୍ନ ଦୂର ହେବା ସହିତ ଶତ୍ରୁଭୟ ରହେ ନାହିଁ ଏବଂ ଜୀବନର ପ୍ରତ୍ୟେକ କ୍ଷେତ୍ରରେ ବିଜୟଲାଭ ହୋଇଥାଏ ବୋଲି ବିଶ୍ୱାସ ଅଛି। ଏଭଳି ଗୋଟିଏ ମନ୍ଦିର ହେଉଛି - ଚିନ୍ତାହରଣ ହନୁମାନ ମନ୍ଦିର।

ଉତ୍ତର ପ୍ରଦେଶର ଝାନ୍ସୀ ନିକଟସ୍ଥ ପଞ୍ଚକୁଇଁଆ ଅଞ୍ଚଳରେ ଥିବା 'ଚିନ୍ତାହରଣ ହନୁମାନ ମନ୍ଦିର'ରେ ହନୁମାନଙ୍କର ୫ଫୁଟ ଉଚ୍ଚତା ବିଶିଷ୍ଟ ପ୍ରତିମା ରହିଛି ଏବଂ ତାଙ୍କର ଦୁଇ କାନ୍ଧ ଉପରେ ପ୍ରଭୁ ଶ୍ରୀରାମ ଓ ଲକ୍ଷଣ ବିରାଜମାନ କରିଛନ୍ତି। ହନୁମାନଙ୍କ ପାଦ ତଳେ ଜଣେ ତନ୍ତ୍ର ଦେବୀ ଅଛନ୍ତି। ପ୍ରାୟ ୩୦୦ ବର୍ଷ ପୁରୁଣା ଏହି ମନ୍ଦିରରେ ହନୁମାନଙ୍କ ସହିତ ଅହିରାବଣ ଓ ତାଙ୍କ ଭାଇ ମହିରାବଣ ମଧ୍ୟ ପୂଜା ପାଇ ଆସୁଛନ୍ତି। ସ୍ଥାନୀୟ ଲୋକଙ୍କ ବିଶ୍ୱାସ ରହିଛି ଯେ, ମଙ୍ଗଳବାର ଦିନ ମନ୍ଦିରରେ ଅଟାରେ ପ୍ରସ୍ତୁତ ଦୀପ ପ୍ରଜ୍ୱଳନ ଦ୍ୱାରା ସମସ୍ତ ମନସ୍କାମନା ପୂର୍ଣ୍ଣ ହୋଇଥାଏ।

ଏହି ମନ୍ଦିରର ବିଶେଷତ୍ୱ ହେଉଛି, ମନସ୍କାମନା ପୂର୍ଣ୍ଣ ହେବା ପରେ ଭକ୍ତମାନେ ଯେଉଁ ବସ୍ତୁ ଦାନ କରନ୍ତି, ସେଗୁଡ଼ିକ ହନୁମାନଙ୍କ ସହିତ ଅହିରାବଣ ଓ ମହିରାବଣଙ୍କୁ ସମର୍ପଣ କରାଯାଏ। ମନ୍ଦିରର ଆଉ ଏକ ବିଶେଷତ୍ୱ ହେଉଛି, ପୂଜାରୀଙ୍କ ବ୍ୟତୀତ ମୂର୍ତ୍ତିକୁ କେହି ମଧ୍ୟ ସ୍ପର୍ଶ କରିପାରିବେ ନାହିଁ। ମନ୍ଦିର ନିକଟରେ ହନୁମାନଙ୍କ ପୁତ୍ର ମକରଧ୍ୱଜଙ୍କର ମଧ୍ୟ ଗୋଟିଏ ମନ୍ଦିର ଅଛି। ହନୁମାନ ଓ ଅହିରାବଣ ମଧ୍ୟରେ ହୋଇଥିବା ଯୁଦ୍ଧ ଆଧାରରେ ଏହି ମୂର୍ତ୍ତି ନିର୍ମାଣ ହୋଇଛି ବୋଲି କୁହାଯାଏ।

ରାମାୟଣର ଲଙ୍କାକାଣ୍ଡରେ ବର୍ଣ୍ଣିତ ଏକ କଥା ଅନୁଯାୟୀ ଶ୍ରୀରାମ ଓ ରାବଣଙ୍କ ଯୁଦ୍ଧ ସମୟରେ ମହିରାବଣ ମାୟାବୀ ଶକ୍ତିର ପ୍ରୟୋଗ କରି ଶ୍ରୀରାମଙ୍କ ସେନାରେ ଯୋଗ ଦେଇଥିଲେ। ରାତ୍ରିରେ ସେ ଶ୍ରୀରାମ ଓ ଲକ୍ଷଣଙ୍କୁ ମୂର୍ଚ୍ଛିତ କରି ଅପହରଣ କରିନେଇ ପାତାଳଲୋକ ଚାଲି ଯାଇଥିଲେ। ପାତାଳଲୋକରେ ମହିରାବଣ ଓ ଅହିରାବଣ ପ୍ରଭୁ ଶ୍ରୀରାମ ଓ ଲକ୍ଷଣଙ୍କୁ ବଳି ଦେବା ପାଇଁ ଯୋଜନା କରିଥିଲେ। ରାତିପାହିବା ପରେ ଶ୍ରୀରାମ ଓ ଲକ୍ଷଣଙ୍କୁ ନଦେଖି ବାନରସେନା ସନ୍ଧାନ ଆରମ୍ଭ କଲେ। ସଙ୍କଟମୋଚନ ଭକ୍ତଶ୍ରେଷ୍ଠ ହନୁମାନ ଦିବ୍ୟଦୃଷ୍ଟି ଦ୍ୱାରା ମହିରାବଣଙ୍କ ସମ୍ପର୍କରେ ଜାଣିବା ପରେ ଶ୍ରୀରାମ ଓ ଲକ୍ଷଣଙ୍କୁ ଉଦ୍ଧାର କରିବା ପାଇଁ ପାତାଳଲୋକକୁ ଯାଇଥିଲେ। ଏଥିପାଇଁ ହନୁମାନଙ୍କୁ ପୁତ୍ର ମକରଧ୍ୱଜ ସହାୟତା କଲେ। ହନୁମାନ ଓ ଅହିରାବଣଙ୍କ ମଧ୍ୟରେ ଯୁଦ୍ଧ ହେଲା ଏବଂ ହନୁମାନ ପଞ୍ଚମୁଖ ସ୍ୱରୂପ ଧାରଣ କରି ଅସୁରକୁ ପରାସ୍ତ କଲେ ଏବଂ ଶ୍ରୀରାମ ଓ ଲକ୍ଷଣଙ୍କୁ ସୁରକ୍ଷିତ ଫେରାଇ ଆଣିଲେ।

ଏହି ପୌରାଣିକ କଥାକୁ ଭିତ୍ତି କରି ମଧ୍ୟପ୍ରଦେଶର ଇନ୍ଦୋର୍ ଜିଲ୍ଲାର ସାନୱେର୍‌ଠାରେ ମଧ୍ୟ ହନୁମାନଙ୍କର ଏକ ବିଚିତ୍ର ମନ୍ଦିର ଅଛି, ଯେଉଁଠି ହନୁମାନଙ୍କ ମୂର୍ତ୍ତି ଓଲଟା ସ୍ୱରୂପରେ ପୂଜା ପାଇଥା'ନ୍ତି। ଅର୍ଥାତ୍ ହନୁମାନ ପାତାଳପୁରକୁ ଯାଉଥିବା ଭଳି ଦୃଶ୍ୟମାନ ହୋଇଥାଏ। ହନୁମାନଙ୍କ ମୁଖ ତଳକୁ ଥିବା ବେଳେ ପାଦୁକାଦ୍ୱୟ ଉପରକୁ ରହିଛି। ଏହି ସ୍ଥାନରୁ ହନୁମାନ ପାତାଳପୁରକୁ ଗମନ କରିଥିବାର ବିଶ୍ୱାସ ରହିଥିବାରୁ ସେଠାରେ ହନୁମାନଙ୍କର ଏଭଳି ବିଚିତ୍ର ପ୍ରତିମା ନିର୍ମାଣ କରାଯାଇଛି।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com


ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଲେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ବଣାଇଁ ରେଞ୍ଜରେ ପୁଣି ବାଘ ଆତଙ୍କ



### ଆକ୍ରମଣରେ ବାଛୁରୀ ମୃତ

ବଣାଇଁ, ୪।୯(ସମିସ): ବଣାଇଁ ରେଞ୍ଜ ସରସରା ବଲାଙ୍ଗ ସେକ୍ସନ ଦଲକି ଗ୍ରାମର ଗଣେଶ କିସାନ ଆଜି ସକାଳୁ ଗାଈ ଚରାଇବାକୁ ନେଇଥିବା ବେଳେ ଏକ ବାଛୁରୀକୁ ବାଘ ଆକ୍ରମଣ କରିଥିବା ଦାବି କରିଛନ୍ତି। ଗ୍ରାମବାସୀ ଏ ଖବର ବନ ବିଭାଗକୁ ଖବର ଦେବା ପରେ ବିଭାଗ ପକ୍ଷରୁ ଅନୁଧ୍ୟାନ ଆରମ୍ଭ ହୋଇଛି। ସମଗ୍ର ଅଞ୍ଚଳରେ ଲୋକଙ୍କୁ ସଚେତନ କରାଯିବା ସହ ଜଙ୍ଗଲର ବିଭିନ୍ନ ସ୍ଥାନରେ ବାଘର ଗତିବିଧି ଜାଣିବା ପାଇଁ ଟ୍ରାପ୍ କ୍ୟାମେରା ଖଞ୍ଜାଯାଇଛି। କିଛି ଦିନ ପୂର୍ବରୁ ବଣାଇଁ ରେଞ୍ଜର ଘୋଷରା ନିକଟସ୍ଥ ବେଲଡିହି ଜଙ୍ଗଲରେ ବାଘର ପାଦଚିହ୍ନ ଠାବ କରାଯାଇଥିଲା। ପରବର୍ତ୍ତୀ ସମୟରେ ସେହି ବାଘ ହୁଏତ ଦଲକି ଜଙ୍ଗଲକୁ ପଳାଇ ଆସିଥିବ, ସେନେଇ ସ୍ଥାନୀୟ ଲୋକେ ସନ୍ଦେହ କରୁଛନ୍ତି। ସ୍ଥାନୀୟ ଅଞ୍ଚଳରେ ବନବିଭାଗ କର୍ମଚାରୀ ପାଟ୍ରୋଲିଂ କଡ଼ାକଡ଼ି କରିବା ସହ ବାଘର ଗତିବିଧି ଉପରେ ତୀକ୍ଷ୍ଣ ନଜର ରଖିଛନ୍ତି। ଏ ବାବଦରେ ବନ ବିଭାଗର କୌଣସି ପ୍ରତିକ୍ରିୟା ମିଳି ପାରିନାହିଁ।

## ସାଇବର୍ ଠକେଇ: ଅବସରପ୍ରାପ୍ତ ବ୍ୟାଙ୍କ ମ୍ୟାନେଜରଙ୍କୁ ୭୩ଲକ୍ଷର ଚୂନ

### ଆଇଟି ଇଞ୍ଜିନିୟର ପୁଅ କଥାରେ ନିବେଶ କରିଥିଲେ ବାପା

କଟକ,୪।୯(ସମିସ): ଅନଲାଇନ୍‌ରେ ପୁଞ୍ଜିନିବେଶ ଆଳରେ ସାଇବର୍ ଠକମାନେ ଜଣେ ଅବସରପ୍ରାପ୍ତ ବ୍ୟାଙ୍କ ମ୍ୟାନେଜର୍‌ଙ୍କୁ ୭୩ ଲକ୍ଷ ଟଙ୍କାର ଚୂନ ମାରିଛନ୍ତି। ଠକେଇର ଶିକାର ବ୍ୟକ୍ତିଜଣଙ୍କ ହେଲେ, ଯାଜପୁର ବାଲିଚନ୍ଦ୍ରପୁରର ଅବସରପ୍ରାପ୍ତ ବ୍ୟାଙ୍କ୍ ମ୍ୟାନେଜର୍ ନାରାୟଣ ଚନ୍ଦ୍ର ପଣ୍ଡା। ଏ ସଂପର୍କରେ ସେ କଟକ କ୍ରାଇମବ୍ରାଞ୍ଚ୍ ସାଇବର୍ ସେଲରେ ଅଭିଯୋଗ କରିଛନ୍ତି।

ଅଭିଯୋଗ ଅନୁଯାୟୀ, ଠକମାନେ ପ୍ରଥମେ ତାଙ୍କ ଆଇଟି ଇଞ୍ଜିନିୟର ପୁଅଙ୍କୁ ଟାର୍ଗେଟ୍ କରିଥିଲେ। ମାତ୍ର ୫ ଲକ୍ଷ ଟଙ୍କା ନିବେଶ କରି କମ୍ ଦିନରେ ଅଧିକ ରୋଜଗାର କରିବା ପାଇଁ ପ୍ରବର୍ତ୍ତାଇଥିଲେ। ତେବେ ଏ ସଂପର୍କରେ ସେ ତାଙ୍କ ବାପାଙ୍କୁ କହିଥିଲେ। ପୁଅ କଥାରେ ପଡ଼ି ନାରାୟଣ ଠକଙ୍କ କହିବାନୁଯାୟୀ, ଆରଟିଜିଏସ୍ ଜରିଆରେ ଟଙ୍କା ଜମା କରିଥିଲେ। ଗତ ଅଗଷ୍ଟ ୩୦ରୁ ସେପ୍ଟେମ୍ବର ୩ ତାରିଖ, ମାତ୍ର ୪ ଦିନ ମଧ୍ୟରେ ସେ ୧୧ଟି ବ୍ୟାଙ୍କ ଆକାଉଣ୍ଟରେ ୭୩ ଲକ୍ଷ ଟଙ୍କା ସାଇବର୍ ଠକ ଜମା କରିଥିଲେ। ତାଙ୍କ ୱାଲେଟ୍‌ରେ ୧ କୋଟି ୮ ଲକ୍ଷ ଟଙ୍କା ମିଳିବ ବୋଲି ସାଇବର ଠକମାନେ ତାଙ୍କୁ କହିଥିଲେ। ତେବେ ଟିକସ ବାବଦକୁ ଠକମାନେ ଆହୁରି ତାଙ୍କ ମାଗିବାରୁ ନାରାୟଣଙ୍କ ସନ୍ଦେହ ହୋଇଥିଲା। ୱାଲେଟ୍‌ରୁ ଟଙ୍କା ଉଠାଇବାକୁ ଚେଷ୍ଟା କରିଥିଲେ ହେଁ ସେଥିରେ ବିଫଳ ହୋଇଥିଲେ। ତେଣୁ ଠକେଇର ଶିକାର ହୋଇଥିବା ଜାଣିବା ପରେ ସେ କ୍ରାଇମବ୍ରାଞ୍ଚର ଦ୍ୱାରସ୍ଥ ହୋଇଛନ୍ତି।

## ବଜ୍ରପାତରେ ଚାଷୀ ମୃତ

ଭଣ୍ଡାରିପୋଖରୀ/ବାରିକପୁର, ୪।୯(ସମିସ): ଭଦ୍ରକ ଜିଲ୍ଲା ଭଣ୍ଡାରିପୋଖରୀ ବ୍ଲକ୍‌ରେ ବଜ୍ରପାତ ଜଣଙ୍କ ଜୀବନ ନେଇଛି। ମୃତକ ହେଲେ, ଜଳମଣ୍ଡୁଆ ପଞ୍ଚାୟତ ମଙ୍ଗୁଳିଆ ସାହିର ମଙ୍ଗୁଳି ପ୍ରଧାନ। ଆଜି ମଧ୍ୟାହ୍ନରେ ସେ ଚାଷ ଜମିରେ ଘାସ ବାଛୁଥିବା ବେଳେ ବଜ୍ରପାତରେ ଗୁରୁତର ଆହତ ହୋଇଥିଲେ। ପରେ ଗୁରୁତର ଅବସ୍ଥାରେ ଲୋକେ ତାଙ୍କୁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଆଣିଥିବା ବେଳେ ଡାକ୍ତର ମୃତ ଘୋଷଣା କରିଥିଲେ। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ଭଦ୍ରକ ପଠାଇଛି।

## ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଛିଡ଼ିଲା ଲିଫ୍ଟ

ମାଲକାନଗିରି, ୪।୯ (ସମିସ): ମାଲକାନଗିରି ସଦର ମହକୁମାର ମୁଖ୍ୟ ଚିକିତ୍ସାଳୟରେ ଥିବା ଲିଫ୍ଟ ଆଜି ହଠାତ୍ ଛିଡ଼ି ପଡ଼ିଛି। ତେବେ ସୌଭାଗ୍ୟକୁ ସେଥିରେ ଥିବା ରୋଗୀଙ୍କ ସମ୍ପର୍କୀୟ ଅଳ୍ପକେ ବର୍ତ୍ତିଯାଇଛନ୍ତି। ଲିଫ୍ଟରେ କ୍ଷମତାଠାରୁ ମାତ୍ରାଧିକ ଲୋକ ଥିବାରୁ ଲିଫ୍ଟ ଛିଡ଼ି ଯାଇଥିବା କୁହାଯାଉଛି।

ସୂଚନାନୁଯାୟୀ, ଜିଲ୍ଲା ସଦର ମହକୁମାରେ ଥିବା ମୁଖ୍ୟ ଚିକିତ୍ସାଳୟରେ ରୋଗୀ ଓ ସେମାନଙ୍କ ସମ୍ପର୍କୀୟଙ୍କ ସହ ଡାକ୍ତର ଏବଂ କର୍ମଚାରୀମାନେ ବିଭିନ୍ନ ମହଲାକୁ ଯାତାୟାତ ଲାଗି ୩ଟି ଲିଫ୍ଟ ରହିଛି। ଏହି ଲିଫ୍ଟ ମଧ୍ୟରୁ ଗୋଟିଏ ଲିଫ୍ଟ ଆଜି ହଠାତ୍ ଛିଡିପଡ଼ିଥିଲା। ଏହି ଲିଫ୍ଟରେ ୧୦ରୁ ୧୨ଜଣ ଯିବା ପାଇଁ କ୍ଷମତା ଥିବା ବେଳେ ୨୭ଜଣ ଯାଉଥିଲେ। ପ୍ରଥମ ମହଲାରୁ ଦ୍ୱିତୀୟ ମହଲାକୁ ଯାଉଥିବା ବେଳେ ଲିଫ୍ଟଟି ଛିଡ଼ି ଯାଇଥିଲା। ସୌଭାଗ୍ୟବଶତଃ ଏହି ଦୁର୍ଘଟଣାରେ କାହାର କିଛି କ୍ଷତି ହୋଇ ନଥିବା ବେଳେ ଲିଫ୍ଟ ସାଇରନ୍ ବାଜିବା ପରେ ଚିକିତ୍ସାଳୟ କର୍ତ୍ତୃପକ୍ଷ ଏହାକୁ ମାନୁଆଲ୍ ଭାବେ ଖୋଲି ଭିତରୁ ଲୋକଙ୍କୁ ସୁରକ୍ଷିତ ଉଦ୍ଧାର କରିଛନ୍ତି। ଆସନ୍ତାକାଲି ବିଶାଖାପାଟଣାରୁ ମରାମତି ଦଳ ଆସିଲେ ଲିଫ୍ଟର ମରାମତି କରାଯିବ ବୋଲି ଜଣାପଡ଼ିଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଆଇପିଏଲ୍ ଟିକଟ...

ହେବ। ବର୍ତ୍ତମାନ ପର୍ଯ୍ୟନ୍ତ, ଅନ୍ୟ ସ୍ୱୀକୃତିପ୍ରାପ୍ତ ମ୍ୟାଚ୍ ପାଇଁ ୫୦୦ ଟଙ୍କାରୁ ଅଧିକ ମୂଲ୍ୟର ଟିକଟ୍ ଉପରେ ୧୮% ଜିଏସ୍‌ଟି ଲାଗୁ ହେଉଛି। ଏହି ପରିବର୍ତ୍ତନଗୁଡ଼ିକ ସେପ୍ଟେମ୍ବର ୨୨ରୁ ଭାରତରେ ଖେଳାଯିବାକୁ ଥିବା ପରବର୍ତ୍ତୀ ଅନ୍ତର୍ଜାତୀୟ କ୍ରିକେଟ୍ ଇଭେଣ୍ଟ, ମହିଳା ବିଶ୍ୱକପ୍ ଆରମ୍ଭ ହେବାର ଗୋଟିଏ ସପ୍ତାହ ପୂର୍ବରୁ ଲାଗୁ ହେବ। ସୂଚନାଯୋଗ୍ୟ ଯେ, ଏହି କାର୍ଯ୍ୟକ୍ରମ ପାଇଁ ଟିକଟ୍ ବିକ୍ରି ଏ ପର୍ଯ୍ୟନ୍ତ ଆରମ୍ଭ ହୋଇନାହିଁ।

### ଶ୍ରୀନଅରରେ ସୁନିଆଁ...

ପରେ ଗଜପତି ମହାରାଜା ଏହାକୁ ଘୋଷଣା କରିଥିଲେ। ପରେ ଗଜପତି ମହାରାଜା ଦିବ୍ୟସିଂହ ଦେବଙ୍କୁ ପ୍ରଜା ଏବଂ କର୍ମଚାରୀମାନେ ଶୁଭେଚ୍ଛା ଜଣାଇବା ସହ ସୁନିଆଁ ଭେଟି ଦେଇଥିଲେ।

ସୁନିଆଁ ପରମ୍ପରା ସମ୍ପର୍କରେ ଗଜପତି ମହାରାଜାଙ୍କ ପାରମ୍ପରିକ ରାଜଗୁରୁ ଦେବୀପ୍ରସାଦ ରାଜଗୁରୁ କହିଛନ୍ତି, ସୁନିଆଁରେ ଗଜପତି ମହାରାଜାଙ୍କ ନବବର୍ଷ ଆରମ୍ଭ ହୋଇଥାଏ। ଗଜପତି ମହାରାଜାଙ୍କ ୬୯ଅଙ୍କ ପ୍ରଚଳିତ ହେଲା ଏବଂ ୧୪୩୩ ସାଲ ପ୍ରବେଶ କଲା। ଅଙ୍କ କଟାର ପରମ୍ପରା ଅଦ୍ୟାବଧି ପ୍ରଚଳିତ ରହିଛି ବୋଲି ରାଜଗୁରୁ କହିଛନ୍ତି। ସୂଚନାଯୋଗ୍ୟ, ସୁନିଆଁକୁ ଗଜପତି ମହାରାଜାଙ୍କ ନବବର୍ଷ ବୋଲି ଧରାଯାଏ। ଓଡ଼ିଆଙ୍କ ପାଇଁ ଜାତକରେ ବର୍ଷ, ମାସ, ତାରିଖ, ତିଥି ଓ ନକ୍ଷତ୍ର ଉଲ୍ଲେଖ ହୁଏ। ସୁନିଆଁ ଦିନଠାରୁ ଗଜପତି ମହାରାଜାଙ୍କ ଗାଦିନାସୀନ ବର୍ଷର ଗଣନା ହୋଇଥାଏ। ଏହିଦିନ ଷୋଳ ଶାସନରୁ ବ୍ରାହ୍ମଣମାନେ ଶ୍ରୀନଅରକୁ ଆସ ଗୋଟିଏ ଲେଖାଏଁ ନଡ଼ିଆ ଗଜପତିଙ୍କୁ ଭେଟି ଦେଇ ଆଶୀର୍ବାଦ କରିଥା'ନ୍ତି।

### ପ୍ରତିଶୋଧ ନେଉଛି...

ବ୍ୟାପକ ଗଛକଟା ଚାଲିଛି। ଯାହା ଜଣାପଡୁଛି ଏହି କାରଣରୁ ପାର୍ବତ୍ୟ ରାଜ୍ୟମାନଙ୍କରେ ଏଥର ବନ୍ୟା ବିପଜ୍ଜନକ ପରିସ୍ଥିତି ସୃଷ୍ଟି କରିଛି। ଏମିତି ଗଛକଟା ଜାରି ରହିଲେ, ଆଉ ଜଙ୍ଗଲ ରହିବ ନାହିଁ। ବର୍ଷା ଓ ବନ୍ୟା ଆସିଲେ ସମଗ୍ର ଅଞ୍ଚଳ ବୁଡ଼ିଯିବ। ପଞ୍ଜାବର ଉଦାହରଣ ଦେଇ କୋର୍ଟ କହିଲେ ଯେ ସେଠାରେ ଜନବସତି ଓ ବିଲବାଡ଼ି ପାଣିରେ ବୁଡ଼ି ରହିଛି। ଏସଂପର୍କରେ ସଂପୃକ୍ତ ରାଜ୍ୟ ସରକାରମାନଙ୍କ ସହିତ ଆଲୋଚନା କରିବା ଲାଗି କୋର୍ଟ ସଲିସିଟର ଜେନେରାଲଙ୍କୁ ପରାମର୍ଶ ଦେଇଛନ୍ତି। ବେଆଇନ ଭାବେ ଚାଲିଥିବା ଗଛକଟା ରୋକିବାକୁ ରାଜ୍ୟ ଓ କେନ୍ଦ୍ର ସରକାର କଣ ପଦକ୍ଷେପ ନେଇଛନ୍ତି ତାହା ତିନି ସପ୍ତାହ ମଧ୍ୟରେ ଜଣାଇବାକୁ ନିର୍ଦ୍ଦେଶ ଦେଇଛନ୍ତି। ସଲିସିଟର ଜେନେରାଲ ତୁଷାର ମେହେଟ୍ଟା ମାନ୍ୟବର ବେଞ୍ଚଙ୍କ ସହିତ ଏକମତ ହୋଇ କହିଲେ ଯେ ସେ ଆଜି ଏସଂପର୍କରେ କେନ୍ଦ୍ର ପରିବେଶ ବିଭାଗ ସଚିବଙ୍କ ସହିତ କଥା ହେବେ। ସଂପୃକ୍ତ ରାଜ୍ୟର ମୁଖ୍ୟ ସଚିବମାନଙ୍କ ସହିତ ଯୋଗାଯୋଗ ଲାଗି ତାଙ୍କୁ କୁହାଯିବ।

### ୧୦ ଜିଲ୍ଲାକୁ...

ହୀରାକୁଦ ଜଳଭଣ୍ଡାରର ୧୬ଟି ଗେଟ୍ ଖୋଲାଯାଇଛି ଏବଂ ମହାନଦୀରେ ୨.୫ ଲକ୍ଷ କ୍ୟୁସେକ୍ ଜଳ ପ୍ରବାହିତ ହେବାର ଆଶା କରାଯାଉଛି। ଏହା ଫଳରେ ହୀରାକୁଦ ଡ୍ୟାମର ତଳମୁଣ୍ଡରେ ଥିବା ନଦୀ ଶଯ୍ୟା ଅଞ୍ଚଳରେ ବନ୍ୟା ଆସିବାର ଆଶଙ୍କା ରହିଛି। ମହାନଦୀ କୂଳରେ ଥିବା ତଳିଆ ଅଞ୍ଚଳ ଅର୍ଥାତ ୧୦ଟି ଜିଲ୍ଲା ଅନୁଗୁଳ, ବୌଦ୍ଧ, କଟକ, ଯାଜପୁର, କେନ୍ଦ୍ରାପଡ଼ା, ଖୋର୍ଦ୍ଧା, ନୟାଗଡ଼, ପୁରୀ, ସମ୍ବଲପୁର ଓ ସୋନପୁରକୁ ସତର୍କ ରହିବା ପାଇଁ ଏସ୍‌ଆରସିଙ୍କ କାର୍ଯ୍ୟାଳୟ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି। ଜନସାଧାରଣଙ୍କ ଜୀବନ ଏବଂ ସମ୍ପତ୍ତିର ସୁରକ୍ଷା ପାଇଁ ନଦୀକୂଳ ଅଞ୍ଚଳରେ ବସବାସ କରୁଥିବା ଲୋକେ ନଦୀ ଶଯ୍ୟାଠାରୁ ଦୂରେଇ ରହିବା ସହିତ ସମସ୍ତ ସତର୍କତାମୂଳକ ପଦକ୍ଷେପ ଅବଲମ୍ବନ କରିବାକୁ ହୀରାକୁଦ ଜଳଭଣ୍ଡାର ପକ୍ଷରୁ ପରାମର୍ଶ ଦିଆଯାଇଛି।

ଜଳସମ୍ପଦ ବିଭାଗ ସର୍ବୋଚ୍ଚ ଯନ୍ତ୍ରୀ ଚନ୍ଦ୍ରଶେଖର ପାଢ଼ୀ କହିଛନ୍ତି ଯେ ଗତ ୨୪ ଘଣ୍ଟାରେ ୧୪ଟି ବ୍ଲକରେ ୧୦୦ମିମିରୁ ଅଧିକ ବର୍ଷା ହୋଇଥିବା ବେଳେ ୪୨ଟି ବ୍ଲକରେ ୫୦ମିମିରୁ ଅଧିକ ବର୍ଷା ରେକର୍ଡ ହୋଇଛି। ଉପର ମହାନଦୀ, ବୈତରଣୀ, ବୁଢ଼ାବଳଙ୍ଗରେ ବହୁତ ବର୍ଷା ହୋଇଛି। କେବଳ ବୈତରଣୀରେ ଛୋଟ ବନ୍ୟା ଅଛି। ବିପଦ ସଙ୍କେତର ୦.୫ମି ଉପରେ ଆଖୁଆପଦାରେ ବୈତରଣୀ ପ୍ରବାହିତ ହେଉଥିବା ବେଳେ ହୀରାକୁଦର ୧୬ଟି ଗେଟ୍ ଦେଇ ବନ୍ୟା ଜଳ ନିଷ୍କାସନ ହେଉଛି। ଏହାସତ୍ତ୍ୱେ ମହାନଦୀରେ ଜଳସ୍ତର ବଢ଼ିବ; ହେଲେ ବନ୍ୟା ଆସିବନି ବୋଲି ଯନ୍ତ୍ରୀ କହିଛନ୍ତି।

### ଗୋଟାଏ ସ୍ଥାନକୁ...

ରାୟଗଡ଼ା ଜିଲ୍ଲାରେ ପ୍ରବଳ ବର୍ଷା ଆଶଙ୍କାରେ ପାଣିପାଗ ବିଭାଗ ୟେଲୋ ଚେତାବନୀ ଜାରି କରାଯାଇଥିଲା। ମାତ୍ର ସେହିଦିନ ଉତ୍ତର ଓଡ଼ିଶାର କେନ୍ଦୁଝର ଜିଲ୍ଲାର ହାଟଡିହଠାରେ ଅତ୍ୟନ୍ତ ପ୍ରବଳ ବର୍ଷା (୨୦ ସେମି ରୁ ଅଧିକ) ୨୨୫.୧ ମିମି ରେକର୍ଡ ହେଲା। ଘସିପୁରାରେ ୧୩୦.୩ ମିମି, ଆନନ୍ଦପୁର ୧୦୩.୪ ମିମି, ସେହିପରି ବାଲେଶ୍ୱର ସହରରେ ୧୩୩.୮ ମିମି, ଗୋବିନ୍ଦପୁର ଠାରେ ୧୨୩.୨ ମିମି, ରେମୁଣା ୯୧ ମିମି, ଭଦ୍ରକ ଆଖୁଆପାଦ ଠାରେ ୭୦.୪ ମିମି ରେକର୍ଡ ହୋଇଥିବା ବେଳେ ଭାରି ବର୍ଷା ପାଇଁ ଚେତାବନୀ ଜାରି ହୋଇଥିବା ଜିଲ୍ଲା ଗୁଡ଼ିକ ମଧ୍ୟରୁ କେବଳ ମାଲକାନଗିରି ଠାରେ ସର୍ବାଧିକ ୪୮ ମିମି ବର୍ଷା ରେକର୍ଡ ହୋଇଥିଲା। ସେହିପରି ଦକ୍ଷିଣ ଓଡିଶାର ଅନ୍ୟ ଜିଲ୍ଲାଗୁଡ଼ିକରେ ବିକ୍ଷିପ୍ତ ବର୍ଷା ଅନୁଭୂତ ହୋଇଥିଲା।

୨ ତାରିଖ ଲଘୁଚାପ ସୃଷ୍ଟି ପରେ ପାଣିପାଗ କେନ୍ଦ୍ର ୪ ଜିଲ୍ଲାକୁ ଉତ୍ତର ଓଡ଼ିଶାର ସୁନ୍ଦରଗଡ଼, ଝାରସୁଗୁଡ଼ା, ସମ୍ବଲପୁର ଏବଂ ଦେବଗଡ଼ ପାଇଁ ଅତ୍ୟନ୍ତ ପ୍ରବଳ ବର୍ଷା ଆଶଙ୍କା କରି ରେଡ୍ ଆଲର୍ଟ ଜାରି କରିଥିଲା। ମାତ୍ର ଏହି ଜିଲ୍ଲାମଧ୍ୟରୁ କେବଳ ସୁନ୍ଦରଗଡ଼ରେ ୩୮ ମିମି ବର୍ଷା ରେକଡର୍ ହୋଇଥିଲା ଓ ଅନ୍ୟ ଜିଲ୍ଲାଗୁଡ଼ିକରେ କାଁଭାଁ ବର୍ଷା ହୋଇଥିଲା। ତେବେ ବର୍ଷା ସମ୍ଭାବନା ସୂଚନା ନ ଥିବା ବଲାଙ୍ଗୀରରେ ୧୨୯ ମିମି, ନୟାଗଡ଼ରେ ୭୫.୩ ମିମି ବର୍ଷା ରେକଡର୍ ହୋଇଥିଲା। ୩ ତାରିଖରେ ଲଘୁଚାପ ଘନୀଭୂତ ହୋଇ ସ୍ପଷ୍ଟ ଚିହ୍ନିତ ଲଘୁଚାପରେ ପରିଣତ ହେବ ସହ ଏହା ଉତ୍ତର ଓଡିଶା ସଂଲଗ୍ନ ଝାଡ଼ଖଣ୍ଡ ଏବଂ ଉତ୍ତର ଛତିଶଗଡ ମୁହାଁ ହେବ ଆଶଙ୍କାରେ ପାଣିପାଗ ବିଜ୍ଞାନକେନ୍ଦ୍ର ଖୋର୍ଦ୍ଧା, କଟକ, ଜଗତସିଂହପୁର ଏବଂ ପୁରୀକୁ ଅତି ପ୍ରବଳ ବର୍ଷା ସହ ଅରେଞ୍ଜ ଆଲର୍ଟ ଏବଂ ଦକ୍ଷିଣ ଓ ଉତ୍ତର ଓଡ଼ିଶାର ୧୬ ଜିଲ୍ଲାକୁ କମ୍ ବର୍ଷା ଆଶଙ୍କା କରି ୟେଲୋ ଆଲର୍ଟ ଜାରି କରିଥିଲା। ହେଲେ ଅରେଞ୍ଜ ଆଲର୍ଟ ଜାରି କୌଣସି ଜିଲ୍ଲାରେ ବର୍ଷା ୩୦ ମିମି ଟପି ନ ଥିବାବେଳେ ୟେଲୋ ଆଲର୍ଟ ଜାରି ହୋଇଥିବା ଯାଜପୁର ଜିଲ୍ଲାର ଅଧିକାଂଶ ସ୍ଥାନରେ ଅତି ପ୍ରବଳ ବର୍ଷା ରେକର୍ଡ ହୋଇଥିଲା। ସେହିପରି ଚେତାବନୀ ଅନ୍ତର୍ଭୁକ୍ତ ନଥିବା ଝାରସୁଗୁଡା ଜିଲ୍ଲାର ଲାଇକିରା ଠାରେ ସର୍ବାଧିକ ୨୧୨.୨ ମିମି, କିର୍ମିରା ଠାରେ ୧୭୦.୪ ମିମି, କୋଲାବିରା ୧୬୩ ମିମି, ଲଖନପୁର ୧୪୩.୨ ମିମି, ଦେବଗଡ ସହରରେ ୧୪୫ ମିମି, ସମ୍ବଲପୁର ଜିଲ୍ଲାର କୁଚିଣ୍ଡା ଠାରେ ୧୧୪ ମିମି ସହ ବର୍ଷା ରେକର୍ଡ ହୋଇଥିଲା।

ପାଣିପାଗ ବିଭାଗର ଏଭଳି ଆକଳନ ଫଳରେ କେଉଁ ଅଞ୍ଚଳରେ କେତେ ବର୍ଷା ହେବ ତାହାର କୌଣସି ଠିକ୍ ଠିକଣା ରହୁ ନଥିବା ବେଳେ ବନ୍ୟା ଜଳ ନିଷ୍କାସନରେ ମଧ୍ୟ ସମସ୍ୟା ସୃଷ୍ଟି ହେଉଛି। ଗତ ୨୪ ଘଣ୍ଟାରେ ମହନଦୀର ଉଭୟ ଉପରମୁଣ୍ଡ ଓ ତଳମୁଣ୍ଡରେ ପ୍ରବଳ ବର୍ଷା ହୋଇଥିବା ବେଳେ ଏବେ ମହାନଦୀରେ ବନ୍ୟା ଆଶଙ୍କା ସୃଷ୍ଟି ହୋଇଛି। ହୀରାକୁଦ ଡ୍ୟାମ୍‌ରୁ ବର୍ତ୍ତମାନ ୧୬ ଟି ଗେଟ୍ ଖୋଲାଯାଇ ବନ୍ୟା ଜଳ ନିଷ୍କାସିତ ହେଉଛି। ମହାନଦୀ ତଳମୁଣ୍ଡ ପାଇଁ ବର୍ଷା ଆଶଙ୍କା କରାଯାଇ ନ ଥିବା ବେଳେ ସେଠାରେ ପ୍ରଚୁର ବର୍ଷା ହୋଇଥିବାରୁ ଏହି ସ୍ଥିତି ସୃଷ୍ଟି ହୋଇଥିବା ଆଶଙ୍କା ହୋଇଛି। ସେହିପରି ଉତ୍ତର ଓଡ଼ିଶାରେ ବର୍ତ୍ତମାନ ବୈତରଣୀ ପୁଣି ଥରେ ବିପଦ ସଙ୍କେତ ଟପିବା ସହ ଜଳକା ମଧ୍ୟ ଫୁଲିବାରେ ଲାଗିଛି। ମନୁଷ୍ୟକୃତ ତ୍ରୁଟି ଯୋଗୁଁ ଗୋଟିଏ ବର୍ଷରେ ଏଭଳି ବାରମ୍ବାର ବନ୍ୟା ସ୍ଥିତି ସୃଷ୍ଟି ହେଉଥିବା ପରିଲକ୍ଷିତ ହୋଇଛି।

### ପରିବାରର ୬ଜଣଙ୍କୁ...

ଅଭିଯୁକ୍ତମାନେ ଡମ୍ବରୁ ପୂଜାରୀଙ୍କୁ ସଂଘବଦ୍ଧ ଭାବେ ଆକ୍ରମଣ କରି ହତ୍ୟା କରିଥିଲେ। ଉକ୍ତ ଦିନ ଡମ୍ବରୁ ଓ ତାଙ୍କ ପରିବାର ସଦସ୍ୟମାନେ ନିଜ ବାଡ଼ିରେ ପରିବା ତୋଳୁଥିବା ବେଳେ ଅଭିଯୁକ୍ତମାନେ ଖଣ୍ଡା, ଛୁରୀ, ବରଛା ସମେତ ଅନ୍ୟାନ୍ୟ ମରଣାସ୍ତ୍ରରେ ସେମାନଙ୍କୁ ଆକ୍ରମଣ କରିଥିଲେ। ପ୍ରଥମେ ସେମାନେ ଡମ୍ବରୁଙ୍କ ଭାଇ ପଦଲାମଙ୍କୁ ଆକ୍ରମଣ କରିଥିଲେ। ଏହା ଦେଖି ଡମ୍ବରୁ ବିରୋଧ କରିବାରୁ ସେମାନେ ଦୁଇଭାଇଙ୍କୁ ମରଣାନ୍ତକ ଆକ୍ରମଣ କରିଥିଲେ। ଅଭିଯୁକ୍ତମାନେ ପଦଲାମଙ୍କ ଉପରେ ଟ୍ରାକ୍ଟର ଚଢ଼ାଇ ଦେଇଥିଲେ। ଏଥିରେ ତାଙ୍କ ଗୋଡ଼ ନଷ୍ଟ ହୋଇଯାଇଥିଲା। ସେହିପରି ରକ୍ତ ଜୁଡ଼ୁବୁଡ଼ୁ ଅବସ୍ଥାରେ ଡମ୍ବରୁଙ୍କୁ ପ୍ରଥମେ ନବରଙ୍ଗପୁର ଓ ପରେ କଟକ ଏସ୍‌ସିବି ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ୨୦୨୨ ଅଗଷ୍ଟ ୧୬ରେ ଡମ୍ବରୁଙ୍କ ମୃତ୍ୟୁ ହୋଇଥିଲା। ଏନେଇ ଅଭିଯୋଗ ହେବା ପରେ କୋଡିଙ୍ଗା ପୁଲିସ୍ ନାବାଳକ ସମେତ ୬ ଜଣଙ୍କୁ ଗିରଫ କରିଥିଲା। ମାମଲାକୁ ଅତିରିକ୍ତ ପବ୍ଲିକ୍ ପ୍ରସିକ୍ୟୁଟର୍ ସନ୍ତୋଷ ମିଶ୍ର ପରିଚାଳନା କରୁଥିଲେ।

### ନିରାଶ କରୁଛି...

ଔଷଧ ଉପଲବ୍ଧ ନାହିଁ। ପୂର୍ବରୁ ଜିଲ୍ଲାସ୍ତରୀୟ ଡ଼ାକ୍ତରଖାନାଗୁଡ଼ିକରେ ଅତି କମ୍‌ରେ ୨ଶହ ପ୍ରକାରର ଔଷଧ ଉପଲବ୍ଧ ହେଉଥିଲା। ଏବେ ତାହା ବହୁ ପରିମାଣରେ ହ୍ରାସ ପାଇଛି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ନୂଆ ଔଷଧ ପାଇଁ ଟେଣ୍ଡର ପ୍ରକାଶ ପାଉନି। ପୂର୍ବରୁ ଯେଉଁମାନେ ଟେଣ୍ଡର ପାଇଛନ୍ତି, ଟଙ୍କା ମିଳିବାରେ ବିଳମ୍ବ ହେବାରୁ ସେମାନେ ଠିକ୍ ଭାବେ ଔଷଧ ଯୋଗାଉ ନାହାନ୍ତି। ନିରାମୟରେ ଡାକ୍ତରଙ୍କ ଚିଠା ଅନୁଯାୟୀ ଔଷଧ ମିଳୁନଥିବାରୁ ରୋଗୀମାନେ ବାଧ୍ୟହୋଇ ବାହାର ଦୋକାନରୁ ଔଷଧ କିଣୁଛନ୍ତି। ଏହି ଯୋଜନାରେ ରାଜ୍ୟ ବଜେଟ୍‌ର ୧୦ ପ୍ରତିଶତ ଅର୍ଥ ଜିଲ୍ଲାମାନଙ୍କୁ ଏବଂ ୩୦ ପ୍ରତିଶତ ମେଡିକାଲ କଲେଜକୁ ଯୋଗାଇ ଦିଆଯାଉଛି। ଏହି ଅର୍ଥରେ ସେମାନେ ଆବଶ୍ୟକ ଔଷଧ କିଣି ଯୋଗାଇବାର ବ୍ୟବସ୍ଥା ଥିଲେ ମଧ୍ୟ ରୋଗୀମାନେ ସହଜରେ ଏହାର ସୁବିଧା ପାଇପାରୁନାହାନ୍ତି।

ନିଜ ନାମ ଗୋପନ ରଖିବା ସର୍ତ୍ତରେ ଜଣେ ସରକାରୀ ଡାକ୍ତର କହିଛନ୍ତି ଯେ ସରକାରୀ ଡାକ୍ତରଖାନାରେ ଡାକ୍ତରମାନେ ରୋଗୀଙ୍କୁ ବାହାରୁ ଔଷଧ କିଣିବା ପାଇଁ ଲେଖିପାରିବେ ନାହିଁ। ଏଥିପାଇଁ ସରକାରୀ ଭାବେ ସ୍ପଷ୍ଟ ନିର୍ଦ୍ଦେଶନାମା ଜାରି ରହିଛି। ଏମିତିକି ଯେଉଁ ଡାକ୍ତରମାନେ ବାହାରୁ ଔଷଧ ଲେଖିବେ, ସେମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ହେବ ବୋଲି ସରକାର ନିୟମ କରିଛନ୍ତି। ତେଣୁ ଡାକ୍ତରମାନେ କେବଳ ସରକାରୀ ଡାକ୍ତରଖାନାରେ ମିଳୁଥିବା ଔଷଧ ଲେଖୁଛନ୍ତି। ମଧୁମେହ, ଉଚ୍ଚ ରକ୍ତଚାପ ଆଦି ପାଇଁ ରୋଗୀଙ୍କୁ ନିରାମୟ କେନ୍ଦ୍ରକୁ ପଠାଇ ଦେଉଛନ୍ତି। ହେଲେ ନିରାମୟ କେନ୍ଦ୍ରରେ ଔଷଧ ମିଳୁନଥିବାରୁ ରୋଗୀମାନେ ଫେରୁଛନ୍ତି। ଅପରପକ୍ଷେ ମଧୁମେହ ଓ ଉଚ୍ଚ ରକ୍ତଚାପ ରୋଗୀମାନେ ନିୟମିତ ଭାବେ ଔଷଧ ଆବଶ୍ୟକ କରୁଛନ୍ତି। ସେମାନଙ୍କୁ ବଟିକା ସହିତ ଇନ୍ସୁଲିନ୍ ବି ଦେବାକୁ ପଡୁଛି। ଗୋଟିଏ ଥରରେ ରୋଗୀମାନଙ୍କୁ ଅତି କମରେ ମାସକ ପାଇଁ ଔଷଧ ଦିଆଯାଉଥିବାବେଳେ କେତେକ ସ୍ଥଳରେ ବୟସ୍କ ରୋଗୀମାନେ ଦୁଇ ମାସର ଔଷଧ ଦେବାକୁ ଦାବି କରୁଛନ୍ତି। ହେଲେ ଔଷଧ ଯୋଗାଣ ହ୍ରାସ ପାଇଥିବାରୁ ସେମାନଙ୍କୁ ଔଷଧ ଦେବା ସମ୍ଭବପର ହେଉନି ବୋଲି ସେ କହିଛନ୍ତି।

### ଥାନାରେ ସିସିଟିଭି...

ଥାନାରେ ସିସିଟିଭି କ୍ୟାମେରା କାମ କରୁନି। ଯେଉଁ ଥାନାରେ ସିସିଟିଭି କ୍ୟାମେରା କାମ କରୁଛି, ତାହାର ଫୁଟେଜ୍ କୋର୍ଟକୁ ଦିଆଯାଉ ନାହିଁ। ଅନେକ ଥାନାରେ ଦେଖାଯାଉଛି ଯେ ରିମାଣ୍ଡ ରୁମ୍ ବା ହାଜତ କୋଠରୀକୁ ସିସିଟିଭି କ୍ୟାମେରା ଠାରୁ ଦୂରେଇ ରଖାଯାଉଛି। ଏହାକୁ ନେଇ ଥାନା ଅଧିକାରୀ କୋର୍ଟରେ ବିଭିନ୍ନ ପ୍ରକାର ବାହାନା ଦେଖାଉଛନ୍ତି। ହାଜତମୃତ୍ୟୁ ମାମଲାରେ ପୁଲିସ ସିସିଟିଭି ଫୁଟେଜ୍ ଦାଖଲ ନକରିବା ଲାଗି ବିଭିନ୍ନ ବାହାନା ଦେଖାଉଛି।

ହାଜତମୃତ୍ୟୁକୁ ରୋକିବା ସହିତ ପାରଦର୍ଶିତା ଆଣିବା ଲାଗି ସମସ୍ତ ପୁଲିସ ଥାନାରେ ସିସିଟିଭି କ୍ୟାମେରା ଲଗାଇବାକୁ ସୁପ୍ରିମ କୋର୍ଟ ବାଧ୍ୟତାମୂଳକ କରିଛନ୍ତି। ମାନବାଧିକାର ଉଲ୍ଲଂଘନ ରୋକିବାକୁ ଏହା ଜରୁରି। ସିସିଟିଭି ଲଗାଇବା ସହିତ ଏହାର ରକ୍ଷଣାବେକ୍ଷଣା ନେଇ ସୁପ୍ରିମ କୋର୍ଟ ଏହାପୂର୍ବରୁ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କୁ ଅନେକ ନିର୍ଦ୍ଦେଶ ଦେଇଛନ୍ତି। ସିସିଟିଭି ଡାଟା ଏବଂ ରେକର୍ଡିଂ ବ୍ୟାକଅପ୍ ସୁରକ୍ଷିତ ରଖିବା ସହିତ ଯାନ୍ତ୍ରିକ ତ୍ରୁଟି ସଜାଡ଼ିବା ଦାୟିତ୍ୱ ଥାନା ଦାୟିତ୍ୱରେ ଥିବା ଅଧିକାରୀଙ୍କର ବୋଲି କୋର୍ଟ ସ୍ପଷ୍ଟ ଭାବେ କହିଛନ୍ତି। କୋର୍ଟ ନିର୍ଦ୍ଦେଶ ସତ୍ତ୍ୱେ ବିଭିନ୍ନ ସରକାରଙ୍କ ପକ୍ଷରୁ ଦାଖଲ କରାଯାଇଥିବା ସତ୍ୟପାଠରେ ବିଭ୍ରାନ୍ତିକର ତଥ୍ୟ ଦିଆଯାଉଛି। ଏକ୍ଷେତ୍ରରେ ସୁପ୍ରିମ କୋର୍ଟଙ୍କ ଆଦେଶ ପାଳନ କରାଯାଉ ନଥିବାରୁ ୨୦୨୩ରେ ଜଷ୍ଟିସ ଗଭାଇ ବେଞ୍ଚ କ୍ଷୋଭ ପ୍ରକାଶ କରିଥିଲେ। ଜାତୀୟ କ୍ରାଇମ ରେକର୍ଡ ବ୍ୟୁରୋ ତଥ୍ୟ ଅନୁଯାୟୀ ୨୦୦୦ରୁ ୨୦୨୨ ମଧ୍ୟରେ ବର୍ଷକୁ ୯୨ ଜଣ ବ୍ୟକ୍ତି ପୁଲିସ ହାଜତରେ ପ୍ରାଣ ହରାଇଥିଲେ। ତେବେ ୨୦୦୫ରେ ସର୍ବାଧିକ ୧୨୮ ଟି ହାଜତମୃତ୍ୟୁ ହୋଇଥିବା ବେଳେ ୨୦୦୭ରେ ୧୧୮ ଟି ହାଜତମୃତ୍ୟୁ ହୋଇଥିଲା।

### ହାଇକୋର୍ଟ ନିର୍ଦ୍ଦେଶ...

ବ୍ୟବସ୍ଥା କରାଯିବ। ଫାଣ୍ଡିରେ ଲାଗିଥିବା କ୍ୟାମେରା ଗୁଡ଼ିକ ଭିଡିଓ ମ୍ୟାନେଜମେଣ୍ଟ ସିଷ୍ଟମ ଜରିଆରେ ସେଣ୍ଟ୍ରାଲ ମନିଟରିଂ ସିଷ୍ଟମରେ ସେହି ସମାନ ସମୟ ସୁଦ୍ଧା ଯୋଡ଼ି ହୋଇଥିବ ବୋଲି ଦର୍ଶାଯାଇଥିଲା। ଏହି ଅବଧି ପୂରି ଯାଇଥିଲେ ମଧ୍ୟ ରାଜ୍ୟର ସମସ୍ତ ଥାନା ଓ ଫାଣ୍ଡିରେ ସିସିଟିଭି ବ୍ୟବସ୍ଥା ହୋଇପାରିନାହିଁ। ଏବେ ବି ରାଜ୍ୟର ଆହୁରି ୩୦ଟି ଥାନାରେ ସିସିଟିଭି କ୍ୟାମେରା ଲାଗିପାରି ନ ଥିବା ଜନୈକ ପୁଲିସ ଅଧିକାରୀଙ୍କଠାରୁ ସୂଚନା ମିଳିଛି। ଫଳରେ ଥାନାକୁ ଅଭିଯୋଗ କରିବା ପାଇଁ ଯାଉଥିବା ଜନସାଧାରଣଙ୍କୁ କି ପ୍ରକାର ନ୍ୟାୟ ମିଳୁଛି ତାହା ନିଶ୍ଚିତ ହୋଇପାରିନାହିଁ।

୨୦୨୪ ସେପ୍ଟେମ୍ବର ୧୫ ତାରିଖ ବିଳମ୍ବିତ ରାତିରେ ଭରତପୁର ଥାନାରେ ଘଟିଥିବା ପୁଲିସ ନିର୍ଯାତନା ମାମଲାର ଶୁଣାଣି କରି ହାଇକୋର୍ଟ ଦର୍ଶାଇଥିଲେ ଯେ କୌଣସି ଆର୍ମି ଅଫିସର ଥାନାକୁ ଆସିଲେ କିପରି ବ୍ୟବହାର କରାଯିବ ସେ ନେଇ ପୁଲିସ ଉଚ୍ଚ କର୍ତ୍ତୃପକ୍ଷ ସବୁ ଥାନାକୁ ଏସଓପି ଜାରି କରିବେ ଏବଂ ରାଜ୍ୟର ପ୍ରତ୍ୟେକ ପୁଲିସ ଅଧିକାରୀ ଏହାକୁ ଅନୁସରଣ କରିବେ। ଏହି ଏସଓପିକୁ ଠିକ ଭାବେ ଚାରିଆଡେ ପ୍ରଚାର କରାଯିବ। ଏପରିକି ପୁଲିସ ଅଧିକାରୀମାନେ କିପରି ସଚେତନ ହେବେ ସେନେଇ ପଦକ୍ଷେପ ନିଆଯିବ। ଏସଓପିକୁ ଓଡ଼ିଆରେ ପ୍ରତ୍ୟେକ ଥାନା ଏବଂ ଫାଣ୍ଡିରେ ବଣ୍ଟାଯିବ ବୋଲି ଭରତପୁର ଥାନାରେ ଆର୍ମି ଅଫିସର ଏବଂ ତାଙ୍କ ବାନ୍ଧବୀଙ୍କୁ ନିର୍ଯାତନା ଦିଆଯିବା ମାମଲାରେ ହାଇକୋର୍ଟ ନିର୍ଦ୍ଦେଶ ଦେଇଥିଲେ। ଜଣେ ଆର୍ମି ଅଫିସର ଏବଂ ତାଙ୍କ ବାନ୍ଧବୀ ଏତଲା ଦେବାକୁ ଯାଇଥିଲେ। ପୋଲିସ ସେମାନଙ୍କ ଏତଲା ରୁଜୁ କରିବା ପରିବର୍ତ୍ତେ ସେମାନଙ୍କ ବିରୋଧରେ ମାମଲା ରୁଜୁ କରିଥିଲେ। ଏପରିକି ଆର୍ମି ଅଫିସରଙ୍କ ବାନ୍ଧବୀଙ୍କୁ ଗିରଫ କରି ଜେଲକୁ ପଠାଇ ଦିଆଯାଇଥିଲା। ଏହି ଘଟଣା ଦେଶରେ ଆଲୋଡନ ସୃଷ୍ଟି କରିଥିଲା। ଲେଫ୍ଟନାଣ୍ଟ ଜେନେରାଲ ପିଏସ ଶେଖାୱତ ଏନେଇ ହାଇକୋର୍ଟ ମୁଖ୍ୟ ବିଚାରପତିଙ୍କୁ ଏକ ଲେଟର ପିଟିସନ ଲେଖିଥିଲେ। ଏହି ଲେଟର ପିଟିସନକୁ ମାମଲା ଭାବେ ଗ୍ରହଣ କରି ହାଇକୋର୍ଟ ନିଜ ଆଡୁ ମାମଲା ରୁଜୁ କରିଥିଲେ। ଏଥିରେ ହାଇକୋର୍ଟ ରାଜ୍ୟ ସରକାରଙ୍କ ଠାରୁ ଭରତପୁର ଥାନା ସମେତ ରାଜ୍ୟର କେତେ ଥାନାରେ ସିସିଟିଭି କ୍ୟାମେରା ଲାଗିଛି ତାହାର ରିପୋର୍ଟ ତଲବ କରିଥିଲେ।

### ବଢୁଛି ଆତ୍ମହତ୍ୟା...

ସଂପର୍କରେ ଫାଟ, ସ୍ୱାସ୍ଥ୍ୟଗତ ସମସ୍ୟା ଓ ପରିବେଶ। ତେବେ ଅଧିକାଂଶ କ୍ଷେତ୍ରରେ ଦେଖାଯାଉଛି ଯେ ଯୌନ ନିର୍ଯାତନା ଓ ପାରିବାରିକ ହିଂସା ଯୋଗୁଁ ମହିଳାମାନେ ମାନସିକ ଅବସାଦର ଶିକାର ହେଉଛନ୍ତି। ଏନେଇ ଡବ୍ଲ୍ୟୁଏଚ୍‌ଓ ଚିନ୍ତା ପ୍ରକଟ କରିବା ସହିତ ମାନସିକ ସ୍ୱାସ୍ଥ୍ୟ ନେଇ ସଚେତନତା ଅଭିଯାନ ଜୋରଦାର କରିବାକୁ ପରାମର୍ଶ ଦେଇଛି।

ରିପୋର୍ଟରେ ଆହୁରି କୁହାଯାଇଛି ଯେ ଅବସାଦ ଓ ଦୁଶ୍ଚିନ୍ତା ବିଶ୍ୱର ସବୁ ଦେଶରେ ଦେଖାଯାଉଛି। ବିଶେଷ କରି ଯୁବପିଢ଼ି ଏହାର ଶିକାର ହେଉଛନ୍ତି। ଏହାର ପ୍ରଭାବ ଅର୍ଥନୀତି ଉପରେ ମଧ୍ୟ ପଡୁଛି। ଅବସାଦ ଓ ଦୁଶ୍ଚିନ୍ତା ଯୋଗୁଁ ପ୍ରତିବର୍ଷ ବିଶ୍ୱ ଅର୍ଥନୀତି ଉପରେ ଏକ ଲକ୍ଷ କୋଟି ଡଲାରର ବୋଝ ପଡୁଛି। ଅବସାଦ ଓ ଦୁଶ୍ଚିନ୍ତାର ମୁକାବିଲା ଲାଗି ବିଶ୍ୱବ୍ୟାପୀ ଅଭିଯାନକୁ ଜୋରଦାର କରିବା ଲାଗି ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଗୁରୁତ୍ୱ ଆରୋପ କରିଛି। ୨୦୩୦ ସୁଦ୍ଧା ଆତ୍ମହତ୍ୟା ହାର ଅତିକମରେ ୩୦ ଭାଗ ହ୍ରାସ କରିବାକୁ ଡବ୍ଲ୍ୟୁଏଚ୍‌ଓ ଲକ୍ଷ୍ୟ ଧାର୍ଯ୍ୟ କରିଛି। କିନ୍ତୁ ଯେଉଁ ହିସାବରେ ଅଭିଯାନ ଚାଲିଛି, ସେଥିରୁ ଜଣାପଡୁଛି ଯେ ଏହି ଲକ୍ଷ୍ୟ ହାସଲ ହେବାର ସମ୍ଭାବନା କମ୍। ଆତ୍ମହତ୍ୟା ହାର ମାତ୍ର ୧୨ ପ୍ରତିଶତ କମିପାରେ ବୋଲି ରିପୋର୍ଟରେ ଉଲ୍ଲେଖ କରାଯାଇଛି। ଯୁବପିଢ଼ି କାହିଁକି ମାନସିକ ଅବସାଦର ଶିକାର ହେଉଛନ୍ତି, ତାହାର କାରଣ ଖୋଜି ବାହାର କରିବା ସହିତ ଏହାର ନିରାକରଣ ପାଇଁ ବିଭିନ୍ନ ଦେଶ ନିମନ୍ତେ ଗାଇଡଲାଇନ୍ସ ଜାରି କରିଛି ସଂଗଠନ।


**AFFIDAVIT**

By virtue of an Affidavit before Notary Public, Malkangiri, I, **Mase Sodi**, aged about 55 years, W/o.: Pandu Sodi resident of Village: Singharajkhunta, PO.: Sikhapali, P.S./Dist.: Malkangiri, Odisha, declare by this Affidavit No.: 1469/2025, Dated: 02.09.2025 that I have changed my name from Mashe Sodi to **Mase Sodi**. Henceforth I shall be known as **Mase Sodi** for all future purposes.

**AFFIDAVIT**

I, SURAJ DHALS/O SUBASH CHANDRA DHALSULDHIAPADA, PO-EKATALI, WARD NO-07, JHARSUGUDA -768202, ODISHA Declare by this affidavit No.4671 dtd-04/09/2025, that now onwards i shall be known as **SURAJ KUMAR DHAL** for all future purposes.

**AFFIDAVIT**

By virtue of an Affidavit before Notary Public, Malkangiri, I, **Adama Madhi**, aged about 47 years, S/o.: Muka Madhi resident of Village: Chidipali, PO.: Tumusapalli, P.S./Dist.: Malkangiri, Odisha, declare by this Affidavit No.: 1468/2025, Dated: 02.09.2025 that I have changed my & my father surname from Adama Madi, S/o.: Muka Madi to **Adama Madhi, S/o.: Muka Madhi**. Henceforth I shall be known as **Adama Madhi, S/o.: Muka Madhi** for all future purposes.

**AFFIDAVIT**

By virtue of an Affidavit before Notary Public, Malkangiri, I, **Makar Burudi**, aged about 37 years, S/o.: Hari Burudi resident of Village: Gudumpadar, PO.: Biralakshmanpur, P.S./Dist.: Malkangiri, Odisha, declare by this Affidavit No.: 1470/2025, Dated: 02.09.2025 that I have changed my name from Makara Burudi to **Makar Burudi**. Henceforth I shall be known as **Makar Burudi** for all future purposes.

**AFFIDAVIT**

I, Madhujyotshna Samal, W/o- Bijay Kumar Nayak, resident of Karadamali, PO- Gadbandhagoda, PS- Ramachandrapur, District- Kendujhar, PIN-758043, Odisha declare by this affidavit No. A/39 dtd. 02.09.2025 that now onwards I shall be known as **Madhujyotsna Nayak** for all future purposes.

**AFFIDAVIT**

I, Jeetindra Kumar Patro, S/o.- Lambodara Patro, resident of Vill- Sahasapur, Po.- Gothagam, Ps.- Jaradagada, Dist- Ganjam, Dist- Ganjam, Pin: 761037, Odisha declare by this affidavit No. 80, Dtd: 03.09.2025 that now onwards I shall be known **JITENDRA KUMAR PATRO** for all future purposes.

**AFFIDAVIT**

By virtue of an Affidavit before Notary Public, Malkangiri, I, **Gangaram Gouda**, aged about 58 years, S/o.: Late Sambharu Gouda resident of Village: Bahalguda (Titang), PO.: Tandiki, P.S./Dist.: Malkangiri, Odisha, declare by this Affidavit No.: 1503/2025, Dated: 04.09.2025 that I have changed my & my father surname from Gangaram Madhi, S/o.: Late Sambharu Madhi to **Gangaram Gouda, S/o.: Late Sambharu Gouda.** Henceforth I shall be known as **Gangaram Gouda, S/o.: Late Sambharu Gouda** for all future purposes.

**AFFIDAVIT**

By virtue of an affidavit sworn before The Executive Magistrate, Banpur, Dist.- Khordha vide no-3381, Dated- 3/9/2025, I Gurubari Nayak, aged about 40 yrs., W/O- Sukadeb Nayak, Address At- Halanda, Po.- Badasireipur, Ps.- Banpur, Dist.- Khordha, Pin- 752031, Odisha, declare that I have changed my minor Son's name from **Sambit Kumar Nayak** to **Sambit Nayak**. Henceforth, he shall be known as **Sambit Nayak** for all purpose.

**ହଜିଯାଇଅଛି**

ଏହି ଶପଥ ପତ୍ର ନୋଟାରି ପବ୍ଲିକ୍, ନିମାପଡ଼ା, ପୁରୀଙ୍କ ସମ୍ମୁଖରେ ନିଷ୍ପାଦନ କରାଯାଇଛି କି, ମୁଁ ଅଜୟ କୁମାର ବେହେରା, ପି- ମୃତ ଗଜେନ୍ଦ୍ର ବେହେରା, ଗ୍ରା/ପୋ- ରୂପଦେଈପୁର, ଥାନା, ବଳଙ୍ଗା, ଜିଲ୍ଲା, ପୁରୀ, ଓଡ଼ିଶା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଘୋଷଣା କରୁଅଛି କି ମୋ ବାପାଙ୍କ ନାମରେ ଥିବା ସେଲ ଡିଡ୍ ନମ୍ବର ୧୨୧୩, ତା.୨୨.୦୭.୧୯୯୭ ରିଖରେ ମୁଁ ମୋ ମଟରସାଇକେଲରେ ରୂପଦେଈପୁରରୁ ବଳଙ୍ଗା ଯିବା ବାଟରେ ଓରିଜିନାଲ କବଲାଟି କେଉଁଠାରେ ହଜିଯାଇଅଛି। ମୁଁ ବଳଙ୍ଗା ଥାନା ଓ ଆଇସିଙ୍କ ମାଧ୍ୟମରେ ଏକ କେସ ଡାଏରୀ ମଧ୍ୟ ଏଣ୍ଟ୍ରି କରିଅଛି। ଏତଦ୍ ଦ୍ୱାରା ମୁଁ ଘୋଷଣା କରୁଅଛିକି ଉପରୋକ୍ତ ବିବରଣୀ ସତ୍ୟ ଅଟେ।

ସ୍ୱାକ୍ଷର/- ଅଜୟ କୁମାର ବେହେରା

**AFFIDAVIT**

By an affidavit CF No. 30 sworn before Executive Magistrate, Bhubaneswar on dtd- 03/09/2025. I, **Indramani Panigrahy**, Husband of Sarojanalini Panigrahy, father of Ipsita Panigrahy, resident of Plot No. 65/3331, Narayani Club, Old Town Mahatab Road, Bhubaneswar, Dist.- Khurda, Odisha has declared that in my daughter's school document, my wife's name is wrongly mentioned as Sarojanalini instead of Sarojanalini Panigrahy. Sarojanalini Panigrahy is the correct name. Both **Sarojanalini** and **Sarojanalini Panigrahy** is one and the same person who happens to be the mother of Ipsita Panigrahy.

**AFFIDAVIT**

I, Asha Tarai, aged about 38 years, W/o- Manas Patnaik, resident of At- Bharati Bhavan, Srivihar Colony, Tulasipur, Cuttack, PIN- 753008, Odisha declared by this affidavit No. 12/2025, dtd- 01/09/2025 that now onwards I shall be known as **ASHA RAY** for all future purposes.

**AFFIDAVIT**

I, Rena Dev, aged about 72 years, W/o- Late Samir Deb, resident of At- Gujurati Colony, Purunabasti, Po- Kalimandir Road, Ps/Dist- Jharsuguda, Odisha, PIN- 768201 declared by this affidavit C.F. No. 4657, dtd- 03/09/2025 that now onwards I shall be known as **RENA DEB** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate, Niali on dtd. 04/09/2025. I Bijay Behera, S/o- Late Sikhar Behera, resident of Village-Bansahi, Po- Bilasuni, PS- Niali, Dist- Cuttack, Odisha, Aadhar No- 9779 8796 8122, declare that, in my driving licence No. OR 05 20060020688 my name recorded as **Sudhir Kumar Behera** which is my nick name. My self **Bijay Behera** and **Sudhir Kumar Behera** same and one person. Henceforth, I shall be known as **Bijay Behera** for all purposes.

**Bijay Behera**

ଓଡ଼ିଶା ସରକାର

ଓଡିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ

RR-12

**ବିଜ୍ଞାପନ**

**୩୫ ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର, ୨୦୨୩ ଏବଂ ୩୬ ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର, ୨୦୨୪ ପାଇଁ ଦରଖାସ୍ତ ଆହ୍ୱାନ**

ଓଡିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ତରଫରୁ ୩୫ତମ (2023) ଓ ୩୬ତମ (2024) ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର ପ୍ରଦାନ ପାଇଁ ଦରଖାସ୍ତ ଆହ୍ୱାନ କରାଯାଉଅଛି। ପ୍ରଯୋଜକମାନେ Entry Form, ଆବଶ୍ୟକ କାଗଜପତ୍ର ଓ ଚଳଚ୍ଚିତ୍ର Soft Copy (Pen Drive) 04.10.2025 ସୁଦ୍ଧା (Registered/Speed Post/Parcel) ଦାଖଲ କରିପାରିବେ। ଶ୍ରେଷ୍ଠ ଲେଖା (Book/Monograph) ପାଇଁ ଲେଖକମାନେ ଆବେଦନ ଫର୍ମରେ ଆବେଦନ କରିବା ସହିତ ଦଶ (୧୦) ଖଣ୍ଡ ଲେଖା (Book/Monograph) 04.10.2025 ସୁଦ୍ଧା ଦାଖଲ କରିବେ। ଆବେଦନ ସମ୍ବନ୍ଧୀୟ ବିଶଦ ବିବରଣୀ ଯଥା Entry Form ଓ ନିୟମାବଳୀ ଇତ୍ୟାଦି ବିଭାଗର ୱେବସାଇଟ: culture.odisha.gov.in ରେ ଉପଲବ୍ଧ କରାଯାଇଅଛି।

ନିର୍ଦ୍ଦେଶକ,
ଓଡିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ
ଭୁବନେଶ୍ୱର

OIPR-03029/11/0068/2526

# ସାପକାମୁଡ଼ାରେ ବାଳକଙ୍କ ମୃତ୍ୟୁ

କଲ୍ୟାଣସିଂହପୁର, ୪।୯ (ସମିସ): ରାୟଗଡ଼ା ଜିଲ୍ଲା କଲ୍ୟାଣସିଂହପୁର ବ୍ଲକ ନାରାୟଣପୁର ପଞ୍ଚାୟତ ସଦର ଗାଁ ଦଳିତ ସାହିର ଦେବେନ୍ଦ୍ର କୌଶଲ୍ୟାଙ୍କ ମଝିଆ ପୁଅ ଯୁସୁମନ୍ତ କୌଶଲ୍ୟା (୧୨) ଚିତି ସାପ କାମୁଡ଼ାରେ ପ୍ରାଣ ହରାଇଥିବା ଜଣାପଡ଼ିଛି। ରାତିରେ ଖାଇ ସାରି ଘରେ ଶୋଇଥିବା ବେଳେ ଏକ ଚିତି ସାପ କାମୁଡି ଥିଲା। ତାଙ୍କୁ ଦୁଲଦୁଲି ଗୁଡା ବୈଦ୍ୟ ପାଖକୁ ନେବା ପରେ ସେ ମନା କରିବାରୁ କଲ୍ୟାଣସିଂହପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ଡାକ୍ତର ପ୍ରାଥମିକ ଚିକିତ୍ସା କରିବା ବେଳେ ମୃତଘୋଷଣା କରିଥିଲେ।

# ଅଟୋ ରିକ୍ସା ଦୁର୍ଘଟଣାରେ ୫ ଛାତ୍ର ଗୁରୁତର



ରାମନାଗୁଡ଼ା/ଗୁଣୁପୁର, ୪।୯ (ସମିସ): ରାୟଗଡ଼ା ଜିଲ୍ଲା ଗୁଣୁପୁର ନିକଟରେ ଥିବା କେନ୍ଦ୍ରୀୟ ବିଦ୍ୟାଳୟରେ ଅଧ୍ୟୟନରତ ୭ ଜଣ ଛାତ୍ରଙ୍କୁ ଅଟୋ ଯୋଗେ ପରିବହନ ହୋଇ ଯାଉଥିବା ବେଳେ ଦୁର୍ଘଟଣା ଯୋଗୁଁ ୫ଜଣ ଛାତ୍ର ଗୁରୁତର ହୋଇଛନ୍ତି। ଆହତ ଛାତ୍ରଙ୍କୁ ସ୍ଥାନୀୟ ଲୋକେ ଉଦ୍ଧାର କରି ଆମ୍ବୁଲାନ୍ସ ଯୋଗେ ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରିଛନ୍ତି। ଖବର ନେବାରୁ ଜଣାପଡିଛି ଯେ ରାୟଗଡ଼ା ଜିଲ୍ଲା ରାମନାଗୁଡ଼ା ବ୍ଲକ ଅନ୍ତର୍ଗତ କୁଜେନ୍ଦ୍ରୀ ଗ୍ରାମର କିଛି ଛାତ୍ର ପ୍ରତିଦିନ ଅଟୋ ଯୋଗେ ଗୁଣପୁର କେନ୍ଦ୍ରୀୟ ବିଦ୍ୟାଳୟରେ ଶିକ୍ଷା ଅଧ୍ୟୟନ କରୁଥିବା ଜଣାପଡିଛି। ସ୍କୁଲ ଛୁଟି ହେବା ପରେ ସାଢେ ୩ଟା ବେଳେ ଅଟୋ ଯୋଗେ ନିଜ ଗ୍ରାମ କୁଜେନ୍ଦ୍ରି ଅଭିମୁଖେ ଆସୁଥିବା ବେଳେ ବିକ୍ରମପୁର ଛକ ନିକଟରେ ଅଟୋ ଦୁର୍ଘଟଣା ଘଟିଥିଲା। ଅଟୋ ବସିଥିବା ୫ଜଣ ଛାତ୍ର ଆହତ ହୋଇଥିଲେ। ଅଜଣଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଥିବାରୁ ଏଠାରେ ପ୍ରାଥମିକ ଚିକିତ୍ସା କରାଯାଇ ପଡୋଶୀ ଆନ୍ଧ୍ର ପ୍ରଦେଶ ଶ୍ରୀକାକୁଳକୁ ସ୍ଥାନାନ୍ତର କରାଯାଇଛି। ଛାତ୍ର ମାନଙ୍କ କହିବାନୁଯାୟୀ ଅଟୋ ଚାଳକ ଜଣକ ଦ୍ରୁତ ଗତିରେ ଏବଂ ବେପରୁଆ ଭାବେ ଗାଡି ଚାଳନା କରିବାରୁ ଏକ ବୁଲାଣି ରାସ୍ତା ମଝିରେ ଦୁର୍ଘଟଣା ଘଟିଥିଲା। ଅଟୋ ଚାଳକ ଦୁର୍ଘଟଣା ଘଟିବା ପରେ ଘଟଣା ସ୍ଥଳରୁ ଫେରାର ହୋଇଯାଇଥିବା ଜଣାପଡ଼ିଛି। ସୂଚନାଯୋଗ୍ୟ, ଅଧିକାଂଶ ଅଟୋ ଗୁଡିକର ଫିଟନେସ ନଥିବା ବେଳେ ଗାଡି ଚାଳକ ମାନଙ୍କ ଲାଇସେନ୍ସ ବି ନଥାଇ ମନଇଛା ଗାଡି ଚାଳନା କରୁଥିବା ଯୋଗୁ ପ୍ରତିଦିନ ଦୁର୍ଘଟଣା ଘଟୁଛି। ଏଦିଗରେ ପୁଲିସ ଏବଂ ପରିବହନ ବିଭାଗ ପକ୍ଷରୁ କଡାକଡି ଭାବେ ଯାଞ୍ଚ କରିବାକୁ ସାଧାରଣରେ ଦାବି ହୋଇଛି।


# ଲୁଜିଙ୍ଗ ଅଙ୍ଗନବାଡି କେନ୍ଦ୍ରର କୁନି ଧାବକଙ୍କୁ ଝୁଲଣା ଉପହାର



ନନ୍ଦପୁର, ୪।୯ (ସମିସ): ନନ୍ଦପୁର ବ୍ଲକ ଅନ୍ତର୍ଗତ ହିକିମପୁଟ ଗ୍ରାମପଞ୍ଚାୟତ ଅଧୀନସ୍ଥ ଲୁଜୀଙ୍ଗ ଅଙ୍ଗନବାଡି କେନ୍ଦ୍ରର କୁନି କୁନି ଧାବକମାନଙ୍କୁ ନିଜସ୍ୱ ଖର୍ଚ୍ଚରୁ ଝୁଲଣା ଉପହାର ପ୍ରଦାନ କରିଛନ୍ତି ନନ୍ଦପୁର ବିଡ଼ିଓ ଦୁର୍ଗା ପ୍ରସାଦ ଦୋରା। ରାଜ୍ୟସ୍ତରରେ ସମ୍ମାନିତ ଅଙ୍ଗନବାଡି କେନ୍ଦ୍ର ପରିଦର୍ଶନ କରି କୁନି କୁନି ପିଲାଙ୍କ ଦ୍ୱାରା ଯେଉଁ ସବୁ ଶିକ୍ଷା ଦିଆଯାଉଛି ସେ ନେଇ ଚକିତ ହୋଇଥିଲେ। କୁନି କୁନି ପିଲାଙ୍କୁ ଝୁଲଣା ଦେଇ ପିଲାଙ୍କ ମନ ଜିଣିଛନ୍ତି ବିଡ଼ିଓ ଶ୍ରୀ ଦୋରା। ଏହି ଉପହାର ନେଇ ସିଡିପିଓ ମିନତି ବାଲା ପଟ୍ଟନାୟକ ବିଡିଓ ଶ୍ରୀ ଦୋରାଙ୍କୁ ଧନ୍ୟବାଦ ଜଣାଇଛନ୍ତି।

# କୋଟପାଡ଼ ପାଇଁ ଗୌରବ ଆଣିଲେ ଆଉ ଜଣେ ଶିକ୍ଷକ

■ ସମ୍ମାନିତ ହେବେ ଶିକ୍ଷକ ପଙ୍କଜ କୁମାର ମହାନ୍ତି



କୋଟପାଡ଼, ୪।୯ (ସମିସ): କୋଟପାଡ଼ ଅଞ୍ଚଳରୁ ତିନି ଜଣ ହାଇସ୍କୁଲ ଶିକ୍ଷକ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇବା ପାଇଁ ଯୋଗ୍ୟ ବିବେଚିତ ହୋଇ ସାରିଥିବା ବେଳେ ଏଥିରେ ଆଉ ଜଣେ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ପଙ୍କଜ କୁମାର ମହାନ୍ତିଙ୍କ ନାମ ଯୋଡ଼ି ହୋଇଯାଇଛି। କୋଟପାଡ଼ ବ୍ଲକରେ ଜିଲ୍ଲା ସ୍ତରୀୟ ପୁରସ୍କାର ପାଇବା ପାଇଁ ଜିଲ୍ଲା ପ୍ରଶାସନ ତରଫରୁ ସେ ନିମନ୍ତ୍ରଣ ପାଇଛନ୍ତି। ଆସନ୍ତା ଗୁରୁ ଦିବସ ଦିନ କୋରାପୁଟ ଜିଲ୍ଲାପାଳଙ୍କ ଦ୍ୱାରା ସମ୍ମାନିତ ହେବେ। ଶ୍ରୀ ମହାନ୍ତି ବର୍ତ୍ତମାନ ଆମ୍ବଗାଁ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ କାର୍ଯ୍ୟରତ। ପ୍ରାଥମିକ ଓ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ତରଫରୁ ଜଣେ ମାତ୍ର ଶିକ୍ଷକ ରୂପେ ଏହି ପୁରସ୍କାର ପାଇଁ ସେ ଯୋଗ୍ୟ ବିବେଚିତ ହୋଇଛନ୍ତି। ଏହା ପୂର୍ବରୁ ସେ ଉତ୍ତମ ଶିକ୍ଷକ ରୂପେ ପରବ ସମ୍ମାନ, ରାଜ୍ୟସ୍ତରୀୟ ପ୍ରକୃତିମିତ୍ର ପୁରସ୍କାର ପାଇ କୋଟପାଡ଼ ଲାଗି ଗୌରବ ଆଣିଥିଲେ। ତାଙ୍କୁ ବିଭିନ୍ନ ମହଲରୁ ଏଥିପାଇଁ ଅଭିନନ୍ଦନ ଜ୍ଞାପନ କରାଯାଇଛି।

# ୫ ମାଓବାଦୀ ଗିରଫ



ମାଲକାନଗିରି, ୪।୯ (ସମିସ): ମାଲକାନଗିରି ଛତିଶଗଡ ସୀମାନ୍ତ ସୁକୁମା ଜିଲ୍ଲାରେ ସୁରକ୍ଷା କର୍ମୀଙ୍କୁ ପୁଣି ମିଳିଲା ସଫଳତା। ଡିଆରଜି ଓ ସିଆରପିଏଫ ବାହିନୀ ପକ୍ଷରୁ ଚିନ୍ତଲନାଡ ଜଙ୍ଗଲରେ କମ୍ବି ଅପରେସନ ଚାଲିଥିବା ବେଳେ ଯବାନଙ୍କ ହାତରେ ଧରା ପଡିଲେ ପାଞ୍ଚ ଜଣ ହାଡକୋର ମାଓବାଦୀ। ସେମାନଙ୍କ ମଧ୍ୟରେ ଜଣେ ମହିଳା ମାଓବାଦୀ ରହିଛନ୍ତି। ସୁରକ୍ଷା କର୍ମୀଙ୍କୁ ଟାର୍ଗେଟ କରିବା ଲାଗି ବିସ୍ଫୋରକ ସାମଗ୍ରୀ ନେଇ ଜଙ୍ଗଲ ଭିତରେ ଲୁଚି ରହିଥିବା ବେଳେ ଯବାନଙ୍କ ହାତରେ ଧରା ପଡିଛନ୍ତି ଏମାନେ। ଏମାନେ ସମସ୍ତେ ହେଉଛନ୍ତି ମାଓ ସଙ୍ଗଠନର ବୋମା ବିସ୍ଫୋରଣକାରୀ ଦଳର ସଦସ୍ୟ। ପଚରା ଉଚୁରା କରିବା ପରେ ଏମାନଙ୍କୁ କୋର୍ଟ ଚାଲାଣ କରାଯାଇଥିବା ସୁକୁମା ଏସ୍‌ପି କିରଣ ଚୌହାନ ସୂଚନା ଦେଇଛନ୍ତି।

# ଟ୍ରାଫିକ୍ ସିଗନାଲ୍ ସମୟ ସଙ୍କେତ ଛବିରେ ତ୍ରୁଟି

ରାୟଗଡ଼ା, ୪।୯ (ସମିସ): ବ୍ୟସ୍ତବହୁଳ ୩୨୬ନମ୍ବର ଜାତୀୟ ରାଜପଥର ରାୟଗଡ଼ା ସହରର କୋରାପୁଟ ଛକ ସ୍ଥିତ ଟ୍ରାଫିକ୍ ସିଗନାଲର ସମୟ ସଂକେତ ଦୀର୍ଘ ୨ମାସ ଧରି ଧପ୍ ଧପ୍ ହୋଇ ଜଳୁ ଥିବାରୁ ଯିବା ଓ ରହିବା ସମୟ ଜଣା ପଡୁ ନ ଥିବାରୁ ସଡ଼କ ଦୁର୍ଘଟଣା ଆଶଙ୍କା ରହିଛି। ସିଗନାଲ୍ ଲାଇଟ୍ ସମୟ ସଙ୍କେତକୁ ଠିକ୍ କରିବା ପାଇଁ ଦାୟିତ୍ୱରେ ଥିବା ଘରୋଇ ସଂସ୍ଥାକୁ ବାରମ୍ବାର ଅନୁରୋଧ କରାଯାଇଥିଲେ ମଧ୍ୟ କୌଣସି ସୁଫଳ ମିଳୁ ନ ଥିବା ଟ୍ରାଫିକ ପୋଲିସ ପକ୍ଷରୁ ସୂଚନା ମିଳିଛି। ସହରର ଏହି କୋରାପୁଟ ଛକ ଦେଇ ଆନ୍ଧ୍ର ପ୍ରଦେଶ ସମେତ ପଡୋଶୀ କୋରାପୁଟ ଜିଲ୍ଲାକୁ ସିଧାସଳଖ ମୁଖ୍ୟ ରାସ୍ତା ସଂଯୋଗ ରହିଥିବା ବେଳେ ଦୈନିକ ଶହ ଶହ ମାଲବାହୀ, ଯାତ୍ରୀବାହୀ ଗାଡି ସମେତ ସହରବାସୀ ଯାତାୟାତ କରିଥାନ୍ତି। ବିଶେଷ କରି ଏହି ଟ୍ରାଫିକ୍ ପୋଷ୍ଟ ନିକଟରେ ବସ୍‌ଷ୍ଟାଣ୍ଡ ରହିଥିବା ଯୋଗୁଁ ଅନେକ ବସ୍ ଲଗାତାର ଭାବେ ଯାତାୟାତ କରୁଥିବାରୁ ଏହି ଛକଟି ବ୍ୟସ୍ତବହୁଳ ହୋଇପଡିଥାଏ। ସିଗନାଲ୍ ସମୟ ସଙ୍କେତକୁ ନେଇ ଗାଡ଼ି ଚାଳକମାନେ ଟ୍ରାଫିକ୍ ନିୟମ ମାନୁଥିବା ବେଳେ ଏହି ସିଗନାଲ୍ ସମୟ ସଙ୍କେତ ଠିକ ସେ ଜଳୁ ନ ଥିବାରୁ ଅନେକ ସମୟରେ ଟ୍ରାଫିକ୍ ପୋଷ୍ଟରେ ଟ୍ରାଫିକ୍ ଅଧିକାରୀ ଉପସ୍ଥିତ ଥିଲେ ମଧ୍ୟ ଗାଡି ଚାଳକମାନେ ନ ଜାଣି ପାରି ରାସ୍ତା ଅତିକ୍ରମ କରୁଥିବାରୁ ଦୁର୍ଘଟଣା ଘଟୁଥିବା କୁହାଯାଉଛି। ଯଥାଶୀଘ୍ର ଏହି ଟ୍ରାଫିକ୍ ସିଗନାଲ ସମୟ ସଙ୍କେତ ଜଣାଉଥିବା ଯନ୍ତ୍ରକୁ ମରାମତି କରାଯାଇ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବି ହୋଇଛି।

# ଗଞ୍ଜେଇ ସହ ଟ୍ରକ୍, ବୋଲେରୋ ଜବତ: ଗିରଫ

କାକିରିଗୁମ୍ମା, ୪।୯ (ସମିସ): ଗୁରୁବାର ପୂର୍ବାହ୍ନରେ କାକିରିଗୁମ୍ମା ପୁଲିସ ଦ୍‌?ାରା ଡଙ୍ଗାପାଇଗୁଡ଼ା ଛକ ନିକଟରେ ଏକ ବୋଲେରୋ ଜିପରୁ ଅନ୍ୟ ଏକ ଟ୍ରକକୁ ଗଞ୍ଜେଇ ଲୋଡ କରୁଥିବାବେଳେ ଜବତ କରା ଯାଇଛି। ଘଟଣାରେ ପୁଲିସ ମଧ୍ୟପ୍ରଦେଶ ରାଜଘର୍ ଜିଲ୍ଲା ଭୋଜପୂର୍ ଥାନା ମକାମପୂର୍ ଗ୍ରାମର କାଲୁ ସିଂ (୩୭) କୁ ଗିରଫ କରିଛି। ସୂଚନା ଅନୁଯାୟୀ କାକିରିଗୁମ୍ମା ଦାମନଯୋଡ଼ି ରାସ୍ତାର ଡଙ୍ଗାପାଇଗୁଡ଼ା ଛକ ନିକଟରେ ବାହାର ରାଜ୍ୟକୁ ଚାଲାଣ ପାଇଁ ଗଞ୍ଜେଇ ଏପି ୩୧ ସିଏସ ୯୮୬୯ ନମ୍ବର ବୋଲେରୋ ଗାଡ଼ିରୁ ଆରଜେ ୨୦ ସିବି ୨୧୦୯ ନମ୍ବର ଟ୍ରକରେ ଲୋଡ କରୁଥିବା ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଥିଲା। ସୂଚନା ପାଇ ଭାରପ୍ରାପ୍ତ ଥାନା ଅଧିକାରୀ ଡମ୍ବରୁଧର ବାତ୍ରିଆ, ଏଏସଆଇ ସୁରେନ୍ଦ୍ର କୁମାର ବସ୍ତିଆ, ହାବିଲଦାର ମନୋଜ କୁମାର ନାୟକ ଓ ଅନ୍ୟମାନେ ସେଠାରେ ପହଞ୍ଚି ଚଢ଼ଉ କରିଥିଲେ। ଘଟଣା ସ୍ଥଳରୁ ପୁଲିସ ଏକାଧିକ ଜରି ଅଖାରେ ପ୍ୟାକିଂ ହୋଇଥିବା ୩୯୪ କିଲୋ ୯୦୦ ଗ୍ରାମ ଗଞ୍ଜେଇ ସହ ଉପରୋକ୍ତ ବୋଲେରୋ ଏବଂ ଟ୍ରକ ଜବତ କରିବା ସହ ଅଭିଯୁକ୍ତ କାଲୁ ସିଂକୁ ଗିରଫ କରିଥିଲେ। ଅଭିଯୁକ୍ତ ବିରୋଧରେ ଏନ୍‌ଡିପିଏସ ନିୟମ ଅନୁସାରେ ମକଦ୍ଦମା ରୁଜୁ କରି କୋର୍ଟ ଚାଲାଣ କରାଯାଇଥିବା ଜଣାପଡ଼ିଛି।

# ନିଟ୍ ପରୀକ୍ଷାରେ କୃତକାର୍ଯ୍ୟ ଏଙ୍କେଟି ପେଦେଣ୍ଟିଙ୍କୁ ସମ୍ବର୍ଦ୍ଧନା



ରାୟଗଡ଼ା, ୪।୯ (ସମିସ): ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଯୁବକ ସର୍ବଭାରତୀୟ ନିଟ୍ ପରୀକ୍ଷାରେ ସଫଳତା ହାସଲ କରି ଡାକ୍ତର ହେବାକୁ ଯାଉଥିବା ରାୟଗଡ ଜିଲ୍ଲା ସଦର ବ୍ଲକ ଅଙ୍ଗୁରୁ ଗ୍ରାମର ଏଙ୍କେଟି ପେଦେଣ୍ଟିଙ୍କୁ ସମ୍ବର୍ଦ୍ଧନା ଦିଆଯାଇଛି। ଗୁରୁବାର ନାଗାବଳୀ ଲାଏନ୍ସ କ୍ଲବ ରାୟଗଡ଼ାର ଚାର୍ଟର ସଭାପତି ଡ. ଦୁଷ୍ମନ୍ତ କୁମାର ମହାନ୍ତି, ଜୋନାଲ ଅଧ୍ୟକ୍ଷ ଡ. ପ୍ରସନ୍ନ କୁମାର ଗନ୍ତାୟତ, ସଭାପତି ଶୁଭ୍ରା ପଣ୍ଡା, ସମ୍ପାଦକ ଡ. ବିପିନ ବିହାରୀ ବିଶ୍ୱାଳ, କୋଷାଧ୍ୟକ୍ଷ ସୁଦର୍ଶନ ପାଢ଼ୀ, ବରିଷ୍ଠ ସଭ୍ୟ ଶଶୀ ପଟ୍ଟନାୟଙ୍କ, ରାଜେନ୍ଦ୍ର ସାହୁ, ଶ୍ରୀମତି ଅଞ୍ଜଳି ପଣ୍ଡା ପ୍ରମୁଖ ଗାଁରେ ପହଞ୍ଚି ତାଙ୍କୁ ଶୁଭେଚ୍ଛା ଜଣାଇବା ସହ ତାଙ୍କ ଉଜ୍ଜଳ ଭବିଷ୍ୟତ କାମନା କରି ଏଙ୍କେଟିଙ୍କୁ ପୁଷ୍ପଗୁଚ୍ଛ, ଉତ୍ତରୀୟ ଓ ଆର୍ଥିକ ରାଶି ପ୍ରଦାନ କରିଛନ୍ତି। ଅଙ୍ଗୁର ଗ୍ରାମ ତଥା ରାୟଗଡ଼ା ଜିଲ୍ଲା ପାଇଁ ଗୌରବର ବିଷୟ ବୋଲି କହିଛନ୍ତି।

● ରାଜ୍ୟସ୍ତରୀୟ ପ୍ରବନ୍ଧ ପ୍ରତିଯୋଗିତା

# ବାଲିମେଳାର ଝିଅ ଇସ୍ୱିତା ପ୍ରଥମ



କୋରୁକୋଣ୍ଡା, ୪।୯ (ସମିସ) ମାଲକାନଗିରି ଜିଲ୍ଲା ବାଲିମେଳାର ଝିଅ ଇସ୍ୱିତା ରାଜ୍ୟ ସ୍ତରୀୟ ପ୍ରବନ୍ଧ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରି ବାଲିମେଳା ଓ ଜିଲ୍ଲା ପାଇଁ ଗୌରବ ଆଣିଛନ୍ତି। ଗତ ଜୁଲାଇ ମାସରେ ଓଡିଶା ସାହିତ୍ୟ ଏକାଡେମୀ ତରଫରୁ ଭୁବନେଶ୍ୱର ସ୍ଥିତ ଉତ୍କଳ ସଙ୍ଗୀତ ମହାବିଦ୍ୟାଳୟରେ ରାଜ୍ୟ ସ୍ତରୀୟ ପ୍ରବନ୍ଧ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ବାଲିମେଳା ସରକାରୀ ଉଚ୍ଚ ବିଦ୍ୟାଳୟରେ ପଢୁଥିବା ସପ୍ତମ ଶ୍ରେଣୀ ଛାତ୍ରୀ ଇସ୍ୱିତା ସ୍ୱାଇଁ ଭାଗ ନେଇ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ସେଠାରେ ତାଙ୍କୁ ମାନ ପତ୍ର ସହ ପାଞ୍ଚ ହଜାର ଟଙ୍କା ପୁରସ୍କାର ରାଶି ପ୍ରଦାନ କରାଯାଇଥିଲା। ସେ ଲେଖିଥିବା ପ୍ରବନ୍ଧଟି ହେଲା ଓଡ଼ିଆ ସାହିତ୍ୟ ଉପରେ ଛାତ୍ରଛାତ୍ରୀ ମାନଙ୍କ ଭୂମିକା। ଏ ନେଇ ନିଜ ସ୍କୁଲ ତଥା ବାଲିମେଳା ସରକାରୀ ଉଚ୍ଚ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଥିବା ଏକ ସଭାରେ ମୁଖ୍ୟ ଅତିଥି ରୂପେ କୋରୁକୋଣ୍ଡା ବିଇଓ ଅସିତ ମିସ୍ତ୍ରୀ , ପ୍ରଧାନ ଶିକ୍ଷୟତ୍ରୀ ସୁଶିଳା କୁମାରୀ ହିଆଲ ଏବଂ ଅନ୍ୟ ଶିକ୍ଷକ ଶିକ୍ଷୟିତ୍ରୀ ମାନଙ୍କ ଉପସ୍ଥିତ ରହି ଝିଅ ଇସିତାଙ୍କୁ ସମ୍ମାନିତ କରିଛନ୍ତି। ତାଙ୍କ ବାପା ସଞ୍ଜୟ କୁମାର ସ୍ୱାଇଁ ପେସାରେ ଜଣେ ଡ୍ରାଇଭର, ମା’ ହେଲେ ଇସିତା ସ୍ୱାଇଁ ଗୃହିଣୀ। ଝିଅର କୃତକାର୍ଯ୍ୟ ନିମନ୍ତେ ପରିବାର ଲୋକେ ଅତ୍ୟନ୍ତ ଖୁସି ଅଛନ୍ତି। ଇସ୍ୱିତା ଭବିଷ୍ୟତରେ ଜଣେ ଓକିଲ ହେବେ ବୋଲି କହିଛନ୍ତି। ଏହି ଖବର ପ୍ରଚାରିତ ହେବା ପରେ ବାଲିମେଳା ସହରରେ ଖୁସିର ଲହରୀ ଖେଳିଯାଇଛି।

# ସମ୍ମାନିତ ହେବେ ଆଦିବାସୀ ଯୁବ ଶିକ୍ଷକ



ଜୟପୁର, ୪।୯ (ସମିସ): କୋରାପୁଟ ଜିଲ୍ଲାର ଆଦିବାସୀ ଯୁବ ଶିକ୍ଷକ ରାଜ୍ୟ ସରକାରଙ୍କ ପକ୍ଷରୁ ଶୁକ୍ରବାର ଭୁବନେଶ୍ୱର ଠାରେ ଗୁରୁଦିବସ କାର୍ଯ୍ୟକ୍ରମରେ ସମ୍ମାନିତ ହେବେ। ବୋରିଗୁମ୍ମା ବ୍ଲକ ଟେଙ୍କର ଗ୍ରାମ ଉନ୍ନତୀ ଉଚ୍ଚ ବିଦ୍ୟାଳୟର ବିଜ୍ଞାନ ତଥା ଭାରପ୍ରାପ୍ତ ପ୍ରଧାନଶିକ୍ଷକ ପ୍ରହ୍ଲାଦ ପେଣ୍ଟିଆ ଶିକ୍ଷା ପ୍ରତି ନିଷ୍ଠା ସହ ସେବା ଓ ପରିଶ୍ରମ ପାଇଁ ପରିଚିତ। ଶିକ୍ଷକ ଶ୍ରୀ ପେଣ୍ଟିଆ ଗରିବ ଓ ଅନୁସୂଚିତ ଜନଜାତି ଓ ଜାତିର ଛାତ୍ରଛାତ୍ରୀ ମାନେ କୌଣସି କାରଣରୁ ଅଧାରୁ ପାଠ ଛାଡ଼ି ଗୃହରେ ରହିଯାଉଛନ୍ତି। ଉକ୍ତ ଛାତ୍ରଛାତ୍ରୀଙ୍କୁ ସନ୍ଧାନ କରିବା ସହ ବିଦ୍ୟାଳୟରେ ପାଠପଢିବାକୁ ପ୍ରବର୍ତ୍ତାଇବା ଏବଂ ନିଜେ ସେମାନଙ୍କ ବିଦ୍ୟାଳୟରେ ପୁନଃର୍ବାର ନାମ ଲେଖାଇ ନିୟମିତ ପାଠ ପଢିବା ପାଇଁ ସଚେତନ କରିଥାଆନ୍ତି। ଏହିପରି ବିଜ୍ଞାନ ବିଷୟ ପାଠ୍ୟକ୍ରମ ପଢ଼ାଇବା ପାଇଁ ସ୍ଥାନୀୟ ଦେଶୀଆ(ଆଦିବାସୀ ) ଭାଷାକୁ ବ୍ୟବହାର କରି, ଛାତ୍ରଛାତ୍ରୀଙ୍କୁ ଆକର୍ଷିତ ସହ ଆଗ୍ରହୀ କରିଥାନ୍ତି। ଏହିପରି ତାଙ୍କର ପ୍ରଚେଷ୍ଟାରେ ଅନେକ ଅଧାରୁ ପାଠ ଛାଡିଥିବା ଛାତ୍ରଛାତ୍ରୀ ବିଦ୍ୟାଳୟକୁ ନିୟମିତ ଭାବେ ପାଠପଢିବାକୁ ଯାଉଛନ୍ତି। ରାଜ୍ୟ ସରକାରଙ୍କ ପଞ୍ଚସଖା ଶିକ୍ଷା ସେତୁ ଅଧୀନରେ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାରରେ ଜିଲ୍ଲା ସ୍ତରରେ ଶ୍ରେଷ୍ଠ ଶିକ୍ଷକ ଭାବରେ ସମ୍ମାନିତ କରିବା ନେଇ ଚୟନ ହୋଇଛନ୍ତି। ଏହି ଖବର ଜାଣିବା ପରେ ସ୍ଥାନୀୟ ଗ୍ରାମବାସୀ, ଛାତ୍ରଛାତ୍ରୀ ଏବଂ ବୁଦ୍ଧିଜୀବି ମହଲରେ ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

# ବାଲିଯାତ୍ରା ପାଇଁ ପବିତ୍ର ବାଲି ସଂଗ୍ରହ



ବୈପାରୀଗୁଡ଼ା, ୪।୯ (ସମିସ): ବୈପାରୀଗୁଡ଼ା ଐତିହାସିକ କୃଷି ପର୍ବ ବାଲିଯାତ୍ରା ନିମନ୍ତେ ଗୁରୁବାର ବାଲି ସଂଗ୍ରହ କରାଯାଇଛି। ଅବିଭକ୍ତ କୋରାପୁଟ ଜିଲ୍ଲାରେ ଏହି ପର୍ବର ଏକ ସ୍ୱତନ୍ତ୍ର ପରିଚୟ ରହିଛି। ଚଳିତ ବର୍ଷ ୧୨ ତାରିଖ ଶୁକ୍ରବାର ଦିନ ବାଲିଯାତ୍ରା ପାଳିତ ହେବାକୁ ଥିବା ବେଳେ ଆଜି ବାଲି ସଂଗ୍ରହ କରାଯାଇଛି। ପୁରାତନ ପରମ୍ପରା ଅନୁଯାୟୀ, ସ୍ଥାନୀୟ ୭ ଭଉଣୀ ସିଙ୍ଗାରି ନାଳରୁ ଚାଙ୍ଗୁଡିରେ ପବିତ୍ର ବାଲି ସଂଗ୍ରହ କରି ପାଠାଗାର ବାଲିଗୃହଠାରେ ପହଞ୍ଚିଥିଲେ। ଉକ୍ତ ବାଲି ଚାଙ୍ଗୁଡିରେ ବିଭିନ୍ନ କିସମର ବିହନ ରଖାଯାଇଥିଲା। ତାହାକୁ ସାତଦିନ ପର୍ଯ୍ୟନ୍ତ ରୀତିନୀତି ଅନୁଯାଇ ପୂଜାର୍ଚ୍ଚନା କରାଯାଏ। ଶେଷରେ ଶୁକ୍ରବାର ୧୨ତାରିଖ ଦିନ ଗୁମ୍ମା ସ୍ଥିତ ଲାଠି ପ୍ରତୀକ ଠାକୁର ବୈପାରୀଗୁଡା ନଗର ପରିକ୍ରମା କରନ୍ତି। ପ୍ରତି ସାହି ଗଳି କନ୍ଦିରେ ଲାଠି ପ୍ରତୀକ ଠାକୁର ପୂଜା ପାଇବା ନିୟମ ରହିଛି। ଏହି ବାଲିଯାତ୍ରାରେ ହଜାର ହଜାର ଲୋକ ପାରମ୍ପରିକ ବାଜା ବଜାଇ ଶୋଭାଯାତ୍ରାରେ ସାମିଲ ହୁଅନ୍ତି। ଆଜି ବାଲି ସଂଗ୍ରହ ସମୟରେ ବାଲିଯାତ୍ରା ପରିଚାଳନା କମିଟି ସମସ୍ତ ସଭ୍ୟମାନେ ଅଂଶଗ୍ରହଣ କରିଥିଲେ।

# ‘ଏକ ପେଡ୍ ମା’ କେ ନାମ’ ଅଭିଯାନର ଶୁଭାରମ୍ଭ



ମାଲକାନଗିରି, ୪।୯ (ସମିସ): ମାଲକାନଗିରି ଜିଲ୍ଲା ପ୍ରଶାସନ ପକ୍ଷରୁ ତଥା ସବୁଜ ମାଲକାନଗିରି ଗଠନ ପାଇଁ ‘ଏକ ପେଡ଼ ମାଁ କେ ନାମ’ ଅଭିଯାନ କାର୍ଯ୍ୟକ୍ରମ ଆରମ୍ଭ ହୋଇଛି। ଜିଲ୍ଲାର ପ୍ରତ୍ୟେକ ଗାଁକୁ ଚାରା ପହଞ୍ଚାଇବା ପାଇଁ ବନ ବିଭାଗ ପକ୍ଷରୁ ଆଜି ୫ଟି ରଥର ଶୁଭାରମ୍ଭ କରାଯାଇଛି। ଏନେଇ ଆଜି ମାଲକାନଗିରି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ମାଲକାନଗିରି ବିଧାୟକ ନରସିଂହ ମାଡ଼କାମୀ ପତାକା ଦେଖାଇ ଏହାର ଶୁଭାରମ୍ଭ କରିଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଜନ୍ମ ଦିବସରେ ଏହି ମେଗା ଚାରାରୋପଣ କାର୍ଯ୍ୟକ୍ରମ ଆରମ୍ଭ କରାଯିବ ବୋଲି କହିଛନ୍ତି ବିଧାୟକ ଶ୍ରୀ ମାଡ଼କାମି। ତେଣୁ ଆସନ୍ତା ୧୦ତାରିଖ ସୁଧା ଜିଲ୍ଲାର ସମସ୍ତ ୧୧୧ ଟି ପଞ୍ଚାୟତର କୋଣ ଅନୁକୋଣରେ ଥିବା ଗାଁ ବିଏସଏଫ କ୍ୟାମ୍ପ, ସହର ଠାରୁ ଗ୍ରାମାଞ୍ଚଳ ପର୍ଯ୍ୟନ୍ତ ବୃକ୍ଷ ପହଞ୍ଚାଇବାକୁ ଜିଲ୍ଲା ପ୍ରଶାସନ ଲକ୍ଷ୍ୟରଖିଛି। ସର୍ବ ମୋଟ ୨ଲକ୍ଷରୁ ଅଧିକ ଚାରା ଆସନ୍ତା ୧୭ ତାରିଖ ଅର୍ଥାତ ଗୋଟିଏ ଦିନରେ ଲଗାଇବାକୁ ଧାର୍ଯ୍ୟ କରାଯାଇଥିବା କହିଛନ୍ତି ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ। ମାଲକାନଗିରି ଡିଏଫଓ ଡିଏନ କିରଣ କୁମାର ଉପସ୍ଥିତ ରହି ରଥ ଶୁଭାରମ୍ଭ କାର୍ଯ୍ୟକ୍ରମ ଆଗାମୀ ଦିନରେ ଜିଲ୍ଲାର ପ୍ରତି ରେଞ୍ଜ ଅଧୀନରେ କରି ଜାତହ ସମୟ ମଧ୍ୟରେ ଚାରା ସମସ୍ତ ଗ୍ରାମରେ ପହଞ୍ଚାଇବୁ ବୋଲି କହିଛନ୍ତି। କାର୍ଯ୍ୟକ୍ରମରେ ମାଲକାନଗିରି ଏସପି ବିନୋଦ ପାଟିଲ, ଉପଜିଲ୍ଲାପାଳ ସୁଶ୍ରୀ ଅଶ୍ମି ଏ.ଏଲ, ଅତିରିକ୍ତ ଜିଲ୍ଲାପାଳ ବେଦବର ପ୍ରଧାନ, ଜିଲ୍ଲା ପରିସଦ କାର୍ଯ୍ୟ ନିର୍ବାହୀ ଅଧିକାରୀ ନରେସ୍ ଚନ୍ଦ୍ର ସବର, ବନ ବିଭାଗର ଦୁଇ ଏସିଏଫଓ, ରେଞ୍ଜରଙ୍କ ସମେତ ମାଲକାନଗିରି ବନ ବିଭାଗର କର୍ମଚାରୀ ଉପସ୍ଥିତ ରହିଥିଲେ।

ବାଲିମେଳା ଉଚ୍ଚ ବିଦ୍ୟାଳୟ

# ଆରମ୍ଭ ହେଲା ଷ୍ଟୁଡେଣ୍ଟ-ପୁଲିସ କ୍ୟାଡେଟ୍




କୋରୁକୋଣ୍ଡା/ବାଲିମେଳା, ୪।୯ (ସମିସ): ମାଲକାନଗିରି ଜିଲ୍ଲା ଆରକ୍ଷୀ ଅଧିକ୍ଷକଙ୍କ ନିର୍ଦ୍ଦେଶ କ୍ରମେ ଚିତ୍ରକୋଣ୍ଡା ଏସ୍‌ଡିପିଓ ପ୍ରଦୋଷ କୁମାର ପ୍ରଧାନଙ୍କ ତତ୍ତ୍ୱାବଧାନରେ ଗୁରୁବାର ବାଲିମେଳା ସହରରେ ଥିବା ସରକାରୀ ଉଚ୍ଚ ବିଦ୍ୟାଳୟରେ ପ୍ରଧାନ ଶିକ୍ଷୟତ୍ରୀ ସୁଶୀଳା ହିଆଲଙ୍କ ଅଧ୍ୟକ୍ଷତାରେ ଆରମ୍ଭ ହୋଇଛି ଷ୍ଟୁଡେଣ୍ଟ-ପୁଲିସ କ୍ୟାଡେଟ୍। ଏହି ଅବସରରେ ସମ୍ମାନିତ ଅତିଥି ଭାବେ ଓର୍କେଲ ଥାନା ଅଧିକାରୀ ଧିରେନ ପଟ୍ଟନାୟକ, ଏଏସଆଇ ସଞ୍ଜିତ ଟାକ୍ରୀ, ସହକାରୀ ଶିକ୍ଷକ ସୁଧାଂଶୁ ପଣ୍ଡାଙ୍କ ସମେତ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟତ୍ରୀ ଓ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ଏହି ଷ୍ଟୁଡେଣ୍ଟ-ପୁଲିସ କ୍ୟାଡେଟ ଟ୍ରୁପ୍‌ରେ ଅଷ୍ଟମ ଶ୍ରେଣୀର ୧୧ ଜଣ ଛାତ୍ର ଏବଂ ୧୧ ଜଣ ଛାତ୍ରୀ ଅଂଶଗ୍ରହଣ କରିବେ। ନବମ ଶ୍ରେଣୀରେ ଅଧ୍ୟୟନ କରୁଥିବା ଛାତ୍ରଛାତ୍ରୀଙ୍କ ମଧ୍ୟରୁ ଉଭୟ ଶ୍ରେଣୀର ୨୨ଜଣଙ୍କୁ ମିଶାଇ ମୋଟ ୪୪ ଜଣ ଛାତ୍ର ଛାତ୍ରୀଙ୍କୁ ବିଦ୍ୟାଳୟ ପକ୍ଷରୁ ଚୟନ କରାଯାଇଛି। ପୋଲିସ ପ୍ରଶାସନ ପକ୍ଷରୁ ଏହି ଛାତ୍ର ଛାତ୍ରୀ ମାନଙ୍କର ପ୍ରଶିକ୍ଷଣ ଦିଆଯିବା ସହ ସେମାନଙ୍କୁ (ଏସପିସି) ଲୋଗ ଥିବା ଏବଂ ଉଇ ଲର୍ଣ୍ଣ ସର୍ଭିସ ଲେଖାଥିବା ଟି ସାର୍ଟ ମଧ୍ୟ ପ୍ରଦାନ କରାଯିବ। ପୁଲିସ ପକ୍ଷରୁ ପିଲାମାନଙ୍କୁ ଶୃଙ୍ଖଳା, ପୁଲିସର କାର୍ଯ୍ୟକାରିତା, ପ୍ୟାରେଡ, ଡ୍ରିଲ ସମେତ ବିଭିନ୍ନ ପ୍ରକାର ପ୍ରଶିକ୍ଷଣ ପ୍ରଦାନ କରାଯିବା ସହ ସେମାନଙ୍କୁ ଟ୍ରାଫିକ୍ ନିୟନ୍ତ୍ରଣ, ଥାନା, କାରାଗାର ବୁଲାଇ ଦେଖାଇବା ସହ ସେମାନଙ୍କୁ ଏ ସମସ୍ତ ସମ୍ପର୍କରେ ଅବଗତ କରାଯିବ। ଏହି ଷ୍ଟୁଡେଣ୍ଟ-ପୁଲିସ କ୍ୟାଡେଟକୁ ସୁଚାରୁ ରୂପେ ପରିଚାଳନା କରିବା ନିମନ୍ତେ ଜିଲ୍ଲା ପୁଲିସ ପ୍ରଶାସନଙ୍କୁ ପକ୍ଷରୁ ୫୦ ହଜାର ଟଙ୍କାର ଏକ ସ୍ୱତନ୍ତ୍ର ଅନୁଦାନ ସ୍କୁଲ କର୍ତ୍ତୃପକ୍ଷଙ୍କୁ ପ୍ରଦାନ କରାଯାଇଛି ବୋଲି ପ୍ରଧାନ ଶିକ୍ଷୟତ୍ରୀ ଶ୍ରୀମତୀ ହିଆଲ କହିଛନ୍ତି।

ଗୁରୁ ଦିବସ ଆଜି

# ଚର୍ଚ୍ଚାରେ ନିଆରା ଶିକ୍ଷକ ନବ କିଶୋର ମଲ୍ଲିକ



ମାଲକାନଗିରି, ୪।୯ (ସମିସ): ଆସନ୍ତାକାଲି ହେଉଛି ପବିତ୍ର ଗୁରୁ ଦିବସ। ଏହି ଦିବସର ଏକ ସ୍ୱତନ୍ତ୍ର ମହତ୍ତ୍ୱ ରହିଥିବା ବେଳେ ଜଗତରେ ବିଭିନ୍ନ ସମ୍ପର୍କ ମଧ୍ୟରେ ଖୁବ ନିବିଡ ସମ୍ପର୍କ ଥାଏ ଗୁରୁ ଓ ଶିଷ୍ୟଙ୍କ ସମ୍ପର୍କ। କାହିଁ କେଉଁ କାଳରୁ ଏହି ସମ୍ପର୍କ ରହି ଆସୁଥିବା ବେଳେ ଖାସ ଏଇଥି ପାଇଁ ଗୁରୁ ଦିବସ ମଧ୍ୟ ପାଳନ ହୁଏ। ତେବେ ଆଜିକାର ସମୟରେ ଗୁରୁ ଶିଷ୍ୟଙ୍କ ସମ୍ପର୍କକୁ ନେଇ ଅନେକ ସମୟରେ ନାନା ପ୍ରକାରର ପ୍ରଶ୍ନ ଉଠିବା ସହ ଅନେକ ସମୟରେ ଏହି ସମ୍ପର୍କ ମଳିନ ପଡୁଥିବା ଦେଖିବାକୁ ମିଳୁଛି। ଏହାରି ମଧ୍ୟରେ କିନ୍ତୁ କିଛି ଏମିତି ଗୁରୁ ଅଛନ୍ତି ଯେଉଁମାନେ କି ଆଜି ମଧ୍ୟ ନିଜ ଦାୟିତ୍ୱକୁ ସୂଚାରୁ ରୂପେ ପରିଚାଳନା କରି ଅନ୍ୟ ମାନଙ୍କ ପାଇଁ ଉଦାହରଣ ପାଲଟିବା ସହ ନିଜ ଶିଷ୍ୟଙ୍କ ପାଇଁ ଦେବତା ସାଜିଛନ୍ତି। ଆଉ ସେମିତି ଜଣେ ଗୁରୁ ହେଉଛନ୍ତି ନବ କିଶୋର ମଲ୍ଲିକ। ମାଲକାନଗିରି ଜିଲ୍ଲା କାଲିମେଳା ବ୍ଲକ୍ ଜବାନପାଲ୍ଲି ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଅଟନ୍ତି ଶ୍ରୀ ମଲ୍ଲିକ। ବିଦ୍ୟାଳୟର ପିଲାମାନଙ୍କୁ ପାଠ ପଢାଇବାରେ ସେ ଅନନ୍ୟ ଶୈଳୀ ଅନୁସରଣ କରନ୍ତି। ଗଛ ତଳେ ପ୍ରାକୃତିକ ଓ ସୁସଜ୍ଜିତ ପରିବେଶରେ ପାଠ ପଢାଇଲେ ପିଲାମାନେ ଅଧିକ ସହଜରେ ବୁଝିପାରିବେ ବୋଲି ସେ ବିଶ୍ୱାସ କରନ୍ତି। ସାଧାରଣ ପାଠକୁ ବି ବିଭିନ୍ନ ଆକର୍ଷକ କୌଶଳରେ ପ୍ରସ୍ତୁତ କରି, ଛୋଟ ପିଲାମାନଙ୍କୁ ରୁଚିକର ଭାବେ ପଢାଇବାରେ ସେ ବେଶ୍ ସକ୍ଷମ। ଖାସ ଏଇଥି ପାଇଁ ଆଜି ତାଙ୍କ ବିଦ୍ୟାଳୟରେ ଦିନକୁ ଦିନ ପିଲାଙ୍କ ସଂଖ୍ୟା ବଢିବା ସହ ଡ୍ରପ୍ ଆଉଟ ସଂଖ୍ୟା କମିବାରେ ଲାଗିଛି। ଅତି ମଧୁରତାର ସହ ହସି ଖେଳି ପିଲାଙ୍କୁ ଅତି ନିଜର କରି ଶ୍ରୀ ମଲ୍ଲିକ ଯେଉଁ ଶିକ୍ଷାଦାନ କରନ୍ତି ତାହାକୁ ପିଲାମାନେ ମଧ୍ୟ ବେଶ୍ ଆଗ୍ରହର ସହ ଗ୍ରହଣ କରନ୍ତି। ଯାହାକି ତାଙ୍କୁ ଦେଇଛି ସ୍ୱତନ୍ତ୍ର ପରିଚୟ। ନବ କିସରୋଙ୍କ ଏପରି ପ୍ରୟାସ ଅନ୍ୟମାନଙ୍କୁ ବେଶ୍ ଆକର୍ଷିତ କରୁଥିବା ବେଳେ ତାଙ୍କର ଏପରି ଉଦ୍ୟମ ତାଙ୍କୁ ବିଭିନ୍ନ ମହଲରେ ବେସ ପ୍ରଶଂସିତ ମଧ୍ୟ କରିଛି। ଯେଉଁଥି ପାଇଁ ସେ ଅନେକ ପୁରସ୍କର ମଧ୍ୟ ପାଇଛନ୍ତି। ତାଙ୍କର ନିରନ୍ତର ପ୍ରୟାସ ଯୋଗୁଁ ତାଙ୍କୁ ୨୦୦୭ ମସିହାରେ ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଠାରୁ ପ୍ରକୃତି ମିତ୍ର ପୁରସ୍କାର ମିଳିଥିବା ବେଳେ ୨୦୦୮ ରେ ପ୍ରକୃତି ବନ୍ଧୁ ପୁରସ୍କାର, ୨୦୦୯ ରେ ଜିଲ୍ଲାର ଶ୍ରେଷ୍ଠ ଶିକ୍ଷକ, ୨୦୧୦ ରେ ରାଜ୍ୟ ଜଙ୍ଗଲ ବିଭାଗରୁ ପୁରସ୍କାର, ୨୦୧୧ ରେ ପୁଣିଥରେ ଜିଲ୍ଲାପାଳଙ୍କ ଠାରୁ ଶ୍ରେଷ୍ଠ ଶିକ୍ଷକ ପୁରସ୍କାର, ୨୦୧୩ ରେ ରାଜ୍ୟ ଶ୍ରେଷ୍ଠ ଶିକ୍ଷକ ପୁରସ୍କାର ସହ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ୨୦୧୭ ରେ ରାଷ୍ଟ୍ରପତିଙ୍କ ଠାରୁ ସମ୍ମାନିତ ହୋଇଥିଲେ ନବ କିଶୋର। ତେବେ ନିଜେ ପାଇଥିବା ପୁରସ୍କାର ରାଶିକୁ ସେ କେବେ ନିଜ ପାଇଁ ବ୍ୟବହାର କରିନାହାନ୍ତି। ସମସ୍ତ ଟଙ୍କାକୁ ବିଦ୍ୟାଳୟର ସାଜସଜ୍ଜା ଓ ପାଠପଢାରେ ବ୍ୟୟ କରିଛନ୍ତି। ଏସବୁ କାରଣରେ ନବ କିଶୋର ମଲ୍ଲିକ ନା କେବଳ ପିଲାମାନଙ୍କ ପ୍ରିୟ ଗୁରୁ ବରଂ ସମଗ୍ର ଅଞ୍ଚଳର ସେ ବର୍ତ୍ତମାନ ସେ ପ୍ରେରଣା ପାଲଟିଛନ୍ତି। ବିଦ୍ୟାଳୟରେ ଭାରତ ମାତା, ସରସ୍ୱତୀ ମାତା ଓ ଗଣେଶଙ୍କ ପ୍ରତିମୂର୍ତ୍ତି ଆଦି ନିଜସ୍ୱ ଖର୍ଚ୍ଚରେ ସ୍ଥାପନ କରି ସେ ସାଧାରଣରେ ଚର୍ଚ୍ଚାର କେନ୍ଦ୍ର ବିନ୍ଦୁ ପାଲଟିଛନ୍ତି।

# ଜିଲ୍ଲା ପୁଲିସର ଅପରେସନ ପ୍ରହାର; ଗଞ୍ଜେଇ ଓ ଗୁଟ୍‌ଖା ଜବତ



ଜୟପୁର,୪।୯(ସମିସ): ଗତକାଲି ଜୟପୁର ଟାଉନଥାନା ପୁଲିସ ଏବଂ ପୌରସଂସ୍ଥା ପକ୍ଷରୁ ମିଳିତ ଭାବେ ସହରର ଭଦ୍ରାସାହି ଠାରେ ରହିଥିବା ଅମନ ଏଜେନ୍ସି ରହିଥିବା ୪ଟି ଗୋଦାମ ଉପରେ ଚଢ଼ଉ କରାଯାଇ ୪୫ ଲକ୍ଷ ଟଙ୍କାର ଗୁଟ୍‌ଖା ଜବତ କରାଯାଇଛି। ଏହି ମାମଲାରେ କାହାକୁ ଗିରଫ କରାଯାଇନଥିଲେ ସୁଦ୍ଧା ବିନା ଟ୍ରେଡିଂ ଲାଇସେନ୍ସରେ ଗୁଟ୍‌ଖା ବିକ୍ରି ଏବଂ ବେଆଇନ ଗଚ୍ଛିତ ରଖିଥିବା ଯୋଗୁଁ ୪ଟି ଗୋଦାମ ସିଲ କରାଯାଇଛି ବୋଲି ଟାଉନଥାନାରେ ଏକ ସମ୍ବାଦିକ ସମ୍ମିଳନୀରେ ଜିଲ୍ଲା ଏସ୍‌ପି ରୋହିତ ବର୍ମା ସୂଚନା ଦେଇଛନ୍ତି। ସେହିପରି ଆଇନ ବ୍ୟବସ୍ଥା ଅନୁଯାୟୀ ସଂପୃକ୍ତ ଦୋକାନୀ ମାଲିକ ଏବଂ ଏଥିରେ ସଂଶ୍ଳିଷ୍ଟ ରହିଥିବା ଅନ୍ୟାନ୍ୟ ଅଭିଯୁକ୍ତ ମାନଙ୍କ ବିରୋଧରେ କେଉଁଭଳି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ, ସେଥିନେଇ ତଦନ୍ତ ଚାଲିଛି ଏବଂ ଆଗାମୀ ୧୫ ଦିନ ପର୍ଯ୍ୟନ୍ତ ଏପରି ଅପରେସନ ପ୍ରହାର ମାଧ୍ୟମରେ ଜିଲ୍ଲାର ସମସ୍ତ ବେଆଇନ ଗୁଟ୍‌ଖା ପାନମସଲା ବିକ୍ରେତା ଗୋଦାମ, ଗଞ୍ଜେଇ ଏବଂ ମଦ ସମେତ ଅନ୍ୟାନ୍ୟ ବେଆଇନ ମାଦକ ଦ୍ରବ୍ୟ ଗଚ୍ଛିତ ଓ ବିକ୍ରେତା କେନ୍ଦ୍ର ଉପରେ ଚଢଉ ଜାରି ରହିବ ବୋଲି ଏସ୍‌ପି ଶ୍ରୀ ବର୍ମା କହିଛନ୍ତି । ଏହି ଅପରେସନ ମାଧ୍ୟମରେ ଜିଲ୍ଲା ପୁଲିସ ପକ୍ଷରୁ ଆଜି ଜୟପୁର ଟାଉନ୍‌ପୁଲିସ ପକ୍ଷରୁ ୫ କିଲୋଗ୍ରାମ ଗଞ୍ଜେଇ ଜବତ କରାଯାଇ ମାମଲା ରୁଜୁ କରାଯାଇଛି। ସେହିପରି ଗତ ବୁଧବାର କାକିରିଗୁମ୍ମା ଥାନା ପୁଲିସ ପକ୍ଷରୁ ୩୯୪ କିଲୋଗ୍ରାମ ୯୦୦ ଗ୍ରାମ ଗଞ୍ଜେଇ ଜବତ କରାଯାଇଛି। ଏଥିରେ ସମ୍ପୃକ୍ତ ଟ୍ରକ୍ (ଆରଜେ-୨୦ସିବି ୨୧୦୯) ଏବଂ ବୋଲେରୋ ଏପି ୩୧ ସିଏସ୯୮୯୬) ଜବତ କରାଯାଇଛି। ଗତ ମଙ୍ଗଳବାର ସେମିଳଗୁଡା ଥାନା ଅଞ୍ଚଳରେ ୩୨ କିଲୋଗ୍ରାମ ଗଞ୍ଜେଇ ଜବତ କରାଯାଇଥିବ ସୂଚନା ଦିଆଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ଜୟପୁର ଏସଡିପିଓ ପାର୍ଥ କାଶ୍ୟପ, ଟାଉନ୍ ଥାନା ଅଧିକାରୀ ଉଲ୍ଲାସ ଚନ୍ଦ୍ର ରାଉତ, ପୌରସଂସ୍ଥାରେ ସ୍ୱାସ୍ଥ୍ୟ ନିରୀକ୍ଷକ ସତ୍ୟନାରାୟଣ ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

# ମାଟିରେ ମିଶିଲା କୋଟିଏ ଟଙ୍କାର ରାସ୍ତା



## ଘଣ୍ଟ ଘୋଡ଼ାଉଛି ବିଭାଗ

ତେନ୍ତୁଲିଖୁଣ୍ଟି,୪।୯(ସମିସ): ନବରଙ୍ଗପୁର ଜିଲ୍ଲା ନନ୍ଦାହାଣ୍ଡି ବ୍ଲକ ଏବଂ ତେନ୍ତୁଲିଖୁଣ୍ଟି ବ୍ଲକ ସଂଯୋଗକାରୀ ଅଣ୍ଟାସରଠାରୁ ପଣସପଦର ରାସ୍ତା ଉନ୍ନତିକରଣରେ ମହା ଦୁର୍ନୀତି ହୋଇଥିବା ବାରମ୍ବାର ଅଭିଯୋଗ ହୋଇଆସିଛି। ୯୮.୪୩ ଲକ୍ଷ ଟଙ୍କାର ଚୁକ୍ତିନାମାର ଏହି ରାସ୍ତା ବର୍ତ୍ତମାନ ମାଟିରେ ମିଶିଛି। ଲୋକଙ୍କ ରାଜସ୍ୱ ଟଙ୍କାରେ ନିର୍ମିତ କୋଟିଏ ଟଙ୍କାର ଏହି ରାସ୍ତା ଲୋକଙ୍କୁ ଉପଯୁକ୍ତ ସେବା ଯୋଗାଇ ପାରିନାହିଁ। ପୂର୍ବରୁ ଯେମିତି ମରଣ ଯନ୍ତା ଦେଇ ଲୋକେ ଯାତାୟାତ କରୁଥିଲେ, ରାସ୍ତା ନିର୍ମାଣ ପରେ ମଧ୍ୟ ସେଭଳି ବିପଦପୂର୍ଣ୍ଣ ରାସ୍ତା ଦେଇ ଲୋକେ ଯାତାୟତ କରୁଛନ୍ତି। ଗ୍ରାମ୍ୟ ଉନୟନ ବିଭାଗର ଏମିତି ରାସ୍ତା ନିର୍ମାଣ କାହା ସ୍ୱାର୍ଥରେ ବୋଲି ପ୍ରଶ୍ନ କରିଛନ୍ତି ଉଭୟ ଚରାମୁଳା ଏବଂ ପଣସପଦର ଗ୍ରାମବାସୀ। ଅଭିଯୋଗ ଅନୁଯାୟୀ, ଗ୍ରାମ୍ୟ ଉନ୍ନୟନ ବିଭାଗରେ ଯନ୍ତ୍ରୀ- ଠିକାଦାରଙ୍କ ମଧୁଚନ୍ଦ୍ରିକାରେ ଏହି ରାସ୍ତା ନିର୍ମାଣରେ ଏସ୍‌ଓପି ପାଳନ ନକରି ରାସ୍ତା ନିର୍ମାଣ କରାଯାଇଥିବା ଅଭିଯୋଗ ହୋଇଥିଲା। ଏହାକୁ ନେଇ ପୂର୍ବରୁ ଖବର ମଧ୍ୟ ପ୍ରକାଶ ପାଇଥିଲା। ତେବେ ବିଭାଗର ଘଣ୍ଟଘୋଡ଼ା ନୀତି ପାଇଁ ଖବର ପ୍ରକାଶ ପରେ ସାମାନ୍ୟ ମରାମତି କରି ସମ୍ପୂର୍ଣ୍ଣ ରାସ୍ତା ସଠିକ୍ ହୋଇଯାଇଥିବା ଦର୍ଶାଯାଉଥିବା ଅଭିଯୋଗ ହେଉଛି। ସମ୍ପୂର୍ଣ୍ଣ ରାସ୍ତା ଖୋଳି ହୋଇ ମାଟିରେ ପୋତି ହେଲାଣି। ଏହି ରାସ୍ତାରେ ମୋରମ୍ ସବବେସ୍ ,ଡବ୍ଲୁଏମ୍ଏମ୍ ଏବଂ ପିଚୁସ୍ତର ଆଦି ନିର୍ମାଣ ସମୟରେ ସଠିକ୍ ପ୍ରକାରେ କରାଯାଇନଥିବା ନେଇ ଅଭିଯୋଗ ହୋଇଥିଲା। ଅଭିଯୋଗ ପରେ ମରାମତି ଏଭଳି ହୋଇଥିଲା ଯେ, ସମ୍ପୂର୍ଣ୍ଣ ରାସ୍ତା ବର୍ତ୍ତମାନ ମରଣଯନ୍ତା ପାଲଟିଲାଣି ବୋଲି ଲୋକେ ଅଭିଯୋଗ କରିଛନ୍ତି। ରାସ୍ତା ନିର୍ମାଣର ମାସ କେଇଟା ମଧ୍ୟରେ ରାସ୍ତା ନଷ୍ଟ ହେବ ନେଇ ଖବର ପ୍ରକାଶ ପରେ ମରାମତି କରାଯିବା ଏବଂ ମରାମତି ପରେ ରାସ୍ତା ପୁଣି ସମ୍ପୂର୍ଣ୍ଣ ନଷ୍ଟ ହେବା ହେତୁ ରାସ୍ତା ନିର୍ମାଣ ସମୟରେ ରାସ୍ତାର ମାନ ପ୍ରତି ଅଣଦେଖା କରାଯାଇଥିବା ଲୋକେ କହୁଛନ୍ତି। ଏନେଇ ବିଭାଗୀୟ ଯନ୍ତ୍ରୀ ଇଂ ସାଗର ନାଏକଙ୍କୁ ପଚାରିବାରୁ ରାସ୍ତା ମରାମତି ପାଇଁ ଠିକାଦାରଙ୍କୁ କହିବେ ବୋଲି କହିଛନ୍ତି।

# ଆଦି କର୍ମଯୋଗୀ ଅଭିଯାନ ଆବାସିକ କାର୍ଯ୍ୟକ୍ରମ

ନବରଙ୍ଗପୁର,୪।୯(ସମିସ) : ଆଦିବାସୀ ଅଞ୍ଚଳରେ ଶେଷ ସୀମା ପର୍ଯ୍ୟନ୍ତ ସେବା ପ୍ରଦାନ ବ୍ୟବସ୍ଥାକୁ ସୁଦୃଢ କରିବା ଏବଂ ଏକ ଉତ୍ତରଦାୟୀ ଶାସନ ସ୍ଥାପନ କରିବା ନିମନ୍ତେ ଆଦି କର୍ମଯୋଗୀ ଅଭିଯାନ ଅଧିନରେ ତ୍ରିଦିବସିୟ ଆବାସିକ ଜିଲ୍ଲା ପ୍ରକ୍ରିୟା ପ୍ରୟୋଗଶାଳା ଚଳିତ ମାସ ୪ ତାରିଖଠାରୁ ୬ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେଉଛି। ଏହି କାର୍ଯ୍ୟକ୍ରମରେ ନବରଙ୍ଗପୁର ଜିଲ୍ଲା ପରିଷଦ ଅଧ୍ୟକ୍ଷ ମୋତିରାମ ନାୟକ, ନବରଙ୍ଗପୁର ଜିଲ୍ଲାପାଳ ଡ. ମହେଶ୍ୱର ସ୍ୱାଇଁ , ମୁଖ୍ୟ ଉନ୍ନୟନ ଅଧିକାରୀ ଜିଲ୍ଲା ପରିଷଦ ବିରଞ୍ଚି ନାରାୟଣ ଦରୱାନ ଏବଂ ପ୍ରକଳ୍ପ ପ୍ରଶାସକ, ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗ ରାଜୀବ ଲୋଚନ ସାହୁ ଯୋଗଦେଇ କର୍ମଶାଳା ଶୁଭାରମ୍ଭ କରିଥିଲେ। ଏହି ପ୍ରୟୋଗଶାଳାରେ ୧୦ ବ୍ଲକ୍‌ରୁ ବିଭିନ୍ନ ବିଭାଗର ସର୍ବମୋଟ ୫୮ ଜଣ ଆଦି କର୍ମଯୋଗୀଙ୍କୁ ଜିଲ୍ଲାସ୍ତରୀୟ ପ୍ରମୁଖ ପ୍ରଶିକ୍ଷକ ମାନଙ୍କ ଦ୍ୱାରା ବ୍ଲକସ୍ତରୀୟ ଡିଏମଟି ପ୍ରମୁଖ ପ୍ରଶିକ୍ଷକ ମାନଙ୍କ ଦ୍ୱାରା ପ୍ରଶିକ୍ଷଣ ଦିଆଯାଇଛି। ତୃଣମୂଳ ସ୍ତରରେ ଶାସନ ବ୍ୟବସ୍ଥାକୁ ଉତ୍ତରଦାୟୀ କରିବା ପାଇଁ ଏକ ଅନ୍ତନିବାସୀ, ଦୀର୍ଘ ସ୍ଥାୟୀ ବିକାଶକୁ ସୁନିଶ୍ଚିତ କରିବା ପାଇଁ ଏହା ଏକ ଯୁଗାନ୍ତକାରୀ ପଦକ୍ଷେପ। ଏହି କାର୍ଯ୍ୟକ୍ରମ ଦ୍ୱାରା ଜିଲ୍ଲାର ୫୩୬ ଆଦିବାସୀ ଗ୍ରାମର ପ୍ରାୟ ୨ ଲକ୍ଷ ଆଦିବାସୀ ପରିବାର ଏବଂ ପ୍ରାୟ ୭ ଲକ୍ଷ ଆଦିବାସୀ ନାଗରିକଙ୍କ ପାଖରେ ସମସ୍ତ ଗୁରୁତ୍ୱପୂର୍ଣ୍ଣ ସରକାରୀ ସେବା ପହଞ୍ଚାଇବା ଏହି ପ୍ରୟୋଗ ଶାଳାର ଲକ୍ଷ୍ୟ ରଖାଯାଇଥିବା ସୂଚନା ମିଳିଛି।

# ନୂତନ ପଞ୍ଚାୟତ ଗଠନ ପାଇଁ ଦାବି



କୋଷାଗୁମୁଡା,୪।୯(ସମିସ): ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡା ବ୍ଲକର ବାଲେଙ୍ଗା ପଞ୍ଚାୟତର ୧୧ ଗୋଟି ୱାର୍ଡରୁ ୧,୨,୩,୪,୬ ୱାର୍ଡର ଶତାଧିକ ଲୋକ ଆଜି ମିର୍ମିଣ୍ଡା ଗ୍ରାମର ଖେଳ ପଡିଆ ଠାରେ ସ୍ଥାନୀୟ ୧୨ଖଣ୍ଡ ଗ୍ରାମକୁ ତଥା ତିନୋଟି ରାଜସ୍ୱ ଗ୍ରାମକୁ ନେଇ ଏକ ନୂତନ ପଞ୍ଚାୟତ ଭାବେ ମିର୍ମିଣ୍ଡା ଗ୍ରାମକୁ ଚିହ୍ନଟ କରିଛନ୍ତି। ଲୋକଙ୍କ ମୌଳିକ ସୁବିଧା, ରାସନ ଚାଉଳ, ବୁଢ଼ାବୁଢ଼ୀ ପେନସନ କିମ୍ବା ସରକାରଙ୍କ ବିଭିନ୍ନ ଯୋଜନାରେ ସାମିଲ ହେବା ପାଇଁ ଲୋକେ ପ୍ରାୟ ୧୨ କିଲୋମିଟର ଯାଉଛନ୍ତି। ତେଣୁ ଲୋକେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏହାକୁ ନେଇ ୧୨ଖଣ୍ଡ ଗ୍ରାମବାସୀ ଏକତ୍ରିତ ହୋଇ ଆଜିର ବୈଠକରେ ନିଷ୍ପତ୍ତି ନେଇଛନ୍ତି ଯେ, ଆଗାମୀ ଦିନରେ ଏହି ଧାର୍ଯ୍ୟ ନେଇ ସ୍ଥାନୀୟ ବ୍ଲକ ଚେୟାରମ୍ୟାନ, ବିଡିଓ, ବିଧାୟକ, ସାଂସଦ, ଜିଲାପାଳ, ମୁଖ୍ୟମନ୍ତ୍ରୀ, ରାଜସ୍ୱ ମନ୍ତ୍ରୀ, ଆଇନ ମନ୍ତ୍ରୀଙ୍କୁ ସମୂହ ଗ୍ରାମବାସୀ ଏକତ୍ରିତ ହୋଇ ଦାବିପତ୍ର ପ୍ରଦାନ କରିବେ। ବର୍ତ୍ତମାନ ପଞ୍ଚାୟତ କାର୍ଯ୍ୟାଳୟ ବାଲେଙ୍ଗାକୁ ଯିବାକୁ ହେଲେ, ପ୍ରାୟ ୧୨କିଲୋମିଟର ଅତିକ୍ରମ କରିବାକୁ ପଡୁଛି ବୋଲି ୧୨ ଗୋଟି ଗ୍ରାମ ତଥା ମିର୍ମିଣ୍ଡା, ଡୋରୀଗୁଡା, ଟୋରିଗୁଡା, ବନୁଆ ଗୁଡା, ଚାଚରାଗୁଡା, ବଦାଗୁଡା, ମହ୍ରିଗୁଡା, ସିକଡା ଗୁଡ଼ା, ଦୋଣ୍ଡ ଗୁଡା, ଚିତା ବେଡା, ରୁନିଗୁଡା, କାନା ଗୁଡା ପ୍ରମୁଖ ଗ୍ରାମବାସୀ ଏକତ୍ରିତ ହୋଇ ନୂତନ ପଞ୍ଚାୟତ ଗଠନକୁ ନେଇ ଆଜି ବୈଠକରେ ଆଲୋଚନା କରିଥିଲେ। ବାଲେଙ୍ଗା ପଞ୍ଚାୟତର ୬ଟି ରାଜସ୍ୱ ଗ୍ରାମ ମଧ୍ୟରୁ ୩ଟି ରାଜସ୍ୱ ଗ୍ରାମର ଲୋକମାନେ ନୂତନ ପଞ୍ଚାୟତ ଗଠନକୁ ନେଇ ଜୋର ଦେଉଥିବା ଦେଖିବାକୁ ମିଳିଛି। ୨୦୧୧ ମସିହାର ଜନଗଣନା ଅନୁସାରେ ପ୍ରାୟ ୮୧୬୫ ଲୋକ ସଂଖ୍ୟା ବାଲେଙ୍ଗା ପଞ୍ଚାୟତରେ ଅଛନ୍ତି। ନୀଳଧର ଭତ୍ରା, ଜଗତ ପୂଜାରୀ, ନାରାୟଣ ମିର୍ଗାନ, ଡ଼ମୋନ ରନ୍ଧାରୀ, ଭଗବାନ ଭତ୍ରା, ରୂପଧର ଭତ୍ରା, ଭଗତ ଗୌଡ଼, ତୁଳାରାମ ଭତ୍ରା, ହଳଧର ଭତ୍ରା, ଶଙ୍କର ଗୌଡ଼, ସମ୍ବାରୁ ଭତ୍ରା, ସନ୍ତୋ ଭତ୍ରା, ଡୁମର ଧର ହରିଜନ, ସୁଦର ଭତ୍ରା, ସୁଦର ଭତ୍ରା, ଭାବନାଥ ମାଝୀ, ଗୌରାମ ମିର୍ଗାନ ପ୍ରମୁଖ ଉପସ୍ଥିତ ଥିଲେ।

# ଓଲଟିଲା କାଠ ବୋଝେଇ ଟ୍ରକ୍

ବୈପାରୀଗୁଡ଼ା, ୪।୯(ସମିସ): ଭାରସାମ୍ୟ ହରାଇ ରାସ୍ତାକଡ଼କୁ ଓଲଟିଲା ନୀଳଗିରି କାଠ ବୋଝେଇ ଟ୍ରକ୍। ଅଳ୍ପକେ ବର୍ତ୍ତିଲେ ଡ୍ରାଇଭର। ଟ୍ରକ୍ ଡ୍ରାଇଭର ହେଲେ ଭଦ୍ରଚାଲାମଗାଁର କେ ମଧୁ । ଗୁରୁବାର ମଧ୍ୟାହ୍ନରେ ବୈପାରୀଗୁଡା ଥାନା ଅନ୍ତର୍ଗତ ରାଜ୍ୟ ରାଜପଥ ପେଟଘାଟିରେ ଏଭଳି ଅଘଟନ ଘଟିଥିବା ଦେଖିବାକୁ ମିଳିଛି। ଲମତାପୁଟ ଠାରୁ ଭଦ୍ରଚାଲାମ ଅଭିମୁଖେ ଏକ ନୀଳଗିରି ବୋଝେଇ ଟ୍ରକ୍ ଯାଉଥିଲା। ହେଲେ ପେଟାଘାଟି ନିକଟରେ ହଠାତ୍ ଭରସାମ୍ୟ ହରାଇ ରାସ୍ତା କଡ଼କୁ ଓଲଟିଲା ଟ୍ରକ୍। ଅଳ୍ପକେ ବର୍ତ୍ତିଲେ ଟ୍ରକ୍ ଡ୍ରାଇଭର। ଖବର ପାଇ ବୈପାରୀଗୁଡା ପୁଲିସ ପହଞ୍ଚି ଘଟଣାର ତଦନ୍ତ କରୁଛନ୍ତି।

# ଯୁବ ରେଡ୍‌କ୍ରସ୍ ଜିଲ୍ଲା କାର୍ଯ୍ୟକାରିଣୀ ସମିତି ବୈଠକ

ମାଲକାନଗିରି,୪।୯(ସମିସ): ମାଲକାନଗିରି କଲେଜରେ ଯୁବ ରେଡ୍‌କ୍ରସ୍ ଜିଲ୍ଲା କାର୍ଯ୍ୟକାରିଣୀ ସମିତିର ବୈଠକ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମର ଆରମ୍ଭରେ ଯୁବ ରେଡ୍‌କ୍ରସ ପ୍ରତିଷ୍ଠାତା ଜନ ହେନେରୀ ଡୁନାନଟଙ୍କ ଫଟୋଚିତ୍ରରେ ଅତିଥିମାନେ ପୁଷ୍ପମାଲ୍ୟ ପ୍ରଦାନ କରିଥିଲେ ଏହାପରେ ଯୁବ ସେବକ-ସେବିକାମାନେ ମଧୁର ସ୍ୱରରେ ସ୍ୱାଗତ ସଙ୍ଗୀତ ଗାନ କରିଥିଲେ। ପରେ ଯୁବ ରେଡ୍‌କ୍ରସ ସଂଯୋଜକ ତଥା ସମ୍ପାଦକ ବିଘ୍ନେଶ୍ୱର ପିଡ଼ିସିକା ଅତିଥିମାନଙ୍କୁ ସ୍ୱାଗତ ଓ ଅଭିନନ୍ଦନ ଜଣାଇ ସ୍ୱାଗତ ଅଭିଭାଷଣ ପ୍ରସ୍ତୁତ କଲେ। କାର୍ଯ୍ୟକ୍ରମର ମଞ୍ଚ ପରିଚାଳନା ପ୍ରଫୁଲ୍ଲ କୁମାର ବିଶ୍ୱାଳ, ଯୁବ ରେଡକ୍ରସ ଜିଲ୍ଲା ସମନ୍ୱୟକାରୀ କରିଥିଲେ। ଅନୁଷ୍ଠାନରେ ମୁଖ୍ୟ ଅତିଥି ଭାବେ ସୋମନାଥ ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ ତଥା ଉପାଧ୍ୟକ୍ଷ, ଜିଲ୍ଲା ରେଡ୍ କ୍ରସ୍ ସୋସାଇଟି ଯୋଗଦେଇ ଥିଲେ। ପ୍ରେମ ରେଖା ଭୋତ୍ରା, ଅଧ୍ୟକ୍ଷା, ମାଲକାନଗିରି କଲେଜ ତଥା ଯୁବ ରେଡ କ୍ରସ୍ ଅଧ୍ୟକ୍ଷା ସଭା ରେ ଅଧ୍ୟକ୍ଷତା କରିଥିଲେ। ସମ୍ମାନିତ ଅତିଥି ଭାବେ ସୁନୀଲ କୁମାର ନାୟକ ଜିଲ୍ଲା ଅଗ୍ନୀଶ୍ରମ ଅଧିକାରୀ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମର ଶେଷରେ ସୁଶାନ୍ତ ମାଝୀ, ସମର ଶିକ୍ଷାର୍ଥୀ ବାହିନୀ ସମସ୍ତଙ୍କୁ ଧନ୍ୟବାଦ୍ ଅର୍ପଣ କରିଥିଲେ। ମାଲକାନଗିରି କଲେଜ ପରିସରରେ ଆୟୋଜିତ ଏହି ବୈଠକରେ ମହାବିଦ୍ୟାଳୟର ବହୁ ଯୁବ ରେଡକ୍ରସ ସଦସ୍ୟ ଓ ଛାତ୍ରଛାତ୍ରୀମାନେ ସକ୍ରିୟ ଭାଗ ନେଇଥିଲେ। ଏଥିରେ ଜିଲ୍ଲା ଯୁବ ରେଡ କ୍ରସ ତରଫରୁ ଉନ୍ନତି କରଣ ଦିଗ ରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରାଯାଇଥିଲା।

# ଜିଲ୍ଲା କୋର୍ଟ ରାସ୍ତାର ଦୁରାବସ୍ଥା



ଜୟପୁର,୪।୯(ସମିସ): କୋରାପୁଟ ଜିଲ୍ଲା ଜୟପୁର ସହରରେ ସମସ୍ତ ପିଚୁ ରାସ୍ତା ଗୁଡିକ ଅବସ୍ଥା ଶୋଚନୀୟ ହୋଇପଡ଼ିଛି। ରାସ୍ତାର ଉପର ପରସ୍ତ ପିଚୁ ଏବଂ ବଜୁରୀ (ଛୋଟ ପଥର) ମିଶ୍ରିତ ପରସ୍ତ ବାହାରି ପଡିଥିବା ବେଳେ ଅନ୍ୟାନ୍ୟ କିଛି ରାସ୍ତାରେ ବଡ଼ ବଡ଼ ଗାତ ହୋଇଛି। ଜୟପୁର ଅଞ୍ଚଳରେ ଗତ କିଛି ଦିନ ହେବ ପ୍ରବଳ ବର୍ଷା ଲାଗି ରହିଥିବା ଯୋଗୁଁ ସହରରେ ପିଚୁରାସ୍ତା ଅବସ୍ଥା ଶୋଚନୀୟ ହୋଇଛି। ବିଭିନ୍ନ ରାସ୍ତା ମରଣଯନ୍ତା ପାଲଟିଛି। ପାରାବେଢା, ଖ୍ରୀଷ୍ଟିଆନ ସାହି କୋର୍ଟ ଲାଇନ୍, ସହରର ମୁଖ୍ୟରାସ୍ତା, କେବିଏସଡି ରୋଡ, ଖ୍ରୀଷ୍ଟିଆନ ସାହି ଠାରୁ ପଞ୍ଚାନନ ମନ୍ଦିର ବାଇପାସ ରୋଡ, ଗ୍ଲୋକାଲ ଛକ ଠାରୁ ଜୟନଗର ବାଇପାସ ରାସ୍ତା, ଗାନ୍ଧୀ ଛକଠାରୁ କୋଲବ ହଲଦୀ ବ୍ରିଜ ଛକ ବାଇପାସ ରାସ୍ତାର ଅବସ୍ଥା ସାଂଘାତିକ ହୋଇପଡିଛି। ଜୟପୁର ସ୍ଥିତ ଜିଲ୍ଲା କୋର୍ଟକୁ ଜାତୀୟ ରାଜପଥକୁ ସଂଯୋଗ କରୁଥିବା ରାସ୍ତାରେ ବିଭିନ୍ନ ସ୍ଥାନରେ ଗାତ ହୋଇଥିବା ବେଳେ କୋର୍ଟର ପୁରାତନ ମୁଖ୍ୟ ଫାଟକ ଠାରୁ ମାତ୍ର ୫୦ ଫୁଟ ପୂର୍ବରୁ ଏହି ରାସ୍ତାର ମଧ୍ୟଭାଗରେ ଏକ ପ୍ରାୟ ୮ରୁ ୧୦ ଇଞ୍ଚ ଗଭୀର ଏବଂ ଗୋଟିଏ ଫୁଟ ପରିଧିରେ ଏକ ବଡ ଗାତ ସୃଷ୍ଟି ହୋଇଛି। ବର୍ଷା ଯୋଗୁଁ ପାଣି ଜମା ହେଲେ ବାଇକ ଚାଳକମାନେ ନ ଜାଣି ଚକା ଉକ୍ତ ରାସ୍ତାର ଗାତ ଭିତରେ ପଡିଲେ ଦୁର୍ଘଟଣା ହେଉଛି। ନିୟମିତ ଛୋଟବଡ ଦୁର୍ଘଟଣା ମଧ୍ୟ ଘଟୁଛି। ତେଣୁ ସ୍ଥାନୀୟ ବାସିନ୍ଦା ଉକ୍ତ ଗାତରେ ବଡ଼ ବଡ଼ ପଥର ପକାଇବା ସହ ଏକ ପଲିଥିନକୁ ପତାକା ଭାବେ ଲଗାଇଛନ୍ତି। ଏହି ରାସ୍ତା ଦାୟିତ୍ୱରେ ରହିଥିବା ପୌରସଂସ୍ଥା ପକ୍ଷରୁ କୌଣସି ପଦକ୍ଷେପ କିମ୍ବା ମରାମତି ଗ୍ରହଣ କରାଯାଉନଥିବା ନେଇ ସ୍ଥାନୀୟ ବାସିନ୍ଦା ଏବଂ କିଛି ଆଇନଜୀବୀ ଅଭିଯୋଗ କରିଛନ୍ତି। ଉକ୍ତ ରାସ୍ତା ଦେଇ ଜିଲ୍ଲା କୋର୍ଟ, ଜିଲ୍ଲା ମୁଖ୍ୟ ଯୋଗାଣ ଅଧିକାରୀ, ବନଖଣ୍ଡ ଅଧିକାରୀ, ବାଣିଜ୍ୟକର ବିଭାଗ, ଜଳସେଚନ ବିଭାଗର ବିଭିନ୍ନ କାର୍ଯ୍ୟାଳୟ ଏବଂ ଇରିଗେସନ କୋଲନୀକୁ ଯାତାୟାତ ପାଇଁ ମୁଖ୍ୟ ରାସ୍ତା ହୋଇଥିବା ବେଳେ ଦୈନିକ ହଜାର ହଜାର ସଂଖ୍ୟାରେ ଲୋକମାନେ ଯାତାୟାତ କରୁଛନ୍ତି। ପୌର ଅଞ୍ଚଳରେ ପୁଣି ଜିଲ୍ଲା କୋର୍ଟର ରାସ୍ତା ପ୍ରତି ଅଣଦେଖାକୁ ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି । ଜିଲ୍ଲା ଆଇନଜୀବୀ ସଂଘର ସଭାପତି ସରୋଜ ଦାଶ କହିଛନ୍ତି ଯେ, ଏହିରାସ୍ତା କେବଳ କୋର୍ଟ ନୁହେଁ, ଅନ୍ୟାନ୍ୟ କାର୍ଯ୍ୟାଳୟ କର୍ମଚାରୀ, ସାଧାରଣ ଲୋକ ଏବଂ ସାହି, କଲୋନୀ ବାସିନ୍ଦା ମାନେ ଯାତାୟାତ କରୁଛନ୍ତି। ତେଣୁ ପୌରସଂସ୍ଥାକୁ ଅନୁରୋଧ କରାଯାଉ ଅତିଶିଘ୍ର ଉକ୍ତ ରାସ୍ତାର ମରାମତି କରିବାକୁ। ଅନ୍ୟଥା ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ କହିଛନ୍ତି।

# ବିଜେଡି ନେତାଙ୍କ ପରଲୋକ

ଚନ୍ଦାହାଣ୍ଡି,୪।୯(ସମିସ), ନବରଙ୍ଗପୁର ଜିଲା ଚନ୍ଦାହାଣ୍ଡି ବ୍ଲକର ବିଜେଡିର ବରିଷ୍ଠ ନେତା ତଥା ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ମୋତିଲାଲ ହଂସଙ୍କ ପରଲୋକ ହୋଇଯାଇଛି। ତାଙ୍କୁ ୭୦ ବର୍ଷ ବୟସ ହୋଇଥିଲା। ସେ କିଛି ଦିନ ହେଲା ଯକୃତ ଜନିତ ରୋଗରେ ପୀଡିତ ହୋଇ ଚିକିତ୍ସିତ ହେଉଥିଲେ। ତାଙ୍କ ନିଜ ଗ୍ରାମ ଚକାମାଲ ଠାରେ ସେ ଶେଷ ନିଶ୍ୱାସ ତ୍ୟାଗ କରିଛନ୍ତି। ଶେଷ ସମୟରେ ପତ୍ନୀ ମୁକ୍ତା ହଂସ, ପୁଅ ଚୈତନ୍ୟ ହଂସ, ପୁତ୍ରବଧୂ ଉର୍ମିଳା ହଂସ,ଭାଇ ପରେଶ୍ୱର ହଂସ,ବଂଶୀଧର ହଂସ,ଶାଳକ କମଳ କଟା ପ୍ରମୁଖ ଉପସ୍ଥିତ ଥିଲେ। ସ୍ୱର୍ଗତ ହଂସ ଜଣେ ନିର୍ଭିକ ଲଢୁଆ ରାଜନେତା ସହ ଜଣେ ସୁସଂଗଠକ ଭାବେ ବେଶ ପରିଚିତ ଥିଲେ। ଅଞ୍ଚଳର ସ୍ୱାର୍ଥ ପାଇଁ ବିଭିନ୍ନ ଆନ୍ଦୋଳନରେ ଧାରଣା ଦେବାରେ ତାଙ୍କୁ ଦେଖିବାକୁ ମିଳୁଥିଲା। ତାଙ୍କ ବିୟୋଗରେ ପୂର୍ବତନ ସାଂସଦ ରମେଶ ଚନ୍ଦ୍ର ମାଝୀ, ପୂର୍ବତନ ସାଂସଦ ପ୍ରଦୀପ ମାଝୀ, ପୂର୍ବତନ ବିଧାୟକ ପ୍ରକାଶ ଚନ୍ଦ୍ର ମାଝୀ, ବ୍ଲକ ଯାଦବ ସମାଜ ସଭାପତି ଜଗଦୀଶ ଗୌଡ଼, ବିଭିନ୍ନ ରାଜନୈତିକ ଦଳ ଓ ସାମାଜିକ ସଂଗଠନର ସ୍ଥାନୀୟ ବରିଷ୍ଠ ନେତୃବୃନ୍ଦ, ସମାଜସେବୀ ଗଭୀର ଶୋକ ପ୍ରକାଶ କରିବା ସହ ଶୋକାକୁଳ ପରିବାରକୁ ସମବେଦନା ଜଣାଇଛନ୍ତି।



# ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇଁ ସ୍ୱାଗତିକା ମନୋନୀତ



ନାରାୟଣପାଟଣା,୪।୯(ସମିସ): ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇଁ ନାରାୟଣପାଟଣା ବ୍ଲକର ଶିକ୍ଷୟିତ୍ରୀ ସ୍ୱାଗତିକା ତୁଳ ମନୋନୀତ ହୋଇଛନ୍ତି। ନାରାୟଣପାଟଣା ପ୍ରାଥମିକ ବିଦ୍ୟାଳୟ 'କ' ର ସହକାରୀ ଶିକ୍ଷୟିତ୍ରୀ ସ୍ୱାଗତିକା ତୁଳ ଚାକିରି କରନ୍ତି। ଆସନ୍ତା ୫ ତାରିଖ ଗୁରୁ ଦିବସ ଅବସରରେ କୋରାପୁଟ ଶଦଭାବନା ଗୃହରେ କୋରାପୁଟ ଜିଲ୍ଲାପାଳଙ୍କ ଠାରୁ ଏହି ପୁରସ୍କାର ପ୍ରଦାନ କରାଯିବ। ଏହି ଖବର ଜଣାପଡିବା ପରେ ବ୍ଲକ ଶିକ୍ଷା ଅଧିକାରୀ ଅପ୍ରତା ପ୍ରଧାନ , ଅତିରିକ୍ତ ବ୍ଲକ ଶିକ୍ଷା ଅଧିକାରୀ ଇଶ୍ୱର ମୁଦୁଲି ,ବ୍ଲକ ଅଧ୍ୟକ୍ଷ ଗୋଲାଦି ତ୍ରୀନାଥ,ବ୍ଲକ ପ୍ରାଥମିକ ଶିକ୍ଷକ ସଂଘର ସଭାପତି ପର୍ଶୁରାମ ତାଡିଙ୍ଗି , ଉପସଭାପତି ଦିଲିପ ବିଡିକା, ସମ୍ପାଦକ ଜାମି ସତ୍ୟନାରାୟଣ, କୋଡିନେଟର କିଶୋର ଜାନୀ ,ଉପସଭାପତି ସବିତା ଜାନୀ , କୋଷାଧ୍ୟକ୍ଷ ସୀମାଚଳ ପଣ୍ଡା , ସଂଗଠନ ସମ୍ପାଦକ ଶ୍ରୀବତ୍ସ ମହାନ୍ତି, ପ୍ରଧାନ ଶିକ୍ଷୟିତ୍ରୀ ଗୀତାଞ୍ଜଳି ଦେବୀ ଓ ସହ ଶିକ୍ଷକ ଶିକ୍ଷୟିତ୍ରୀ ପ୍ରମୁଖ ଶୁଭେଚ୍ଛା ଜଣାଇଛନ୍ତି। ତାଙ୍କରି ଏପରି ପ୍ରଶଂସନୀୟ କାର୍ଯ୍ୟ ଯୋଗୁ ବିଭିନ୍ନ ମହଲରୁ ଶୁଭେଚ୍ଛାର ସୁଅ ଛୁଟୁଛି।

# ଘଡ଼ଘଡ଼ି ବିଜୁଳି ପ୍ରତି ସଚେତନତା

ମାଲକାନଗିରି,୪।୯(ସମିସ):ରାଜ୍ୟ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷ ଆନୁକୂଲ୍ୟରେ ମାଲକାନଗିରି ଜିଲ୍ଲା ଜରୁରକାଳୀନ ବିଭାଗ ପକ୍ଷରୁ ବଜ୍ରପାତ ଜନିତ ଆକସ୍ମିକ ବିପଦରୁ ରକ୍ଷା ପାଇବା ପାଇଁ ଏକ ସଚେତନତା ରଥର ଶୁଭାରମ୍ଭ ହୋଇଛି। ଏହି ରଥକୁ ଅତିରିକ୍ତ ଜିଲ୍ଲାପାଳ ରାଜସ୍ୱ ବେଦବର ପ୍ରଧାନ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ। ଏହି ରଥ ସମସ୍ତ ପୌରାଞ୍ଚଳ ଓ ଗ୍ରାମ ପଞ୍ଚାୟତ ପରିକ୍ରମା କରି ଲୋକଙ୍କୁ ବଜ୍ରପାତରୁ ରକ୍ଷା ପାଇବାର ବାର୍ତ୍ତା ପ୍ରଚାର କରିବ। ବଜ୍ରପାତରୁ ଘରକୁ ରକ୍ଷା କରିବା ପାଇଁ ବଜ୍ରପାତ ପ୍ରତିରୋଧକ କଣ୍ଡକ୍ଟର ଲଗାଇବା, ଘଡଘଡି ଶବ୍ଦ ଶୁଣିଲେ ଖୋଲା ସ୍ଥାନରୁ ଯଥା ଶୀଘ୍ର କୌଣସି ପକ୍କା ଘର ଭିତରକୁ ଚାଲି ଆସିବା, ମୋଟା ଚଦର ଛାତ ଥିବା ଗାଡି ଯଥା କାର୍, ବସ୍ ଆଦି ଯାନ ଭିତରକୁ ଚାଲିଯିବା, ଘର ଭିତରେ ଥିବା ବେଳେ ଝରକା, କବାଟ ବନ୍ଦ ରଖିବା, ମୁଣ୍ଡ ଓ ଦେହରୁ ଧାତୁ ଜିନିଷ ବାହାର କରିବା, ଯଥାସାଧ କମ୍ ଉଚ୍ଚତାରେ ରହିବା। ମୁଣ୍ଡ ବାଳ ଠିଆ ହୋଇଗଲେ କିମ୍ବା ପାଖ ପଥର ଆଦିରୁ ପ୍ରତିଫଳିତ ଶବ୍ଦ କାନକୁ ଶୁଭିଲେ ସେ ସ୍ଥାନ ଛାଡି ତୁରନ୍ତ ଅନ୍ୟତ୍ର ଚାଲିଯିବା, ପାଣି ଭିତରୁ କିମ୍ବା ଡଙ୍ଗା ଭିତରୁ ଯଥା ଶୀଘ୍ର କୂଳକୁ ବାହାରି ଆସିବା ଓ ନିରାପଦ ସ୍ଥାନକୁ ଚାଲିଯିବା ବଜ୍ରପାତର ସମ୍ଭାବନା ଦେଖା ଦେଲେ ଗୃହପାଳିତ ପ୍ରାଣୀମାନଙ୍କୁ ବାହାରେ ନ ଛାଡ଼ି ଘର ଭିତରେ ରଖିବା ଇତ୍ୟାଦି ବିଷୟରେ ଏହି ରଥ ସଚେତନତା ବାର୍ତ୍ତା ପ୍ରଦାନ କରାଯାଇଛି। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ଜରୁରକାଳୀନ ଅଧିକାରୀ ମୁନା ତୁରୁକ୍, ସହାୟକ ଜିଲ୍ଲାପାଳ ନିର୍ବାଚନ ଅଶୋକ ଚକ୍ରବର୍ତ୍ତୀ ଏବଂ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଅନ୍ୟାନ୍ୟ କର୍ମଚାରୀ ଉପସ୍ଥିତ ଥିଲେ। ଜରୁରୀକାଳୀନ ବିଭାଗ ବରିଷ୍ଠ ରାଜସ୍ୱ ସହାୟକ କୁନା ନାୟକ କାର୍ଯ୍ୟକ୍ରମ ଆୟୋଜନ କରିବାରେ ସହଯୋଗ କରିଥିଲେ।

# ଡେଙ୍ଗା ଜାନିଗୁଡ଼ା ବାସିନ୍ଦାଙ୍କ ଦୁଃଖ 'ରେଡମୋଡ ପଣ୍ଡ'

ପୋଡ଼ାଗଡ଼,୪।୯(ସମିସ): କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକ ଅନ୍ତର୍ଗତ ମୁଜାଙ୍ଗ ପଞ୍ଚାୟତରରେ ନିର୍ମାଣଧୀନ ରେଡମୋଡ ପଣ୍ଡ ଏବେ ସ୍ଥାନୀୟ ଗ୍ରାମବାସୀଙ୍କ ପାଲଟିଛି ଦୁଃଖ। ଗ୍ରାମରେ ଅଜଣା ରୋଗ ସହ ଜୀବନ ଜୀବିକା ପ୍ରଭାବିତ ହୋଇଛି। ବାରମ୍ବାର ଅଭିଯୋଗ କଲେ ସୁଦ୍ଧା ସମସ୍ୟା ସମାଧାନ ହେଉନାହିଁ। ଗ୍ରାମକୁ ବିସ୍ଥାପିତ ଘୋଷଣା କରି ଅନ୍ୟତ୍ର ସ୍ଥାପନା କରିବାକୁ ଦାବି କରୁଛନ୍ତି ଗ୍ରାମବାସୀ। କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକ୍ ମୁଜାଙ୍ଗ ପଞ୍ଚାୟତ ଡେଙ୍ଗା ଜାନିଗୁଡାରେ ୧୩୦ ପରିବାର ରହୁଥିବା ବେଳେ ୫୦୦ରୁ ଅଧିକ ଲୋକେ ବସବାସ କରୁଛନ୍ତି। ଦାମନଯୋଡି ନାଲ୍‌କୋ ପେରିଫେରୀ ଅଧୀନରେ ରହିଛି ଡେଙ୍ଗା ଜାନୀଗୁଡ଼ା। ଗ୍ରାମର ଉପର ମୁଣ୍ଡରେ ରହିଛି ନାଲ୍‌କୋ ରେଡ୍ ମୋଡ଼ ପଣ୍ଡ। ନାଲ୍‌କୋରୁ ନିର୍ଗତ ଦୂଷିତ ପାଣି ଏହି ରେଡମଡ଼ ପଣ୍ଡରେ ଜମି ରହୁଛି। ରେଡମଡ଼ ପଣ୍ଡରୁ ନିର୍ଗତ ଦୂଷିତ ପାଣି ଜମିରେ ମିଶୁଛି । ଯାହା ଫଳରେ ଜମିରେ ଚାଷ ନଷ୍ଟ ହେଉଛି। ସେହି ବିଷାକ୍ତ ପାଣି ନାଳ ଓ ପୋଖରୀରେ ମିଶିବା ଯୋଗୁଁ ଗ୍ରାମରେ ନାନା ପ୍ରକାର ଅଜଣା ରୋଗ ଦେଖାଦେଉଛି। ଚର୍ମ ରୋଗ ଠାରୁ ଆରମ୍ଭ କରି ଅନେକ ଅଜଣା ରୋଗରେ ଆକ୍ରାନ୍ତ ହେଉଛନ୍ତି ଗ୍ରାମବାସୀ। କେବଳ ଗ୍ରାମବାସୀ ନୁହେଁ, ଗାଁର ଗାଈଗୋରୁ ଛେଳିମେଣ୍ଢା ମଧ୍ୟ ବିଭିନ୍ନ ସମୟରେ ରେଡମଡ୍ ପଣ୍ଡର ଦୂଷିତ ପାଣି ବ୍ୟବହାର କରି ପୋକ ମାଛି ଭଳି ଏଣେତେଣେ ମରି ପଡୁଛନ୍ତି। ଯାହାକୁ ନେଇ ଚିନ୍ତାରେ ଗ୍ରାମବାସୀ । ଏବେ ବଞ୍ଚିବାକୁ କରିବାକୁ ପଡୁଛି ସଂଘର୍ଷ। ନାଲ୍‌କୋ ପେରିଫେରି ଅଞ୍ଚଳ ହୋଇଥିଲେ ସୁଦ୍ଧା ସମସ୍ୟା ସମାଧାନ କରିବା ନେଇ କୌଣସି ପଦକ୍ଷେପ ଗ୍ରହଣ କରାଯାଉନାହିଁ। ଡେଙ୍ଗା ଜାନିଗୁଡା ଗ୍ରାମକୁ ବିସ୍ଥାପିତ ଘୋଷଣା କରିବା ସହ ଅନ୍ୟତ୍ର ସ୍ଥାନାନ୍ତର କରି ସମସ୍ତ ମୌଳିକ ସୁବିଧା ଯୋଗାଇବାକୁ ଗ୍ରାମବାସୀ କହିଛନ୍ତି।

## ଗାଁକୁ ଅନ୍ୟତ୍ର ସ୍ଥାନାନ୍ତର ପାଇଁ ଦାବି

ଅନ୍ୟପଟେ ଗ୍ରାମବାସୀଙ୍କ ଦୁଃଖ ଏବେ ଦୁଇଗୁଣ ବଢ଼ିଛି । ପୂର୍ବରୁ ଗୋଟିଏ ରେଡମୋଡ ପଣ୍ଡ ପାଇଁ ଦୁର୍ଦ୍ଦଶା ଭୋଗୁଥିବା ବେଳେ ଏବେ ଦ୍ୱିତୀୟ ରେଡମୋଡ଼ ପଣ୍ଡ ନିର୍ମାଣ କରୁଛି ନାଲ୍‌କୋ। ପ୍ରଥମ ଡ୍ୟାମ ଭର୍ତ୍ତି ହୋଇଥିବା ଯୋଗୁଁ ଖୁବଶୀଘ୍ର ଦ୍ୱିତୀୟ ଡ୍ୟାମ୍ କାର୍ଯ୍ୟକ୍ଷମ ହେବ ବୋଲି ଜଣାପଡିଛି। ରେଡମଡ୍ ପଣ୍ଡ ଦୂଷିତ ପାଣି ନିର୍ଗତ ପାଇଁ କେନାଲ ନିର୍ମାଣ ହୋଇଛି। ଫଳରେ ଡେଙ୍ଗା ଜାନୀ ଗୁଡ଼ା ଗୃହପାଳିତ ପଶୁ ସହ ମଣିଷର ଜୀବନ ପ୍ରତି ବିପଦ ରହିଛି। ବିଗତ ଦିନରେ ଗ୍ରାମବାସୀଙ୍କ ଅନୁରୋଧ ରକ୍ଷା କରି ଲକ୍ଷ୍ମୀପୁର ବିଧାୟକ ପବିତ୍ର ସାଉଁନ୍ତା ଡେଙ୍ଗାଜାନି ଗୁଡ଼ା ପରିଦର୍ଶନ କରି ରେଡମଡ୍ ପଣ୍ଡ ବୁଲି ଦେଖିବା ସହ ନାଲ୍‌କୋ କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କରିଛନ୍ତି। ଗ୍ରାମକୁ ଯଥା ସମ୍ଭବ ସମୟ ମଧ୍ୟରେ ବିସ୍ଥାପିତ ଘୋଷଣା କରି ଅନ୍ୟତ୍ର ସ୍ଥାନାନ୍ତର କରିବାକୁ ଆଲୋଚନା କରିଛନ୍ତି। ଅନ୍ୟପଟେ ନୂତନ ରେଡମଡ ପଣ୍ଡ ନିର୍ମାଣ କାର୍ଯ୍ୟକୁ ବନ୍ଦ କରିଛନ୍ତି ଗ୍ରାମବାସୀ। ଯେପର୍ଯ୍ୟନ୍ତ ଗ୍ରାମବାସୀଙ୍କ ସମସ୍ୟା ଦୂର ନହେବ ନିର୍ମାଣ କାର୍ଯ୍ୟ ବନ୍ଦ ରହିବ ବୋଲି ଗ୍ରାମବାସୀ ସୂଚନା ଦେଇଛନ୍ତି। କୋରାପୁଟ ସାଂସଦ ସପ୍ତଗିରି ଉଲାକା ମଧ୍ୟ ନାଲ୍‌କୋ କର୍ତ୍ତୃପକ୍ଷଙ୍କୁ ଚିଠି କରିଥିବା ବେଳେ ଗ୍ରାମବାସୀ ସୋମବାର ଜିଲ୍ଲାପାଳଙ୍କ ମିଳିତ ଅଭିଯୋଗ ଶୁଣାଣି ଶିବିରରେ ପୁନର୍ବାର ଅଭିଯୋଗ କରିଛନ୍ତି। ପ୍ରତ୍ୟେକ ଅଭିଯୋଗ ଶୁଣାଣି ଶିବିରରେ ଅଭିଯୋଗ କଲେ ମଧ୍ୟ କୌଣସି ପଦକ୍ଷେପ ଗ୍ରହଣ ହେଉନଥିବାରୁ ଅସନ୍ତୋଷ ପ୍ରକାଶ କରିଛନ୍ତି। ଜିଲ୍ଲାପାଳ ଗ୍ରାମକୁ ଆସି ସ୍ଥିତି ଅନୁଧ୍ୟାନ କରିବା ପରେ ଗ୍ରାମବାସୀ ମାନଙ୍କ ଦୁଃଖ ବୁଝିପାରିବେ କହିଛନ୍ତି ଗ୍ରାମବାସୀ। ଜମି ଅଧିଗ୍ରହଣ କରି ନାଲ୍‌କୋ କମ୍ପାନୀ ନିର୍ମାଣ ହେଉଛି। ବଦଳରେ ସ୍ଥାନୀୟ ଲୋକଙ୍କ ସମସ୍ୟା ଦୂର କରିବା ଓ ମୌଳିକ ସୁବିଧା ଯୋଗାଇବା କମ୍ପାନୀ କର୍ତ୍ତୃପକ୍ଷଙ୍କ ଦାୟିତ୍ୱ ରହିଛି। ତୁରନ୍ତ ଡେଙ୍ଗା ଜାନି ଗୁଡ଼ା ଗ୍ରାମକୁ ବିସ୍ଥାପିତ ଘୋଷଣା କରି ଅନ୍ୟତ୍ର ସ୍ଥାନାନ୍ତର କରିବାକୁ ଦାବି କରାଯାଇଛି। ନଚେତ୍ ଆଗାମୀ ଦିନରେ ବାଧ୍ୟ ହୋଇ ବଡ଼ଧରଣର ଆନ୍ଦୋଳନ କରିବୁ ବୋଲି ଗ୍ରାମର ବଳ ବିଷୋୟୀ, ପଦ୍ମନ ବିଷୋୟୀ, ବଳରାମ ବିଷୋୟୀ, ବୃନ୍ଦାବନ ବିଷୋୟୀ, ପୁରୁଷୋତ୍ତମ ଜାନି, ବାବୁଲା ବିଷୋୟୀ ପ୍ରମୁଖ ପ୍ରକାଶ କରିଛନ୍ତି।

● ଜୋର୍‌ଧରିଲା ଐତିହାସିକ ପାତ୍ରପୁଟ ଲୁହାପୋଲ ସୁରକ୍ଷା ଦାବି

# ବ୍ରିଜ ନିକଟରେ ବୈପାରୀଗୁଡା ସୁରକ୍ଷା ମଞ୍ଚର ବିକ୍ଷୋଭ



ବୈପାରୀଗୁଡ଼ା,୪।୯(ସମିସ): ଜୋର୍‌ଧରିଲା ଐତିହାସିକ ପାତ୍ରପୁଟ ଲୁହା ପୋଲ ସୁରକ୍ଷା ଦାବି। ବ୍ରିଟିଶ ଅମଳର ଲୁହା ପୋଲ ଏବେ ବିପଦସଂକୁଳ ଅବସ୍ଥାରେ। ଏହାର ସୁରକ୍ଷା ନିମନ୍ତେ ରାଜ ରାସ୍ତାରେ ବିକ୍ଷୋଭ ପଦର୍ଶନ କରିଛି ବୈପାରୀଗୁଡା ସୁରକ୍ଷା ମଞ୍ଚ। ରାଞ୍ଚି-ବିଜୟୱାଡା ୩୨୬ ନମ୍ବର ଜାତୀୟ ରାଜପଥ ପାତ୍ରପୁଟ ଲୁହା ପୋଲ ନିକଟରେ ବ୍ୟାନର ଧରି ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ପାତ୍ରପୁଟ ନିକଟରେ କୋଲାବ ନଦୀ ଉପରେ ୧୯୩୧ ମସିହାରେ ଲୁହା ପୋଲ ନିର୍ମାଣ ହୋଇଥିଲା। ବ୍ରିଟିଶ ଅମଳର ବିନା ପିଲରରେ ନିର୍ମିତ ଲୁହା ପୋଲ ଏବେ ବିପଦସଂକୁଳ ଅବସ୍ଥାରେ। ଆନ୍ଧ୍ର, ତେଲେଙ୍ଗାନା, ଛତିଶଗଡ ସହ ମାଛକୁଣ୍ଡ ଏବଂ ଗୁପ୍ତେଶ୍ୱର ଭଳି ଦର୍ଶନୀୟ ସ୍ଥାନକୁ ଯିବାକୁ ହେଲେ ଏହି ଲୁହା ପୋଲ ପାର ହେବାକୁ ପଡେ। ପ୍ରତିଦିନ ହଜାର ହଜାର ସଂଖ୍ୟକ ଛୋଟ ବଡ଼ ଯାନବାହନ ଯାତାୟାତ କରିଥାଏ । ଦୀର୍ଘ ୯୪ ବର୍ଷ ବିତିଲା। ତଥାପି ପ୍ରଶାସନ ଏହାର ବିକଳ୍ପ ପୋଲ ବ୍ୟବସ୍ଥା କରି ପାରିଲା ନାହିଁ। ଗତ କିଛି ଦିନ ପୂର୍ବେ ଜାତୀୟ ରାଜପଥ ପ୍ରାଧିକାରଣ ପକ୍ଷରୁ ଟେଣ୍ଡର ହୋଇଥିଲା। କିନ୍ତୁ କୌଣସି କାରଣବଶତଃ ସେ ଟେଣ୍ଡର ବାତିଲ ହୋଇଯାଇଛି। ଯାହାକୁ ନେଇ ଏବେ ଉକ୍ତ ଅଞ୍ଚଳରେ ଅସନ୍ତୋଷ ପ୍ରକାଶ ପାଇଛି। ଏହାର ପ୍ରତିବାଦରେ ଆଜି ବୈପାରୀଗୁଡା ସୁରକ୍ଷା ମଞ୍ଚ ପକ୍ଷରୁ ଏଠାରେ ନୂତନ ବ୍ରିଜ ନିର୍ମାଣ ସହ ବର୍ତ୍ତମାନର ଐତିହାସିକ ଲୁହା ପୋଲର ସୁରକ୍ଷା ଦାବି ନେଇ ବ୍ରିଜ ନିକଟରେ ବିକ୍ଷୋଭ ପଦର୍ଶନ କରାଯାଇଥିଲା।

### ରାଜ୍ୟବ୍ୟାପୀ ସାର ସଙ୍କଟ ଓ ବ୍ୟାପକ କଳାବଜାରୀ

# ଶ୍ୱେତପତ୍ର ଦାବିକଲା କଂଗ୍ରେସ

■ ଭୁବନେଶ୍ୱର, ୪।୯ (ସମିସ): ରାଜ୍ୟବ୍ୟାପୀ ସାର ସଙ୍କଟ ସହ ବ୍ୟାପକ କଳାବଜାରୀ ହେଉଛି। ଏହାକୁ ନିୟନ୍ତ୍ରଣ କରିବାରେ ସରକାର ବିଫଳ ହୋଇଛନ୍ତି। ଚଳିତବର୍ଷ ଖରିଫ ଚାଷରେ ଲକ୍ଷାଧିକ ଅନୁଯାୟୀ କେଉଁ କ୍ଷେତ୍ରରେ ସାରର ନିଅଣ୍ଟିଆ ପରିସ୍ଥିତି ସୃଷ୍ଟି ହେଉଛି ତାହା ସଠିକ୍ ଜଣାପଡ଼ୁନାହିଁ। ଯଦି କେନ୍ଦ୍ର ସରକାର ରାଜ୍ୟର କୋଟା ଅନୁଯାୟୀ ଗତ ଏପ୍ରିଲ-୨୦୨୫ଠାରୁ ଏ ପର୍ଯ୍ୟନ୍ତ ମୋଟ ୨୯ ଲକ୍ଷ ୨୯ ହଜାର ମେଟ୍ରିକ୍ ଟନ୍ ସାର ଯୋଗାଇ ପାରିଛନ୍ତି ତେବେ ଚାଷୀ ଆନ୍ଦୋଳନ କାହିଁକି ଚାଲିଛି ବୋଲି କଂଗ୍ରେସ ପ୍ରଶ୍ନ କରିଛି। ପକ୍ଷରୁ କିଷାନ କଂଗ୍ରେସ ରାଷ୍ଟ୍ରୀୟ ସଂଯୋଜକ ଅମିୟ କୁମାର ପଟ୍ଟନାୟକ କହିଛନ୍ତି ଯେ ସାରର ପ୍ୟାକେଟ୍ ପିଛା ନିର୍ଦ୍ଧାରିତ ଦାମ୍‌ଠାରୁ ଯଥେଷ୍ଟ ଚଢ଼ାଦରରେ ବିକ୍ରି କରାଯାଉଛି। ୟୁରିଆ ୪୫ କେଜି ପ୍ୟାକେଟ୍ ପିଛା ୨୬୭ ଟଙ୍କା ଥିବା ବେଳେ ବଜାରରେ ୬୦୦ରୁ ୭୦୦ ଟଙ୍କାରେ ବିକ୍ରି କରାଯାଉଛି। କୃଷି ବିଭାଗ ପକ୍ଷରୁ ସ୍ୱଚ୍ଛତା ଭିତ୍ତିରେ ଜିଲ୍ଲାୱାରୀ ସାରର ଆବଶ୍ୟକତା, ପ୍ୟାକ୍ସ ଓ ଘରୋଇ ଡିଲରମାନଙ୍କ ନାମ, ଫୋନ ନମ୍ବର ସହ ଚାଷୀମାନଙ୍କ ନିକଟରେ ଏହାକୁ କାହିଁକି ସାର୍ବଜନୀନ କରାଯାଉନାହିଁ ବୋଲି ସେ ପ୍ରଶ୍ନ କରିଛନ୍ତି। ଧାନଗଛ ବୃଦ୍ଧି ପାଇଁ ବିଶେଷ କରି ୟୁରିଆ ସାରର ବହୁଳ ଆବଶ୍ୟକତା ଥିବାବେଳେ ୟୁରିଆ ସାରର ଏପରି ସଙ୍କଟ ପରିସ୍ଥିତି ଚାଷୀଙ୍କ ପାଇଁ ନାହିଁ ନ ଥିବା ସମସ୍ୟା ସୃଷ୍ଟି କରିଛି। ତେଣୁ ରାଜ୍ୟ ସରକାର ଏ ସମ୍ପର୍କରେ ଶ୍ୱେତପତ୍ର ପ୍ରକାଶ କରନ୍ତୁ ବୋଲି ଦଳ ଦାବି କରିଛି। ଶ୍ରୀ ପଟ୍ଟନାୟକଙ୍କ ନେତୃତ୍ୱରେ କଂଗ୍ରେସର ଏକ ପ୍ରତିନିଧି ମଣ୍ଡଳୀରେ ଓଡ଼ିଶାର ବିଭିନ୍ନ ଜିଲ୍ଲା ଓ ବ୍ଲକ୍‌ଗୁଡ଼ିକରେ ଗସ୍ତକରି ଚାଷୀମାନଙ୍କ ସହିତ ବାସ୍ତବ ସ୍ଥିତିର ପର୍ଯ୍ୟାୟ ଆଲୋଚନା କରିଛନ୍ତି। ସାର ଗଚ୍ଛିତ ପାଇଁ ସମିତିର ଗୋଦାମ ଘର ନ ଥିବା, ମୃତ୍ତିକା ସୁରକ୍ଷା ଓ ସହଜିକ ସାର ବ୍ୟବହାର ପାଇଁ ବୈଜ୍ଞାନିକ ଜ୍ଞାନକୌଶଳର ଅଭାବ, କୃଷି ଓ ସମବାୟ ବିଭାଗ ମଧ୍ୟରେ ସମନ୍ୱୟ ନ ରହିବା, କଳାବଜାରୀ ରୋକିବାରେ ଠୋସ୍ ପଦକ୍ଷେପ ଗ୍ରହଣ କରା ନ ଯିବା, ଆବଶ୍ୟକ ଚାହିଦା ଅନୁଯାୟୀ ସାରର ସୁଷମ ବଣ୍ଟନ ନିମିତ୍ତ ପରିବେଷ୍ଟାନ କରା ନ ଯିବା ଯୋଗୁଁ ବାରମ୍ବାର ଏପରି ସମସ୍ୟା ଉପୁଜୁଛି ବୋଲି ଅଭିଯୋଗ ସହ ଯୁଦ୍ଧକାଳୀନ ଭିତ୍ତିରେ ଚାଷୀଙ୍କୁ ଆବଶ୍ୟକ ପରିମାଣର ସାର ଯୋଗାଇ ଦେବାକୁ ସେ ଦାବି କରିଛନ୍ତି।

### ପଦାରେ ପଡ଼ିଲା ସୁରକ୍ଷା ବ୍ୟବସ୍ଥା

# ପୁଣି ଶ୍ରୀମନ୍ଦିର ଭିତର ଫଟୋ ଭାଇରାଲ

ପୁରୀ, ୪।୯ (ସମିସ): ପୁଣି ପଦାରେ ପଡ଼ିଲା ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥା। ମାଳମାଳ ସୁରକ୍ଷା କର୍ମୀ ନିୟୋଜିତ ଥିଲେ ହେଁ ବିଭିନ୍ନ ସମୟରେ ମନ୍ଦିର ଭିତର ଫଟୋ ଭାଇରାଲ ହେଉଛି। ଏହି ଭାଇରାଲ ଫଟୋ କିମ୍ବା ଭିଡ଼ିଓ ଯଦି ମନ୍ଦିର ପ୍ରଶାସନ ନଜରକୁ ଆସୁଛି, ଥାନାରେ ଏତଲା ଦିଆଯାଉଛି। କିନ୍ତୁ ପରବର୍ତ୍ତୀ ସମୟରେ ଏନେଇ କି' ପ୍ରକାର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉଛି, ତା' ଉପରେ କାହାର ନିଘା ରହୁନି। ନା ଶ୍ରୀମନ୍ଦିର ପ୍ରଶାସନ ନା ପୁଲିସ କେହି ଏ ଦିଗରେ ତତ୍ପରତା ଦେଖାଉନାହାନ୍ତି। ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ହେଉ ନଥିବାରୁ ବାରମ୍ବାର ବଡ଼ଦେଉଳ ଭିତର ଫଟୋ ଏବଂ ଭିଡ଼ିଓ ସୋସିଆଲ ମିଡିଆରେ ଘୁରି ବୁଲୁଛି। ଏବେ ପୁଣି ଶ୍ରୀମନ୍ଦିର ଭିତର ଫଟୋ ଭାଇରାଲ ହୋଇଛି। ମହାରାଷ୍ଟ୍ରର ବୈଭବ ଦୁରେ ପାଟିଲ ନାମକ ଜଣେ ଯୁବକ ମନ୍ଦିର ଭିତରେ ଫଟୋ ଉଠାଇ ଏହାକୁ ଭାଇରାଲ କରିଛନ୍ତି। ମନ୍ଦିର ପରିସରରେ ଥିବା ଛାତ ଉପରେ ଠିଆ ହୋଇ ଫଟୋ ଉଠାଇଥିବା ଜଣାପଡୁଛି। ଏହି ଫଟୋରେ ମୁଖ୍ୟ ମନ୍ଦିର, ଜଗମୋହନ, ଘଣ୍ଟି ଦ୍ୱାର ଆଦି ସ୍ପଷ୍ଟ ଭାବେ ରହିଛି। ଭାଇରାଲର ସବୁଠୁ ବଡ଼ ମାଧ୍ୟମ ପାଲଟିଛି ମୋବାଇଲଫୋନ। ଶ୍ରୀମନ୍ଦିରଭିତରକୁ ମୋବାଇଲ ନେବା ଉପରେ କଟକଣା ରହିଛି। ମନ୍ଦିର ଭିତରକୁ ପ୍ରବେଶ ପୂର୍ବରୁ ସୁରକ୍ଷା କର୍ମୀମାନେ ଜଣଜଣ କରି ଶ୍ରଦ୍ଧାଳୁଙ୍କୁ ଯାଞ୍ଚ ବି କରୁଛନ୍ତି। ଏହା ପରେ ପୁଣି ବି ମନ୍ଦିର ଭିତରକୁ ମୋବାଇଲ ଯାଉଛି କିପରି, ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଶ୍ରୀମନ୍ଦିରକୁ ମୋବାଇଲ ନେବା ନିଷିଦ୍ଧ ସମ୍ପର୍କରେ ଭକ୍ତମାନେ ସଚେତନ ଅଛନ୍ତି ନା ସୁରକ୍ଷା ବ୍ୟବସ୍ଥା ଢିଲା ତାହା ସମସ୍ତଙ୍କ ମନରେ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ଶ୍ରୀମନ୍ଦିର ଉପରେ ଆତଙ୍କବାଦୀ ଆକ୍ରମଣର ଆଶଙ୍କା ରହିଛି। ଏନେଇ ବିଭିନ୍ନ ସମୟରେ ଗୁଇନ୍ଦା ବିଭାଗ ରିପୋର୍ଟ ଦେଉଛି। ଏହାକୁ ନଜରରେ ରଖି ଶ୍ରୀମନ୍ଦିରର ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଛି। ମନ୍ଦିରର ଚାରିଦ୍ୱାର ସମେତ ଚତୁଃପାର୍ଶ୍ୱରେ ବ୍ୟାପକ ସୁରକ୍ଷା କର୍ମୀ ମୁତୟନ ରହୁଛନ୍ତି। ପ୍ରବେଶପଥରେ ଭକ୍ତଙ୍କୁ ଯାଞ୍ଚ କରାଯାଉଛି। ପରିକ୍ରମା ପ୍ରକଳ୍ପ ସମ୍ପୂର୍ଣ୍ଣ ହେବା ପରେ ସୁରକ୍ଷା ବ୍ୟବସ୍ଥା ଆହୁରି ବଢ଼ିଯାଇଛି। ମାଳମାଳ ସୁରକ୍ଷା କର୍ମୀ ଏବଂ ମନ୍ଦିର ଭିତରେ ଅବସରପ୍ରାପ୍ତ ସେନା କର୍ମଚାରୀଙ୍କୁ ବି ନିୟୋଜିତ କରାଯାଇଛି। ତଥାପି ସୁରକ୍ଷା ବ୍ୟବସ୍ଥାକୁ ନେଇ ଅନେକ ସମୟରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି। ୨୦୧୯ରେ ଶ୍ରୀମନ୍ଦିର ଭିତରକୁ ମୋବାଇଲ ଫୋନ ନେବା ଉପରେ କଟକଣାକୁ ଅଧିକ କଡ଼ାକଡ଼ି କରାଯାଇଥିଲା। ମନ୍ଦିର ଭିତରେ କାହାଠାରୁ ମୋବାଇଲ ଫୋନ ଜବତ ହେଲେ, ତେବେ ତାହାକୁ ବାଜ୍ୟାପ୍ତି ନଚେତ୍ ୧ ହଜାର ଟଙ୍କା ଜରିମାନା ଆଦାୟ କରାଯିବ ବୋଲି ନିଷ୍ପତ୍ତି ହୋଇଥିଲା। ପରବର୍ତ୍ତୀ ସମୟରେ ଧରପଗଡ଼ କମିଯିବାରୁ ମନ୍ଦିରରେ ପୁଣି ଫଟୋ ଭାଇରାଲ ହେଉଛି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଶ୍ରୀମନ୍ଦିର ଭିତରକୁ ମୋବାଇଲ, କ୍ୟାମେରା ଆଦି ନେବା ଉପରେ କଟକଣା ରହିଛି। ହେଲେ ଭକ୍ତମାନେ ନେଉଛନ୍ତି କିପରି? ଶ୍ରଦ୍ଧାଳୁଙ୍କୁ ଯାଞ୍ଚ କରାଯାଉଛି ନା ନାହିଁ? ଯଦି କରାଯାଉଛି, ତେବେ ମୋବାଇଲ ଭିତରକୁ ନେଉଛନ୍ତି କିପରି? ପ୍ରବେଶପଥରେ ସୁରକ୍ଷା କର୍ମୀମାନେ ଯାଞ୍ଚ କରୁଛନ୍ତି କିଭଳି? ଏମିତି ଅନେକ ପ୍ରଶ୍ନ ଏବେ ଉଙ୍କି ମାରୁଛି।

### ଗ୍ରାମକୁ ବସ୍ ଚଳାଚଳ ଦାବି

# ଦୁଇ ଦିନ ହେଲା ଗ୍ରାମବାସୀଙ୍କ କବ୍‌ଜାରେ 'ମୁଖ୍ୟମନ୍ତ୍ରୀ ବସ୍'

ବଣାଇଁ, ୪।୯ (ସମିସ): ଦୁଇ ଦିନ ହେଲା ଗ୍ରାମବାସୀଙ୍କ କବ୍‌ଜାରେ 'ମୁଖ୍ୟମନ୍ତ୍ରୀ ବସ୍ ସେବା'ରେ ଚଳାଚଳ କରୁଥିବା ସରକାରୀ ବସ୍। ବଣାଇଁ ଥାନା ଅନ୍ତର୍ଗତ ଗୋବିନ୍ଦପୁର ପଞ୍ଚାୟତରେ ଏପରି ଏକ ଅଭାବନୀୟ ଘଟଣା ଘଟିଛି। ହେଲେ ନା

**ପ୍ରଶାସନିକ ଉଦାସୀନତା ନେଇ ଉପଜିଲ୍ଲାପାଳଙ୍କ ଅଫିସ୍ ଘେରିଲେ ଗ୍ରାମବାସୀ**

ପ୍ରଶାସନିକ ଅଧିକାରୀ ନା ପୁଲିସ, କେହି ବସ୍‌ଟିକୁ ଉଦ୍ଧାର କରିବାକୁ ଯାଉନାହାନ୍ତି। ପ୍ରଶାସନର ଏପରି ନିରବତାର ପ୍ରତିବାଦରେ ଆଜି ଗ୍ରାମବାସୀମାନେ ଆଜି ଉପଜିଲ୍ଲାପାଳଙ୍କ ଅଫିସ୍ ଘେରାଉ କରିଛନ୍ତି। ଗ୍ରାମର ଶତାଧିକ ମହିଳା ଓ ପୁରୁଷ ଆଜି ସକାଳୁ ଗାଁରୁ ଚାଲିଚାଲି ବଣାଇଁ ଉପଜିଲ୍ଲାପାଳଙ୍କ ଅଫିସ୍ ପର୍ଯ୍ୟନ୍ତ ଯାଇଥିଲେ। ଗାଁକୁ ଶୀଘ୍ର ମୁଖ୍ୟମନ୍ତ୍ରୀ ବସ୍ ସେବା କାର୍ଯ୍ୟକ୍ଷମ ଦାବିରେ ସେଠାରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଏହାସହ ସେମାନେ ଉପଜିଲ୍ଲାପାଳ ସ୍ୱାଗତିକା ଦଳପତିଙ୍କୁ ଭେଟି ନିଜ



ଦାବି ଜଣାଇଥିଲେ। ତେବେ ଖୁବ୍‌ଶୀଘ୍ର ଏହାର ସମାଧାନ କରାଯିବ ବୋଲି ଉପଜିଲ୍ଲାପାଳ ଗ୍ରାମବାସୀଙ୍କୁ ପ୍ରତିଶ୍ରୁତି ଦେଇଥିବା ଜଣାଯାଇଛି।

ସୂଚନାନୁଯାୟୀ, ମୁଖ୍ୟମନ୍ତ୍ରୀ ବସ୍ ସେବାର ରୁଟ୍ ଚାର୍ଟକୁ ନେଇ ପଞ୍ଚାୟତବାସୀ ଆପତ୍ତି ଉଠାଇଥିଲେ। ବସ୍‌ଟି ଘୋଷରା, ପତ୍ରାପାଲି, ଷେଣ୍ଟପୁର ହୋଇ ଇନ୍ଦୁପୁରରେ ବାହାରିଲେ ପଞ୍ଚାୟତବାସୀ ଉପକୃତ ହେବେ ବୋଲି ଦାବି କରିଥିଲେ। ଏ ସଂପର୍କରେ ସେମାନେ ଜିଲ୍ଲାପାଳଙ୍କଠାରୁ ଆରମ୍ଭ କରି ବଣାଇଁ ବିଡିଓଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ଦାବି କରିଥିଲେ ହେଁ ସୁଫଳ ନ ମିଳି ନଥିଲା। ଗତ ୧୯ ତାରିଖରେ ଲହୁଣୀପଡ଼ାଠାରେ ସୁନ୍ଦରଗଡ଼ ଜିଲାପାଳଙ୍କ ଅଭିଯୋଗ ଶୁଣାଣିରେ ମଧ୍ୟ ପଞ୍ଚାୟତବାସୀ ଏହି ସମସ୍ୟା ଉତ୍‌ଥାପନ କରିଥିଲେ। ସେପ୍ଟେମ୍ବର ୨ତାରିଖ ମଧ୍ୟରେ ପ୍ରଶାସନ ନିଷ୍ପତ୍ତି ନନେଲେ ୩ତାରିଖଠାରୁ ୧୪୩ନମ୍ବର ଜାତୀୟ ରାଜପଥ ଅବରୋଧ କରାଯିବ ବୋଲି ଚେତାବନୀ ଦେଇଥିଲେ। କିନ୍ତୁ, ଏସବୁ ପରେ ମଧ୍ୟ ପ୍ରଶାସନ ପକ୍ଷରୁ ଏ ସଂପର୍କରେ କୌଣସି ନିଷ୍ପତ୍ତି ନିଆଯାଇଥିଲା। ଗତକାଲି ଉକ୍ତ ମୁଖ୍ୟମନ୍ତ୍ରୀ ସେବା ବସ୍‌ଟି ପଞ୍ଚାୟତ କାର୍ଯ୍ୟାଳୟରୁ ଫେରି ଆସିବା ବେଳକୁ ଶତାଧିକ ଗ୍ରାମବାସୀ ବସ୍‌କୁ ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ଅଟକ ରଖିଥିଲେ। ଗତକାଲିଠାରୁ ବସ୍‌ଟି ସେମିତି ବନ୍ଧକ ରହିଥିଲେ ହେଁ ପ୍ରଶାସନିକ ଅଧିକାରୀ କିମ୍ବା ପୁଲିସ ତାହାକୁ ଉଦ୍ଧାର କରିବାକୁ ଯାଇନାହାନ୍ତି।

# ମିଳିମିଶି ହାତୀକୁ ମାରିଦେଲେ

ରାଉରକେଲା, ୪।୯ (ସମିସ): ଗୁରୁବାର ସକାଳୁ 'ଗରିବ ରଥ' ଏକ୍ସପ୍ରେସ ଧକ୍କାରେ ଏକ ମାଈ ହାତୀର ମୃତ୍ୟୁ ଘଟିଛି। ଏହି ଦୁର୍ଘଟଣା ସୋନାଖାନ ଏବଂ ସଗରା ରେଳ ଷ୍ଟେସନ୍ ମଧ୍ୟରେ ଆଜି ସକାଳ ପ୍ରାୟ ୫ଟା ୧୪ମିନିଟରେ ହୋଇଛି। ହାତୀଟି ରେଳଟ୍ରାକ୍ ଉପରେ ପଡ଼ି ଛଟପଟ ହେଉଥିବା ଦେଖି ସ୍ଥାନୀୟ ଲୋକେ ବନ ବିଭାଗକୁ ଖବର ଦେଇଥିଲେ। ବନ ବିଭାଗ ତାକୁ ଅଧିକ ଚିକିତ୍ସା ଲାଗି ଭୁବନେଶ୍ୱର ସ୍ଥାନାନ୍ତର କରିବା ବ୍ୟବସ୍ଥା କରୁଥିବା ବେଳେ ସଗରା ଷ୍ଟେସନ ନିକଟରେ ଅପରାହ୍ଣ ପ୍ରାୟ ୨ଟାରେ ତା'ର ମୃତ୍ୟୁ ହୋଇଯାଇଥିଲା। ତେବେ ହାତୀମୃତ୍ୟୁ ନେଇ ନୂଆ ବିବାଦ ସୃଷ୍ଟି ହୋଇଛି। ହାତୀଙ୍କ ସୁରକ୍ଷା ପାଇଁ ଲାଗିଥିବା ଏଆଇ କ୍ୟାମେରାରେ ଦୁର୍ଘଟଣା ପୂର୍ବରୁ ସେଠାରେ ହାତୀଟିର ଉପସ୍ଥିତି ସ୍ପଷ୍ଟ ହୋଇଥିଲା। କିନ୍ତୁ କାହିଁକି ଏ ସଂପର୍କରେ ବନବିଭାଗ ପକ୍ଷରୁ ରେଳ ବିଭାଗକୁ ସୂଚନା ଦିଆଗଲାନି ବୋଲି ସାଧାରଣରେ ପ୍ରଶ୍ନ ଉଠିଛି।

ସୂଚନା ମୁତାବକ, ରାଉରକେଲା ଡିଭିଜନ୍ ରାଜଗାଙ୍ଗପୁର ଫରେଷ୍ଟ ରେଞ୍ଜ ଅନ୍ତର୍ଗତ ସୋନାଖନ ଫରେଷ୍ଟବିଟ୍ ସୋନାଖାନ ସଗରା ରେଲୱେ ଷ୍ଟେସନ ମଝିରେ ଏହି ଅଭାବନୀୟ ଘଟଣା ଘଟିଥିଲା। ସମ୍ବଲପୁର ଆଡୁ ରାଞ୍ଚି ଅଭିମୁଖେ ଦ୍ରୁତଗତିରେ ଯାଉଥିବା ଗରିବ ରଥ ଏକ୍ସପ୍ରେସ (୦୨୮୩୨) ହାତୀକୁ ଧକ୍କା ଦେଇଥିଲା। ଫଳରେ ହାତୀଟି ରେଳଧାରଣାରୁ ଦୂରକୁ ଛିଟିକି ପଡ଼ି ଛଟପଟ

**■ ଟ୍ରେନ୍ ଧକ୍କାରେ ହାତୀ ମୃତ**
**■ ଏଆଇ କ୍ୟାମେରାରେ ହାତୀ ଉପସ୍ଥିତି ଜାଣି ବି ରେଳବାଇକୁ କାହିଁକି ଦିଆଗଲାନି ସୂଚନା?**

ହୋଇଥିଲା। ରାଉରକେଲା ଡିଏଫଓ ଯଶୋବନ୍ତ ସେଠୀଙ୍କ ସମେତ ଆରସିସିଏଫ, ବାମଡା ଡିଏଫଓ, ଚକ୍ରଧରପୁର ଡିଆରଏମ୍, ବନ୍ଧମୁଣ୍ଡା ଏଆରଏମ୍, ରାଉରକେଲା ଫରେଷ୍ଟ ଡିଭିଜନ୍, ରାଜଗାଙ୍ଗପୁର ଫରେଷ୍ଟ ରେଞ୍ଜ ଅଧିକାରୀ ତଥା ସମ୍ବଲପୁର ଜିଲ୍ଲାର ବାମରା ଫରେଷ୍ଟ ରେଞ୍ଜ ଅଧିକାରୀ ପ୍ରମୁଖ ପହଞ୍ଚି ତଦନ୍ତ ଆରମ୍ଭ କରିଥିଲେ। ଗୁରୁତର ହାତୀକୁ ଚିକିତ୍ସା ପାଇଁ ଭୁବନେଶ୍ୱର ନେବାକୁ ପ୍ରସ୍ତୁତ ହେବା ବେଳେ ତା'ର ମୃତ୍ୟୁ ହୋଇଯାଇଥିଲା। ଏନେଇ ରାଉରକେଲା ଡିଏଫ୍‌ଓ ଶ୍ରୀ ସେଠୀଙ୍କୁ ପଚାରିବାରୁ ସେ ଏନେଇ ଜାଣି ନଥିବା ଏବଂ ଏହାର ତଦନ୍ତ ଚାଲିଛି ବୋଲି କହିଥିଲେ।

# ଭତ୍ତା ପାଇଁ ଆବେଦନକାରୀ କରୁଛନ୍ତି ବୟସ ଜାଲିଆତି

ଭୁବନେଶ୍ୱର, ୪।୯ (ସମିସ): ରାଜ୍ୟରେ ସାମାଜିକ ସୁରକ୍ଷା ଯୋଜନା ଅଧୀନରେ ଭତ୍ତା ପାଇବା ପାଇଁ ଏବେ ଆବେଦନକାରୀଙ୍କ ସଂଖ୍ୟା ଅଚାନକ ବୃଦ୍ଧି ପାଇବା ରାଜ୍ୟ ସରକାରଙ୍କୁ ଚିନ୍ତାରେ ପକାଇଛି। ଅଯୋଗ୍ୟ ହିତାଧିକାରୀମାନେ ନିଜର ଭୋଟର୍ କାର୍ଡରେ ବୟସ ଜାଲିଆତି କରି ମାସିକ ଭତ୍ତା ପାଇଁ ଆବେଦନ କରୁଥିବା ସରକାର ସନ୍ଦେହ କରିଛନ୍ତି। ସେଥିପାଇଁ ଜିଲ୍ଲାପାଳମାନଙ୍କୁ ସେମାନଙ୍କ ପୁରୁଣା ଭୋଟର୍ ପରିଚୟପତ୍ର ତୁରନ୍ତ ଯାଞ୍ଚ ପାଇଁ ନିର୍ଦ୍ଦେଶ ଦେଇଛନ୍ତି ରାଜ୍ୟ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ସଚିବ ଆର୍.ଏସ୍ ଗୋପାଳନ। ଏହାକୁ ଅତ୍ୟନ୍ତ ଜରୁରୀ ଭାବେ ବିବେଚନା କରି


**ଭୋଟର୍ ପରିଚୟପତ୍ର ଯାଞ୍ଚ ପାଇଁ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ**

ପଦକ୍ଷେପ ନେବାକୁ ଶ୍ରୀ ଗୋପାଳନ ସମସ୍ତ ଜିଲ୍ଲାପାଳମାନଙ୍କୁ ଗତ ୩ ତାରିଖରେ ଚିଠି ଲେଖି ଅବଗତ କରାଇଛନ୍ତି। ସୂଚନାଯୋଗ୍ୟ, ରାଜ୍ୟର ବିଜେପି ସରକାର ନିଜର ନିର୍ବାଚନୀ ପ୍ରତିଶ୍ରୁତି ମୁତାବକ ୮୦ ବର୍ଷ ବୟସରୁ ଊର୍ଦ୍ଧ୍ୱ ବୟସ୍କ ଏବଂ ୮୦ ପ୍ରତିଶତରୁ ଅଧିକ ଦିବ୍ୟାଙ୍ଗଙ୍କୁ ମାସିକ ୩୫୦୦ଟଙ୍କା ଭତ୍ତା ପ୍ରଦାନ କରୁଛନ୍ତି। ଅନ୍ୟମାନଙ୍କୁ ମାସିକ ୧୦୦୦ ଟଙ୍କାର ଭତ୍ତା ପ୍ରଦାନ କରାଯାଉଛି। ତେବେ ଭତ୍ତା ପାଇବା ପାଇଁ ଅନେକ ନୂଆ ଆବେଦନକାରୀ ନିଜର ଭୋଟର୍ ଆଇଡି କାର୍ଡରେ ଜନ୍ମ ତାରିଖ ପରିବର୍ତ୍ତନ କରୁଥିବା ସରକାର ସନ୍ଦେହ କରିଛନ୍ତି। ସେଥିପାଇଁ ସେମାନଙ୍କର ପୁରୁଣା ଭୋଟର୍ କାର୍ଡ ଯାଞ୍ଚ କରି ବୟସର ସତ୍ୟାସତ୍ୟ ପରଖିବାକୁ କୁହାଯାଇଛି। ଆବେଦନକାରୀଙ୍କ ଜନ୍ମ ତାରିଖରେ କୌଣସି ପରିବର୍ତ୍ତନ ହୋଇଛି କି ନାହିଁ, ତାହା ସୁନିଶ୍ଚିତ କରିବାକୁ ଜିଲ୍ଲାପାଳମାନଙ୍କୁ କୁହାଯାଇଛି।

# ମସ୍କୋ ପୁସ୍ତକମେଳାରେ 'ବୀର ସୁରେନ୍ଦ୍ର ସାଏ' ଲୋକାର୍ପିତ

ସମ୍ବଲପୁର, ୪।୯ (ସମିସ): ମସ୍କୋ ଆନ୍ତର୍ଜାତିକ ପୁସ୍ତକ ମେଳାର ୩୮ତମ ସଂସ୍କରଣର ଉଦ୍‌ଘାଟନୀ ଦିବସରେ ଭାରତୀୟ ପାଭିଲିଅନ୍‌ରେ ଦୀପକ କୁମାର ପଣ୍ଡାଙ୍କ ଦ୍ୱାରା ହିନ୍ଦୀ ଭାଷାରେ ରଚିତ "ବୀର ସୁରେନ୍ଦ୍ର ସାଏ" ପୁସ୍ତକ ଉନ୍ମୋଚିତ ହୋଇଛି। ପତଞ୍ଜଳି ଆୟୁର୍ବେଦର ପରିଚାଳନା ନିର୍ଦ୍ଦେଶକ ଆଚାର୍ଯ୍ୟ ବାଳକୃଷ୍ଣ, ବୈଜ୍ଞାନିକ ପଦ୍ମଶ୍ରୀ ଅଜୟ କୁମାର ସୋନକର, ପ୍ରଖ୍ୟାତ ଲେଖକ ଅକ୍ଷତ ଗୁପ୍ତା, କାଶ୍ମିରୀ ବିଦ୍ୱାନ ଡଃ ଏସ୍.ଏନ୍ ପଣ୍ଡିତ, ବିଶିଷ୍ଟ ଚଳଚ୍ଚିତ୍ର ସମାଲୋଚକ, ଐତିହାସିକ ତଥା ଫିଲ୍ମନିର୍ମାତା ଅନୀଲ ଜଙ୍କାର, ବିଶିଷ୍ଟ ଗ୍ରାଫିକ୍ସ ଡିଜାଇନର ତଥା ଚିତ୍ରଶିଳ୍ପୀ ମୋହିତ ସୁନେଜା, ସାହିତ୍ୟ ଏକାଡେମୀର ଉପାଧ୍ୟକ୍ଷା ତଥା ମହାତ୍ମାଗାନ୍ଧୀ ଆନ୍ତର୍ଜାତିକ ବିଶ୍ୱବିଦ୍ୟାଳୟ, ୱାର୍ଦ୍ଧାର କୁଳପତି ପ୍ରଫେସର କୁମୁଦ ଶର୍ମା, କବି, ଲେଖିକା ତଥା ସୁପ୍ରସିଦ୍ଧ ଓଡ଼ିଶୀ ନୃତ୍ୟଶିଳ୍ପୀ ଜୟା ମେହେଟ୍ଟା ପ୍ରମୁଖ ପୁସ୍ତକର ଉନ୍ମୋଚନ କରିଛନ୍ତି।

ଏହି ଅବସରରେ ନିଜ ଅଭିଭାଷଣରେ ଲେଖକ ଶ୍ରୀ ପଣ୍ଡା କହିଲେ ଯେ ଅନେକ ବିଶେଷତ୍ୱକୁ ନେଇ ସମ୍ବଲପୁର ସଶସ୍ତ୍ର ସଂଗ୍ରାମ ମହୀୟାନ। ବ୍ରିଟିଶ ବିରୋଧରେ ଏହା ସର୍ବାଧିକ ସମୟଧରି ଚାଲିଥିବା ସଶସ୍ତ୍ର ସଂଗ୍ରାମ। ସଂଗ୍ରାମକୁ ରୋକିବାରେ ବିଫଳ ହୋଇ ବ୍ରିଟିଶ ଶାସନ ଶାନ୍ତିପୂର୍ଣ୍ଣ



ବୁଝାମଣାର ମାର୍ଗ ଆପଣେଇଥିଲେ। ମାତ୍ର ବିଶ୍ୱାସଘାତକତା ଓ ଷଡ଼ଯନ୍ତ୍ର କରି ବିନା ଦଣ୍ଡାଦେଶରେ ସଂଗ୍ରାମୀଙ୍କୁ ବନ୍ଦୀ କରିଥିଲେ। ଏହି ସଂଗ୍ରାମର ନେତା ବୀର ସୁରେନ୍ଦ୍ର ସାଏ ନିଜ ଜୀବନର ୩୭ବର୍ଷ କାଳ ତଥା ତାଙ୍କ ଭାଇ ଉଦନ୍ତ ସାଏ ୪୭ ବର୍ଷ କାରାବରଣ କରି ମୃତ୍ୟୁବରଣ କରିଥିଲେ। ଏହି ସଂଗ୍ରାମରେ ଅନେକ ପରିବାରର ଦୁଇ ଓ ତିନି ପିଢ଼ିର ବହୁ ସଦସ୍ୟ ବା ସମସ୍ତ ପୁରୁଷ ସଦସ୍ୟ ନିଜ ପ୍ରାଣ ଆହୁତି ଦେଇଥିଲେ। ଏହିଭଳି ଅନେକ ବିଶେଷତ୍ୱ ରହିଥିବା ସଂଗ୍ରାମ ବାବଦରେ ପାଠକଙ୍କୁ ସଂକ୍ଷେପରେ ସୂଚନା ଦେବା ଏହି ପୁସ୍ତକର ଉଦ୍ଦେଶ୍ୟ ବୋଲି ସେ କହିଥିଲେ।

ମସ୍କୋ ପୁସ୍ତକ ମେଳାର ଭାରତୀୟ ପାଭିଲିଅନରେ ନବଉନ୍ମୋଚିତ ବୀର ସୁରେନ୍ଦ୍ର ସାଏ ପୁସ୍ତକ ସହ ଦୀପକ କୁମାର ପଣ୍ଡାଙ୍କ ଇଂରାଜୀ ପୁସ୍ତକ "ସମ୍ବଲପୁରୀ ଲାଙ୍ଗୁଏଜ୍, କଲଚର୍ ଆଣ୍ଡ ଟ୍ରାଡିସନ୍' ମଧ୍ୟ ପ୍ରଦର୍ଶିତ ହୋଇଛି। ସମ୍ବଲପୁର ତଥା ପଶ୍ଚିମ ଓଡ଼ିଶାର ସଂସ୍କୃତି ଓ ପରମ୍ପରା ବାବଦରେ ଜାଣିବାକୁ ଅନେକ ଲେଖକ, ଲେଖିକା ଆଗ୍ରହ ପ୍ରକାଶ କରିଥିଲେ।

ଉଲ୍ଲେଖଯୋଗ୍ୟ, ଭାରତୀୟ ଲେଖକଙ୍କ ପ୍ରତିନିଧି ଦଳର ଜଣେ ସଦସ୍ୟ ଭାବରେ ଦୀପକ କୁମାର ପଣ୍ଡା ମସ୍କୋ ଯାଇଛନ୍ତି। ଭାରତୀୟ ପାଭିଲିଅନରେ ପ୍ରତିନିଧି ଦଳ ସଦସ୍ୟଙ୍କ ରେଖାଙ୍କିତ ଚିତ୍ର ସ୍ଥାନିତ ହେବା ସହିତ ଲେଖକଙ୍କ ପରିଚୟ ପୁସ୍ତିକା ଉପଲବ୍ଧ କରାଯାଇଛି।

# 'ସୁଭଦ୍ରା'ରୁ ବାଦ୍ ପଡ଼ିବେ ଅଯୋଗ୍ୟ ହିତାଧିକାରୀ

ଭୁବନେଶ୍ୱର, ୪।୯ (ସମିସ): ଏଣିକି 'ସୁଭଦ୍ରା'ରୁ ବାଦ୍ ପଡ଼ିବେ ଲକ୍ଷାଧିକ ଅଯୋଗ୍ୟ ହିତାଧିକାରୀ। ଅଯୋଗ୍ୟଙ୍କୁ ବାଦ୍ ଦେବାକୁ ଏବଂ ଯୋଗ୍ୟ ହିତାଧିକାରୀଙ୍କୁ ସାମିଲ କରିବାକୁ ପଦକ୍ଷେପ ନିଆଯାଇଛି। ଏନେଇ ତତ୍ପରତା ପ୍ରକାଶ କରିଛନ୍ତି ରାଜ୍ୟ ସରକାର। ବାଣିଜ୍ୟ ଓ ପରିବହନ ବିଭାଗ, ସ୍ୱାସ୍ଥ୍ୟ ଓ ଖାଦ୍ୟ ଯୋଗାଣ ବିଭାଗକୁ ଏନେଇ ଚିଠି ଲେଖିଛି ମହିଳା ଏବଂ ଶିଶୁ ବିଭାଗ। 'ବାହନ' ଡାଟାବେସ୍‌ରୁ ଚାରିଚକିଆ ଥିବା ହିତାଧିକାରୀଙ୍କ ତଥ୍ୟ ଯାଞ୍ଚ କରି ରିପୋର୍ଟ ଦେବାକୁ ନିର୍ଦ୍ଦେଶ ଦିଆଯାଇଛି। ସେହିପରି ମୃତ ହିତାଧିକାରୀଙ୍କ ତଥ୍ୟ ପାଇଁ ସ୍ୱାସ୍ଥ୍ୟ ବିଭାଗ ଏବଂ ଖାଦ୍ୟଯୋଗାଣ ବିଭାଗକୁ ନିର୍ଦ୍ଦେଶ ଦିଆଯାଇଛି। ସେହିପରି ଖାଦ୍ୟଯୋଗାଣ ବିଭାଗରେ ପଞ୍ଜୀକରଣ କରି ଧାନ ବିକିଥିବା ମହିଳାଙ୍କ ତଥ୍ୟକୁ ଆଉଥରେ ଯାଞ୍ଚ କରିବାକୁ ନିର୍ଦ୍ଦେଶ ହୋଇଛି। ସୂଚନା ଅନୁସାରେ, ଗତବର୍ଷ ସେପ୍ଟେମ୍ବର ୧୭ରେ ସୁଭଦ୍ରା ଯୋଜନାର ଶୁଭାରମ୍ଭ କରିଥିଲେ ରାଜ୍ୟ ସରକାର। ଏବେ ଏହି ଯୋଜନା ମାଧ୍ୟମରେ କୋଟିଏରୁ ଅଧିକ ହିତାଧିକାରୀ ୩ଟି କିସ୍ତିରେ ୧୫ ହଜାର ଟଙ୍କା ଲେଖାଏଁ ପାଇସାରିଛନ୍ତି। ତେବେ ଅନେକ ମହିଳା ଯୋଗ୍ୟ ହୋଇ ମଧ୍ୟ 'ସୁଭଦ୍ରା'ରେ ସାମିଲ ହୋଇ ନାହାନ୍ତି। ତେଣୁ ଯୋଗ୍ୟ ହିତାଧିକାରୀ କିଭଳି 'ସୁଭଦ୍ରା'ରେ ସାମିଲ କରିବେ, ସେଥିପାଇଁ କସରତ ଆରମ୍ଭ ହୋଇଛି। ସମସ୍ତ ତଥ୍ୟ ପ୍ରମାଣକୁ ଭିତ୍ତି କରି ହିତାଧିକାରୀଙ୍କୁ ସାମିଲ କରାଯିବାକୁ ନିଷ୍ପତ୍ତି ହୋଇଛି।

### ଏନ୍‌ଆଇଆର୍‌ଏଫ୍ ରାଙ୍କିଙ୍ଗ୍

# ଶ୍ରେଷ୍ଠ ୧୦୦ରେ ଓଡ଼ିଶାରୁ ୫ ଶିକ୍ଷାନୁଷ୍ଠାନ

ଭୁବନେଶ୍ୱର, ୪।୯ (ସମିସ): ନ୍ୟାସନାଲ ଇନଷ୍ଟିଚ୍ୟୁସନାଲ୍ ରାଙ୍କିଙ୍ଗ୍ ଫ୍ରେମୱାର୍କ (ଏନ୍‌ଆଇଆର୍‌ଏଫ୍) ପକ୍ଷରୁ ଆଜି ଦେଶର ଶ୍ରେଷ୍ଠ ମହାବିଦ୍ୟାଳୟ ଏବଂ ବିଶ୍ୱବିଦ୍ୟାଳୟଗୁଡ଼ିକର ରାଙ୍କିଙ୍ଗ୍ ପ୍ରକାଶ ପାଇଛି। ଚଳିତ ବର୍ଷ ସମୁଦାୟ ୧୭ଟି ବର୍ଗରେ ଶିକ୍ଷାନୁଷ୍ଠାନଗୁଡ଼ିକୁ ରାଙ୍କିଙ୍ଗ୍ ପ୍ରଦାନ କରାଯାଇଛି। ସାମଗ୍ରିକ ବର୍ଗରେ ଚଳିତ ବର୍ଷ ପୁଣିଥରେ ଆଇଆଇଟି ମାଡ୍ରାସ ଶ୍ରେଷ୍ଠ ବିବେଚିତ ହୋଇଛି। ସେହିପରି ୨୦୨୪ ପରି ଆଇଆଇଏସ୍‌ସି ବେଙ୍ଗାଲୁରୁ ଦ୍ୱିତୀୟ ଏବଂ ଆଇଆଇଟି ବମ୍ବେ ତୃତୀୟ ସ୍ଥାନରେ ରହିଛି। ଶ୍ରେଷ୍ଠ ୧୦୦ଟି ଶିକ୍ଷାନୁଷ୍ଠାନ ମଧ୍ୟରେ ଗତବର୍ଷ ଓଡ଼ିଶାରୁ ୩ଟି ଶିକ୍ଷାନୁଷ୍ଠାନ ସ୍ଥାନ ପାଇଥିବା ଚଳିତବର୍ଷ ୫ଟି ଶିକ୍ଷାନୁଷ୍ଠାନ ସ୍ଥାନ ପାଇଛନ୍ତି। ରାଜ୍ୟର ପ୍ରଥମ ଶିକ୍ଷାନୁଷ୍ଠାନ ଭାବେ ସୋଆ ବିଶ୍ୱବିଦ୍ୟାଳୟ ୨୫ତମ ସ୍ଥାନରେ ଥିବାବେଳେ କିଟ୍ ବିଶ୍ୱବିଦ୍ୟାଳୟ ୨୭, ଏନ୍‌ଆଇଟି ରାଉରକେଲା ୩୪ତମ ସ୍ଥାନରେ ଅଛନ୍ତି। ପ୍ରଥମ ଥର ପାଇଁ ଆଇଆଇଟି ଭୁବନେଶ୍ୱର ୮୦ତମ ଏବଂ ଏମ୍‌ସ ଭୁବନେଶ୍ୱର ୧୦୦ ତମ ସ୍ଥାନ ଅଧିକାର କରି ଶ୍ରେଷ୍ଠ ଶହେ ମଧ୍ୟରେ ପ୍ରବେଶ କରିଛନ୍ତି।

ଅନୁରୂପ ଭାବେ ଶ୍ରେଷ୍ଠ ୧୦୦ ବିଶ୍ୱବିଦ୍ୟାଳୟ ମଧ୍ୟରେ ଆଇଆଇଏସ୍‌ସି ବେଙ୍ଗାଲୁରୁ ପ୍ରଥମ ସ୍ଥାନରେ ଥିବାବେଳେ ଜେଏନୟୁ ଦ୍ୱିତୀୟ, କର୍ଣ୍ଣାଟକର ମଣିପାଲ୍ ଏକାଦେମୀ ଅଫ୍ ହାଇଅର୍ ଏଜୁକେସନ୍ ତୃତୀୟ ସ୍ଥାନରେ ରହିଛି। ଗୋଟିଏ ସ୍ଥାନ ତଳକୁ ଖସି ଜାମିଆ ମିଲିଆ ଇସଲାମିଆ ବିଶ୍ୱବିଦ୍ୟାଳୟ ୪ର୍ଥରେ ପହଞ୍ଚିଛି। ଓଡ଼ିଶାରୁ ସୋଆ ଓ କିଟ୍ ଯଥାକ୍ରମେ ୧୫ ଓ ୧୭ ତମ ସ୍ଥାନରେ ରହିଛନ୍ତି। ଦ୍ୱିତୀୟ ଥର ପାଇଁ ଶ୍ରେଷ୍ଠ ସରକାରୀ ବିଶ୍ୱବିଦ୍ୟାଳୟର ର୍‌ୟାଙ୍କିଂ ମଧ୍ୟ

**■ ଆଇଆଇଟି ମାଡ୍ରାସ ଶ୍ରେଷ୍ଠ ଉଚ୍ଚ ଶିକ୍ଷାନୁଷ୍ଠାନ**
**■ ଖସିଲା ଉତ୍କଳ ଓ ଓୟୁଏଟିର ମାନ୍ୟତା**
**■ ଶ୍ରେଷ୍ଠ ମହାବିଦ୍ୟାଳୟ ମଧ୍ୟରେ ଓଡ଼ିଶାରୁ ଶୂନ୍**

ପ୍ରକାଶ ପାଇଛି। ଏହି ତାଲିକାରେ କୋଲକାତାସ୍ଥିତ ଯାଦବପୁର ବିଶ୍ୱବିଦ୍ୟାଳୟ ପ୍ରଥମ ସ୍ଥାନରେ ଥିବାବେଳେ ଚେନ୍ନାଇସ୍ଥିତ ଆନ୍ନା ବିଶ୍ୱବିଦ୍ୟାଳୟ ଓ ପଞ୍ଜାବ ବିଶ୍ୱବିଦ୍ୟାଳୟ ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନରେ ରହିଛି। ଓଡ଼ିଶାରୁ ଏକମାତ୍ର ସରକାରୀ ବିଶ୍ୱବିଦ୍ୟାଳୟ ଭାବେ ଉତ୍କଳ ବିଶ୍ୱବିଦ୍ୟାଳୟ ଶ୍ରେଷ୍ଠ ୧୦୦ ତାଲିକାରେ ସ୍ଥାନ ପାଇଛି। ହେଲେ ମାନ୍ୟତାରେ ୬ଟି ସ୍ଥାନ ତଳକୁ ଖସିବା ସହ ୪୨ତମ ସ୍ଥାନରୁ ୪୮ରେ ପହଞ୍ଚିଛି। ଗବେଷଣା କ୍ଷେତ୍ରରେ ଏନ୍‌ଆଇଟି ରାଉରକେଲା ପୂର୍ବପରି ୩୦ତମ ସ୍ଥାନରେ ଥିବାବେଳେ କିଟ୍ ୪୩ ତମ ସ୍ଥାନରେ ରହିଛି। ଶ୍ରେଷ୍ଠ ମହାବିଦ୍ୟାଳୟ ମଧ୍ୟରେ ଓଡ଼ିଶାର କୌଣସି ମହାବିଦ୍ୟାଳୟ ସ୍ଥାନ ପାଇ ନାହାନ୍ତି।

ଶ୍ରେଷ୍ଠ ବୈଷୟିକ ଶିକ୍ଷାନୁଷ୍ଠାନ ମଧ୍ୟରେ ଆଇଆଇଟି ମାଡ୍ରାସ୍, ଆଇଆଇଟି ଦିଲ୍ଲୀ ଓ ଆଇଆଇଟି ବମ୍ବେ ଯଥାକ୍ରମେ ପ୍ରଥମ ତିନୋଟି ସ୍ଥାନରେ ରହିଛନ୍ତି। ଓଡ଼ିଶାରୁ ଏନ୍‌ଆଇଟି ରାଉରକେଲା ୧୩ତମ ସ୍ଥାନରେ ଥିବାବେଳେ ସୋଆ ୨୨, କିଟ୍ ୩୬, ଆଇଆଇଟି ଭୁବନେଶ୍ୱର ୩୯ ଏବଂ ସିଭି ରମଣ ଗ୍ଲୋବାଲ୍ ୟୁନିଭର୍ସିଟି ୯୫ତମ ସ୍ଥାନରେ ରହିଛି। ମ୍ୟାନେଜମେଣ୍ଟ ଶିକ୍ଷାନୁଷ୍ଠାନ ମଧ୍ୟରେ ରାଜ୍ୟରୁ ଆଇଆଇଏମ୍ ସମ୍ବଲପୁର ୩୪ତମ ସ୍ଥାନ ସହ ଶିର୍ଷରେ ଥିବାବେଳେ ଜାଭିଆର ବିଶ୍ୱବିଦ୍ୟାଳୟ ୪୫, ସୋଆ ୬୬, କିଟ୍ ୬୮ ଓ ଭୁବନେଶ୍ୱରସ୍ଥିତ ଆଇଏମ୍‌ଆଇ ୮୪ତମ ସ୍ଥାନରେ ରହିଛି। ଫାର୍ମାସୀ ଶିକ୍ଷାନୁଷ୍ଠାନ ମଧ୍ୟରେ ଓଡ଼ିଶାରୁ କୌଣସି ଶିକ୍ଷାନୁଷ୍ଠାନ ନ ଥିବାବେଳେ ମେଡିକାଲ୍ ଶିକ୍ଷାନୁଷ୍ଠାନ ମଧ୍ୟରେ ଏମସ୍ ଭୁବନେଶ୍ୱର ୧୪ତମ ସ୍ଥାନରେ ଥିବାବେଳେ ସୋଆ ୧୫ ଓ କିଟ୍ ୨୪ତମ ସ୍ଥାନ ଅଧିକାର କରିଛି। ଆର୍କିଟେକ୍‌ଚର ଆଣ୍ଡ ପ୍ଲାନିଂରେ ଏନ୍‌ଆଇଟି ରାଉରକେଲା ନବମରୁ ସପ୍ତମ ସ୍ଥାନକୁ ଉତ୍ତୀର୍ଣ୍ଣ ହୋଇଥିବାବେଳେ ଆଇନ୍ ଶିକ୍ଷାନୁଷ୍ଠାନ ମଧ୍ୟରେ ସୋଆ ୧୦, କିଟ୍ ୧୪ ଓ କଟକସ୍ଥିତ ଜାତୀୟ ଆଇନ୍ ବିଶ୍ୱବିଦ୍ୟାଳୟ ୧୫ ତମ ସ୍ଥାନରେ ରହିଛନ୍ତି। ଶ୍ରେଷ୍ଠ ଶହେ କୃଷି ବିଶ୍ୱବିଦ୍ୟାଳୟ ମଧ୍ୟରେ ଓଡ଼ିଶାର ଏକମାତ୍ର କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ (ଓୟୁଏଟି) ମାନ୍ୟତାରେ ଅବନତି ଘଟିଛି। ୨୦୨୪ରେ ନବମ ସ୍ଥାନ ଅଧିକାର କରିଥିବାବେଳେ ଚଳିତବର୍ଷ ୧୯ତମ ସ୍ଥାନରେ ପହଞ୍ଚିଛି।

ଏହି ରାଙ୍କିଙ୍ଗ ପ୍ରକ୍ରିୟା ଶିକ୍ଷାଦାନ, ଶିକ୍ଷଣ ଏବଂ ସମ୍ବଳ (ଟିଏଲଆର), ଗବେଷଣା ଏବଂ ବୃତ୍ତିଗତ ଅଭ୍ୟାସ (ଆରପି), ସ୍ନାତକ ଫଳାଫଳ (ଜିଓ), ଆଉଟ୍‌ରିଚ୍ ଏବଂ ଅନ୍ତର୍ଭୁକ୍ତୀକରଣ (ଓଆଇ) ଏବଂ ଧାରଣା (ପିଆର) ପରି ପାଞ୍ଚଟି ମାନଦଣ୍ଡରେ ଅନୁଷ୍ଠାନଗୁଡ଼ିକୁ ମାନ୍ୟତା ପ୍ରଦାନ କରିବା ସହ ତାଲିକାଭୁକ୍ତ କରାଯାଇଛି। ସମ୍ପୂର୍ଣ୍ଣ ତାଲିକା nirfindia.org ୱେବସାଇଟ୍‌ରେ ଉପଲବ୍ଧ ରହିଛି। ରାଙ୍କିଙ୍ଗ୍‌ର ଏହି ଦଶମ ସଂସ୍କରଣକୁ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ମୁଖ୍ୟଅତିଥି ଭାବେ ଯୋଗଦେଇ ଉନ୍ମୋଚନ କରିଛନ୍ତି।

# ସୋଆ ଦେଶର ୧୫ତମ ଶ୍ରେଷ୍ଠ ବିଶ୍ୱବିଦ୍ୟାଳୟ

ଭୁବନେଶ୍ୱର, ୪।୯ (ସମିସ): ଏନ୍‌ଆଇଆର୍‌ଏଫ୍ ରାଙ୍କିଙ୍ଗ୍‌ରେ ଶିକ୍ଷା ଓ ଅନୁସନ୍ଧାନ (ସୋଆ) ଡିମ୍‌ଡ ଟୁ ବି ୟୁନିଭର୍ସିଟି ଦେଶର ଶ୍ରେଷ୍ଠ ୧୫ତମ ବିଶ୍ୱବିଦ୍ୟାଳୟ ସହ ରାଜ୍ୟର ପ୍ରମୁଖ ବିଶ୍ୱବିଦ୍ୟାଳୟ ଭାବେ ପୁନଃ ସ୍ୱୀକୃତି ଲାଭ କରିଛି। ସେହିପରି ସାମଗ୍ରିକ ବର୍ଗରେ ଚଳିତଥର ୨୫ ତମ ସ୍ଥାନରେ ରହିଛି। ୨୦୧୬ ମସିହାରୁ କେନ୍ଦ୍ର ଶିକ୍ଷା ମନ୍ତ୍ରଣାଳୟ ପକ୍ଷରୁ ପ୍ରକାଶିତ ଏହି ର୍‌ୟାଙ୍କିଙ୍ଗ୍‌ରେ ପ୍ରତ୍ୟେକ ଥର ଦେଶର ଶ୍ରେଷ୍ଠ ୨୫ଟି ଉଚ୍ଚ ଶିକ୍ଷାନୁଷ୍ଠାନ ମଧ୍ୟରେ ସ୍ଥାନ ପାଉଛି। ଏପରିକି ୮ ଥର ଶ୍ରେଷ୍ଠ ୨୦ ମଧ୍ୟରେ ସାମିଲ୍ ହୋଇଛି। ଚଳିତବର୍ଷ ମେଡିକାଲ୍ ସାଇନ୍ସ ବର୍ଗରେ ସୋଆ ପରିଚାଳିତ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ମେଡିକାଲ୍ ସାଇନ୍‌ସେସ୍ ଆଣ୍ଡ ସମ୍ ହସ୍ପିଟାଲ୍ ଉତ୍ତମ ପ୍ରଦର୍ଶନ କରିଛି। ଗତବର୍ଷ ୨୧ତମ ସ୍ଥାନରେ ଥିବାବେଳେ ଚଳିତ ବର୍ଷ ୬ଟି ସ୍ଥାନ ଉପରକୁ ଉଠି ୧୫ତମ ସ୍ଥାନରେ ପହଞ୍ଚିଛି। ସେହିପରି ଗତବର୍ଷ ପରି ସୋଆ ପରିଚାଳିତ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଡେଣ୍ଟାଲ୍

**ମେଡିକାଲ୍ ସାଇନ୍ସ ଓ ଇଞ୍ଜିନିୟରିଂ ବର୍ଗରେ ଉପରକୁ ଉଠିଲା**

ସାଇନ୍ସ ୯ମ ସ୍ଥାନରେ ଅପରିବର୍ତ୍ତିତ ରହିଛି। ଇଞ୍ଜିନିୟରିଂ ବର୍ଗରେ ୨୬ତମ ସ୍ଥାନରୁ ୨୨ତମ ସ୍ଥାନକୁ ଲମ୍ଫ ଦେଇଛି। ଆଇନ୍ ଶିକ୍ଷାନୁଷ୍ଠାନ ବର୍ଗରେ ମଧ୍ୟ ସୋଆ ନ୍ୟାସ୍‌ନାଲ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଲ' ସାରା ଦେଶରେ ୧୦ମ ଶ୍ରେଷ୍ଠ ଆଇନ୍ ମହାବିଦ୍ୟାଳୟର ମାନ୍ୟତା ପାଇବା ସହ ଗବେଷଣା କ୍ଷେତ୍ରରେ ୪୯ ତମ ସ୍ଥାନ ହାସଲ କରିଛି। ଏକାଧିକ ବର୍ଗରେ ଉତ୍ତମ ପ୍ରଦର୍ଶନ କରିବା ସହ ରାଜ୍ୟ ଓ ଦେଶର ପ୍ରମୁଖ ଶିକ୍ଷାନୁଷ୍ଠାନ ଭାବେ ଏହି ବିଶ୍ୱବିଦ୍ୟାଳୟ ସ୍ଥାନ ପାଇଛି। ର୍‌ୟାଙ୍କିଙ୍ଗ୍‌ରେ ପ୍ରଦର୍ଶନ ନେଇ ସୋଆର ପ୍ରତିଷ୍ଠାତା ସଭାପତି ଡ. ମନୋଜ ରଞ୍ଜନ ନାୟକ ଖୁସି ବ୍ୟକ୍ତ କରିବା ସହ ବିଶ୍ୱବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକା, ଗବେଷକ ଓ କର୍ମଚାରୀଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ସୂଚନାଯୋଗ୍ୟ, ସୋଆ ୨୦୨୨ରେ ନ୍ୟାସନାଲ୍ ଆସେସ୍‌ମେଣ୍ଟ ଆଣ୍ଡ ଆକ୍ରେଡିଟେସନ୍ କାଉନସିଲ୍ (ନାକ୍) ପକ୍ଷରୁ 'ଏ ++' ମାନ୍ୟତା ହାସଲ କରିଛି।

## ଆଜିର ରାଶିଫଳ

**ମେଷ:** ପାରିବାରିକ ସମସ୍ୟା ଦେଖାଦେବ । ମହିଳାମାନେ ଘରକାର୍ଯ୍ୟରେ ବ୍ୟସ୍ତ ରହିବେ । ଘରେ ମାଙ୍ଗଳିକ କାର୍ଯ୍ୟ ଆୟୋଜନ ହୋଇପାରେ । ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ । ପ୍ରେମ ସମ୍ପର୍କରେ ସମସ୍ୟା ସୃଷ୍ଟି ହେବ ।

**ବୃଷ:** ବନ୍ଧୁଙ୍କ ସହଯୋଗ ମିଳିପାରେ । କାର୍ଯ୍ୟକ୍ଷେତ୍ରରେ ସଫଳତା ମିଳିବ । ଦାମ୍ପତ୍ୟ ଜୀବନ ସୁଖମୟ ହେବ । ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ । ସାମାଜିକ ପ୍ରତିଷ୍ଠା ବଢ଼ିପାରେ । ଦୀର୍ଘ ଦିନର ଆଶା ପୂରଣ ହେବ ।

**ମିଥୁନ:** ଦିନଟି ଶୁଭଫଳ ପ୍ରଦାନ କରିବ । ରାଜନେତାଙ୍କ ପାଇଁ ଦିନଟି ଭଲ । ଆର୍ଥିକ ମାମଲାରେ ସୁଧାର ଆସିବ । ସହକର୍ମୀଙ୍କ ସହଯୋଗରୁ ଅଫିସ୍ କାର୍ଯ୍ୟରେ ସଫଳତା ମିଳିବ । ଧାର୍ମିକ କାର୍ଯ୍ୟରେ ସାମିଲ ହେବେ ।

**କର୍କଟ:** ଆତ୍ମବିଶ୍ୱାସ ବୃଦ୍ଧି ପାଇବ । ଦୀର୍ଘଦିନରୁ ଅଟକି ରହିଥିବା କାର୍ଯ୍ୟ ପୂରା ହେବ । ପାରିବାରିକ ଜୀବନ ସୁଖମୟ ହେବ । ପରିବାର ସହିତ ସୁଖଦ ସମୟ ଅତିବାହିତ କରିବେ । ଆୟ ଓ ବ୍ୟୟ ସମାନ ରହିବ ।

**ସିଂହ:** ସୃଜନାତ୍ମକ କାର୍ଯ୍ୟରେ ସଫଳତା ମିଳିବ । ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେଇପାରେ । ମନ ପ୍ରସନ୍ନ ରହିବ । ପ୍ରେମ ସମ୍ବନ୍ଧ ମଜଭୁତ୍ ହେବ । ବିଦ୍ୟାର୍ଥୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ ।

**କନ୍ୟା:** ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତି ହେବ । ରାଜନୀତିରେ ସାମିଲ ହେବେ । ଆର୍ଥିକ ସ୍ଥିତିରେ ସୁଧାର ଆସିବ । ବୈବାହିକ ଜୀବନରେ ସମସ୍ୟା ଆସିବ । ବନ୍ଧୁ ମିଳନ ଯୋଗ ରହିଛି ।

**ତୁଳା:** ଅଫିସ୍ କାର୍ଯ୍ୟରେ ବିଦେଶ ଯାତ୍ରା ଯୋଗ ଅଛି । ଧାରକରଜକୁ ଦୂରେଇ ରହିବେ । ମାଆଙ୍କ ସ୍ୱାସ୍ଥ୍ୟ ସମସ୍ୟାରେ ଉନ୍ନତି ପରିଲକ୍ଷିତ ହେବ । ପରିବାର ସହିତ ହସଖୁସିର ସମୟ ବିତାଇବେ ।

**ବିଛା:** କର୍ମଚଞ୍ଚଳ ରହିବେ । ମନ ପ୍ରଫୁଲ୍ଲିତ ରହିବ । ଆୟଠୁ ବ୍ୟୟ ଅଧିକ ହୋଇପାରେ । ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ । ଘର ପାଇଁ ନୂଆ ଜିନିଷ କିଣିବେ । କୌଣସି କଥାକୁ ନେଇ ମନ ଉଣା ହୋଇପାରେ ।

**ଧନୁ:** ଦିନଟି ମିଶ୍ରଫଳ ପ୍ରଦାନ କରିବ । ଧାର୍ମିକ କାର୍ଯ୍ୟ କରିବେ । ସମାଜରେ ମାନ, ପ୍ରତିଷ୍ଠା ବଢ଼ିବ । ସମାଜସେବାରେ ନିଜକୁ ନିୟୋଜିତ କରିବେ । ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ । ଦାନ ଧର୍ମ କରନ୍ତୁ ।

**ମକର:** ଶାରୀରିକ ଯନ୍ତ୍ରଣା ଭୋଗିପାରନ୍ତି । ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ । ବୁଲାବୁଲି ପାଇଁ ଯୋଜନା ପ୍ରସ୍ତୁତ କରିବେ । ଖେଳାଳିଙ୍କୁ ସଫଳତା ମିଳିବ । ବ୍ୟବସାୟରେ କ୍ଷତି ଘଟିବ । ଉଧାର ଟଙ୍କା ଫେରି ପାଇବେ ।

**କୁମ୍ଭ:** ନିବେଶରୁ ଲାଭ ମିଳିବ । କାର୍ଯ୍ୟରୁ ଆଶାଜନକ ଫଳ ମିଳିବ । ଆତ୍ମବିଶ୍ୱାସର ସହ କାର୍ଯ୍ୟ ସମ୍ପାଦନ କରିବେ । ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି । ଉଧାର ଟଙ୍କା ଫେରି ପାଇବେ ।

**ମୀନ:** ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ । ବିଦ୍ୟାର୍ଥୀ ପଢ଼ାରେ ମନଯୋଗ ଦେବେ । ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ । ଧାର୍ମିକ କାର୍ଯ୍ୟରେ ସାମିଲ ରହିବେ ।

## ଆଜିର ଇତିହାସ

- ୧୯୨୦- ମେକ୍ସିକୋରେ ରାଷ୍ଟ୍ରପତି ନିର୍ବାଚନ ଆରମ୍ଭ ।
- ୧୯୬୧- ଆମେରିକା ପରମାଣୁ ପରୀକ୍ଷା କଲା ।
- ୧୯୯୧- ନେଲସନ୍ ମଣ୍ଡେଲା ଆଫ୍ରିକୀୟ ନ୍ୟାସନାଲ୍ କଂଗ୍ରେସର ଅଧ୍ୟକ୍ଷ ନିର୍ବାଚିତ ।
- ୧୯୯୭- ମଦର ଟେରେସାଙ୍କ ପରଲୋକ ।
- ୨୦୦୨- ଆଫଗାନିସ୍ତାନ ରାଷ୍ଟ୍ରପତି ହମିଦ୍ କାରଜାଇଙ୍କ ଉପରେ ମରଣାନ୍ତକ ଆକ୍ରମଣ ।
- ୨୦୦୯ -ନ୍ୟାସନାଲ୍ ଷ୍ଟକ୍ ଏକ୍ସଚେଞ୍ଜ ଦଶୋଟି କମ୍ପାନିକୁ ସେୟାର୍ ବଜାରରେ କାରବାର କରିବା ଉପରେ ପ୍ରତିବନ୍ଧକ ଲଗାଇଲା ।

# ଗୁରୁଶିଷ୍ୟ ପରମ୍ପରାର ଅନନ୍ୟ ଦିନ

ଆଜି ପବିତ୍ର ଗୁରୁଦିବସ । ଭାରତର ଦ୍ୱିତୀୟ ରାଷ୍ଟ୍ରପତି ଡକ୍ଟର ସର୍ବପଲ୍ଲୀ ରାଧାକ୍ରିଷ୍ଣନଙ୍କ ଜନ୍ମ ଦିବସକୁ 'ଗୁରୁ ଦିବସ' ଭାବେ ସାରା ଭାରତ ବର୍ଷରେ ପାଳନ କରାଯାଉଛି । ଅଜ୍ଞାନ ରୂପକ ଅନ୍ଧକାରକୁ ଦୂର କରୁଥିବା ଗୁରୁଙ୍କ ପାଇଁ ଆଜିର ଦିନଟି ଉତ୍ସର୍ଗୀକୃତ । ଗୁରୁ ହେଉଛନ୍ତି ସାକ୍ଷାତ୍ ପରମ୍ବ୍ରହ୍ମ । ଗୁରୁ ହେଉଛନ୍ତି ମଣିଷ ତିଆରି କାରଖାନାର ବିନ୍ଧାଣି । କେତେବେଳେ ଗୁରୁଙ୍କ ଆକଟ ଭରା କଠୋର ଅନୁଶାସନ ତ ପୁଣି କେବେ ଉତ୍ସାହପ୍ରଦ ପ୍ରେରଣା ଯୋଗୁ ଜଣେ ଛାତ୍ର ଜୀବନରେ ଆଗକୁ ବଢ଼ିଥାଏ । ସେଥିପାଇଁ ସର୍ବ ପ୍ରଥମେ ଗୁରୁଙ୍କ ଚରଣ ସ୍ପର୍ଶ କରିବା ଉଚିତ । ଗୁରୁଙ୍କ ଜ୍ଞାନ ଓ କର୍ମ ଆଗରେ ଆଜି ନତମସ୍ତକ ସମସ୍ତେ । ବିନା ଗୁରୁରେ କେହି କେବେ ସଫଳତାର ଶିଖର ଛୁଇଁପାରି ନ ଥାଏ । ଗୁରୁଙ୍କ ବେତ ପାହାର ପିଲାର ଉତ୍ତମ ଜୀବନ ଗଠନରେ ସହାୟକ ହୁଏ । କଞ୍ଚାମାଟିର ପିତୁଳାକୁ ଉଜ୍ଜ୍ୱଳ ତାରକା ରୂପେ ଗଢ଼ିବାରେ ନିରନ୍ତର ଚେଷ୍ଟା କରିଥାନ୍ତି ଗୁରୁ । ବାପାମା'ଙ୍କ ପରେ ଗୁରୁ ହିଁ ଜୀବନରେ ଆଗକୁ ବଢ଼ିବା ପାଇଁ ସଠିକ୍ ମାର୍ଗ ଦେଖାଇଥାନ୍ତି । ଶିକ୍ଷା ପ୍ରଦାନ ସହ ଜୀବନକୁ ମାର୍ଜିତ, ଶୃଙ୍ଖଳିତ କରିବାରେ ତାଙ୍କ ଅବଦାନ ଥାଏ ଖୁବ୍ ଗୁରୁତ୍ୱପୂର୍ଣ୍ଣ । ପାଠପଢ଼ାଠାରୁ ଖେଳକୁଦ ପୁଣି ନୃତ୍ୟ ସଙ୍ଗୀତ ଅଭିନୟ, ସବୁ କ୍ଷେତ୍ରରେ ଆଗକୁ ବଢ଼ିବା ପାଇଁ ଗୁରୁଙ୍କ ଅବଦାନ ଲୋଡ଼ାଥାଏ । ତେଣୁ ଭାଗବତରେ ଅଛି "ଗୁରୁ ନ ଥାଇ ତୁ ଅର୍ଜୁନ, କାହୁଁ ପାଇବୁ ସଦଜ୍ଞାନ ।" ଗୁରୁଙ୍କ ସ୍ନେହ, ଶ୍ରଦ୍ଧା, ଆଶୀର୍ବାଦ ହିଁ ଶିଷ୍ୟମାନଙ୍କର ଜୀବନର ପାଥେୟ । ଗୁରୁ ଶିଷ୍ୟର ପରମ୍ପରା ଆଜିର ନୁହେଁ ପୁରାଣ କାଳରୁ ଏହି ପରମ୍ପରା ରହି ଆସିଛି । ବେଦବ୍ୟାସଙ୍କଠାରୁ ଆରମ୍ଭ କରି ଦ୍ରୋଣାଚାର୍ଯ୍ୟଙ୍କ ପର୍ଯ୍ୟନ୍ତ ସବୁଠି ଦେଖିବାକୁ ମିଳିଛି ଗୁରୁଙ୍କ ପ୍ରତି ଥିବା ଶିଷ୍ୟର ଭକ୍ତି ଭାବକୁ । ଭାରତୀୟ ସଂସ୍କୃତି ହିଁ ଗୁରୁ-ଶିଷ୍ୟ ପରମ୍ପରା ଉପରେ ପ୍ରତିଷ୍ଠିତ । ସେଇଥିପାଇଁ ରାମାୟଣ, ମହାଭାରତ, ବେଦ, ଉପନିଷଦ, ଗୀତା ଓ ଭାଗବତରେ ଗୁରୁକୁଳ ଆଶ୍ରମର ମହନୀୟତା ବିଶେଷ କରି ଶିଷ୍ୟମାନଙ୍କୁ ସାଧୁତା-ନୈତିକତା ଓ ମୂଲ୍ୟବୋଧ ସମ୍ବନ୍ଧୀୟ ଶିକ୍ଷା ପ୍ରଦାନ କରାଯାଉଥିଲା । ବିନା ଗୁରୁରେ ଜୀବନରେ ଗତି, ମୁକ୍ତି, ମୋକ୍ଷ ପ୍ରାପ୍ତି ସମ୍ଭବ ନୁହେଁ । ଯେଉଁ ସମାଜରେ ଗୁରୁଙ୍କୁ ଉଚ୍ଚ ଆସନ ମିଳିଛି, ସେ ସମାଜ ସେତେ ସମୃଦ୍ଧ । କାରଣ ବିକଶିତ ମାନବ ସମ୍ବଳ ତିଆରିରେ ଗୁରୁଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ । ଆମ ଦେଶରେ ପ୍ରତିବର୍ଷ ସେପ୍ଟେମ୍ବର ୫ ତାରିଖକୁ ଗୁରୁ ଦିବସ ଭାବେ ପାଳନ କରାଯାଏ । ଭାରତର ଦ୍ୱିତୀୟ ରାଷ୍ଟ୍ରପତି ସର୍ବପଲ୍ଲୀ ରାଧାକ୍ରିଷ୍ଣନ୍‌ଙ୍କ ଜନ୍ମତିଥିରେ ପାଳିତ ହୁଏ ଗୁରୁ ଦିବସ । ୧୮୮୮ ମସିହା ଆଜିର ଦିନରେ ତାମିଲନାଡୁର ତିରୁଟ୍ଟନୀ ଗ୍ରାମରେ ସେ ଜନ୍ମ ଗ୍ରହଣ କରିଥିଲେ । ଶିକ୍ଷା ପ୍ରତି ଥିବା ତାଙ୍କ ଅବଦାନକୁ ମନେ ରଖିବା ପାଇଁ ଏହି ଦିବସ ପାଳନ କରାଯାଏ । ୧୯୬୨ ମସିହାରେ ସେ ଭାରତର ଦ୍ୱିତୀୟ ରାଷ୍ଟ୍ରପତି ହେଲେ । ସେ ରାଷ୍ଟ୍ରପତି ଥିବା ସମୟରେ ବହୁ ଛାତ୍ରଛାତ୍ରୀ ତାଙ୍କର ଜନ୍ମଦିନ ପାଳନ କରିବାକୁ କହିଥିଲେ । ମାତ୍ର ସେ ସେମାନଙ୍କୁ ନିଜ ଜନ୍ମଦିନ ପାଳିବାକୁ ମନା କରିଥିଲେ । ଜନ୍ମଦିନ ପାଳନ କରିବା ଅପେକ୍ଷା ଏହି ଦିନକୁ ଗୁରୁମାନଙ୍କ ଦିବସ ଭାବେ ପାଳନ କରାଗଲେ, ତାହା ତାଙ୍କ ପାଇଁ ବଡ଼ ସମ୍ମାନ ହେବ ବୋଲି କହିଥିଲେ । ସେବେଠୁ ରାଧାକ୍ରିଷ୍ଣନ୍‌ଙ୍କ ଜନ୍ମଦିବସକୁ 'ଗୁରୁ ଦିବସ' ଭାବେ ପାଳନ ହୋଇ ଆସୁଛି । ରାଧାକ୍ରିଷ୍ଣନ୍‌ଙ୍କ କ୍ୟାରିୟର ଶିକ୍ଷକତାରୁ ଆରମ୍ଭ ହୋଇଥିଲା । ଶିକ୍ଷାର ମହତ୍ତ୍ୱ ଉପରେ ସଚେତନ କରିବା ଥିଲା ତାଙ୍କ ଜୀବନର ଲକ୍ଷ୍ୟ । ତା'ସହ ଦେଶର ସାକ୍ଷରତା ହାର କିଭଳି ଉପରକୁ ଉଠିବ, ତାହା ଥିଲା ତାଙ୍କର ଅନ୍ୟତମ ଲକ୍ଷ୍ୟ । ସେ ଭାରତୀୟ ଦର୍ଶନ, ଧର୍ମ ଦର୍ଶନରେ ଶିକ୍ଷାଦାନ କରିଥିଲେ । ବେଦ ଉପନିଷଦକୁ ସୁନ୍ଦର ଭାବେ ବ୍ୟାଖ୍ୟା କରୁଥିଲେ । ଶିକ୍ଷା ପ୍ରତି ଥିବା ତାଙ୍କ ଅବଦାନକୁ ସମ୍ମାନ ଜଣାଇବା ଉଦ୍ଦେଶ୍ୟରେ ଏହି ଦିନ ସ୍କୁଲ, କଲେଜ ତଥା ବିଭିନ୍ନ ଅନୁଷ୍ଠାନରେ ଗୁରୁ ଦିବସ ପାଳନ କରାଯାଏ ।



# 'ଚାଲବାଜ୍' ରିମେକ୍‌ରେ ଜାହ୍ନବୀ

ବଲିଉଡ୍ ଅଭିନେତ୍ରୀ ଜାହ୍ନବୀ କପୁର ଏବେ ଏକାଧିକ ଫିଲ୍ମରେ କାମ କରୁଛନ୍ତି । ତାଙ୍କ ହାତରେ ଏବେ ଅନେକ ବଡ଼ ପ୍ରୋଜେକ୍ଟ ରହିଛି । ନିକଟରେ ଜାହ୍ନବୀଙ୍କ 'ପରମ ସୁନ୍ଦରୀ' ଫିଲ୍ମ ରିଲିଜ୍ ହୋଇଛି । ଏହା ବକ୍ସ ଅଫିସ୍‌ରେ ଠିକ୍‌ଠାକ୍ ବିଜନେସ୍ କରିଛି । ଏହି ଫିଲ୍ମ ପରେ ଜାହ୍ନବୀ 'ସନି ସଂସ୍କାରୀ କୀ ତୁଲସୀ କୁମାରୀ' ଫିଲ୍ମରେ ନଜର ଆସିବେ । ଇତିମଧ୍ୟରେ ଜାହ୍ନବୀଙ୍କ ହାତକୁ ଏକ ବଡ଼ ପ୍ରୋଜେକ୍ଟ ଆସିଛି । ଜାହ୍ନବୀଙ୍କ ହାତକୁ ଏବେ ତାଙ୍କ ମା' ଶ୍ରୀଦେବୀଙ୍କ ଅଭିନୀତ ଫିଲ୍ମ 'ଚାଲ୍‌ବାଜ୍'ର ରିମେକ୍ ପାଇଁ ଅଫର୍ ଆସିଛି । ଜାହ୍ନବୀଙ୍କୁ ଏହି ଅଫର୍ ଆସିବା ପରେ ସେ ଏଥିରେ କାମ କରିବା ପାଇଁ ତୁରନ୍ତ ରାଜି ହୋଇଯାଇଛନ୍ତି । ଯଦିଓ ଏହି ପ୍ରୋଜେକ୍ଟକୁ ନେଇ ଜାହ୍ନବୀ ବେଶ୍ ଉତ୍ସାହିତ ଅଛନ୍ତି କିନ୍ତୁ ଏଥିରେ ତାଙ୍କୁ ତାଙ୍କ ମା'ଙ୍କ ସହ ତୁଳନା କରାଯିବା ନେଇ ସେ ବେଶ୍ ଚିନ୍ତିତ ଅଛନ୍ତି । ତେବେ ସେ ଏଥିରେ କାମ କରିବେ କି ନାହିଁ ସେପ୍ଟେମ୍ବର ଶେଷ ସୁଦ୍ଧା ଫାଇନାଲ କରିବେ ବୋଲି କହିଛନ୍ତି । ଏଠାରେ ପ୍ରକାଶ ଥାଉ କି, ୩୬ ବର୍ଷ ପୂର୍ବରୁ ରିଲିଜ୍ ହୋଇଥିବା 'ଚାଲବାଜ୍' ଶ୍ରୀଦେବୀଙ୍କର ଏକ ଆଇକନିକ୍ ଫିଲ୍ମ ଭାବେ ଜଣାଯାଏ । ଏଥିରେ ସେ ଅଞ୍ଜୁ ଓ ମଞ୍ଜୁ ଦୁଇଟି ଭୂମିକାରେ ନଜର ଆସିଥିଲେ । 'ଚାଲବାଜ୍'ରେ ଶ୍ରୀଦେବୀଙ୍କ ସହ ସନ୍ନି ଦେଓଲ ଓ ରଜନୀକାନ୍ତ ଲିଡ୍ ରୋଲରେ ଦେଖାଯାଇଥିଲେ ।



## ଏମିତି ଏକ ଚାକିରି

# ୬ ଘଣ୍ଟା ଚଲାଇବାକୁ ହେବ ଇନ୍‌ଷ୍ଟାଗ୍ରାମ୍

ମୁମ୍ବାଇସ୍ଥିତ ମଙ୍କ ଏଣ୍ଟରଟେନମେଣ୍ଟ ନାମକ ଏକ କମ୍ପାନି ଏମିତି ଏକ ଚାକିରି ବାହାର କରିଛି, ଯାହାକୁ ନେଇ ସାମାଜିକ ଗଣମାଧ୍ୟମରେ ଖୁବ୍ ଚର୍ଚ୍ଚା ହେଉଛି । କମ୍ପାନିର ସିଇଓ ବିରାଟ ସେଠ କହିଛନ୍ତି, ତାଙ୍କ ଟିମ୍‌ରେ ସେ ଡୁମ୍ ସ୍କ୍ରଲର୍‌କୁ ଚାହୁଁଛନ୍ତି । ଯେଉଁମାନେ ନିତିଦିନ ସାମାଜିକ ଗଣମାଧ୍ୟମରେ ବ୍ୟସ୍ତ ଥାଆନ୍ତି ବିଶେଷକରି ଇଣ୍ଟରନେଟ୍‌ରେ ନକାରାତ୍ମକ ସମ୍ବାଦ ତଲାସ କରୁଥାନ୍ତି ସେମାନଙ୍କୁ ଡୁମ୍ ସ୍କ୍ରଲର୍ କୁହାଯାଏ । ଧୀରେ ଧୀରେ ଏହି ଶବ୍ଦ ଇନଷ୍ଟାଗ୍ରାମ୍, ୟୁଟ୍ୟୁବ୍, ଟ୍ୱିଟର ଆଦିରେ ଘଣ୍ଟା ଘଣ୍ଟା ସମୟ ଅତିବାହିତ କରୁଥିବା ଲୋକଙ୍କ ପାଇଁ ମଧ୍ୟ ବ୍ୟବହାର କରାଗଲାଣି । ମୁଖ୍ୟତଃ ଏହି ଚାକିରି ଲାଗି ଆବେଦନ କରିବାକୁ ଥିବା ଆବେଦନକାରୀଙ୍କୁ ନିତିଦିନ ୬ ଘଣ୍ଟା ଇନଷ୍ଟାଗ୍ରାମ୍ ଏବଂ ୟୁଟ୍ୟୁବ୍‌ରେ ଅତିବାହିତ କରିବାକୁ ହେବ । ଏ ଲାଗି ସେମାନଙ୍କୁ ସ୍କ୍ରିନସଟ୍ ମଧ୍ୟ ଦେଖାଇବାକୁ ପଡ଼ିବ । ସବୁଠୁ ବଡ଼ କଥା ହେଲା ଆବେଦନକାରୀ ନୂଆ ନୂଆ ଡିଜିଟାଲ କ୍ରିଏଟରଙ୍କୁ ଜାଣିଥିବା ଦରକାର । ଏହାବାଦ୍ ଇଂରାଜୀ ଏବଂ ହିନ୍ଦୀ ଭାଷାର ଜ୍ଞାନ ରହିବା ଜରୁରି । ଏହି ଚାକିରି ମୁମ୍ବାଇ ପାଇଁ ଉଦ୍ଦିଷ୍ଟ ଏବଂ ଏହା ଏକ ପୂର୍ଣ୍ଣକାଳୀନ ଚାକିରି ବୋଲି ସ୍ପଷ୍ଟ କରାଯାଇଛି । ତେବେ ଏ ଲାଗି ପାରିଶ୍ରମିକ କେତେ ମିଳିବ, ସେକଥା କିଛି କୁହାଯାଇ ନାହିଁ । ଅନ୍ୟପଟେ ସାମାଜିକ ଗଣମାଧ୍ୟମରେ ଏକଥା ସେୟାର୍ ହେବା ପରେ ଲୋକେ ଏହା ଉପରେ ଭିନ୍ନ ଭିନ୍ନ ପ୍ରତିକ୍ରିୟା ରଖିଛନ୍ତି ।









# ଶିଶୁଙ୍କ ପାଇଁ ସ୍ୱାସ୍ଥ୍ୟ ପରୀକ୍ଷାର ଗୁରୁତ୍ୱ

**ଶିଶୁର ଶାରୀରିକ ତଥା ବୌଦ୍ଧିକ ବିକାଶ ମା'ର ଗର୍ଭରୁ ପ୍ରାରମ୍ଭ କରି ତା'ର ସ୍ୱାସ୍ଥ୍ୟ, ଖାଦ୍ୟ ଏବଂ ପରିବେଶ ଉପରେ ନିର୍ଭର କରିଥାଏ । ତେଣୁ ମା'ମାନେ ନିଜ ଶିଶୁର ସନ୍ତୁଳିତ ଖାଦ୍ୟପେୟ ଓ ଉତ୍ତମ ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ଥାଆନ୍ତି । ହେଲେ ଶିଶୁଙ୍କର ରୋଗପ୍ରତିରୋଧକ ଶକ୍ତି କମ୍ ଥିବାରୁ ସେମାନଙ୍କୁ ଜୀବାଣୁ, ଭୂତାଣୁ ଓ ପରିବେଶ ଜନିତ ରୋଗ ଶୀଘ୍ର ସଂକ୍ରମିତ କରିଥାଏ । ଅସୁସ୍ଥତା ଅନୁଭବ କଲେ ବି ସେମାନେ କହିପାରନ୍ତି ନାହିଁ । ଆଉ କିଛି ସ୍ୱାସ୍ଥ୍ୟ ସମସ୍ୟାକୁ ପିତାମାତା ମଧ୍ୟ ସହଜରେ ଜାଣି ପାରନ୍ତିନି । ତେଣୁ ଶିଶୁ ବିଶେଷଜ୍ଞଙ୍କ ପରାମର୍ଶକ୍ରମେ ସ୍ୱାସ୍ଥ୍ୟ ପରୀକ୍ଷା କରିବା ଜରୁରି ।**

**୧ ବର୍ଷରୁ ପାଞ୍ଚ ବର୍ଷ:**

ଶିଶୁଙ୍କ ଉତ୍ତମ ସ୍ୱାସ୍ଥ୍ୟ ପାଇଁ ଜନ୍ମ ପରେ ଏକରୁ ଦୁଇବର୍ଷ ମଧ୍ୟରେ ସମସ୍ତ ପ୍ରକାର ଟିକା ଓ ପରେ ବୁଷ୍ଟର ଡୋଜ୍ ଦିଆଯାଏ । ଶିଶୁରୋଗ ବିଶେଷଜ୍ଞଙ୍କ ପରାମର୍ଶକ୍ରମେ କେତେକ ଶିଶୁଙ୍କର ହିୟରିଂ ଟେଷ୍ଟ ମଧ୍ୟ କରାଯାଇଥାଏ । ତେବେ ଟିକାରୁ ବଞ୍ଚିତ ହେଲେ ବର୍ଷେରୁ ପାଞ୍ଚ ବର୍ଷର ଶିଶୁଙ୍କୁ ଟିକା- ନିବାରକ ରୋଗ (ଭିପିଡିଏସ୍) ଯଥା- ଡିପ୍‌ଥେରିଆ, ଟିଟାନସ୍, ପୋଲିଓ, ଟିବି, ଟାଇଫଏଡ୍, ଜଣ୍ଡିସ ଆଦି ହେବାର ଆଶଙ୍କା ଥାଏ । ତେଣୁ ଟିକାକରଣ କରିବାକୁ ଭୁଲନ୍ତୁନି । ସେହିପରି ଶିଶୁଙ୍କର ରୋଗପ୍ରତିରୋଧକ ଶକ୍ତି କମ୍ ଥିବାରୁ ଶ୍ୱାସକ୍ରିୟା ଜନିତ, ଭୂତାଣୁଜନିତ ସଂକ୍ରମଣ, କୃମି, ଝାଡ଼ାବାନ୍ତି, ଅଧିକ ଦେଖାଯାଏ । ଜ୍ୱର ଲାଗି ରହି ଅକ୍ସିଜେନ୍‌ସ୍ତର କମିଲେ ଡାକ୍ତରଙ୍କ ପରାମର୍ଶରେ ରକ୍ତ ଓ ପରିସ୍ରା ପରୀକ୍ଷା, ଛାତି ଏକ୍ସରେ ଆଦି କରାଇ ଆବଶ୍ୟକୀୟ ଟିକା ଓ ଚିକିତ୍ସା କରାଯାଏ । ଡେଙ୍ଗୁ, ସ୍କ୍ରବ୍ ଟାଇଫସ୍ ଆଦି ପାଇଁ ଭିନ୍ନ ଭିନ୍ନ ପରୀକ୍ଷା ରହିଛି । ଶିଶୁର ଉଚ୍ଚତା, ଓଜନ, ବିଏମ୍‌ଆଇ, ରକ୍ତ ପରୀକ୍ଷା, ହୃତ୍‌ପିଣ୍ଡ, ଫୁସ୍‌ଫୁସ୍‌ର ଯାଞ୍ଚ ନିୟମିତ ବ୍ୟବଧାନରେ କରିବା ଦ୍ୱାରା ସେମାନଙ୍କ ସୁସ୍ଥତା ବିଷୟରେ ଜାଣିହୁଏ ।

ବର୍ଷକରୁ ଊର୍ଦ୍ଧ୍ୱ ପିଲାଙ୍କ ଖାଦ୍ୟ ଅରୁଚି ହେଲେ ସେମାନେ ଖାଇବା କମାଇ ଦୁର୍ବଳ ହୋଇପଡ଼ନ୍ତି । ଡାକ୍ତର ବାହୁର ଗୋଲେଇକୁ ଦେଖି ଅପପୁଷ୍ଟିର ଆକଳନ କଲେ ଶିଶୁଙ୍କୁ ପୁଷ୍ଟିକର ଖାଦ୍ୟ ଦିଆଯାଏ । ଅନ୍ୟପଟେ ଅଟିଜିମ୍ ଏକ ମସ୍ତିଷ୍କ ବିକାଶ ସମ୍ବନ୍ଧୀୟ ରୋଗ । ଦୁଇରୁ ଅଢ଼େଇ ବର୍ଷର ପିଲା ଅନ୍ୟ ପିଲାଙ୍କ ତୁଳନାରେ କଥା ଶୀଘ୍ର ଧରୁ ନ ଥିଲେ କିମ୍ବା ଯୋଗାଯୋଗ କରି ପାରୁ ନ ଥିଲେ ପିଲା ଅଟିଜିମ୍ କି ନାହିଁ ପରୀକ୍ଷା କରାଇବା ଆବଶ୍ୟକ ।

**ଦାନ୍ତ ଓ ଚକ୍ଷୁ ପରୀକ୍ଷା:** ଜନ୍ମରୁ ଛଅ ମାସ ପରେ ଦାନ୍ତ ଉଠିଥାଏ । କ୍ୟାଲ୍‌ସିୟମ ଅଭାବରୁ ବହୁ ଶିଶୁଙ୍କର ଦାନ୍ତ ଉଠିବା ବିଳମ୍ବ ହୁଏ । ଭଲ କରି ଦାନ୍ତ ନ ଘଷିବା ଦ୍ୱାରା ପିଲାଙ୍କ ଦାନ୍ତଜନିତ ସମସ୍ୟା ଦେଖାଯାଏ । ତେଣୁ ଦୁଇ ବର୍ଷରୁ ଊର୍ଦ୍ଧ୍ୱ ପିଲା ଛଅ ମାସକୁ ଥରେ ଦାନ୍ତ ପରୀକ୍ଷା କରାଇବା ସହ ଚକ୍ଷୁ ପରୀକ୍ଷା କରାଇବା ଆବଶ୍ୟକ ।

**୫ରୁ ୧୦ ବର୍ଷ:**

ଆଜିକାଲି ପିଲାମାନେ ମୋବାଇଲରେ ଅଧିକ ସମୟ ବିତାଉଛନ୍ତି । ଅନିୟମିତ ଜୀବନଶୈଳୀ, ଖାଦ୍ୟପେୟ ତଥା ଶାରୀରିକ କ୍ରିୟାରେ ଅଭାବ ହେତୁ ମେଦବହୁଳତା, ଚିଡ଼ିଚିଡ଼ାପଣ, କୋଲେଷ୍ଟ୍ରଲସ୍ତର ବୃଦ୍ଧି ପାଉଛି । ତେଣୁ ଶିଶୁଙ୍କର ରକ୍ତ ପରୀକ୍ଷା, ଲିପିଡି ପ୍ରୋଫାଇଲ ଟେଷ୍ଟ, ବେଳେ ବେଳେ ହରମୋନ୍ ଟେଷ୍ଟ ଆଦି ପରୀକ୍ଷା ନିୟମିତ ବ୍ୟବଧାନରେ କରିବା ଉଚିତ । ଉଚ୍ଚ ରକ୍ତଚାପ ସମସ୍ୟା ଦେଖାଗଲେ ଡାକ୍ତରଙ୍କ ପରାମର୍ଶରେ ପରୀକ୍ଷା କରାଇ ପାରିବେ ।

**୧୦ରୁ ୧୪ ବର୍ଷ:**

ଏହି ବୟସରେ ମୁଖ୍ୟତଃ ରକ୍ତହୀନତା ଦେଖାଯାଏ । ଏହାଦ୍ୱାରା ପିଲାଙ୍କ ଶାରୀରିକ ଏବଂ ମାନସିକ ବିକାଶରେ ସମସ୍ୟା ହୁଏ । ତେଣୁ ହିମୋଗ୍ଲୋମିନ୍, ସିବିସି, ମଳ, ରକ୍ତର ଲୌହସାର ମାତ୍ରା, ଭିଟାମିନ୍ ଡି ଏବଂ ବି -୧୨ର ପରୀକ୍ଷା, ନିୟମିତ ବ୍ୟବଧାନରେ କରିବା ଆବଶ୍ୟକ ।

**ଥାଇରଏଡ୍ ଓ କିଡ୍‌ନୀ ଫଙ୍କସନ ଟେଷ୍ଟ:** ଜନ୍ମରୁ ସାତ ଦିନ ଭିତରେ ସମୟ ପୂର୍ବରୁ ଏବଂ କମ୍ ଓଜନର ଶିଶୁଙ୍କପାଇଁ ଥାଇରଏଡ୍ ପରୀକ୍ଷା କରାଯାଏ । ସାଧାରଣ ଶିଶୁଙ୍କର ଓଜନ ବଢ଼ୁ ନ ଥିଲେ , ଝାଡ଼ା ଠିକ୍ ନ ହେଲେ, ଥାଇରଏଡ ପରୀକ୍ଷା ମଧ୍ୟ କରାଯାଏ । ସ୍ୱାସ୍ଥ୍ୟ ପରୀକ୍ଷା ସମୟେ ଯେଉଁ ଶିଶୁଙ୍କର ମୁହଁ, ଗୋଡ, ହାତ ଫୁଲିଥାଏ ସେମାନଙ୍କର କିଡନୀ ଫଙ୍କସନ ଟେଷ୍ଟ କରାଯାଇ ଡାକ୍ତରଙ୍କ ପରାମର୍ଶ ନିଆଯାଏ । ପରିବାରରେ କାହାକୁ ଶ୍ୱାସ ସମସ୍ୟା ଥିଲେ ସେହି ପରିବାରର ଶିଶୁଙ୍କର ଶ୍ୱାସ ତଥା ଅନ୍ୟାନ୍ୟ ରୋଗ ଚିହ୍ନଟ ପାଇଁ ସ୍ୱାସ୍ଥ୍ୟ ପରୀକ୍ଷା କରାଇବା ନିହାତି ଆବଶ୍ୟକ ।





# ସ୍ତନ କର୍କଟ ଚିକିତ୍ସାରେ ନୂତନ ସମ୍ଭାବନା

ସ୍ତନ କର୍କଟରେ ଆକ୍ରାନ୍ତଙ୍କ ମଧ୍ୟରୁ ପ୍ରତିବର୍ଷ ପ୍ରାୟ ୨୫% ମହିଳାଙ୍କର ମୃତ୍ୟୁ ହୋଇଥାଏ । ସ୍ତନକର୍କଟର ଚିକିତ୍ସା ପାଇଁ ଔଷଧ, କେମୋଥେରାପି, ରାଡିଏସନ୍ ଥେରାପି ଏବଂ ଅସ୍ତ୍ରୋପଚାର ପଦ୍ଧତି ଗ୍ରହଣ କରାଯିବା ସାଧାରଣ କଥା । ହେଲେ ଏବେ ଏହି ଚିକିତ୍ସା ପଦ୍ଧତିରେ ବିଛାର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିବ । ବ୍ରାଜିଲ, ୟୁନିଭର୍ସିଟି ଅଫ୍ ସାଓ ପାଉଲୋର ବୈଜ୍ଞାନିକମାନେ ଆମାଜନର ଏକ ଦୁର୍ଲଭ ବିଛା ପ୍ରୋଥେସ୍ ଆମାଜୋନିକସ୍ ବିଛା ବିଷରୁ ସ୍ୱତନ୍ତ୍ର ଅଣୁର ସନ୍ଧାନ କରିଛନ୍ତି । ଏହି ଅଣୁର ନାଁ ରହିଛି BamazScplp1 । କର୍କଟ କୋଷକୁ ନଷ୍ଟ କରିବାରେ ବେଶ୍ ପ୍ରଭାବୀ । ଏହି ଅଣୁ କର୍କଟ କୋଷ ଉପରେ ପ୍ରଭାବ ପକାଉଥିବାବେଳେ ଶରୀରର ସାଧାରଣ କୋଷ ଉପରେ କିଛି ପ୍ରଭାବ ପକାଇବନି । ସ୍ତନ କର୍କଟରେ ଦିଆଯାଉଥିବା କେମୋଥେରାପି ଔଷଧ ପାକ୍ଲିଟ୍ୟାକ୍ସେଲ ଯେପରି କର୍କଟ କୋଷକୁ ନଷ୍ଟ କରିଥାଏ, ବିଛା ବିଷର ଅଣୁ ମଧ୍ୟ ସ୍ତନକର୍କଟ କୋଷକୁ ନଷ୍ଟ କରିବାକୁ ପ୍ରଭାବୀ ବୋଲି ବୈଜ୍ଞାନିକ ପ୍ରାରମ୍ଭିକ ପରୀକ୍ଷଣରୁ ଜାଣିଥିଲେ । BamazScplp1 ଶରୀରରେ ଥିବା ଏଞ୍ଜାଇମ୍ ଗ୍ରୁପ୍ ସିରିନ୍ ପ୍ରୋଟେସେସ ସହିତ ସମ୍ବନ୍ଧିତ । ଏହା କର୍କଟ କୋଷଗୁଡିକର ଜୀବନଚକ୍ରକୁ ମଧ୍ୟ ବ୍ୟାହତ କରେ । ଏହି ପ୍ରୋଜେକ୍ଟର ଗବେଷକ ତଥା ପ୍ରଫେସର ଏଲିଏନ୍ ଅରନ୍ତେସଙ୍କ କହିବାନୁସଯାୟୀ ପିସିଆ ପାଷ୍ଟୋରିସ୍ ନାମକ ଇଷ୍ଟ ପ୍ରୟୋଗ କରିଥିଲୁ । ଏହି କୌଶଳକୁ ଉପଯୋଗ କରି କୌଣସି ପ୍ରାଣୀଙ୍କୁ କ୍ଷତି ନ ପହଞ୍ଚାଇ ବହୁ ପରିମାଣର ଅଣୁ ଉତ୍ପାଦନ କରାଯାଇପାରିବ । ଏପର୍ଯ୍ୟନ୍ତ BamazScplp1 ଉପରେ କେବଳ ପ୍ରାରମ୍ଭିକ ପରୀକ୍ଷା କରାଯାଇଥିଲେ ହେଁ, ଏହାର ପ୍ରଭାବକୁ ଦେଖି ବୈଜ୍ଞାନିକମାନେ ବେଶ୍ ଉତ୍ସାହିତ ରହିଛନ୍ତି । ଆଗାମୀ ପରୀକ୍ଷଣରେ ଯଦି ଏହା ନିରାପଦ ପ୍ରମାଣିତ ହୁଏ, ତେବେ ସ୍ତନ କର୍କଟ ଚିକିତ୍ସା କ୍ଷେତ୍ରରେ ଏହା ନୂତନ ଦିଗ୍‌ଦର୍ଶନ ଦେବ ।

# କୋଲେଷ୍ଟ୍ରଲ ନିୟନ୍ତ୍ରଣ ପାଇଁ ମ୍ୟାଜିକ୍ ଚା'

**ବର୍ତ୍ତମାନର ଜୀବନ ଏବଂ ଖାଦ୍ୟପେୟ ଶୈଳୀ ଯୋଗୁଁ ବିଭିନ୍ନ ରୋଗ ସୃଷ୍ଟି ହେଉଛି । ତନ୍ମଧ୍ୟରୁ ମେଦବହୁଳତା ଏକ ପ୍ରମୁଖ ସମସ୍ୟା । ମେଦବହୁଳତା ହେଲେ କୋଲେଷ୍ଟ୍ରଲ ମଧ୍ୟ ବୃଦ୍ଧି ପାଏ । ଏହା ହୃଦ୍‌ଘାତ, ରକ୍ତଚାପ ଏବଂ ମୋଟାପା ପରି ଗମ୍ଭୀର ରୋଗର କାରଣ ସାଜିପାରେ । ତେଣୁ ଉଚ୍ଚ କୋଲେଷ୍ଟ୍ରଲ ନିୟନ୍ତ୍ରଣ ପାଇଁ ଖାଦ୍ୟ ବିଶେଷଜ୍ଞ ମନପ୍ରୀତ କାଲରା ମ୍ୟାଜିକ ଚା' ଉପଯୋଗୀ ବୋଲି ମତ ରଖିଛନ୍ତି ।**

ମ୍ୟାଜିକ୍ ଚା' ଶରୀରରୁ ସମସ୍ତ ପ୍ରକାର ବିଷାକ୍ତ ପଦାର୍ଥ ବାହାର କରିପାରେ । ଏଥିପାଇଁ ଏକ ଗ୍ଲାସ ପାଣିରେ ଅଧା ଚାମଚ ହଳଦୀ, ଅଧା ଚାମଚ ଡାଲଚିନି, ଏକ ଚୁଟ୍‌କି ଗୋଲ ମରିଚ ପକାଇ ଏହାକୁ ୨ରୁ ୩ ମିନିଟ୍ ଫୁଟାନ୍ତୁ । ଚା' ହାଲୁକା ଥଣ୍ଡା ହୋଇଗଲେ, ଏଥିରେ ଏକ ଚାମଚ ମହୁ, ଅଧ ଚାମଚ ଲେମ୍ବୁ ରସ ମିଶାଇ ସକାଳୁ ଖାଲି ପେଟରେ ପିଇବା ହିତକର । ଚିକିତ୍ସକଙ୍କ ପରାମର୍ଶକ୍ରମେ ଗୋଟେ ମାସ ଧରି ଏହି ଚା' ପିଇବା ଦ୍ୱାରା କୋଲେଷ୍ଟ୍ରଲ ନିୟନ୍ତ୍ରଣ ହୋଇପାରେ । ରକ୍ତସଞ୍ଚାଳନ ହେବା ସହିତ ଶରୀର ଶୁଦ୍ଧି କରଣ ହୋଇଥାଏ । ହୃଦ୍‌ସ୍ୱାସ୍ଥ୍ୟ ପାଇଁ ଏହା ମଧ୍ୟ ବହୁତ ଭଲ । ଚର୍ବି ହ୍ରାସ କରିବାରେ ଏହି ଚା'ର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି । ତେବେ ଔଷଧ ସେବନ କରୁଥିଲେ, କିମ୍ବା ସ୍ୱାସ୍ଥ୍ୟ ସମସ୍ୟା ଥିଲେ ଡାକ୍ତରଙ୍କ ପରାମର୍ଶ ନେଇ ପିଇପାରିବେ ।



# ଧାୱନଙ୍କୁ ଇଡିର ଜେରା

ନୂଆଦିଲ୍ଲୀ, ୪।୯ (ଏଜେନ୍ସି): ଅନ୍‌ଲାଇନ ବେଟିଂ ଆପ୍ ସହ ଜଡ଼ିତ ମନି ଲଣ୍ଡରିଂ ମାମଲାରେ ପୂର୍ବତନ ଭାରତୀୟ କ୍ରିକେଟର୍ ଶିଖର ଧାୱନ ଗୁରୁବାର ଇଡି ଅଫିସରେ ହାଜର ହୋଇଛନ୍ତି। ପୂର୍ବରୁ ଇଡି ପକ୍ଷରୁ ତାଙ୍କୁ



ମୁଖ୍ୟାଳୟରେ ହାଜର ହୋଇ ତଦନ୍ତରେ ସହଯୋଗ କରିବା ଲାଗି ନୋଟିସ କରାଯାଇଥିଲା। ତେଣୁ ୩୯ ବର୍ଷୀୟ ଧାୱନ ଗୁରୁବାର ଇଡି କାର୍ଯ୍ୟାଳୟରେ ପହଞ୍ଚି ତଦନ୍ତର ସମ୍ମୁଖୀନ ହୋଇଥିଲେ। ଏହି ବେଟିଂ ଆପ୍‌ର ନାମ ହେଉଛି '୧ x ବେଟ୍'। ଏହି ମାମଲାରେ ଇଡିର ତଦନ୍ତର ସମ୍ମୁଖୀନ ହେବାରେ ଧାୱନ ୪ର୍ଥ ଭାରତୀୟ କ୍ରିକେଟର୍। ତାଙ୍କ ପୂର୍ବରୁ ସୁରେଶ ରାଇନା, ହରଭଜନ ସିଂହ ଓ ଯୁବରାଜ ସିଂହଙ୍କୁ ମଧ୍ୟ ଇଡି ପକ୍ଷରୁ ଜେରା ହୋଇସାରିଛି। 'କାହାର ପରାମର୍ଶରେ ଏହି ଆପ୍‌ର ପ୍ରଚାର କରୁଥିଲେ? ଏଥିଲାଗି କେତେ ଟଙ୍କା ଦିଆଯାଇଥିଲା? ଏହି ଆପ୍ ଭାରତରେ ବେଆଇନ ବୋଲି ଜାଣିଥିଲେ କି ନାହିଁ' ଭଳି ପ୍ରଶ୍ନ ଇଡି ଅଧିକାରୀମାନେ ଧାୱନଙ୍କୁ ପଚାରିଥିବା ଜଣାପଡ଼ିଛି। ଉଲ୍ଲେଖଯୋଗ୍ୟ, ଭାରତରେ ବେଟିଂକୁ ବେଆଇନ ବୋଲି ବିବେଚନା କରାଯାଏ। ଏହାସତ୍ତ୍ୱେ ଅନେକ ଭାରତୀୟ କ୍ରିକେଟର୍ ଏହି ଆପ୍‌ର ପ୍ରଚାର ଓ ପ୍ରସାର କରିଥିବା ଅଭିଯୋଗ ହୋଇଥିଲା।

# ୧୦୦ ଟଙ୍କାରେ ମିଳିବ ମହିଳା ଦିନିକିଆ ବିଶ୍ୱକପ୍ ଟିକଟ୍

ନୂଆଦିଲ୍ଲୀ, ୪।୯ (ଏଜେନ୍ସି): ସେପ୍ଟେମ୍ବର ୩୦ରୁ ଭାରତ ଓ ଶ୍ରୀଲଙ୍କାରେ ଆରମ୍ଭ ହେବ ମହିଳା ଦିନିକିଆ ବିଶ୍ୱକପ୍। ଏହି ମେଗା ଇଭେଣ୍ଟ ଲାଗି ଅନ୍ତର୍ଜାତୀୟ କ୍ରିକେଟ୍ ପରିଷଦ (ଆଇସିସି) ପକ୍ଷରୁ ଗୁରୁବାର ଲିଗ୍ ପର୍ଯ୍ୟାୟ ମ୍ୟାଚର ଟିକଟ୍ ଦର ଘୋଷଣା କରାଯାଇଛି। ଲିଗ୍ ପର୍ଯ୍ୟାୟ ମ୍ୟାଚର ସର୍ବନିମ୍ନ ଟିକଟ୍ ମୂଲ୍ୟ ୧.୧୪ ଡଲାର ତଥା ଭାରତୀୟ ମୁଦ୍ରାରେ ୧୦୦ ଟଙ୍କା ରଖାଯାଇଛି। ଆଇସିସିର ଯେକୌଣସି ଇଭେଣ୍ଟରେ ଏହା ସର୍ବନିମ୍ନ ଟିକଟ୍ ମୂଲ୍ୟ ହେବାର ରେକର୍ଡ ହୋଇଛି। ଅଧିକରୁ ଅଧିକ ମାତ୍ରାରେ ଦର୍ଶକଙ୍କୁ ଷ୍ଟାଡିୟମକୁ ଆଣିବା ଲାଗି ଏଭଳି କମ୍ ମୂଲ୍ୟରେ ଟିକଟ୍ ଉପଲବ୍ଧ କରାଯାଉଥିବା ଆଇସିସି ପକ୍ଷରୁ କୁହାଯାଇଛି। ସେହିଭଳି ଗୌହାଟୀରେ ଭାରତ ଓ ଶ୍ରୀଲଙ୍କା ମଧ୍ୟରେ ଉଦ୍‌ଘାଟନୀ ମ୍ୟାଚ ଖେଳାଯିବ। ଏଥିପୂର୍ବରୁ ଉଦ୍‌ଘାଟନୀ ସମାରୋହରେ ବଲିଉଡ୍‌ର ମହାନ କଣ୍ଠଶିଳ୍ପୀ ଶ୍ରେୟା ଘୋଷାଲ ଟୁର୍ଣ୍ଣାମେଣ୍ଟର ଅଫିସିଆଲ୍ ସଙ୍ଗୀତ 'ବ୍ରିଙ୍ଗ୍ ଇଟ୍ ହୋମ୍' ଗାନ କରିବେ ବୋଲି ଜଣାପଡ଼ିଛି। ଅପରପକ୍ଷରେ ବିଶ୍ୱକପ୍ ପୂର୍ବରୁ ଭାରତକୁ ବଡ଼ ଝଟ୍‌କା ଲାଗିଛି। ହରମନପ୍ରୀତ୍ କୌରଙ୍କ ନେତୃତ୍ୱରେ ଘୋଷିତ ୧୫ ଜଣିଆ ଦଳରୁ ଇନଫର୍ମ ୱିକେଟକିପର ଯଷ୍ଟିକା ଭାଟିଆ ଆଘାତ ଲାଗି ବାଦ୍ ପଡ଼ିଛନ୍ତି। ତାଙ୍କ ସ୍ଥାନରେ ଉମା ଛେତ୍ରୀ ଖେଳିବେ ବୋଲି ବିସିସିଆଇ ପକ୍ଷରୁ ଗୁରୁବାର ସୂଚନା ଦିଆଯାଇଛି।

**ଭାରତୀୟ ଦଳରୁ ଯଷ୍ଟିକା ବାଦ୍**

■ ଫିଫା ବିଶ୍ୱକପ୍

# ଫାଇନାଲ ମ୍ୟାଚ୍‌ର ଟିକଟ୍ ମୂଲ୍ୟ ୫.୯ ଲକ୍ଷ ଟଙ୍କା

ଜୁରିକ, ୪।୯ (ଏଜେନ୍ସି): ଫିଫା ବିଶ୍ୱକପ୍‌ର ୨୩ତମ ସଂସ୍କରଣ ଆସନ୍ତା ବର୍ଷ ଜୁନ ୧୧ରୁ ଆମେରିକା, କାନାଡା ଓ ମେକ୍ସିକୋରେ ମିଳିତ ଭାବେ ଆରମ୍ଭ ହେବ। ଏହି ମେଗା ଇଭେଣ୍ଟ ଲାଗି ଆସନ୍ତା ୧୧ ତାରିଖରୁ ବିଧିବଦ୍ଧ ଭାବେ ଟିକଟ୍ ବିକ୍ରି ଆରମ୍ଭ ହେବ। ବିଶ୍ୱ ଫୁଟ୍‌ବଲର ସର୍ବୋଚ୍ଚ ପ୍ରଶାସନିକ ସଂସ୍ଥା ଫିଫା ପକ୍ଷରୁ ଏହି ସୂଚନା ଦିଆଯାଇଛି। ଆଗାମୀ ବିଶ୍ୱକପ୍ ଲାଗି ସର୍ବନିମ୍ନ ଟିକଟ୍ ମୂଲ୍ୟ ୬୦ ଡଲାର (ଭାରତୀୟ ମୁଦ୍ରାରେ ପ୍ରାୟ ୫,୨୯୦ ଟଙ୍କା) ରଖାଯାଇଛି। ସେହିଭଳି ସର୍ବାଧିକ ଟିକଟ୍‌ର ମୂଲ୍ୟ ୬,୭୧୦ ଡଲାର ରହିଛି। ଯାହାକି ଭାରତୀୟ ମୂଲ୍ୟରେ ୫ ଲକ୍ଷ ୯୧ ହଜାର ଟଙ୍କା ହେବ ବୋଲି ଜଣାପଡ଼ିଛି। ଜଣେ ବ୍ୟକ୍ତି ଗୋଟିଏ ମ୍ୟାଚରେ ସର୍ବାଧିକ ୪ଟି ଓ ସାରା ଟୁର୍ଣ୍ଣାମେଣ୍ଟରେ ସର୍ବାଧିକ ୪୦ଟି ଟିକଟ୍ କିଣିପାରିବେ। ୧୯୯୪ରେ ଆମେରିକାରେ ଆୟୋଜିତ ଫିଫା ବିଶ୍ୱକପ୍‌ରେ ସର୍ବନିମ୍ନ ଓ ସର୍ବାଧିକ ଟିକଟ୍‌ର ମୂଲ୍ୟ ଯଥାକ୍ରମେ ୨୫ ଡଲାର ଓ ୪୭୫ ଡଲାର ରହିଥିଲା। ସେହିଭଳି ୨୦୨୨ରେ ଅନୁଷ୍ଠିତ ଫିଫା ବିଶ୍ୱକପ୍‌ର ଗତ ସଂସ୍କରଣରେ ସର୍ବନିମ୍ନ ଟିକଟ୍ ମୂଲ୍ୟ ୬୯ ଡଲାର ଓ ସର୍ବାଧିକ ମୂଲ୍ୟ ୧୬୦୭ ଡଲାର ରଖାଯାଇଥିଲା। ପ୍ରକାଶଯୋଗ୍ୟ, ଏଥର ଫିଫା ବିଶ୍ୱକପ୍‌ରେ ରେକର୍ଡ ୪୮ଟି ଦେଶ ଅଂଶଗ୍ରହଣ କରିବେ।

## ୟୁଏସ୍ ଓପନ ଗ୍ରାଣ୍ଡସ୍ଲାମ୍

# ପୁରୁଷ ଯୁଗଳ ସେମିରେ ଭାମ୍ବ୍ରୀ-ଭେନସ

ନ୍ୟୁୟର୍କ,୪।୯ (ଏଜେନ୍ସି):

ଭାରତର ୟୁକି ଭାମ୍ବ୍ରୀ ଓ ନ୍ୟୁଜିଲାଣ୍ଡର ମାଇକେଲ ଭେନସଙ୍କ ଯୋଡି ଏଠାରେ ଚାଲିଥିବା ୟୁଏସ୍ ଓପନ ପୁରୁଷ ଯୁଗଳ ବିଭାଗ ସେମିଫାଇନାଲ୍‌ରେ ପ୍ରବେଶ କରିଛନ୍ତି। ବୁଧବାର ରାତିରେ ଖେଳାଯାଇଥିବା କ୍ୱାର୍ଟରଫାଇନାଲ ମୁକାବିଲାରେ ୧୪ତମ ସିଡ୍ ଭାମ୍ବ୍ରୀ-ଭେନସଙ୍କ ଯୋଡି ୧୧ଶ ସିଡ୍ କ୍ରୋଏସିଆର ନିକୋଲ ମେକ୍‌ଟିକ୍ ଓ ଆମେରିକାର ଭେଟେରାନ ଖେଳାଳି ରାଜୀବ ରାମଙ୍କୁ ୬-୩, ୬-୭, ୬-୩ ସେଟ୍‌ରେ ହରାଇ ପ୍ରଥମଥର କୌଣସି ଗ୍ରାଣ୍ଡସ୍ଲାମ୍ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲରେ ପ୍ରବେଶ କରିଥିଲେ। ଏହି ମୁକାବିଲାଟି ଦୀର୍ଘ ୨ ଘଣ୍ଟା ୩୯ ମିନିଟ୍ ଧରି ଚାଲିଥିଲା। ମେକ୍‌ଟିକ ଓ ରାମ ପୂର୍ବରୁ ଭିନ୍ନ ଭିନ୍ନ ପାର୍ଟନରଙ୍କ ସହ ଗ୍ରାଣ୍ଡସ୍ଲାମ୍ ଟାଇଟଲ ଜିତିଛନ୍ତି। କିନ୍ତୁ ଏହି ମ୍ୟାଚ୍‌ରେ ସେମାନେ ଭାରତ-ନ୍ୟୁଜିଲାଣ୍ଡ ଯୋଡିକୁ ହରାଇବାରେ ସମର୍ଥ ହୋଇନାହାନ୍ତି।

ଭାରତର ଶୀର୍ଷମାନ୍ୟତାପ୍ରାପ୍ତ ଯୁଗଳ ଖେଳାଳି ୟୁକି ଭାମ୍ବ୍ରୀଙ୍କୁ ବିଶ୍ୱଟେନିସ୍‌ରେ ମାନ୍ୟତା ହେଉଛି ୩୨। ଭାମ୍ବ୍ରୀ ଓ ଭେନସଙ୍କ ଯୋଡି ଚତୁରତାର ସହ ଖେଳି ଏଠାରେ ସେମାନଙ୍କ ପ୍ରତିଦ୍ୱନ୍ଦ୍ୱୀଙ୍କୁ ପରାଜିତ କରିଥିଲେ। ପ୍ରଥମ ସେଟ୍‌ରେ ଭାମ୍ବ୍ରି-ଭେନସ ଚତୁର୍ଥ ଗେମ୍‌ରେ ସର୍ଭିସ ବ୍ରେକ୍ କରି ଖେଳକୁ ନିଜ ନିୟନ୍ତ୍ରଣକୁ ନେଇଆସିଥିଲେ। ଏହି ସେଟ୍ ଜିତିବା ପରେ ଦ୍ୱିତୀୟ ସେଟ୍‌ରେ ମୁକାବିଲା ଜୋରଦାର ହୋଇଥିଲା। ଉଭୟ ପ୍ରତିଦ୍ୱନ୍ଦ୍ୱୀ ସମାନ ପଏଣ୍ଟ ସଂଗ୍ରହ କରିଥିଲେ ମଧ୍ୟ ସେଟ୍ ଟାଇବ୍ରେକ୍‌କୁ ଯାଇଥିଲା। ଭାମ୍ବ୍ରୀ-ଭେନସ ୬-୫ରେ ଆଗୁଆ ଥିଲେ ମଧ୍ୟ ମ୍ୟାଚ୍ ପଏଣ୍ଟ ହାସଲ କରିପାରି ନ ଥିଲେ। ଏହା ପରେ ତୃତୀୟ ସେଟ୍‌ରେ ଲଢ଼େଇ ଜୋରଦାର ହୋଇଥିଲା। ୯ମ ଗେମ୍‌ରେ ଭାମ୍ବ୍ରୀ-ଭେନସ ବ୍ରେକ୍‌ପଏଣ୍ଟ ହାସଲ କରି ମ୍ୟାଚ୍ ଜିତିବାର



ସୁଯୋଗ ସୃଷ୍ଟି କରିଥିଲେ। ଏହାପରେ ୭ଟି ବ୍ରେକ୍ ପଏଣ୍ଟକୁ ଅଟକାଇବା ପରେ ମ୍ୟାଚ୍ ପଏଣ୍ଟ ସଂଗ୍ରହ କରି ମୁକାବିଲାକୁ ଜିତି ସେମିଫାଇନାଲରେ ପ୍ରବେଶ କରିଥିଲେ।

**ସେମିଫାଇନାଲ ମୁକାବିଲା**

| ପୁରୁଷ ଏକକ | ମହିଳା ଏକକ |
|---|---|
| ଆଲକାରାଜ-ଜୋକୋଭିଚ୍ | ସାବାଲେଙ୍କା-ପେଗୁଲା |
| ସିନ୍ନର-ଫେଲିକ୍ସ | ଓସାକା-ଆନିସିମୋଭା |

ଭାମ୍ବ୍ରୀଙ୍କ ୟୁଏସ୍ ଓପନ ସେମିଫାଇନାଲ ପ୍ରବେଶ କରିବା ସହ ଏକ ନୂଆଯୁଗର ଆରମ୍ଭ ହୋଇଛି। ଏହା ଫଳରେ ଭାରତର ଏହି ଖେଳାଳିଙ୍କର ଗ୍ରାଣ୍ଡସ୍ଲାମ୍ କ୍ୟାରିୟର ନୂଆ ମୋଡରେ ପହଞ୍ଚିଛି। ଗୁରୁବାର ରାତିରେ ଖେଳାଯିବାକୁ ଥିବା ସେମିଫାଇନାଲ ମୁକାବିଲାରେ ଭାମ୍ବ୍ରୀ-ଭେନସଙ୍କ ଯୋଡି ୬ଷ୍ଠ ସିଡ୍ ଗ୍ରେଟବ୍ରିଟେନର ନିଲ ସ୍କୁପସ୍କି ଓ ଜୋ ସାଲିସବରୀଙ୍କ ଯୋଡିକୁ ଭେଟିବେ। ଏଠାରେ ସାଲିସବରୀ ୨୦୨୧, ୨୦୨୨ ଓ ୨୦୨୩ରେ ପୁରୁଷ ଯୁଗଳ ଟାଇଟଲ ଜିତିଛନ୍ତି। ସ୍କୁପସ୍କି ୨୦୨୨ ଫାଇନାଲରେ ପ୍ରବେଶ କରିଥିଲେ। ଏହି ସେମିଫାଇନାଲ ମୁକାବିଲା ଜୋରଦାର ହେବ ବୋଲି ଆଶା କରିବା ସ୍ୱାଭାବିକ।

ଏହି ବିଜୟ ଫଳରେ ୟୁକି ଭାମ୍ବ୍ରୀ ଏକମାତ୍ର ଭାରତୀୟ ଖେଳାଳିଭାବେ ତିଷ୍ଠି ରହିଛନ୍ତି। ଗତକାଲି ଅନିରୁଦ୍ଧ ଚନ୍ଦ୍ରଶେଖର ଓ ବିଜୟ ସୁନ୍ଦର ପ୍ରଶାନ୍ତଙ୍କ ଯୋଡି ବ୍ରାଜିଲୀୟ ଯୋଡିଠାରୁ ପରାଜିତ ହୋଇଥିଲେ। ପୂର୍ବରୁ ଭାରତର ଭେଟେରାନ ଖେଳାଳି ରୋହନ ବୋପନ୍ନା, ଅର୍ଜୁନ ଖାଡେ ସେମାନଙ୍କ ପାର୍ଟନର ସହ ପ୍ରଥମ ରାଉଣ୍ଡରେ ହାରିଯାଇଥିଲେ। ଭାମ୍ବ୍ରି ଏକମାତ୍ର ଭାରତର ଆଶା ଭାବେ ତିଷ୍ଠି ରହିଛନ୍ତି।

## ପୁରୁଷ ଏକକ ସେମିରେ ସିନ୍ନର


ବିଶ୍ୱର ନଂ-୧ ଖେଳାଳି ତଥା ଡିଫେଣ୍ଡିଂ ଚାମ୍ପିଅନ ଜାନିକ ସିନ୍ନର ଏଠାରେ ଚାଲିଥିବା ୟୁଏସ୍ ଓପନ ପୁରୁଷ ଏକକ ସେମିଫାଇନାଲରେ ପ୍ରବେଶ କରିଛନ୍ତି। ଗତକାଲି ରାତିରେ ଅନୁଷ୍ଠିତ କ୍ୱାର୍ଟର ଫାଇନାଲ ମୁକାବିଲାରେ ସିନ୍ନର ୩-୦ ସେଟ୍‌ରେ ନିଜ ଦେଶର ଲୋରେଞ୍ଜୋ ମୁସେଟିଙ୍କୁ ପରାସ୍ତ କରି ସେମିଫାଇନାଲରେ ପ୍ରବେଶ କରିଥିଲେ। ଏହି ମ୍ୟାଚ୍‌କୁ ସେ ୬-୧, ୬-୪, ୬-୨ସେଟ୍‌ରେ ଜିତିଥିଲେ। ସେମିଫାଇନାଲରେ କାନାଡାର ଫେଲିକ୍ସ ଅଗର-ଆଲିସିଆମେଙ୍କ ସହ ସିନ୍ନରଙ୍କ ମୁକାବିଲା ହେବ। ଅନ୍ୟ ଏକ ସେମିଫାଇନାଲରେ ନଂ-୨ ସିଡ୍ କାର୍ଲୋସ ଆଲକାରାଜଙ୍କ ସହ ନଂ-୭ ସିଡ ତଥା ରେକର୍ଡ ୨୫ତମ ଟାଇଟଲ ଜିତିବାକୁ ଆଶାୟୀ ଥିବା ନୋଭାକ ଜୋକୋଭିଚ୍‌ଙ୍କ ମଧ୍ୟରେ ଲଢ଼େଇ ହେବ। ଗତକାଲି ରାତିରେ ଅନୁଷ୍ଠିତ ଅନ୍ୟ ଏକ କ୍ୱାର୍ଟର ଫାଇନାଲରେ ୨୮ତମ ସିଡ୍ ଫେଲିକ୍ସ କଡ଼ା ସଂଘର୍ଷ କରି ୮ମ ସିଡ୍ ଅଷ୍ଟ୍ରେଲିଆର ଆଲେକ୍ସ ଡି ମିନାଉରଙ୍କୁ ପରାସ୍ତ କରିଥିଲେ। ୩ ଘଣ୍ଟାରୁ ଉଦ୍ଧ୍ୱର୍ ସମୟ ଧରି ଚାଲିଥିବା ଏହି ମ୍ୟାଚ୍‌କୁ ଫେଲିକ୍ସ ୪-୬, ୭-୬, ୭-୫, ୭-୬ ସେଟ୍‌ରେ ଜିତିନେଇଥିଲେ।

## ସ୍ୱିଆଟେକ୍ ବିଦା, ସେମିରେ ଓସାକା

୮ମ ସିଡ୍ ଆମେରିକାର ଆମାଣ୍ଡା ଆନିସିମୋଭା ଏକତରଫା କ୍ୱାର୍ଟରଫାଇନାଲ ମୁକାବିଲାରେ ଦ୍ୱିତୀୟ ସିଡ୍ ଇଗା ସ୍ୱିଆଟେକ୍‌ଙ୍କୁ ହରାଇ ସେମିଫାଇନାଲରେ ପ୍ରବେଶ କରିଛନ୍ତି। ଏହା ଫଳରେ ପୂର୍ବ ଚାମ୍ପିଅନ ତଥା ଟାଇଟଲ ଆଶାୟୀ ସ୍ୱିଆଟେକ କ୍ୱାର୍ଟରଫାଇନାଲରୁ ବିଦା ହୋଇଛନ୍ତି। ତାଙ୍କୁ ବିଦା କରିଥିବା ଆନିସିମୋଭା ସେମିଫାଇନାଲରେ ଫର୍ମକୁ ଫେରିଥିବା ଜାପାନର ନାଓମି ଓସାକାଙ୍କୁ ଭେଟିବେ। ଗତକାଲି ଅନୁଷ୍ଠିତ ମ୍ୟାଚ୍‌ରେ ଓସାକା ଲଢ଼ୁଆ ଖେଳ ପ୍ରଦର୍ଶନ କରି ୬-୪, ୭-୬ ସେଟ୍‌ରେ ଏକାଦଶ ସିଡ୍ କାରୋଲିନା ମୁଚୋଭାଙ୍କୁ ପରାସ୍ତ କରିଥିଲେ। ସେହିପରି ଅନ୍ୟ ଏକ ସେମିଫାଇନାଲ ଟପ୍ ସିଡ୍ ଆରିନା ସାବାଲେଙ୍କା ଓ ଚତୁର୍ଥ ସିଡ୍ ଜେସିକା ପେଗୁଲାଙ୍କ ମଧ୍ୟରେ ଖେଳାଯିବ।

## ଦୁଲୀପ ଟ୍ରଫି ସେମିଫାଇନାଲ

# ଜଗଦୀଶନଙ୍କ ଅପରାଜିତ ଶତକ



ବେଙ୍ଗାଲୁରୁ,୪।୯ (ଏଜେନ୍ସି): ସ୍ଥାନୀୟ ସେଣ୍ଟର ଅଫ୍ ଏକ୍ସିଲେନ୍ସି ପଡ଼ିଆରେ ଆଜିଠାରୁ ଆରମ୍ଭ ହୋଇଛି ଦୁଲୀପ ଟ୍ରଫି ସେମିଫାଇନାଲ। ଏହି ସେମିଫାଇନାଲର ଉତ୍ତରାଞ୍ଚଳ ବିପକ୍ଷ ପ୍ରଥମ ମ୍ୟାଚ୍‌ରେ ତାମିଲନାଡୁ ୱିକେଟରକ୍ଷକ ଏନ୍ ଜଗଦୀଶନ ଅପରାଜିତ ଶତକ ହାସଲ କରିଛନ୍ତି। ସେ ୨୬୦ ବଲ ଖେଳି ୧୪୮ ରନ୍‌ରେ ଅପରାଜିତ ରହିବା ଫଳରେ ପ୍ରଥମ ଦିନ ଖେଳ ଶେଷ ବେଳକୁ ଦକ୍ଷିଣାଞ୍ଚଳ ପ୍ରଥମ ଇନିଂସରେ ୩ ୱିକେଟ ହରାଇ ୨୯୭ ରନ୍ ସଂଗ୍ରହ କରିନେଇଛି। ଷ୍ଟମ୍ପ ଅପସାରଣ ବେଳକୁ ଜଗଦୀଶନଙ୍କ ସହ କାମଚଳା ଅଧିନାୟକ ମହମ୍ମଦ୍ ଆଝାରୁଦ୍ଦିନ ୧୧ ରନ୍‌ରେ ବ୍ୟାଟିଂ କରୁଥିଲେ। ଆଉଟ ହୋଇଥିବା ଖେଳାଳିଙ୍କ ମଧ୍ୟରେ ଦେବଦତ୍ତ ପଡିକାଲ ୫୭, ଓପନର ତନ୍ମୟ ଅଗରୱାଲ ୪୩ ଓ ମୋହିତ କାଲେ ୧୫ ରନ୍ କରିଛନ୍ତି। ଉତ୍ତରାଞ୍ଚଳ ପକ୍ଷରୁ ନିଶାନ୍ତ ସିନ୍ଧୁ ୨ଟି ଓ ଅଂଶୁଲ କାମ୍ବୋଜ ଗୋଟିଏ ୱିକେଟ ଅକ୍ତିଆର କରିଛନ୍ତି।

# ଚମକ ଦେଖାଇଲେ ଋତୁରାଜ



ଋତୁରାଜ ଗାଏକ୍ୱାଡଙ୍କ ବିଶାଳ ୧୮୪ ରନ୍‌ର ବିରାଟ ଶତକ ବଳରେ ଏଠାରେ କେନ୍ଦ୍ରାଞ୍ଚଳ ବିପକ୍ଷ ଦ୍ୱିତୀୟ ସେମିଫାଇନାଲରେ ପ୍ରଥବେ ବ୍ୟାଟିଂ କରି ପଶ୍ଚିମାଞ୍ଚଳ ୬ ୱିକେଟରେ ୩୬୩ ରନ୍ ସଂଗ୍ରହ କରିଛି। ଷ୍ଟମ୍ପ ଅପସାରଣ ବେଳକୁ ଅଲ୍‌ରାଉଣ୍ଡର ତନୁସ କୋଟିଆନ ୬୫ ଓ ଅଧିନାୟକ ଶାର୍ଦ୍ଦୁଳ ଠାକୁର ୨୪ ରନ୍‌ରେ ବ୍ୟାଟିଂ କରୁଥିଲେ। ଦଳର ଦୁଇ ତାରକା ଖେଳାଳି ଯଶସ୍ୱୀ ଜୟସ୍ୱାଲ ୩ ବଲ୍‌ରେ ୪ ରନ୍ ଓ ଶ୍ରେୟସ ଆୟର ୨୮ ବଲ୍ ଖେଳି ୨୫ ରନ୍ କରିପାରିଥିଲେ। କେନ୍ଦ୍ରାଞ୍ଚଳ ପକ୍ଷରୁ ଖଲୀଲ ଅହମ୍ମଦ୍ ଓ ସାରାଂଶ ଜୈନ ୨ଟି ଲେଖାଏଁ ୱିକେଟ ଅକ୍ତିଆର କରିଥିଲେ। ଏସିଆ କପ୍ ଦଳରେ ଶ୍ରେୟସ ଆୟର ସ୍ଥାନ ପାଇ ନ ଥିବାରୁ ଅନେକ ସମାଲୋଚନା କରାଯାଇଥିଲା। ଗାଏକ୍ୱାଡ୍ ୨୦୬ ବଲ୍‌ରୁ ୨୫ ଚୌକା ଓ ୧ ଛକା ସହାୟତାରେ ୧୮୪ ରନ୍‌ର ବିରାଟ ଇନିଂସ ଖେଳିଥିଲେ।

# ସମସ୍ତ ଫର୍ମାଟ୍‌ରୁ ଅମିତ ମିଶ୍ରାଙ୍କ ସନ୍ନ୍ୟାସ

| ଫର୍ମାଟ | ମ୍ୟାଚ୍ | ୱିକେଟ୍ | ଇକୋନୋମୀ |
|---|---|---|---|
| ଟେଷ୍ଟ | ୨୨ | ୭୬ | ୩.୧୯ |
| ଦିନିକିଆ | ୩୬ | ୬୪ | ୪.୭୨ |
| ଟି-୨୦ | ୧୦ | ୧୬ | ୬.୩୧ |
| ପ୍ରଥମ ଶ୍ରେଣୀ | ୧୫୨ | ୫୩୫ | ୩.୦୩ |
| ଆଇପିଏଲ୍ | ୧୬୨ | ୧୭୪ | ୭.୩୭ |



ନୂଆଦିଲ୍ଲୀ, ୪।୯ (ଏଜେନ୍ସି): ଭେଟେରାନ ଭାରତୀୟ ରିଷ୍ଟ ସ୍ପିନର ଅମିତ୍ ମିଶ୍ରା ଗୁରୁବାର କ୍ରିକେଟ୍‌ର ସମସ୍ତ ପ୍ରକାର ଫର୍ମାଟ୍‌ରୁ ସନ୍ନ୍ୟାସ ଘୋଷଣା କରିଛନ୍ତି। ୨୦୦୩ରେ ଅନ୍ତର୍ଜାତୀୟ କ୍ରିକେଟ୍‌ରେ ପାଦ ଥାପିଥିବା ଅମିତ୍ ଶେଷଥର ଲାଗି ୨୦୧୭ରେ ଜାତୀୟ ଦଳ ପକ୍ଷରୁ ଖେଳିବାର ସୁଯୋଗ ପାଇଥିଲେ। ଏହାପରେ ସେ ଘରୋଇ ଘରୋଇ ଓ ଆଇପିଏଲ୍‌ରେ ସକ୍ରିୟ ଥିଲେ। ୪୨ ବର୍ଷୀୟ ଅମିତ ତାଙ୍କ ଅବସର ବାର୍ତ୍ତାରେ କହିଛନ୍ତି, 'ଆଜି ୨୫ ବର୍ଷ ପରେ କ୍ରିକେଟ୍‌ରୁ ସନ୍ନ୍ୟାସ ଘୋଷଣା କରୁଛି। ଏହି ଖେଳ ମୋର ପ୍ରଥମ ପ୍ରେମ, ମୋର ପ୍ରଥମ ଶିକ୍ଷକ ଓ ଖୁସିର ସବୁଠୁ ବଡ଼ ଉତ୍ସ ଥିଲା। ଏହି ଲମ୍ବା ଯାତ୍ରାରେ ମୋତେ ସମର୍ଥନ ଜଣାଇଥିବା ବିସିସିଆଇ, ହରିୟାଣା କ୍ରିକେଟ୍ ସଂଘ, ସାଥୀ ଖେଳାଳି, ପ୍ରଶିକ୍ଷକ ଓ ପରିବାରବର୍ଗଙ୍କୁ କୃତଜ୍ଞତା ଜଣାଉଛି।'

ଉଲ୍ଲେଖଯୋଗ୍ୟ, ୨୦୦୦ ମସିହାରେ କେରଳ ବିପକ୍ଷରେ ଖେଳି ଅମିତ ହରିୟାଣା ପକ୍ଷରୁ ଘରୋଇ କ୍ରିକେଟ୍‌ରେ ପାଦ ଥାପିଥିଲେ। ସେହି ସମୟରେ ଅନିଲ କୁମ୍ବଲେ ଓ ହରଭଜନ ସିଂଙ୍କ ଭଳି ମହାନ ସ୍ପିନର ଥିବାରୁ ସେ ଭାରତ ପାଇଁ ବିଶେଷ ମ୍ୟାଚ୍ ଖେଳିବାର ସୁଯୋଗ ପାଇ ନ ଥିଲେ। ଟିମ୍ ଇଣ୍ଡିଆ ପାଇଁ ସେ ୨୨ ଟେଷ୍ଟ, ୩୬ ଦିନିକିଆ ଓ ୧୦ ଟି-୨୦ ମ୍ୟାଚ୍ ଖେଳି ମୋଟ୍ ୧୫୬ଟି ୱିକେଟ୍ ନେଇଛନ୍ତି। ଏକମାତ୍ର ବୋଲର ଭାବେ ଆଇପିଏଲ୍‌ରେ ୩ଟି ହ୍ୟାଟ୍ରିକ ନେଇଥିବା ଅମିତଙ୍କ ନାମରେ ଏହି ଲିଗରେ ୧୭୪ଟି ୱିକେଟ୍ ଲିପିବଦ୍ଧ ରହିଛି।

**ଏସିଆ କପ୍ ପୁରୁଷ ହକି**

# ମାଲେସିଆକୁ ହରାଇ ଶୀର୍ଷରେ ଭାରତ

ରାଜଗିର,୪।୯ (ଏଜେନ୍ସି):

ଶକ୍ତିଶାଳୀ ମାଲେସିଆକୁ ୪-୧ ଗୋଲ ବ୍ୟବଧାନରେ ପରାସ୍ତ କରି ଆୟୋଜକ ଭାରତ ଏଠାରେ ଚାଲିଥିବା ଏସିଆ କପ୍ ପୁରୁଷ ହକି ସୁପର-୪ ପର୍ଯ୍ୟାୟରେ ଶୀର୍ଷରେ ରହିଛି। ଗତକାଲି ଦକ୍ଷିଣ କୋରିଆ ସହ ୨-୨ ଗୋଲରେ ମ୍ୟାଚ୍ ଡ୍ର ରଖିଥିବା ଭାରତ ୨ଟି ମ୍ୟାଚ୍‌ରୁ ୩ ପଏଣ୍ଟ ସଂଗ୍ରହ କରି ପଏଣ୍ଟ ତାଲିକାରେ ପ୍ରଥମ ସ୍ଥାନରେ ରହିଛି। ଦଳ ତାହାର ଶେଷ ଲିଗ୍ ମ୍ୟାଚ୍‌ରେ ଚୀନ୍‌କୁ ଶନିବାର ଭେଟିବ। ଏହି ଦିନ ସୁପର-୪ ମୁକାବିଲା ପରେ କେଉଁ ଦୁଇ ଦଳ ଫାଇନାଲରେ ପ୍ରତିଦ୍ୱନ୍ଦ୍ୱିତା କରିବେ ତାହା ଚୂଡାନ୍ତ ହେବ। ୨ ରାଉଣ୍ଡ ଶେଷରେ ଚୀନ୍ ଓ ମାଲେସିଆ ଗୋଟିଏ ଲେଖାଏଁ ବିଜୟ ସହ ସୁପର-୪ ପଏଣ୍ଟ ଟେବଲରେ ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନରେ ରହିଛନ୍ତି।

ଆଜି ଖେଳାଯାଇଥିବା ମ୍ୟାଚ୍‌ରେ ମାଲେସିଆ ପକ୍ଷରୁ ଖେଳର ଦ୍ୱିତୀୟ ମିନିଟ୍‌ରେ ସଫିକ ହାସନ ଫିଲ୍ଡ ଗୋଲ କରି ଭାରତକୁ ଚମକାଇଦେଇଥିଲେ। ଏହି ଗୋଲ ଖାଇବା ପରେ ଭାରତ ରଣନୀତି ବଦଳାଇଥିଲା। ଦ୍ୱିତୀୟ କ୍ୱାର୍ଟରର ୭ମ ମିନିଟ୍‌ରେ ପେନାଲ୍ଟି କର୍ଣ୍ଣରରୁ ମନପ୍ରୀତ୍ ସିଂହ, ୧୯ତମ ଓ ୨୪ତମ ମିନିଟ୍‌ରେ ସୁଖଜିତ ସିଂହ ଓ ଓଡ଼ିଆ ଫରୱାର୍ଡ ଖେଳାଳି ଶିଳାନନ୍ଦ ଲାକ୍ରା ଗୋଟିଏ ଲେଖାଏଁ ଗୋଲ ସ୍କୋର କରିବା ଫଳରେ ପ୍ରଥମାର୍ଦ୍ଧ ସୁଦ୍ଧା ଘରୋଇ ଦଳ ୩-୧ରେ ଆଗୁଆ ରହିଥିଲା। ବିବେକ ସାଗର ଭାରତ ପକ୍ଷରୁ ଶେଷ ଗୋଲଟି ଦେଇଥିଲେ।




### ହରମନପ୍ରୀତ୍‌ଙ୍କ ୨୫୦ତମ ମ୍ୟାଚ୍

ମାଲେସିଆ ବିପକ୍ଷରେ ଭାରତର ନେତୃତ୍ୱ ନେଉଥିବା ହରମନପ୍ରୀତ୍ ସିଂହ ଏଠାରେ ଦେଶ ପକ୍ଷରୁ ୨୫୦ତମ ଅନ୍ତର୍ଜାତୀୟ ମ୍ୟାଚ୍ ଖେଳିଛନ୍ତି। ଏହି ଅବସରରେ ହକି ଇଣ୍ଡିଆ ପକ୍ଷରୁ ତାଙ୍କୁ ମ୍ୟାଚ୍ ଆରମ୍ଭ ପୂର୍ବରୁ ସମ୍ବର୍ଦ୍ଧିତ କରାଯାଇଥିଲା। ଭାରତୀୟ ସଫଳତାରେ ହରମନପ୍ରୀତ୍‌ଙ୍କ ଯୋଗଦାନ ଅତୁଳନୀୟ ବୋଲି ହକି ଇଣ୍ଡିଆ ପକ୍ଷରୁ କୁହାଯାଇଛି।

## କୋରିଆକୁ ହରାଇଲା ଚୀନ୍

ଆଜି ଖେଳାଯାଇଥିବା ଅନ୍ୟ ଏକ ସୁପର-୪ ମ୍ୟାଚ୍‌ରେ ଚୀନ୍ ୩-୦ ଗୋଲରେ ଡିଫେଣ୍ଡିଂ ଚାମ୍ପିଅନ୍ ଦକ୍ଷିଣ କୋରିଆକୁ ପରାସ୍ତ କରିଛି। ଫଳରେ ଦଳକୁ ଦ୍ୱିତୀୟ ମୁକାବିଲାରେ ପୂରା ପଏଣ୍ଟ ମିଳିଛି। ଗତକାଲି ଚୀନ୍ ପ୍ରଥମ ସୁପର-୪ ମ୍ୟାଚ୍‌ରେ ମାଲେସିଆଠାରୁ ୨-୦ ଗୋଲରେ ହାରିଯାଇଥିଲା।

## ଆଜିଠୁ ମହିଳା ଏସିଆ କପ୍ ହକି

ବେଜିଂ, ୪।୯ (ଏଜେନ୍ସି): ମହିଳା ଏସିଆ କପ୍ ହକିର ୧୧ତମ ସଂସ୍କରଣ ଶୁକ୍ରବାରଠାରୁ ଚାଇନାରେ ଆରମ୍ଭ ହେବ। ଭାରତୀୟ ମହିଳା ଦଳ ପୁଲ୍-ବି'ରେ ଜାପାନ, ଥାଇଲାଣ୍ଡ ଓ ସିଙ୍ଗାପୁର ସହ ସ୍ଥାନ ପାଇଛି। ଉଦ୍‌ଘାଟନୀ ଦିବସରେ ଥାଇଲାଣ୍ଡ ସହ ଖେଳି ଭାରତ ଟୁର୍ଣ୍ଣାମେଣ୍ଟରେ ଅଭିଯାନ ଆରମ୍ଭ କରିବ। ଏଥିରେ ଚାମ୍ପିଅନ ଦଳ ୨୦୨୬ ମହିଳା ବିଶ୍ୱକପ୍‌କୁ ସିଧାସଳଖ ଯୋଗ୍ୟତା ଅର୍ଜନ କରିବ। ଏସିଆ କପ୍‌ରେ ଜାପାନ ଓ ଦକ୍ଷିଣ କୋରିଆ ସର୍ବାଧିକ ୩ଥର ଲେଖାଏ ଏବଂ ଭାରତ ଓ ଚାଇନା ୨ଥର ଲେଖାଏ ଚାମ୍ପିଅନ ହୋଇଛନ୍ତି।

ନନ୍ଦିଘୋଷ
'ନନ୍ଦିଘୋଷ ଟିଭି'
ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଛନ୍ତି।
ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | ଅଭିଜ୍ଞତା |
|---|---|
| ୧) ସ୍କ୍ରୁଲ୍ କପି ଏଡିଟର | ୩ ବର୍ଷର ଅଭିଜ୍ଞତା |
| ୨) ଇନପୁଟ୍ କପି ଏଡିଟର | ୩ ବର୍ଷର ଅଭିଜ୍ଞତା |
| ୩) ବୁଲେଟିନ ପ୍ରଡ୍ୟୁସର | ୫ ବର୍ଷର ଅଭିଜ୍ଞତା |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୭ ସେପ୍ଟେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।
*କେବଳ ନିର୍ବାଚିତ ଆବେଦନଗୁଡିକୁ ସାକ୍ଷାତକାର ପାଇଁ ଡକାଯିବ।
ଯୋଗାଯୋଗ: ୯୪୩୭୦୧୬୪୯୯
ସ୍ୱା/- ମାନବ ସମ୍ବଳ ବିଭାଗ
ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS